

ଆସିପାରେ 'କୁଛ କୁଛ ହୋତା ହେଁ'ର ସିକ୍ୱେଲ

▶ପୃଷ୍ଠା ୧୧ ଦେଖନ୍ତୁ...


RNI REGD NO: 42041/83

www.sakalaepaper.com

/sakalanews

/sakalanews

www.thesakala.in

# ସକାଳ

THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

VOLUME- 43 ◆ISSUE-141 ◆MONDAY ◆17 NOVEMBER 2025 ◆PAGE-12 ◆₹ 6.00 | BHUBANESWAR | ◆ବର୍ଷ-୪୩ ◆ସଂଖ୍ୟା-୧୪୧ ◆ସୋମବାର ◆୧୭ ନଭେମ୍ବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦






# SN ECO RESORT & WATER PARK

*Where Adventure Meets Peace*

DESTINATION WEDDINGS || CORPORATE EVENTS || WEEKEND GETAWAYS

• Luxury Rooms • Premium Cottages • Multi-cusine Restaurant • Swimming Pool
• SPA • Open GYM • Water Park • Boating • Children's Park
• Adventure Activities • Indoor & Outdoor Games




























*Celebrate the magic of Christmas and the joy of New Year with us this holiday season..*

For Bookings | +91 8144584399 / 9237379453 | www.snecoresort.com


SN Eco Resort & Waterpark, Dhirapatana, Dhenkanal

# ଉଜୁଡ଼ି ଗଲା ଲାଲୁ ପରିବାର

## ରୋହିଣୀଙ୍କ ପରେ ଘର ଛାଡ଼ିଲେ ଆଉ ତିନି ଝିଅ, ଦିଲ୍ଲୀ ପଳାଇଲେ

**ପାଟନା, ୧୬।୧୧ (ଏଜେନ୍ସି):** ବିହାର ବିଧାନସଭା ନିର୍ବାଚନରେ ବଡ଼ ପରାଜୟ ପରେ ଆର୍‌ଜେଡି ମୁଖ୍ୟ ଲାଲୁ ପ୍ରସାଦ ଯାଦବଙ୍କ ଘରେ ଅଦିନିଆ ଝଡ଼ ଆସିଛି। ପରିବାରର ସଦସ୍ୟଙ୍କ ମଧ୍ୟରେ ମୁହାଁମୁହିଁ ସ୍ଥିତି ସୃଷ୍ଟି ହୋଇଛି। ବଡ଼ ପୁଅ ତେଜପ୍ରତାପ ଯାଦବଙ୍କ ପରେ ଏବେ ବାପାଙ୍କୁ କିଡ୍‌ନୀ ଦେଇଥିବା ଝିଅ ରୋହିଣୀ ଆଚାର୍ଯ୍ୟ ପରିବାର ଏବଂ ପାର୍ଟି ଛାଡ଼ି ପଳାଇଛନ୍ତି। ତାଙ୍କୁ ସମର୍ଥନ କରି ଲାଲୁଙ୍କ ଆଉ ତିନି ଝିଅ ମଧ୍ୟ ଆଜି ପାଟନା ଘର ଛାଡ଼ି ପିଲାମାନଙ୍କୁ ନେଇ ଦିଲ୍ଲୀ ପଳାଇଛନ୍ତି। ଏହି ତିନି ଝିଅ ହେଲେ ରାଜଲକ୍ଷ୍ମୀ, ରାଗିନୀ ଏବଂ ଚନ୍ଦା। ସେମାନେ ମଧ୍ୟ ପରିବାର ସହିତ ସଂପର୍କ ତୁଟାଇବାକୁ ଘୋଷଣା କରିଛନ୍ତି।

ବାହାରର ଦୁଇ ବ୍ୟକ୍ତିଙ୍କ ଯୋଗୁଁ ଏବେ ଜଣଙ୍କ ପରେ ଜଣେ ଆରଜେଡି ଏବଂ ଲାଲୁଙ୍କୁ ଛାଡ଼ି ଚାଲି ଯାଉଛନ୍ତି। ରାଜନୀତି ଏବଂ ପରିବାର ଛାଡ଼ିବାର ଦିନକ ପରେ ରବିବାର ରୋହିଣୀ ସାମାଜିକ ଗଣମାଧ୍ୟମ ପୋଷ୍ଟ ମାଧ୍ୟମରେ ଗୁମର ଖୋଲିଛନ୍ତି। ସେ ତେଜସ୍ୱୀ ଯାଦବ ଏବଂ ସଞ୍ଜୟ ଯାଦବଙ୍କ ବିରୋଧରେ ଗମ୍ଭୀର ଅଭିଯୋଗ ଲଗାଇଛନ୍ତି। ରୋହିଣୀ ଏକ କୋହଭରା ପୋଷ୍ଟରେ କହିଛନ୍ତି ଯେ ମୋତେ ଶ୍ୱଶୁର ଘରଠାରୁ ଅଲଗା କରି ଅନାଥ ବନାଇ ଦିଆଗଲା। କାନ୍ଦି କାନ୍ଦି ଘର ଛାଡ଼ିବାକୁ ପଡ଼ିଲା। ମୋ ଉପରକୁ ମଧ୍ୟ ଚପଲ ଉଠାଗଲା। ଆତ୍ମସମ୍ମାନ ସହ ସାଲିସ ନ କରି ମୁଁ ବାହାରି ଆସିଲି। ଆଉ କେହି ମୋ ଭଳି ଦୁର୍ଦ୍ଦଶା ନଭୋଗନ୍ତୁ। କୌଣସି ଘରେ ମୋ ଭଳି ଭାଇ-ଭଉଣୀ ନ ରୁହନ୍ତୁ। ଏହି ପୋଷ୍ଟ ରୋହିଣୀ କିଡ୍‌ନୀ ଦେଇଥିବାର ଭିଡିଓ ପୋଷ୍ଟ କରିଛନ୍ତି।



ମୋ ସହିତ ଖରାପ ବ୍ୟବହାର କରାଯାଉଥିଲା: ରୋହିଣୀ
ଭଉଣୀଙ୍କ ପ୍ରତି ଅପମାନ ସହିବି ନାହିଁ: ତେଜପ୍ରତାପ

ଅନ୍ୟ ଏକ ପୋଷ୍ଟରେ ରୋହିଣୀ ଲେଖିଛନ୍ତି ଯେ ଶନିବାର ମତେ ଗାଳିଗୁଲଜ କରାଯାଇଥିଲା। ବାପାଙ୍କୁ ଖରାପ କିଡନୀ ଦେଇ କୋଟି କୋଟି ଟଙ୍କା ଏବଂ ଟିକଟ ନେଇଥିବା କୁହାଯାଇଥିଲା।

ନିର୍ବାଚନରେ ପରାଜୟକୁ ନେଇ ତେଜସ୍ୱୀ ଏବଂ ରୋହିଣୀଙ୍କ ମଧ୍ୟରେ ଝଗଡ଼ା ହୋଇଥିଲା। ଶନିବାର ଅପରାହ୍ଣରେ ଇଣ୍ଡିଆ ମେଣ୍ଟର ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ ଥିବା ତେଜସ୍ୱୀ ପରାଜୟ ପାଇଁ ରୋହିଣୀଙ୍କୁ ଦାୟୀ କରିଥିଲେ। ତେଜସ୍ୱୀ ତାଙ୍କ ଉପରକୁ ଚପଲ ଫୋପାଡ଼ି ଥିଲେ। ଲାଲୁ ପରିବାରର ଏହି ବିବାଦ ପଛରେ ବାହାରର ଦୁଇ ଜଣ ବ୍ୟକ୍ତିଙ୍କ ହାତ ଥିବା କୁହାଯାଉଛି। ସେମାନେ ହେଲେ ତେଜସ୍ୱୀଙ୍କ ଘନିଷ୍ଠ ସଞ୍ଜୟ ଯାଦବ ଏବଂ ରମିଜ ଖାନ। ଉଭୟଙ୍କ ପାଇଁ ଭାଇ ତାଙ୍କୁ ଏଭଳି ବ୍ୟବହାର କଲା ବୋଲି ରୋହିଣୀ ଅଭିଯୋଗ କରିଛନ୍ତି। ଆଜି ମୁମ୍ବାଇ ଯିବା ସମୟରେ ରୋହିଣୀ କହିଛନ୍ତି, ସେ ତାଙ୍କର ସଂପର୍କ କେବଳ ତେଜସ୍ୱୀଙ୍କ ସହ ତୁଟାଇଛନ୍ତି। ବାପା ମାଆ ଏବଂ ଅନ୍ୟ ଭାଇ ଭଉଣୀ ତାଙ୍କ ସହିତ ଅଛନ୍ତି ବୋଲି ସେ କହିଛନ୍ତି। ଏହି ବିବାଦ ଉପରେ ସେ ଅଧିକ କିଛି କହିବାକୁ ମନା କରିଦେଇଥିଲେ।

ଇତିମଧ୍ୟରେ ଏହି ବିବାଦକୁ ନେଇ ମୁହଁ ।।ଖୋଲିଛନ୍ତି ଲାଲୁଙ୍କ ବଡ଼ ପୁଅ ତେଜପ୍ରତାପ। ସେ କହିଛନ୍ତି ଯେ ତାଙ୍କ ପ୍ରତି ହୋଇଥିବା ଅନ୍ୟାୟକୁ ସେ ସହିଛନ୍ତି। କିନ୍ତୁ ତାଙ୍କ ଭଉଣୀ ରୋହିଣୀଙ୍କ ପ୍ରତି ହୋଇଥିବା ଅପମାନକୁ ସେ ଆଦୌ ସହିବେ ନାହିଁ। ବାହାର ଲୋକଙ୍କ ପାଇଁ ତାଙ୍କ ଘରେ ଝଗଡ଼ା ହେଉଛି ଏବଂ ଏହା ଗ୍ରହଣୀୟ ନୁହେଁ। ବାପା (ଲାଲୁ)ଙ୍କ ଇସାରା ମିଳିବା ମାତ୍ରେ ରାଜ୍ୟବାସୀ ଏହି ବାହାର ଲୋକଙ୍କୁ ସାବାଡ଼ କରିଦେବେ। ସୂଚନାଯୋଗ୍ୟ ଯେ ନିର୍ବାଚନ ପୂର୍ବରୁ ଲାଲୁ ତାଙ୍କ ପରିବାର ଓ ଦଳରୁ ତେଜ ପ୍ରତାପଙ୍କୁ ବହିଷ୍କାର କରିଥିଲେ। ଅନ୍ୟ ଜଣେ ମହିଳାଙ୍କ ସହ ସଂପର୍କ ପାଇଁ ତେଜ ପ୍ରତାପଙ୍କୁ ବିଦା କରାଯାଇଥିଲା। ଏହାପରେ ତେଜ ପ୍ରତାପ ନୂଆ ଦଳ ଗଠନ କରି ଆରଜେଡି ବିରୋଧରେ ପ୍ରାର୍ଥୀ ଦେଇଥିଲେ। କିନ୍ତୁ ସମସ୍ତେ ହାରିଯାଇଥିଲେ।

# ବିହାର ନିର୍ବାଚନରେ ବଣ୍ଟା ହୋଇଛି ବିଶ୍ୱ ବ୍ୟାଙ୍କ ଋଣ: ପ୍ରଶାନ୍ତ କିଶୋର

**ପାଟନା, ୧୬।୧୧ (ଏଜେନ୍ସି):** ନିର୍ବାଚନ ରଣନୀତିକାର ପ୍ରଶାନ୍ତ କିଶୋରଙ୍କ ଜନସୁରାଜ ପାର୍ଟି ପକ୍ଷରୁ ବଡ଼ ଅଭିଯୋଗ କରାଯାଇଛି। ବିଶ୍ୱ ବ୍ୟାଙ୍କ ଦେଇଥିବା ୧୪ ହଜାର କୋଟି ଟଙ୍କାର ଋଣକୁ ମୁଖ୍ୟମନ୍ତ୍ରୀ ନୀତୀଶ କୁମାରଙ୍କ ନେତୃତ୍ୱାଧୀନ ସରକାର ବିଧାନସଭା ନିର୍ବାଚନରେ ଖର୍ଚ୍ଚ କରିଥିବା କୁହାଯାଇଛି। ନିର୍ବାଚନରେ ଗୋଟିଏ ହେଲେ ବି ଆସନ ଜିତିପାରି ନ ଥିବା ଜନସୁରାଜ ପକ୍ଷରୁ ସାମ୍ବାଦିକ ସମ୍ମିଳନୀ କରି କୁହାଯାଇଛି ଯେ ଋଣ ଅର୍ଥକୁ ମାଗଣା ବାଣ୍ଟିବା ପାଇଁ ବ୍ୟବହାର କରାଯାଇଥିଲା। ଗତ ଜୁନ୍ ମାସରୁ ନିର୍ବାଚନ ଘୋଷଣା ହେବା ପର୍ଯ୍ୟନ୍ତ ୪୦ ହଜାର କୋଟି ଟଙ୍କା ବଣ୍ଟା ଯାଇଛି। ଏହି ଟଙ୍କା ବ୍ୟବହାର କରି ନୀତୀଶ କୁମାରଙ୍କ ସରକାର ଭୋଟ କିଣିଛନ୍ତି। ଲୋକଙ୍କ ଟଙ୍କାରେ ଭୋଟ କିଣାଯାଇଛି। ଏହି ପରିମାଣ କଳ୍ପନାଠାରୁ ବାହାରେ ଥିଲା। ବିଶ୍ୱ ବ୍ୟାଙ୍କ ଦେଇଥିବା ୧୪ ହଜାର କୋଟି ଟଙ୍କାର ଋଣକୁ ବି ଛଡ଼ା ଯାଇ ନ ଥିଲା। ଠିକ୍ ନିର୍ବାଚନ ପୂର୍ବରୁ ଏହି ଅର୍ଥରେ ମହିଳାଙ୍କ ବ୍ୟାଙ୍କ ଖାତାକୁ ୧୦ ହଜାର ଟଙ୍କା ଲେଖାଏଁ ଦିଆ ଯାଇଥିଲା।

- ୧୪୦୦୦ କୋଟି ଟଙ୍କା ମିଳିଥିଲା: ଏହି ଟଙ୍କା ମହିଳାଙ୍କୁ ଦିଆଯାଇଥିଲା
- ମତଦାନର ପୂର୍ବ ଦିନ ପର୍ଯ୍ୟନ୍ତ ମହିଳାଙ୍କ ଖାତାକୁ ଯାଉଥିଲା ଟଙ୍କା



ଜନସୁରାଜର ଜାତୀୟ ଅଧ୍ୟକ୍ଷ ଉଦୟ ସିଂହ କହିଥିଲେ ଯେ ପ୍ରଥମ ଥର ପାଇଁ ବିହାରରେ ମତଦାନ ହେବାର ଦିନେ ପୂର୍ବରୁ ବି ମହିଳାଙ୍କ ଖାତାକୁ ଟଙ୍କା ଯାଇଥିଲା। ନିର୍ବାଚନ ଆଚରଣ ବିଧି ଲାଗିଥିବା ସତ୍ତ୍ୱେ ଏପରି କରାଯାଇଥିଲା। ଅତି କଷ୍ଟରେ ଜୀବନଯାପନ କରୁଥିବା ମହିଳାଙ୍କ ଭୋଟ ହାତେଇବା ପାଇଁ ଏହି ଟଙ୍କା ଯଥେଷ୍ଟ ଥିଲା। ଯଦି ଲୋକଙ୍କ ଟଙ୍କାକୁ ଭୋଟ କିଣିବା ପାଇଁ ବ୍ୟବହାର କରାଯାଇ ନ ଥାଆନ୍ତା ତେବେ ବିଜେପି ନେତୃତ୍ୱାଧୀନ ଏନ୍‌ଡିଏ ପୁଣି କ୍ଷମତାକୁ ଆସି ନ ଥାଆନ୍ତା। ଜନସୁରାଜ ବୃଦ୍ଧବୃଦ୍ଧାଙ୍କୁ ମାସକୁ ୨ ହଜାର ଟଙ୍କା ଭତ୍ତା ଦେବାକୁ ଘୋଷଣା କରିଥିଲା। କିନ୍ତୁ ପରେ ବିଜେପି ଏହାକୁ ୭୦୦ରୁ ବଢ଼ାଇ ୧୧୦୦ କରିଦେଲା।

ଜନସୁରାଜ ନେତା ପବନ ବର୍ମା କହିଛନ୍ତି ଯେ ଏବେ ବିହାର ଉପରେ ୪, ୦୬, ୦୦୦ କୋଟି ଟଙ୍କାର ଋଣ ରହିଛି। ଏଥିପାଇଁ ଦିନକୁ ୬୩ କୋଟି ଟଙ୍କାର ସୁଧ ଦିଆଯାଉଛି। ଟ୍ରେଜେରି ଖାଲି ଥିବାବେଳେ ମହିଳାଙ୍କୁ ୧୦ ହଜାର ଲେଖାଏଁ ଦିଆଯାଉଛି। ବିଶ୍ୱ ବ୍ୟାଙ୍କ ଦେଇଥିବା ୨୧ ହଜାର କୋଟିର ଋଣରୁ ୧୪ ହଜାର କୋଟି ନେଇ ୧.୨୫ କୋଟି ମହିଳାଙ୍କୁ ଟଙ୍କା ଦିଆଯାଇଛି। ଏହା ଅନୁଚିତ ବୋଲି ସେ କହିଛନ୍ତି। ଏହା ସହିତ ନିର୍ବାଚନ କମିଶନଙ୍କ ନିରବତାକୁ ନେଇ ସେ ପ୍ରଶ୍ନ ଉଠାଇଛନ୍ତି।

# ବିବାହର କିଛି ଘଣ୍ଟା ପୂର୍ବରୁ କନ୍ୟାକୁ ହତ୍ୟା କଲା ବର

**ଭାବନଗର,୧୬ ।୧୧(ଏଜେନ୍ସି):** ଗୁଜରାଟର ଭାବନଗରରେ ବିଚଳିତ କଲା ଭଳି ଏକ ଘଟଣା ସାମ୍ନାକୁ ଆସିଛି। ବିବାହର କିଛି ଘଣ୍ଟା ପୂର୍ବରୁ ଜଣେ ବର ତାଙ୍କର କନ୍ୟା ତଥା ଭାବି ପତ୍ନୀଙ୍କୁ ହତ୍ୟା କରିଛନ୍ତି। ହଳଦୀ ସମାରୋହର ଗୋଟିଏ ଦିନ ପରେ ସୋନୀ ରାଠୋରଙ୍କୁ ହତ୍ୟା କରାଯାଇଥିଲା। ବର ସାଜନ ବରେୟାଙ୍କୁ ପୁଲିସ ମୁଖ୍ୟ ଅଭିଯୁକ୍ତ ବୋଲି କହିଛି। ସୋନୀ ଓ ସାଜନ ଗତ ଦେଢ଼ବର୍ଷ ହେବ ସାଥି ହୋଇ ଏକାଠି ରହୁଥିଲେ। ଦୁହିଙ୍କର ନିର୍ବନ୍ଧ ହୋଇସାରିଥିଲା। ବିବାହର ସବୁ ପରମ୍ପରା ପାଳନ ହୋଇ ସାରିଥିଲା। ଶନିବାର ରାତିରେ ସେମାନେ ବାହା ହୋଇଥାନ୍ତେ। ତେବେ ଏହାପୂର୍ବରୁ ସବୁ କିଛି ଶେଷ ହୋଇଛି। ସାଢ଼ି ଓ ଟଙ୍କା ପଇସାକୁ ନେଇ ଦୁହିଁଙ୍କ ମଧ୍ୟରେ ଯୁକ୍ତିତର୍କ ହୋଇଥିଲା।



ଏଥିରେ ଉତ୍‌କ୍ଷିପ୍ତ ହୋଇ ସାଜନ ଏକ ଲୁହା ପାଇପ୍‌ରେ ସୋନୀଙ୍କୁ ବାଡେଇଥିଲେ ଓ ସୋନୀଙ୍କ ମୁଣ୍ଡକୁ କାନ୍ଥରେ ପିଟିଥିଲେ। ଫଳରେ ସୋନୀ ଘଟଣାସ୍ଥଳରେ ମୃତ୍ୟୁବରଣ କରିଥିଲେ ବୋଲି ପୁଲିସ କହିଛି। ଫେରାର ହେବା ପୂର୍ବରୁ ସାଜନ ଘରେ ଭଙ୍ଗାରୁଜା ମଧ୍ୟ କରିଥିଲା। ସୂଚନା ପାଇବା ମାତ୍ରେ ପୁଲିସ ଘଟଣାସ୍ଥଳରେ ପହଞ୍ଚିଥିଲା। ସୋନୀଙ୍କ ମୃତଦେହକୁ ବ୍ୟବଚ୍ଛେଦ ପାଇଁ ପଠାଯାଇଛି। ସାଜନ ଶନିବାର ପଡୋଶୀଙ୍କ ସହ ମଧ୍ୟ ଝଗଡ଼ା କରିଥିଲା ବୋଲି ପୁଲିସ କହିଛି। ସାଜନକୁ ଧରିବା ପାଇଁ ପୁଲିସ ଏକାଧିକ ଟିମ୍ ବିଭିନ୍ନ ସ୍ଥାନରେ ଚଢ଼ାଉ ଜାରି ରଖିଛି।

### ପାକିସ୍ତାନରେ ସମ୍ବିଧାନ ସଂଶୋଧନକୁ ବିରୋଧ

# ସୁପ୍ରିମକୋର୍ଟ ପରେ ଲାହୋର ହାଇକୋର୍ଟ ଜଜ୍‌ଙ୍କ ଇସ୍ତଫା

**ଇସ୍‌ଲାମାବାଦ,୧୬ ।୧୧(ଏଜେନ୍ସି):** ପାକିସ୍ତାନରେ ସମ୍ବିଧାନ ସଂଶୋଧନକୁ ବିରୋଧ କରି ଲାହୋର ହାଇକୋର୍ଟର ଜଣେ ବରିଷ୍ଠ ବିଚାରପତି ଇସ୍ତଫା ଦେଇଛନ୍ତି। ଫଳରେ ନ୍ୟାୟ ପାଳିକା ଉପରେ ସଙ୍କଟ ଆହୁରି ବୃଦ୍ଧି ପାଇଛି। ଲାହୋର ହାଇକୋର୍ଟର ଜଜ୍ ଜଷ୍ଟିସ ଶମ୍ସ ମେହମୁଦ ମିର୍ଜା ଇସ୍ତଫା ଦେଇଛନ୍ତି। ସେ ପ୍ରଥମ ଜଜ୍ ଭାବେ ହାଇକୋର୍ଟରୁ ଇସ୍ତଫା ଦେଇଛନ୍ତି। ମିର୍ଜା ୨୦୨୮ ମାର୍ଚ୍ଚ ୬ରେ ଅବସର ନେଇଥାନ୍ତେ। ସେ ଇମ୍ରାନ ଖାନ୍‌ଙ୍କ ପାର୍ଟି ପିଟିଆଇର ବରିଷ୍ଠ ନେତା ସଲମାନ ଆକ୍ରାମ ରାଜାଙ୍କ ଶାଳକ। ଏହା ପୂର୍ବରୁ ନଭେମ୍ବର ୧୩ରେ ସୁପ୍ରିମକୋର୍ଟର ଦୁଇଜଣ ବରିଷ୍ଠ ବିଚାରପତି ସୟଦ ମନସୁର ଅଲି ଶାହ ଓ ଜଷ୍ଟିସ ଅତର ମିନଲ୍ଲାହ ମଧ୍ୟ ସମାନ କାରଣ ଯୋଗୁ ଇସ୍ତଫା ଦେଇଥିଲେ। ୨୭ତମ ସମ୍ବିଧାନ ସଂଶୋଧନକୁ ସମ୍ବିଧାନ ଓ ନ୍ୟାୟପାଳିକା ଉପରେ ଆକ୍ରମଣ ସଦୃଶ ବୋଲି ସେମାନ କହିଥିଲେ। ଏହି ସଂଶୋଧନ ସୁପ୍ରିମକୋର୍ଟକୁ ଶେଷ କରୁଛି ଓ ସରକାର ସ୍ୱାଧୀନତାକୁ ବିପଦରେ ପକାଇଛି ବୋଲି ଜଷ୍ଟିସ ମନସୁର ଅଲି କହିଛନ୍ତି। ନ୍ୟାୟପାଳିକାକୁ ସରକାର ନିଜ ନିୟନ୍ତ୍ରଣକୁ ନେଉଛନ୍ତି ଓ ଏହା ଗଣତନ୍ତ୍ର ପ୍ରତି ବିପଦ ସୃଷ୍ଟି କରିଛି। ଫେଡେରାଲ କନ୍‌ଷ୍ଟିଟୁସନାଲ କୋର୍ଟ (ଏଫ୍‌ସିସି) ସୁପ୍ରିମକୋର୍ଟଙ୍କୁ ଦେଶର ଦେଶର ସବୁଠୁ ଉଚ୍ଚତମ ନ୍ୟାୟଳୟ ପଦରୁ ହଟାଇ ଦେଇଛି ବୋଲି ଇସ୍ତଫା ଦେଇଥିବା ଜଜ୍‌ମାନେ କହିଛନ୍ତି।

# ମେକ୍ସିକୋରେ ମାତିଲେ ଜେନ୍ ଜେଡ୍

**ମେକ୍ସିକୋ, ୧୬।୧୧ (ଏଜେନ୍ସି):** ଶ୍ରୀଲଙ୍କା, ବାଂଲାଦେଶ, ନେପାଳ ପରେ ଏବେ ଆଉ ଏକ ଦେଶରେ ଜେନ୍-ଜେଡ୍ ଆନ୍ଦୋଳନ ଆରମ୍ଭ ହୋଇଛି। ମେକ୍ସିକୋରେ ଶନିବାର ହଜାର ହଜାର ଯୁବଗୋଷ୍ଠୀ ସରକାରଙ୍କ ବିରୋଧରେ ରାସ୍ତାକୁ ଓହ୍ଲାଇଛନ୍ତି। ବର୍ଦ୍ଧିତ ଅପରାଧ, ଦୁର୍ନୀତି, ହିଂସା, ସାର୍ବଜନୀନ ହତ୍ୟା ଏବଂ ସୁରକ୍ଷା ବ୍ୟବସ୍ଥା ଭୁଶୁଡ଼ିଯିବାକୁ ନେଇ ଜେନ-ଜେଡ୍ ଉଗ୍ର ବିକ୍ଷୋଭ କରିଛନ୍ତି। ସାର୍ବଜନୀନ ସ୍ଥାନରେ ମେୟରଙ୍କୁ ହତ୍ୟା ପରେ ଏହା ଉଗ୍ର ହୋଇ ଉଠିଥିଲା। ପଶ୍ଚିମ ରାଜ୍ୟର ମିଚୋଆକେନରେ ନଭେମ୍ବର ୧ରେ ଅରୁଅପନର ମେୟର କାର୍ଲୋସ ମଞ୍ଜୋଙ୍କୁ ଏକ କାର୍ଯ୍ୟକ୍ରମରେ ଗୁଳି କରି ହତ୍ୟା କରାଯାଇଥିଲା। ଏଥିରେ ଉତ୍‌କ୍ଷିପ୍ତ ହୋଇ ଜେନ୍-ଜେଡ୍ ଗୋଷ୍ଠୀ ରାଷ୍ଟ୍ରପତିଙ୍କ ସରକାରୀ ବାସଭବନର କାନ୍ଥ ଭାଙ୍ଗି ଦେଇଛି। ବିକ୍ଷୋଭକାରୀ ପୁଲିସ ଉପରକୁ ପଥର, ହାତୁଡି, ବାଣ, ଠେଙ୍ଗାବାଡ଼ି ଏବଂ ଶିକୁଳିରେ ଆକ୍ରମଣ କରିଛନ୍ତି। ଏହାକୁ ରୋକିବା ପାଇଁ ପୁଲିସ ଲୁହବୁହା ଗ୍ୟାସ୍ ମାଡ଼ କରିଛି। ଏଥିରେ ୧୦୦ ପୁଲିସ ଅଧିକାରୀଙ୍କ ସମେତ ୧୨୦ ଜଣ ଆହତ ହୋଇଛନ୍ତି। ଏହି ମାମଲାରେ ୨୦ ଜଣଙ୍କୁ ଗିରଫ କରାଯାଇଛି।

- ମେୟରଙ୍କ ମୃତ୍ୟୁକୁ ନେଇ କ୍ଷୁବ୍ଧ ଯୁବଗୋଷ୍ଠୀ
- ରାଷ୍ଟ୍ରପତି ଭବନର କାନ୍ଥ ଭାଙ୍ଗିଦେଲେ
- ପୁଲିସ ଉପରେ ହାତୁଡି, ଠେଙ୍ଗାରେ ଆକ୍ରମଣ

ଚଳିତ ବର୍ଷ ଅନେକ ଦେଶରେ ଯୁବ ଗୋଷ୍ଠୀ ଆନ୍ଦୋଳନ କଲେଣି। ଅସମାନତା, ଗଣତାନ୍ତ୍ରିକ ମୂଲ୍ୟବୋଧ ହ୍ରାସ, ଦୁର୍ନୀତି ବିରୋଧରେ ଯୁବଗୋଷ୍ଠୀ ରାସ୍ତାକୁ ଓହ୍ଲାଇଛନ୍ତି। ଗତ ସେପ୍ଟେମ୍ବରରେ ଜେନ୍-ଜେଡ୍ ଗୋଷ୍ଠୀ ନେପାଳ ସରକାରକୁ ଭୁଶୁଡ଼ାଇ ଦେଇଥିଲେ। ଏବେ ଦୁର୍ନୀତି ଏବଂ ଅପରାଧକୁ ନେଇ ଚିନ୍ତିତ ମେକ୍ସିକୋ ଯୁବୋ ଗୋଷ୍ଠୀ ରାସ୍ତାକୁ ବାହାରିଛନ୍ତି। ୨୯ ବର୍ଷୀୟ ବ୍ୟବସାୟିକ କନସୋଲଟାଣ୍ଟ ଆଣ୍ଡ୍ରେସ ମାସା କହିଛନ୍ତି ଯେ ଆମକୁ ଅଧିକ ସୁରକ୍ଷା ଦରକାର। କେବଳ ଯୁବ ଗୋଷ୍ଠୀ ନୁହେଁ, ବୟସ୍କ ଏବଂ ୪୦ରୁ ୫୦ ବର୍ଷୀୟ ବ୍ୟକ୍ତି ମଧ୍ୟ ଆନ୍ଦୋଳନରେ ସାମିଲ ଅଛନ୍ତି। ଅନ୍ୟ ଜଣେ ଆନ୍ଦୋଳନକାରୀ ୪୩ ବର୍ଷୀୟ ଡାକ୍ତର ଏରିଜବେଥ ଗାର୍ସିଆ କହିଛନ୍ତି ଯେ ସାର୍ବଜନୀନ ସ୍ୱାସ୍ଥ୍ୟ ସେବା ପାଇଁ ଆମେ ଅଧିକ ପାଣ୍ଠି ଚାହୁଁଛୁ। କିନ୍ତୁ ସୁରକ୍ଷା ସବୁଠୁ ବଡ଼ ସମସ୍ୟା ହୋଇ ରହିଛି। ଏବେ ଡାକ୍ତର ବି ଅସୁରକ୍ଷିତ। ଏଠାରେ ଅନେକ ଲୋକଙ୍କ ଜୀବନ ଯାଉଛି।

କିଛିଦିନ ହେଲା ମେକ୍ସିକୋରେ ଘଟିଥିବା ହାଇପ୍ରୋଫାଇଲ ହତ୍ୟାକାଣ୍ଡକୁ ନେଇ ରାଷ୍ଟ୍ରପତି କ୍ଲାଉଡିଆ ସିନବାମ ଜନତାଙ୍କ ଆକ୍ରୋଶର ଶିକାର ହୋଇଥିଲେ। ଏହି ବିକ୍ଷୋଭର କିଛି ଦିନ ପୂର୍ବରୁ ଦକ୍ଷିଣପନ୍ଥୀ ବିରୋଧୀ ଦଳ ବିରୋଧରେ ରାଷ୍ଟ୍ରପତି ଗମ୍ଭୀର ଅଭିଯୋଗ ଲଗାଇ ଥିଲେ। ଏହି ଦଳ ଜେନ-ଜେଡ୍‌କୁ ସମର୍ଥନ ଦେଉଛି। ସାମାଜିକ ଗଣମାଧ୍ୟମକୁ ବ୍ୟବହାର କରି ବିକ୍ଷୋଭକୁ ବଡ଼ ଆକାର ଦେବାକୁ ପ୍ରୟାସ କରୁଛନ୍ତି। ଏହି ବିକ୍ଷୋଭରେ ଜାପାନୀ କମିକ୍ସ 'ୱାନ ପିସ'ର ଚରିତ୍ର ଲୁଫି ଯୁବ ଗୋଷ୍ଠୀଙ୍କ ସଙ୍କେତ ପାଲଟିଛି। ଜେନ-ଜେଡ୍ ଗୋଷ୍ଠୀ ହାତରେ ଖପୁରୀ ଚିତ୍ର ଥିବା ଟୋପି ପିନ୍ଧୁଛନ୍ତି। ଏହା ଲୁଫିର ପରିଚୟ ପାଲଟିଛି।

## ଜମ୍ମୁ-କାଶ୍ମୀରରେ କାର୍- ଡମ୍ଫର ଧକ୍କା ୪ ମୃତ; ୫ ଆହତ

**ବଡ଼ଗାଁଓ,୧୬ ।୧୧(ଏଜେନ୍ସି):** ଜମ୍ମୁ-କାଶ୍ମୀର ବଡ଼ଗାଁଓ ଜିଲ୍ଲାରେ ଶନିବାର ବିଳମ୍ବିତ ରାତିରେ ଏକ ଏସ୍‌ୟୁଭି କାର୍ ଓ ଡମ୍ଫର ଟ୍ରକ୍ ମଧ୍ୟରେ ଧକ୍କା ହୋଇଥିଲା। ଏଥିରେ ୪ ଜଣ ଲୋକ ମୃତ୍ୟୁବରଣ କରିଥିବା ବେଳେ ଅନ୍ୟ ୫ ଜଣ ଆହତ ହୋଇଛନ୍ତି। ଦୁର୍ଘଟଣା ପରେ ୯ ଜଣଙ୍କୁ ହସ୍ପିଟାଲ ନିଆଯାଇଥିଲା। ଏମାନଙ୍କ ମଧ୍ୟରୁ ୪ ଜଣଙ୍କୁ ମୃତ ଘୋଷିତ କରାଯାଇଥିଲା ବୋଲି ପୁଲିସ କହିଛି। ଦୁର୍ଘଟଣା ବଡ଼ଗାଁଓର ରିଙ୍ଗରୋଡ୍‌ରେ ଘଟିଥିଲା। ସୂଚନା ମିଳିବା ମାତ୍ରେ ପୁଲିସ ଘଟଣାସ୍ଥଳରେ ପହଞ୍ଚିଥିଲା। ଏବେ ମଧ୍ୟ ଉଦ୍ଧାର କାର୍ଯ୍ୟ ଜାରି ରହିଛି। ପୁଲିସ ଏହି ଘଟଣାରେ ମାମଲା ରୁଜୁ କରିଛି। ଦୁର୍ଘଟଣା ପାଇଁ ଜମ୍ମୁ-କଶ୍ମୀର ମୁଖମନ୍ତ୍ରୀ ଉମର ଅବଦୁଲ୍ଲା ଦୁଃଖ ପ୍ରକାଶ କରିଛନ୍ତି। ପୀଡିତଙ୍କ ସବୁ ପ୍ରକାର ସହାୟତା ପ୍ରଦାନ କରିବାକୁ ସେ ପ୍ରଶାସନକୁ ନିର୍ଦ୍ଦେଶ ଦେଇଛନ୍ତି। ଦୁର୍ଘଟଣାର କାରଣ ଜାଣିବା ପାଇଁ ସେ ଠିକ୍ ଭାବେ ଯାଞ୍ଚ କରିବାକୁ ମଧ୍ୟ ନିର୍ଦ୍ଦେଶ ଦେଇଛନ୍ତି।

# ଫାରୁକ୍ ଅବଦୁଲ୍ଲା-ଶଶୀ ଥରୁର ମୁହାଁମୁହିଁ

**ନୂଆଦିଲ୍ଲୀ, ୧୬।୧୧ (ଏଜେନ୍ସି):** କଂଗ୍ରେସ ସାଂସଦ ଶଶୀ ଥରୁର ବଡ଼ ଟିପ୍ପଣୀ ଦେଇଛନ୍ତି। ସେ ରବିବାର କହିଛନ୍ତି ଯେ ଆତଙ୍କବାଦ ୧୯୮୦-୯୦ରେ କଶ୍ମୀରରେ ଆରମ୍ଭ ହୋଇଥିଲା। ଏହା ଧିରେ ଧିରେ ମୁମ୍ବଇ, ପୁନେ, ଦିଲ୍ଲୀ ପର୍ଯ୍ୟନ୍ତ ବ୍ୟାପିଗଲା। ଗତ ୩୦ ବର୍ଷ ହେଲା ଭାରତ ଆତଙ୍କବାଦ ସମସ୍ୟାର ମୁକାବିଲା କରୁଛି। ଏବେ ଏହା ଉପରେ କଠୋର ଏବଂ ପ୍ରଭାବୀ କାର୍ଯ୍ୟାନୁଷ୍ଠାନ ନେବାର ଆବଶ୍ୟକତା ରହିଛି। ପ୍ରତ୍ୟେକ ଆତଙ୍କବାଦୀ ଘଟଣାରେ ଦୁଇଟ ଦିଗକୁ ଧ୍ୟାନ ଦେବା ଜରୁରୀ। କିଏ ଏହି ଆକ୍ରମଣ କରିଛି ଏବଂ ଯେପରି ପୁଣି ଆକ୍ରମଣ ହେବ ନାହିଁ ତାହାର ବ୍ୟବସ୍ଥା କରିବା ଆବଶ୍ୟକ। ସବୁ ପ୍ରସଙ୍ଗକୁ ଯୁଦ୍ଧ ଏବଂ ଶାନ୍ତିର ଚଷମାରେ ଦେଖିବା ଅନୁଚିତ। ଆତଙ୍କବାଦ ବିରୋଧରେ ଦୃଢ଼ତାର ସହ କାର୍ଯ୍ୟାନୁଷ୍ଠାନ ନେବା ଆବଶ୍ୟକ। କିନ୍ତୁ ଦେଶର ବିକାଶ ଲକ୍ଷ୍ୟକୁ ମଧ୍ୟ ଅଣଦେଖା କରିବା ଅନୁଚିତ। ଦିଲ୍ଲୀ ବିସ୍ଫୋରଣକୁ ନେଇ ଜମ୍ମୁ-କଶ୍ମୀରର ପୂର୍ବତନ ମୁଖ୍ୟ ଫାରୁକ ଅବଦୁଲ୍ଲା ଦେଇଥିବା ମନ୍ତବ୍ୟ ପରେ ଥରୁର ଏହି ଟିପ୍ପଣୀ ଦେଇଛନ୍ତି। ଫାରୁକ କହିଥିଲେ ଯେ ପ୍ରତ୍ୟେକ କାଶ୍ମୀରୀ ଉପରେ ଅଙ୍ଗୁଳି ଉଠାଯାଉଛି। କେବେ ଆମକୁ ହିନ୍ଦୁସ୍ତାନୀ ବୋଲି ମାନିବେ? ଏହି ସମୟ କେବେ ଆସିବ? ଆମ ଏଥିପାଇଁ ଦାୟୀ ନୁହେଁ। ଯିଏ ଦାୟୀଙ୍କୁ ତାଙ୍କୁ ପ୍ରଶ୍ନ କରାଯାଉ। ଡାକ୍ତରମାନଙ୍କୁ ଏହି ରାସ୍ତା କାହିଁକି ଆପଣାଇବାକୁ ପଡ଼ିଲା ପଚରାଯାଉ। ଏହାର ଗଭୀର ଯାଞ୍ଚ ଏବଂ ଅଧ୍ୟୟନ ଜରୁରୀ। ଫାରୁକ ପୁଣି ପାକିସ୍ତାନ ସହ ସମ୍ପର୍କ ସୁଧାରିବାକୁ ପରାମର୍ଶ ଦେଇଛନ୍ତି। ପଡ଼ୋଶୀ ସହ ଭଲ ସମ୍ପର୍କ ରହିଲେ ଭଲରେ ରହିବେ, ନଚେତ ବିକାଶ ଅଟକି ଯିବ। ସେହିପରି 'ଅପରେସନ ସିନ୍ଦୂର'ର କୌଣସି ପ୍ରଭାବ ପଡ଼ି ନାହିଁ ବୋଲି ସେ କହିଛନ୍ତି।

# ମଧ୍ୟପ୍ରଦେଶ, ରାଜସ୍ଥାନରେ ଭୟଙ୍କର ଦୁର୍ଘଟଣା, ଗଲା ୧୧ ଜୀବନ

**ନୂଆଦିଲ୍ଲୀ, ୧୬।୧୧ (ଏଜେନ୍ସି):** ମଧ୍ୟପ୍ରଦେଶ ଏବଂ ରାଜସ୍ଥାନରେ ରବିବାର ସକାଳେ ଦୁଇ ଦୁଇଟି ମର୍ମନ୍ତୁଦ ସଡ଼କ ଦୁର୍ଘଟଣା ଘଟିଛି। ଏଥିରେ ୧୧ ଜଣ ପ୍ରାଣ ହରାଇଥିବାବେଳେ ୧୨ ଜଣ ଆହତ ହୋଇଛନ୍ତି। ସୂଚନା ଅନୁଯାୟୀ, ମଧ୍ୟପ୍ରଦେଶ ଗ୍ୱାଲିୟର-ଝାନ୍‌ସୀ ରାସ୍ତାରେ ଆଜି ବଡ଼ି ଭୋରରେ ଦ୍ରୁତଗତିରେ ଆସୁଥିବା ଏକ ଫର୍ଚ୍ୟୁନର କାର୍ ବାଲି ନେଇ ଆସୁଥିବା ଟ୍ରାକ୍ଟର-ଟ୍ରଲିକୁ ପଛ ପଟୁ ଧକ୍କା ଦେଇଥିଲା। ଏହା ଏତେ ଭୟାବହ ଥିଲା ଯେ ଘଟଣାସ୍ଥଳରେ ଫର୍ଚ୍ୟୁନରରେ ଯାତ୍ରା କରୁଥିବା ୫ ଜଣଙ୍କ ମୃତ୍ୟୁ ହୋଇଥିଲା। ଏହା ଟ୍ରଲିର ତଳେ ପଶି ଯାଇଥିଲା। ତେଣୁ କୌଣସି ଯାତ୍ରୀଙ୍କ ଜୀବନ ବଞ୍ଚି ପାରି ନ ଥିଲା। ଗାଡ଼ିକୁ କଟରରେ କାଟି ମୃତଦେହ ବାହାର କରାଯାଇଥିଲା। ସମସ୍ତ ମୃତକ ଗ୍ୱାଲିୟରର ବାସିନ୍ଦା। ଫର୍ଚ୍ୟୁନରଟି ଉତ୍ତର ପ୍ରଦେଶର ଝାନ୍‌ସୀର ଏକ କାର୍ଯ୍ୟକ୍ରମରେ ସାମିଲ ହୋଇ ଗ୍ୱାଲିୟର ଫେରୁଥିଲା। ରାସ୍ତାର ଏକ ବୁଲାଣିରେ ଏହା ନିୟନ୍ତ୍ରଣ ହରାଇ ଥିଲା। ଅନ୍ୟପକ୍ଷରେ ରାଜସ୍ଥାନର ଯୋଧପୁର-ଜୈସାଲମେର ଏନ୍‌ଏଚରେ ଏକ୍ ମିଲେଟ ବୋଝେଇ ଟ୍ରକ ବିପରୀତ ଦିଗରୁ ଆସି ଟେମ୍ପୋକୁ ଧକ୍କା ଦେଇଛି।

- ଗ୍ୱାଲିୟରରେ ଟ୍ରଲିରେ ପଶିଲା ଫର୍ଚ୍ୟୁନର; ୫ ମୃତ
- ରାଜସ୍ଥାନରେ ଟେମ୍ପୋକୁ ଧକ୍କାଦେଲା ଟ୍ରକ; ୬ ମୃତ

# ଆତ୍ମଘାତୀ ଖୋଜୁଥିଲେ ଆତଙ୍କବାଦୀ

**ନୂଆଦିଲ୍ଲୀ, ୧୬।୧୧ (ଏଜେନ୍ସି):** ଆତଙ୍କବାଦୀ ଡ. ଉମର ନବି ସହ ସମ୍ପର୍କରେ ରଖିଥିବା କିଛି ଲୋକଙ୍କୁ ଜମ୍ମୁ-କଶ୍ମୀର ପୁଲିସ ଗିରଫ କରିଛି। ସେମାନେ କହିଛନ୍ତି ଯେ ଏହି ଡାକ୍ତରମାନେ ଗତ ବର୍ଷ ଜଣେ ଆତ୍ମଘାତୀ ଖୋଜୁଥିଲେ। ଡ.ଉମରକୁ ଏହି ଦାୟିତ୍ୱ ଦିଆଯାଇଥିଲା। ସେ ୨୦୨୩ ଅକ୍ଟୋବରରେ କାଜିଗୁଣ୍ଡର ଜସିର ଓରଫ ଦାନିଶ ସହ ଯୋଗାଯୋଗ କରିଥିଲା। ପରେ ତାକୁ ଫରିଦାବାଦର ଅଲ-ଫଲାହ ବିଶ୍ୱବିଦ୍ୟାଳୟକୁ ଅଣା ଯାଇଥିଲା। ଏଠାରେ ଭଡ଼ା ଘରେ ତାକୁ ରଖା ଯାଇଥିଲା। ସେ ଓଭରଗ୍ରାଉଣ୍ଡ ୱାର୍କର ହେଉ ବୋଲି ସମସ୍ତେ ଚାହୁଁଥିଲେ। ଏଥିପାଇଁ ଉମର ଅନେକ ମାସ ପର୍ଯ୍ୟନ୍ତ ତାର ମାଇଣ୍ଡ ୱାସ କରିଥିଲା। ଆତ୍ମଘାତୀ ପାଇଁ ରାଜି କରାଇବାକୁ ଚାହିଁଥିଲା। କିନ୍ତୁ ଘରର ଆର୍ଥିକ ସ୍ଥିତି ଖରାପ ଥିବାରୁ ଏବଂ ଇସ୍‌ଲାମରେ ଆତ୍ମହତ୍ୟା ହାରାମ କହି ଦାନିଶ ଆତ୍ମଘାତୀ ହେବାକୁ ମନା କରିଦେଇଥିଲା। ଲାଲକିଲ୍ଲା ବିସ୍ଫୋରଣର ଅନ୍ୟତମ ଅଭିଯୁକ୍ତ ଡ. ସାହିନ ସୈୟିଦକୁ ନେଇ ଚାଞ୍ଚଲ୍ୟକର ତଥ୍ୟ ସାମ୍‌ନାକୁ ଆସିଛି। ସେ ୧୦ ବର୍ଷ ହେଲା ଆତଙ୍କବାଦୀ ସଂଗଠନ ଜୈସ-ଇ-ମହମ୍ମଦ (ଜେଇଏମ) ସହ ଜଡ଼ିତ ଥିଲା। ଏନ୍‌ଆଇଏର ଜଣେ ବରିଷ୍ଠ ଅଧିକାରୀ କହିଛନ୍ତି ଯେ ସାହିନ ୨୦୧୫ରେ ଜୈସରେ ସାମିଲ ହୋଇଥିଲା। ୨୦୨୧ରେ ସାହିନ ଚାକିରି ଛାଡ଼ିବାରୁ ସ୍ୱାମୀ ଅଟକାଇ ଥିଲେ। ଏହାର ଉତ୍ତରରେ ସେ କହିଥିଲା ଯେ ପରିବାର ଏବଂ ଚାକିରିରେ କିଛି ନାହିଁ। ନିଜ ପାଇଁ ବହୁତ ଜିଇଁଲି। ଏବେ ନିଜ ସମ୍ପ୍ରଦାୟର ଲୋକଙ୍କ ଋଣ ସୁଝିବାର ସମୟ ଆସିଛି। ସେହିପରି ଆତଙ୍କବାଦୀ ଡାକ୍ତର ଉମର, ମୁଜାମ୍ମିଲ ଏବଂ ସାହିନକୁ ମିଳିଥିବା ୨୦ ଲକ୍ଷ ଟଙ୍କାର 'ଫଣ୍ଡି ଟ୍ରେଲ' ଉପରୁ ଗୁଇନ୍ଦା ଏଜେନ୍ସି ଗୁଡ଼ିକ ପରଦା ଉଠାଇଛନ୍ତି। ଜୈସର ଆତଙ୍କବାଦୀ ହାୱାଲା ମାଧ୍ୟମରେ ଏହି ଟଙ୍କା ପଠାଇ ଥିବା ଜଣାପଡ଼ିଛି।

- ୧୦ ବର୍ଷ ହେଲା ଜୈସ ସହ ସାହିନ୍‌ର ସଂପର୍କ
- ଋଣ ସୁଝିବା ପାଇଁ ଛାଡ଼ିଥିଲା ଚାକିରି
- ହୱାଲା ମାଧ୍ୟମରେ ମିଳିଥିଲା ୨୦ ଲକ୍ଷ

## ଦିଲ୍ଲୀ ବୋମା ବିସ୍ଫୋରଣ

# ସ୍କାନରରେ ୨୦୦ ସନ୍ଦିଗ୍ଧ, ଧରାପଡ଼ିଲେଣି ୬୦

**ଫରିଦାବାଦ, ୧୬।୧୧ (ଏଜେନ୍ସି):** ଦିଲ୍ଲୀ ବିସ୍ଫୋରଣର ତଦନ୍ତ ପରିସର ବଢ଼ିବା ପରେ ବିଚଳିତ କରିବା ଭଳି ଘଟଣା ସାମ୍‌ନାକୁ ଆସିବାରେ ଲାଗିଛି। ଏବେ ଯାଞ୍ଚ ଏଜେନ୍ସି ଫରିଦାବାଦର ଅଲ-ଫଲାହ ୟୁନିଭର୍ସିଟର ଡ. ମୁଜାମିଲ ଏବଂ ମହିଳା ଡାକ୍ତର ସାହିନର ମୋବାଇଲ କଲ୍ ରେକର୍ଡ ଏବଂ ଡିଜିଟାଲ ଟ୍ରାନ୍ସଫର ପେମେଣ୍ଟକୁ ନେଇ ବିସ୍ମୟକର ତଥ୍ୟ ଆସିଛି। ଏହି ଆତଙ୍କବାଦୀମାନେ ନିଜ ଯୋଜନାରେ ସଫଳତା ପାଇବା ପାଇଁ ସହାୟତା ନାମରେ ଅନେକଙ୍କୁ ଟଙ୍କା ବାଣ୍ଟି ଥିଲେ। ଫରିଦାବାଦର ଧୌଜ, ଫତେହପୁର ତଗା ଗାଁ ଏବଂ ନୁହ ଜିଲ୍ଲା ଏହି ଷଡ଼ଯନ୍ତ୍ରର କେନ୍ଦ୍ର ଥିଲା। ଏହି 'ହ୍ୱାଇଟ-କଲାର ଟେରର ମଡ୍ୟୁଲୋ' ସହ ପ୍ରାୟ ୨୦୦ ଜଣ ସାମିଲ ଥିଲେ। ଏଥିରୁ ପ୍ରାୟ ୬୦ ଜଣଙ୍କୁ ଏନ୍‌ଆଇଏ ଏବଂ ପୁଲିସ ଗିରଫ କଲାଣି। ୪୦ ମୋବାଇଲ ମଧ୍ୟ ଜବତ କରାଯାଇଛି। ଏଥିରୁ ଅନେକ ଫୋନରେ ଥିବା ଏନ୍‌କ୍ରିପଟେଡ ଆପ୍ ସନ୍ଦେହଜନକ ଗୋଷ୍ଠୀରେ ସାମିଲ ରହିଛି। ଅଲଗା ଅଲଗା ଯାଞ୍ଚ ଟିମ୍ ଗଠନ କରି ମାମଲାର ତଦନ୍ତ କରାଯାଉଛି।

- ସହାୟତା ନାମରେ ଟଙ୍କା ବାଣ୍ଟିଥିଲେ ମୁଜାମିଲ୍, ସାହିନ
- ବିସ୍ଫୋରଣ ସ୍ଥଳରୁ ମିଳିଲା ନିଷିଦ୍ଧ ୯ ଏମ୍‌ଏମ୍ କ୍ୟାଟ୍ରିଜ୍

ଅଲ-ଫଲାହ ବିଶ୍ୱବିଦ୍ୟାଳୟର ୧୭, ୧୩ ଏବଂ ୩୨ ନମ୍ବର ପ୍ରକୋଷ୍ଠରେ ଗୁପ୍ତ ବୈଠକ ହେଉଥିଲା। ଏଠାରୁ ଜବତ ଡାଏରୀରେ ୨୫-୩୦ ନାମ ରହିଛି। ଗତ ୮ -୧୨ ତାରିଖ ମଧ୍ୟରେ ହୋଇଥିବା ଯୋଜନାର ନୋଟ୍ ମିଳିଛି। ସୂଚନା ଅନୁଯାୟୀ ଡ. ମୁଜାମିଲ ଅନେକ ଲୋକଙ୍କୁ ଆର୍ଥିକ ସହାୟତା ଦେଇ ଫସାଇ ଥିଲା। ମୌଲବୀଙ୍କ ଜମିରେ କ୍ୟାମ୍ପ ପାଇଁ ୩୫ ହଜାର ଟଙ୍କା ଦିଆଯାଇଥିଲା। ସେହିପରି ବାପାଙ୍କ ଚିକିତ୍ସା ପାଇଁ ୫୦ ହଜାର ଟଙ୍କା ନେଇଥିବା କଶ୍ମୀର ଯୁବକ ପରେ ଆଇଇଡି ଆସେମ୍ବ୍ଲିଂରେ ସହାୟତା କରିଥିଲା। ଏହା ବ୍ୟତୀତ ଜଣେ ଏମ୍‌ବିବିଏସ ଛାତ୍ର ଭାଇ ବାହାଘର ପାଇଁ ଲକ୍ଷେ ଟଙ୍କା ନେଇ ଆତଙ୍କର ରାସ୍ତାରେ ଚାଲିଥିଲା।



ଅନ୍ୟପକ୍ଷରେ ରାଜସ୍ଥାନ ସାଞ୍ଚୌରର ମୌଲବୀ ଓସାମା ଉମର ଆତଙ୍କବାଦୀ ସଂଗଠନ ତେହରିକ-ଇ-ତାଲିବାନ (ଟିଟିପି) ପାଇଁ ସ୍ଲିପର ସେଲ୍ ପ୍ରସ୍ତୁତ କରିଥିଲା। ସେ ଯୁବ ଗୋଷ୍ଠୀଙ୍କୁ ଜିହାଦୀ ପ୍ରଶିକ୍ଷଣ ଦେବା ଆରମ୍ଭ କରିଥିଲା। ଏହି ମୌଲବୀକୁ ଗିରଫ କରାଯାଇଛି। ତା ଫୋନରୁ ୩ ଲକ୍ଷରୁ ଅଧିକ ଆପତ୍ତିଜନକ ଭୋଟ ମିଳିଛି। ସେ ଆଫଗାନିସ୍ତାନ ଯାଇ ପ୍ରଶିକ୍ଷଣ ନେବାକୁ ମଧ୍ୟ ପ୍ରସ୍ତୁତ ହେଉଥିଲା। ଏହା ମଧ୍ୟରେ ଦିଲ୍ଲୀ ବିସ୍ଫୋରଣ ସ୍ଥଳରୁ ନାଗରିକଙ୍କ ବ୍ୟବହାର ପାଇଁ ନିଷିଦ୍ଧ ୯ ଏମଏମ ବୁଲେଟ ଜବତ କରାଯାଇଛି। ସେହିପରି ବିସ୍ଫୋରଣ ପୂର୍ବରୁ ଆତଙ୍କବାଦୀ ଡ. ଉମର ନବି ନୁହର ଏକ ଭଡ଼ାଘରେ ରହିଥିଲା। ଏହାର ସିସିଟିଭି ଫୁଟେଜ ସାମ୍‌ନାକୁ ଆସିଛି। ସେ ବିସ୍ଫୋରଣର ୧୮ ଘଣ୍ଟା ପୂର୍ବରୁ କାର୍ ନେଇ ଏଟିଏମକୁ ଟଙ୍କା ଉଠାଇବାକୁ ଯାଇଥିବା ଦେଖାଯାଉଛି।



ଭାରତ 'ଏ'କୁ ଜିତାଇଲେ ଗାଏକୱାଡ
▶କ୍ରୀଡ଼ା ପୃଷ୍ଠାରେ...


RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 43 ♦ISSUE-141 ♦MONDAY ♦17 NOVEMBER 2025 ♦PAGE-12 ♦₹ 6.00
♦ବର୍ଷ-୪୩ ♦ସଂଖ୍ୟା-୧୪୧ ♦ସୋମବାର ♦୧୭ ନଭେମ୍ବର ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦


**ଲାଲ୍‌କିଲ୍ଲା କାର୍ ବିସ୍ଫୋରଣ**

## ଧରାପଡ଼ିଲା ଉମର୍ ସହଯୋଗୀ

■ **ନୂଆଦିଲ୍ଲୀ,୧୬ ।୧୧(ଏଜେନ୍ସି):** ଦିଲ୍ଲୀ ଲାଲ୍‌କିଲ୍ଲା ବିସ୍ଫୋରଣ ମାମଲାରେ ନ୍ୟାସନାଲ ଇନ୍‌ଭେଷ୍ଟିଗେସନ ଏଜେନ୍ସି (ଏନ୍‌ଆଇଏ) ଆଉ ଜଣେ ସଂଦିଗ୍ଧଙ୍କୁ ଗିରଫ କରିଛି । ବିସ୍ଫୋରଣର ୬ ଦିନ ପରେ ଆତ୍ମଘାତୀ ଆକ୍ରମଣକାରୀ ଉମର ନବୀର ଜଣେ ସହଯୋଗୀ ଆମୀର ରସିଦ ଅଲିକୁ ଗିରଫ କରାଯାଇଛି । ଆମୀର ଜମ୍ମୁ-କଶ୍ମୀରର ପାମ୍ପୋରର ବାସନ୍ଦା । ବିସ୍ଫୋରଣ ପାଇଁ ଉମର ସହ ମିଶି ଆମୀର ଷଡ଼ଯନ୍ତ୍ର କରିଥିଲା । ବିସ୍ଫୋରଣ ପାଇଁ ବ୍ୟବହୃତ ହୋଇଥିବା କାର୍‌ର ମାଲିକ ହେଉଛି ରସିଦ । ବିସ୍ଫୋରଣ ପାଇଁ ସେ ହିଁ କାର କିଣି ଉମରକୁ ଦେଇଥିଲା । ସେ ଫରିଦାବାଦ୍‌ରୁ ଏହି କାର୍ କିଣିଥିଲା ବୋଲି ଏନ୍‌ଆଇଏ ତରଫରୁ କୁହାଯାଇଛି । ଅନ୍ୟ ସଂଦିଗ୍ଧଙ୍କୁ ଗିରଫ କରିବା ପାଇଁ ଏନ୍‌ଆଇଏ ଚଢ଼ାଉ ଜାରି ରଖିଛି । ସେହିପରି ପୁଲିସ ନୁହ ସହରରୁ ଆଉ ଦୁଇଜଣଙ୍କୁ ଗିରଫ କରିଛି । ସେମାନେ ହେଲେ ରିଜୱାନ ଓ ସୋଏବ । ଆତଙ୍କବାଦୀ ମାମଲାରେ ଦୁହେଁ ପାଣ୍ଠି ଯୋଗାଡ଼ କରିଥିବାର ଅଭିଯୋଗ ହୋଇଛି ।



**ଆଉ ଜଣେ ମହିଳା ଡାକ୍ତର ଗିରଫ**

ଏନ୍‌ଆଇଏ ପକ୍ଷରୁ କୁହାଯାଇଛି ଯେ ଦିଲ୍ଲୀ ବିସ୍ଫୋରଣ ଥିଲା ଆତ୍ମଘାତୀ ବିସ୍ଫୋରଣ । ଆଉ ଏକ ଉଲ୍ଲେଖନୀୟ ଘଟଣାକ୍ରମେ ପୁଲିସ୍ ଏହି ମାମଲାରେ ଜମ୍ମୁ-କଶ୍ମୀରର ଅନନ୍ତ ନାଗରେ ଚଢ଼ାଉ କରି ଜଣେ ମହିଳା ଡାକ୍ତରଙ୍କୁ ଗିରଫ କରିଛି । ସେ ହେଉଛନ୍ତି ହରିୟାଣାର ପ୍ରିୟଙ୍କା ଶର୍ମା । ସେ ଅନନ୍ତନାଗର ମଲକନାଗ ଅଞ୍ଚଳରେ ଏକ ଭଡ଼ା ଘରେ ରହୁଥିଲେ । ବିସ୍ଫୋରଣରେ ସେ ଜଡିତ ଥିବା ପୁଲିସ ସନ୍ଦେହ କରୁଛି ।

**ସାରା ରାଜ୍ୟରେ ଶୀତ ଲହରୀ**

## ୫ ଡିଗ୍ରୀକୁ ଖସିଲା ପାରଦ

■ **ଭୁବନେଶ୍ୱର, ୧୬।୧୧ (ସମିସ):** ରାଜ୍ୟର ଅଧିକାଂଶ ସ୍ଥାନରେ ପ୍ରବଳ ଶୀତ ଜାରି ରହିଛି । କ୍ରମାଗତ ଭାବେ ରାଜ୍ୟକୁ ଆସୁଥିବା ଥଣ୍ଡା ଓ ଶୁଷ୍କ ପବନ ତାପମାତ୍ରା ହ୍ରାସରେ ସହାୟକ ହେଉଥିବା ବେଳେ ଥଣ୍ଡା ବଢ଼ି ଚାଲିଛି । ଯାହାଫଳରେ ଚଳିତ ବର୍ଷ ରାଜ୍ୟରେ ପ୍ରଥମ ଥର ପାଇଁ ତାପମାତ୍ରା ୫ ଡିଗ୍ରୀକୁ ଖସିଛି । ଗତ ୨୪ ଘଣ୍ଟାରେ ରାଜ୍ୟର ୧୩ ସହରରେ ତାପମାତ୍ରା ୧୨ ଡିଗ୍ରୀ ତଳେ ରହିଥିବା ବେଳେ ଜି ଉଦୟଗିରିରେ ତାପମାତ୍ରା ୫.୮ ଡିଗ୍ରୀ ରେକର୍ଡ ହୋଇଛି । ଏହା ବ୍ୟତୀତ ଭୁବନେଶ୍ୱର ଓ କଟକରେ ତାପମାତ୍ରା ସ୍ୱାଭାବିକ ତୁଳନାରେ ୫ ଡିଗ୍ରୀ ତଳକୁ ଖସିଯାଇଥିବା ବେଳେ ଏଠାରେ ଶୀତ ଲହରୀ (କୋଲ୍ଡ ୱେଭ୍) ସ୍ଥିତି ସୃଷ୍ଟି ହୋଇଛି । ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ ଗତ ୨୪ ଘଣ୍ଟାରେ ରାଜ୍ୟରେ ଜି.ଉଦୟଗିରି ରେ ତାପମାତ୍ରା ୫.୮ ଡ଼ିଗ୍ରୀ ରେକର୍ଡ ହେବା ସହ ଏହା ରାଜ୍ୟର ସବୁଠୁ ଥଣ୍ଡା ସହର ପାଲଟିଛି । ସେହିପରି କଟକରେ ତାପମାତ୍ରା ୧୩.୬ ଡିଗ୍ରୀ ରହିଥିବା ବେଳେ ଏଠାରେ ▶ପୃଷ୍ଠା-୭



**ଦେଶର ରାଜ୍ୟ ଓ କେନ୍ଦ୍ରଶାସିତ ଅଞ୍ଚଳର ଋଣ ୯୪ ଲକ୍ଷ କୋଟି**

# ଋଣ ଚାପରେ ଅର୍ଥନୀତି

■ **ନୂଆଦିଲ୍ଲୀ/ଭୁବନେଶ୍ୱର, ୧୬।୧୧ (ସମିସ):** ନିର୍ବାଚନୀ ପ୍ରତିଶ୍ରୁତି ପୂରଣ ନିମନ୍ତେ ନିଜସ୍ୱ ରାଜସ୍ୱ ଓ ଅଣରାଜସ୍ୱ ବୃଦ୍ଧି ପରିବର୍ତ୍ତେ ଦେଶର ବିଭିନ୍ନ ରାଜ୍ୟ କେବଳ ଋଣ ଉପରେ ଭରସା କରୁଛନ୍ତି । ଯାହା ଫଳରେ ବିଭିନ୍ନ ରାଜ୍ୟ ଉପରେ ଋଣ ପରିମାଣ ବଢ଼ିବଢ଼ି ଚାଲିଛି ଏବଂ ଚଳିତ ବର୍ଷ ଶେଷ ବେଳକୁ ଏହି ପରିମାଣ ୯୯ ଲକ୍ଷ କୋଟି ଅତିକ୍ରମ କରିବ ବୋଲି ଆକଳନ କରାଯାଇଛି । ରିଜର୍ଭ ବ୍ୟାଙ୍କର ଏକ ରିପୋର୍ଟ ଅନୁସାରେ ଅକ୍ଟୋବର ୨୦୨୫ ସୁଦ୍ଧା ଦେଶର ବିଭିନ୍ନ ରାଜ୍ୟଗୁଡ଼ିକ ୯୩.୯୩ କୋଟିରେ ପହଞ୍ଚିଛି ଓ ବିଭିନ୍ନ ରାଜ୍ୟଗୁଡ଼ିକ ଆର୍ଥିକ ବର୍ଷରେ ଦେଶ ଦୁଇଟି ତ୍ରୟମାସିକରେ ପ୍ରାୟ ୫ ଲକ୍ଷ କୋଟିରୁ ଉର୍ଦ୍ଧ୍ୱ ଋଣ କରିବାକୁ ପ୍ରସ୍ତାବ ଦେଇଛନ୍ତି ।

ରିପୋର୍ଟ ଅନୁସାରେ ଚଳିତ ଆର୍ଥିକ ବର୍ଷର ପ୍ରଥମ ତ୍ରୟମାସିକରେ ଦେଶର ୧୬ଟି ରାଜ୍ୟ ସେମାନଙ୍କ ବାର୍ଷିକ ଋଣରେ ୫୮% ବୃଦ୍ଧି କରିଛନ୍ତି । ଯାହାର ପରିମାଣ ପ୍ରାୟ ୧.୩୬ ଲକ୍ଷ କୋଟି ବୋଲି କୁହାଯାଉଛି । ଋଣ ପରିମାଣ ବୃଦ୍ଧି ଯୋଗୁଁ ସମ୍ପୃକ୍ତ ରାଜ୍ୟଗୁଡ଼ିକର ଆର୍ଥିକ ସ୍ଥିତି ଦୁର୍ବଳ ହେବାରେ ଲାଗିଛି ଏବଂ ରାଜ୍ୟବାସୀଙ୍କ ଉପରେ ଋଣ ବୋଝ ପାଲଟି ଯାଇଛି । କେନ୍ଦ୍ର ସରକାର ବିଭିନ୍ନ ରାଜ୍ୟଗୁଡ଼ିକୁ ସୁଧମୁକ୍ତ ଋଣ ବାବଦରେ ୩.୬ ଲକ୍ଷ କୋଟି ଟଙ୍କା ଆବଣ୍ଟନ କରିବା ସତ୍ତ୍ୱେ ନିର୍ବାଚନୀ ପ୍ରତିଶ୍ରୁତି, ମାଗଣା ବଣ୍ଟନ କାର୍ଯ୍ୟକ୍ରମଗୁଡ଼ିକୁ ପ୍ରାଧାନ୍ୟ ଦିଆଯାଉଥିବାରୁ ରାଜ୍ୟଗୁଡ଼ିକୁ ଅଧିକ ଋଣ କରିବାକୁ ପଡୁଛି । ସବୁଠାରୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ରାଜସ୍ୱ ସଂଗ୍ରହ (ପ୍ରତ୍ୟକ୍ଷ ଓ ପରୋକ୍ଷ) ରେ ଅଭିବୃଦ୍ଧି ଘଟୁ ନ ଥିବାର ରାଜ୍ୟଗୁଡ଼ିକ ଋଣ ଉପରେ ନିର୍ଭରଶୀଳ ହେଉଛନ୍ତି ବୋଲି କୁହାଯାଉଛି ।

୨୦୦୪ ମସିହାରେ ଦେଶର ସମସ୍ତ ରାଜ୍ୟ ଓ କେନ୍ଦ୍ରଶାସିତ ଅଞ୍ଚଳ ଉପରେ ଋଣର ପରିମାଣ ଥିଲା ମାତ୍ର ୮.୮ ଲକ୍ଷ କୋଟି ଟଙ୍କା । ୨୦୧୪ ଜୁନ୍ ମାସ ସୁଦ୍ଧା ଏହା ୨୩.୯୪ ଲକ୍ଷ କୋଟି ଟଙ୍କାରେ ପହଞ୍ଚିଥିଲା । ମାତ୍ର ୨୦୨୮ ଅକ୍ଟୋବର ମାସ ସୁଦ୍ଧା ଏହା ୯୪ ଲକ୍ଷ କୋଟିରେ ପହଞ୍ଚିଛି । ଅର୍ଥାତ୍ ୨୦୧୪ରୁ ୨୦୨୫ ମଧ୍ୟରେ ରାଜ୍ୟଗୁଡ଼ିକ ୭୦ ଲକ୍ଷ କୋଟି ଟଙ୍କା ଋଣ କରିଛନ୍ତି ।

ରାଜ୍ୟଗୁଡ଼ିକର ଜିଏସ୍‌ଡିପି ଓ ଋଣ ଅନୁପାତ ଦୃଷ୍ଟିରୁ ଅରୁଣାଚଳ ପ୍ରଦେଶ, ପଞ୍ଜାବ, ହିମାଚଳ ପ୍ରଦେଶ, ନାଗାଲାଣ୍ଡ ଓ ମେଘାଳୟ ସବୁଠାରୁ ଖରାପ ▶ପୃଷ୍ଠା-୭

**ମାର୍ଚ୍ଚ ଶେଷ ବେଳକୁ ରାଜ୍ୟଗୁଡ଼ିକର ଋଣ ହେବ ୯୯ ଲକ୍ଷ କୋଟି ଟଙ୍କା**

**୧୦ ବର୍ଷରେ ରାଜ୍ୟ ସମୂହର ଋଣ ପରିମାଣ ୪ ଗୁଣା ବଢ଼ିଛି**

**୨୦୦୪ରୁ ୨୦୧୪ ମଧ୍ୟରେ ଋଣ ବଢ଼ିଥିଲା ମାତ୍ର ୩ ଗୁଣା**



# ଛିଡୁନି ବିହାର ଅଡୁଆ

## ବିଳମ୍ବିତ ହୋଇପାରେ ନୂଆ ସରକାର ଗଠନ

■ **ପାଟନା, ୧୬।୧୧ (ଏଜେନ୍ସି):** ବିହାରରେ ନୂଆ ସରକାର କେବେ ଶପଥ ନେବ? ଏସଂପର୍କରେ ବିଜେପି କିମ୍ବା ଜେଡିୟୁ ମୁହଁ ଖୋଲୁ ନାହାନ୍ତି । ତେବେ ଏନ୍‌ଡିଏର ଅନ୍ୟତମ ଅଂଶୀଦାର ଏଲଜେପିର ନେତା ତଥା କେନ୍ଦ୍ର ମନ୍ତ୍ରୀ ଚିରାଗ ପାଶ୍ୱାନ କହିଛନ୍ତି ଯେ ଆସନ୍ତା ୨୨ ତାରିଖ ପୂର୍ବରୁ ନୂଆ ମନ୍ତ୍ରିମଣ୍ଡଳ ଶପଥ ନେବ ଏବଂ ଯାହା ଜଣାପଡୁଛି ନୀତୀଶ କୁମାର ମୁଖ୍ୟମନ୍ତ୍ରୀ ଭାବେ ଶପଥ ନେବେ । ମୁଖ୍ୟମନ୍ତ୍ରୀ ନୀତୀଶ କୁମାରଙ୍କୁ ନେଇ ଆଜି ମଧ୍ୟ ସସପେନ୍ସ ରହିଥିଲେ ମଧ୍ୟ ଦୁଇ ଦଳର ନେତା କିଛି କହୁ ନାହାନ୍ତି । ଆଜି ସନ୍ଧ୍ୟାରେ ବିଜେପିର ବରିଷ୍ଠ ନେତା ଅମିତ ଶାହଙ୍କ ଅଧ୍ୟକ୍ଷତାରେ ଏକ ବୈଠକ ହୋଇ ଏହା ଉପରେ ବିଚାରବିମର୍ଶ କରାଯାଇଛି । କିନ୍ତୁ କିଛି ସୂଚନା ଦିଆଯାଇ ନାହିଁ ।

ବିଶ୍ୱସ୍ତ ସୂତ୍ରରୁ ମିଳିଥିବା ସୂଚନା ଅନୁଯାୟୀ, ବର୍ତ୍ତମାନ ପାଇଁ ନୀତୀଶ କୁମାର ମୁଖ୍ୟମନ୍ତ୍ରୀ ପଦରେ ରହିବେ । ତେବେ ସେ କେତେ ଦିନ ରହିବେ, ସେଥିପାଇଁ ଫର୍ମୁଲା ପ୍ରସ୍ତୁତ କରାଯାଉଛି । ନିର୍ବାଚନରେ ଜେଡିୟୁ ଅପେକ୍ଷା ବିଜେପି ଅଧିକ ଆସନ ପାଇଥିବାରୁ ପରବର୍ତ୍ତୀ ସମୟରେ ଏହାର ନେତାଙ୍କୁ ମୁଖ୍ୟମନ୍ତ୍ରୀ କରାଯିବ । ଏବେ ଯେଉଁ ନୂଆ ମନ୍ତ୍ରିମଣ୍ଡଳ ଶପଥ ଗ୍ରହଣ କରିବ, ସେଥିରେ ଜେଡିୟୁ ଅପେକ୍ଷା ବିଜେପିର ଅଧିକ ବିଧାୟକଙ୍କୁ ମନ୍ତ୍ରିପଦ ମିଳିବ । ଏହା ଉପରେ ଅଧିକ ବିଚାରବିମର୍ଶ ଚାଲିଥିବାରୁ ଶପଥ ଗ୍ରହଣରେ ବିଳମ୍ବ ହୋଇପାରେ ବୋଲି କୁହାଯାଉଛି । ତେବେ ନୀତୀଶ କୁମାର ଆସନ୍ତାକାଲି ରାଜ୍ୟପାଳଙ୍କୁ ଭେଟି ଇସ୍ତଫା ପ୍ରଦାନ କରିବେ । ଏବେ ମୋଟ୍ ୩୩ରୁ ୩୬ ମନ୍ତ୍ରୀ ଶପଥ ଗ୍ରହଣ କରିବେ । ବିଜେପିରୁ ୧୬ ଏବଂ ନୀତୀଶଙ୍କ ଜେଡିୟୁରୁ ୧୪ ଜଣ ମନ୍ତ୍ରୀ ହେବେ । ଚିରାଗ ପାଶ୍ୱାନଙ୍କ ଦଳରୁ ଦୁଇ ଜଣଙ୍କୁ ମନ୍ତ୍ରିପଦ ମିଳିବାର ସମ୍ଭାବନା ରହିଛି । ନୂଆ ମନ୍ତ୍ରିମଣ୍ଡଳରେ ତିନି ଜଣଙ୍କୁ ଉପମୁଖ୍ୟମନ୍ତ୍ରୀ କରାଯିବାର ସମ୍ଭାବନା ରହିଛି । ପାଶ୍ୱାନ ତାଙ୍କ ଦଳରୁ ଜଣଙ୍କୁ ଉପମୁଖ୍ୟମନ୍ତ୍ରୀ ▶ପୃଷ୍ଠା-୭



**ଦିଲ୍ଲୀରେ ଏନ୍‌ଡିଏ ନେତାଙ୍କ ଘନଘନ ବୈଠକ**

**୨୦ ତାରିଖ ସୁଦ୍ଧା ନୂଆ ମନ୍ତ୍ରିମଣ୍ଡଳ ଶପଥ**

**ଆଜି ମୁଖ୍ୟମନ୍ତ୍ରୀ ପଦରୁ ଇସ୍ତଫା ଦେବେ ନୀତୀଶ**

**ଡିସେମ୍ବର ୧ରୁ ପୁଲିସକୁ ଗାଡ଼ି ଚେକିଂ ପାଇଁ ଅଖଣ୍ଡ କ୍ଷମତା**

# ସରକାର-ସଂଘ ମୁହାଁମୁହିଁ

■ **ଭୁବନେଶ୍ୱର,୧୬ ।୧୧(ସମିସ):** ବହୁ ବାଦ ବିବାଦ ଓ ଆନ୍ଦୋଳନ ଚେତାବନୀ ପରେ ମଧ୍ୟ ସରକାର ନିଜ ନିଷ୍ପତ୍ତିରେ ଅଟଳ । ଡିସେମ୍ବର ୧ ତାରିଖରୁ ପୁଲିସକୁ ମିଳିବ ଗାଡ଼ି ଯାଞ୍ଚର ଅଖଣ୍ଡ କ୍ଷମତା । ଏହି କ୍ଷମତା ବଳରେ ପୁଲିସ ବାହିନୀ ପୂର୍ବାପେକ୍ଷା କ୍ଷମତାଶାଳୀ ଓ ଅର୍ଥଶାଳୀ ହେବ । ତେବେ ପୁଲିସକୁ ଗାଡ଼ି ଯାଞ୍ଚ କ୍ଷମତାକୁ ବିରୋଧ କରି ଆସିଥିବା ବସ୍‌ମାଲିକ ଓ ଅନ୍ୟ ଗାଡ଼ି ମାଲିକ ସଂଘ ଖୁବ୍ ଶୀଘ୍ର ଜରୁରୀ ବୈଠକ ଡାକିବେ ବୋଲି ସୂଚନା ମିଳିଛି । ସରକାର ତାଙ୍କ ଆଭିମୁଖ୍ୟ ପରିବର୍ତ୍ତନ ନ କଲେ ଗାଡ଼ି ମାଲିକମାନେ ମଧ୍ୟ ବିକଳ୍ପ ବାଛିପାରନ୍ତି ବୋଲି ବିଶ୍ୱସ୍ତ ସୂତ୍ରରୁ ଜଣାପଡ଼ିଛି । ଯାହାକୁ ନେଇ ସରକାର ଓ ଗାଡ଼ି ମାଲିକ ସଂଘ ମୁହାଁମୁହିଁ ସ୍ଥିତିକୁ ଆସିଛନ୍ତି ।

ରାଜ୍ୟରେ ବର୍ତ୍ତମାନ ଏମଭି ଆଇନ ୧୯୮୮ ଅନୁଯାୟୀ ପୁଲିସକୁ କିଛି କ୍ଷମତା ପ୍ରଦାନ କରାଯାଇଛି । ଏହି କ୍ଷମତା ବଳରେ ପୁଲିସ ପକ୍ଷରୁ ହେଲ୍‌ମେଟ୍ ଓ ରଙ୍ଗସାଇଡ୍ ଗାଡ଼ି ଚାଳନା, ଟ୍ରିପଲ ରାଇଡର ଓ ସିଟ୍ ବେଲ୍ଟ ନ ବାନ୍ଧିବା ଭଳି ନିୟମ ଉଲ୍ଲଙ୍ଘନ ପାଇଁ ଜରିମାନା ଆଦାୟ କରୁଛି । ମାତ୍ର ଡିସେମ୍ବର ୧ ପୁଲିସକୁ ଏ କ୍ଷେତ୍ରରେ ଅଖଣ୍ଡ କ୍ଷମତା ଦେବା ପାଇଁ ପରିବହନ ବିଭାଗ ନିଷ୍ପତ୍ତି ନେଇଛି । ଅନୁଯାୟୀ ଏମ୍‌ଭି ଆଇନ୍‌ର ଧାରା-୩ର ଉପଧାରା-୧ ଓ କେନ୍ଦ୍ରୀୟ ଏମ୍‌ଭି ଆଇନ୍ ୧୯୪(୧) ରେ ଥିବା କ୍ଷମତାକୁ ବାଦ୍ ଦେଇ ବାକି ସବୁ କ୍ଷେତ୍ରରେ ପୁଲିସକୁ ଜରିମାନା ଆଦାୟ କ୍ଷମତା ଦିଆଯିବାକୁ ନିଷ୍ପତ୍ତି ହୋଇଛି ।

ଯଦିଓ ରାଜ୍ୟରେ ଦୁର୍ଘଟଣା ହ୍ରାସକୁ ଅଟକଳ କରି ବିଭାଗ ଏଭଳି ନିଷ୍ପତ୍ତି ନେବା ପାଇଁ ଯୋଜନା କରୁଛି, ହେଲେ ବିଭାଗର ଏଭଳି ନିଷ୍ପତ୍ତି ପଛରେ କିଛି ଷଡ଼ଯନ୍ତ୍ର ଥିବା ସଡ଼କ ସୁରକ୍ଷା ବିଶେଷଜ୍ଞମାନେ ଗନ୍ଧବାରିଛନ୍ତି । ବରିଷ୍ଠ ଆଇନଜୀବୀ ତଥା ସଡ଼କ ସୁରକ୍ଷା ବିଶେଷଜ୍ଞ ସୁବ୍ରତ ନନ୍ଦ କହିଛନ୍ତି ଯେ ଗୋଟିଏ ଏହାଦ୍ୱାରା ଲୋକଙ୍କ ମୌଳିକ ଅଧିକାର କ୍ଷୁଣ୍ଣ ହେବାର ଆଶଙ୍କା ରହିଛି । ଯାହାକୁ ନେଇ ପୂର୍ବରୁ ମାସାନୀ କମିସନ ଆପତ୍ତି ଉଠାଇବା ସହ ଏଭଳି ନିୟମ କାର୍ଯ୍ୟକାରୀ ନ କରିବାକୁ ସୁପାରିସ୍ କରିଛନ୍ତି । ଅନ୍ୟପଟେ ବର୍ତ୍ତମାନ ପୁଲିସ ନିଜ କ୍ଷମତା ବଳରେ ଯେଉଁ ଜରିମାନା ଅର୍ଥ ଆଦାୟ କରୁଛି, ଏହି ଅର୍ଥକୁ ମାସ ମାସ ଧରି କୋର୍ଟକୁ ପଠାଉନାହିଁ । ମାତ୍ର ପୁଣି ଯେଉଁ ଦଫାଗୁଡ଼ିକରେ ପୁଲିସ କ୍ଷମତା ଦେବାକୁ ଯୋଜନା ହେଉଛି, ସେହି ଦଫାରେ ଜରିମାନାର ପରିମାଣ ବହୁ ଅଧିକ ରହିଥିବାରୁ ଦୁର୍ନୀତି ବଢ଼ିବାର ଆଶଙ୍କା ରହିଛି ବୋଲି ସେ କହିଛନ୍ତି ।

ପୁଲିସକୁ ଗାଡ଼ି ଯାଞ୍ଚ କ୍ଷମତା ପ୍ରଦାନ କରିବା ଲାଗି ପରିବହନ କମିସନର ପକ୍ଷରୁ ରାଜ୍ୟ ସରକାରଙ୍କୁ ପ୍ରସ୍ତାବ ଦିଆଯିବା ପରେ ନିଖିଳ ଓଡିଶା ମିନି ଟ୍ରକ ମାଲିକ ମହାସଂଘ ଓ ରାଜ୍ୟ ଘରୋଇ ବସ୍ ମାଲିକ ସଂଘ ପକ୍ଷରୁ ତୀବ୍ର ବିରୋଧ କରାଯାଇଥିଲା । ରାଜ୍ୟର ଏହି ଦୁଇ ପ୍ରମୁଖ ସଂଘ ଏ ସଂକ୍ରାନ୍ତରେ ନିଷ୍ପତ୍ତିର ପୁନର୍ବିଚାର ପାଇଁ ସରକାରଙ୍କୁ ନିବେଦନ କରିଥିବା ବେଳେ ଏହି ନିୟମ ଲାଗୁ ହେଲେ ରାଜ୍ୟରେ ଚକ ଅଖ ବନ୍ଦ କରିଦିଆଯିବ ବୋଲି ଚେତାବନୀ ଦେଇଥିଲେ । ହେଲେ ସରକାର ସଂଘମାନଙ୍କ ଚେତାବନୀକୁ ଭ୍ରୂକ୍ଷେପ ନ କରି ଏହି ନିଷ୍ପତ୍ତି ନେବାକୁ ଯୋଜନା କରୁଥିବା ଜଣାପଡ଼ିଛି ।

ଅତୀତରେ ପୁଲିସ ବିଭାଗକୁ ଗାଡି ଯାଞ୍ଚ କ୍ଷମତା ଦେବା ଲାଗି ବହୁବାର ପ୍ରୟାସ କରାଯାଇଥିଲା । ହେଲେ ପରବର୍ତ୍ତୀ ସମୟରେ ତାହା ବିଫଳ ହେଇଥିଲା । ବିଗତ ବର୍ଷରେ ଏ ସମ୍ପର୍କିତ ପ୍ରସ୍ତାବକୁ ଖୋଦ୍ ରାଜ୍ୟ ସରକାରଙ୍କ ଦ୍ୱାରା ଗଠିତ କମିଟିଗୁଡିକ ଦ୍ୱାରା ନାପସନ୍ଦ କରାଯାଇଥିଲା । ରାଜ୍ୟରେ ଚଳାଚଳ କରୁଥିବା ମୋଟରଯାନ ଯାଞ୍ଚ ପାଇଁ ପୂର୍ବ ସରକାର "ଓଡ଼ିଶା ମୋଟରଯାନ ପ୍ରବର୍ତ୍ତନ ବିଭାଗ' ନାମରେ ଏକ ପୃଥକ ଶାଖା ସୃଷ୍ଟି କରିଥିଲେ । ଯଦି ପୁଲିସକୁ ଅଧିକ କ୍ଷମତା ନ୍ୟସ୍ତ କରାଯାଏ, ତେବେ ଏହା ହଇରାଣ, ଦୁର୍ନୀତି ବଢ଼ିବ ବୋଲି ଆଶଙ୍କା ପ୍ରକାଶ ପାଇଛି ।

**ବସ୍ ମାଲିକ ସଂଘର ଆନ୍ଦୋଳନ ଚେତାବନୀ ସତ୍ତ୍ୱେ ପଛକୁ ହଟିଲାନି ବିଭାଗ**

**ଦୁଇଟି ବ୍ୟତୀତ ସବୁ ଉଲ୍ଲଂଘନ ପାଇଁ ଜରିମାନା କରିବ ପୁଲିସ**

**ପୁଲିସ ଏସ୍‌ଆଇ ନିଯୁକ୍ତି କେଳେଙ୍କାରୀ ମାମଲା**

# ଆଜି ବ୍ରହ୍ମପୁର ଆସିବ ସିବିଆଇ !

■ **ବ୍ରହ୍ମପୁର, ୧୬।୧୧ (ସମିସ):** ପୁଲିସ ଏସ୍‌ଆଇ ନିଯୁକ୍ତି କେଳେଙ୍କାରୀ ମାମଲାରେ ସିବିଆଇ ଟିମ୍‌ର ତଦନ୍ତ ଆଗେଇଛି । ସୋମବାର ସିବିଆଇର ଏକ ତଦନ୍ତକାରୀ ଦଳ ବ୍ରହ୍ମପୁର ଆସିବ ବୋଲି ସୂଚନା ମିଳିଛି । ଏଠାରେ ପହଞ୍ଚିବା ପରେ ପୂର୍ବରୁ ମାମଲାର ତଦନ୍ତ କରୁଥିବା ପୁଲିସ ଅଧିକାରୀଙ୍କ ସହ ଆଲୋଚନା କରିବେ । ଦୁର୍ନୀତିରେ ସମ୍ପୃକ୍ତ ଦଲାଲମାନଙ୍କ ରିମାଣ୍ଡ ପାଇଁ ଅଦାଲତରେ ଆବେଦନ କରିବେ ବୋଲି ଜଣାପଡ଼ିଛି । ତଦନ୍ତକାରୀ ଦଳ ଗତ ଶନିବାର ଦିନତମାମ ମାମଲା ସଂକ୍ରାନ୍ତୀୟ କାଗଜପତ୍ର ଯାଞ୍ଚ କରିଥିଲେ । ଆଗାମୀ ଦିନରେ କେଉଁମାନଙ୍କୁ ଜେରା ପାଇଁ ଡକାଯିବ, ତାହାର ଏକ ତାଲିକା ପ୍ରସ୍ତୁତ କରିଥିଲେ । ୭ଜଣ ଦଲାଲଙ୍କୁ ଜେରା କରିବାକୁ ସିବିଆଇ ପୂର୍ବରୁ ଯୋଜନା ରଖିଥିଲା । ବର୍ତ୍ତମାନ ମାମଲାର ତଦନ୍ତ ପ୍ରାରମ୍ଭରୁ କରିବାକୁ ନିଷ୍ପତ୍ତି ନେଇଛି ସିବିଆଇ । କିଛି ଗିରଫ ଚାକିରି ଆଶାୟୀମାନଙ୍କୁ ମଧ୍ୟ ପଚରାଉଚରା କରିବାକୁ ପାଇଁ ଯୋଜନା କରିଛି । ଆଶାୟୀମାନେ ସିଧାସଳଖ କାହାକୁ ଲାଞ୍ଚ ଟଙ୍କା ଦେଇଥିଲେ? କେଉଁ ଦଲାଲ ସହ ସେମାନେ ଡିଲ୍ କରିଥିଲେ? ଏସବୁର ସ୍ପଷ୍ଟ ତଥ୍ୟ ଆଶାୟୀଙ୍କଠାରୁ ସିବିଆଇ ଓଗାଳିବ ବୋଲି ଜଣାଯାଇଛି ।

ସିବିଆଇ ଟିମ୍ ବ୍ରହ୍ମପୁରରେ ପହଞ୍ଚିବା ପରେ ମାମଲାର ଅଭିଯୋଗକାରୀ ଥିବା ଡିଏସ୍‌ପିଙ୍କ ସହ ଆଲୋଚନା କରିବେ । ଆଶାୟୀମାନେ ଯାଉଥିବା ବସ୍‌କୁ ପିଛା କରି ଆନ୍ଧ୍ରପ୍ରଦେଶ ଯାଇଥିବା ପୁଲିସ ଅଧିକାରୀମାନଙ୍କୁ ମଧ୍ୟ ପଚରାଉଚରା କରିପାରେ । ଏହାପରେ ସିଲିକନ୍ ଟେକ୍ ଲ୍ୟାବ୍ ସଂସ୍ଥାର ସିଇଓ ସୁରେଶ ନାୟକ ଓ ପଞ୍ଚସପ୍ତ ଟକ୍ନୋଲୋଜି/ଫ୍ରଣ୍ଟଟେକ୍‌ର ନିର୍ଦ୍ଦେଶକ ତଥା ମାଷ୍ଟରମାଇଣ୍ଡ ଶଙ୍କର ପୃଷ୍ଟି ଓ ଅନ୍ୟତମ କାର୍ପଟଦାର ମୁନା ମହାନ୍ତି ସହ ମୋଟ ୭ ଜଣଙ୍କୁ ରିମାଣ୍ଡରେ ନେବାକୁ ସିବିଆଇ କୋର୍ଟରେ ଆବେଦନ କରିବ ବୋଲି ଏକ ବିଶ୍ୱସ୍ତ ସୂତ୍ରରୁ ସୂଚନା ମିଳିଛି ।

# ଭଡା ଟଙ୍କା ପାଇଁ ବାପାକୁ ମାରିଦେଲା

■ **କବିସୂର୍ଯ୍ୟନଗର, ୧୬ ।୧୧(ସମିସ):** ଭଡା ଟଙ୍କା ପାଇଁ ବାପାକୁ ପିଟିପିଟି ମାରିଦେଲା ପୁଅ । ଏଭଳି ଏକ ଅଭାବନୀୟ ଘଟଣା ଘଟିଛି କବିସୂର୍ଯ୍ୟନଗର ଥାନା ଏ-ବରିଡ଼ା ଗୋପାଳ ନଗରରେ । ମୃତକ ହେଲେ, ପଦ୍ମନାଭ ସାହୁ (୮୫) । ପୁଲିସ ଶବକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଏନେଇ ଏକ ହତ୍ୟା ମାମଲା ରୁଜୁ କରି ତଦନ୍ତ ଚଳାଇଛି । ଏହି ଘଟଣାରେ ପୁଲିସ ପଦ୍ମଙ୍କ ପୁଅ ରମେଶ ସାହୁ (୪୦)କୁ ଗିରଫ କରି କୋର୍ଟଚାଲାଣ କରିଛି ।

ସୂଚନାନୁଯାୟୀ, ପଦ୍ମନାଭଙ୍କ ମଝିଆ ପୁଅ ରମେଶ ପ୍ରତିଦିନ ମଦ ପିଇବାକୁ ବାପା-ମା'ଙ୍କୁ ଟଙ୍କା ମାଗିବା ସହ ମାରଧର କରୁଥିଲା । ଶନିବାର ପଦ୍ମନାଭ ବାର୍ଦ୍ଧକ୍ୟ ଭତ୍ତା ପାଇଥିବା ଜାଣି ରମେଶ ତାଙ୍କୁ ମଦ ପିଇବାକୁ ଟଙ୍କା ମାଗିଥିଲା । କିନ୍ତୁ ସେ ଟଙ୍କା ଦେବାକୁ ମନା କରିବାରୁ ବାପ-ପୁଅଙ୍କ ମଧ୍ୟରେ ବଚସା ▶ପୃଷ୍ଠା-୭

**ଚୌଦ୍ୱାର ଜେଲ୍‌ରୁ ୨ ବିହାରୀ କଏଦୀ ଚମ୍ପଟ ଘଟଣା**

# ଧରାପଡ଼ି ନାହାନ୍ତି ଜେଲ୍ ଡିଆଁ; ୱାର୍ଡରଙ୍କୁ ପୁନଃ ନିଯୁକ୍ତି

■ **ଭୁବନେଶ୍ୱର,୧୫।୧୧(ସମିସ):** ଚୌଦ୍ୱାର ଜେଲ୍‌ରୁ କଏଦୀ ଚମ୍ପଟ ଘଟଣାରେ ସାମ୍ନାକୁ ଆସିଲା ଜେଲ୍ ବିଭାଗର ମିଳି ଭଗତ କାରନାମା । ଜେଲ୍ ଡିଆଁ ହାର୍ଡକୋର୍ ବିହାରୀ କଏଦୀଙ୍କୁ ଗିରଫ କରି ଜେଲ୍‌କୁ ଆଣିବାରେ ପୁଲିସ ଏଯାଏଁ ସଫଳ ହୋଇପାରିନାହିଁ । ହେଲେ ଏହି ଘଟଣାରେ ନିଲମ୍ବିତ ଜେଲ୍ ୱାର୍ଡର କିନ୍ତୁ ଜେଲ୍‌କୁ ଫେରି ଆସିଲେଣି । ନିଲମ୍ବିତ ଜେଲ୍ ୱାର୍ଡର ଭଗତ ଚରଣ ରାମ୍‌ଙ୍କୁ କେନ୍ଦ୍ରାପଡ଼ା ସବ୍‌ଜେଲ୍‌ରେ ୱାର୍ଡର ଭାବେ ନିଯୁକ୍ତି ଦିଆଯାଇଛି । ନିଲମ୍ବନର ମାତ୍ର ୧୫ ଦିନ ମଧ୍ୟରେ ତାଙ୍କୁ ମିଳିଗଲା ପୁନଃନିଯୁକ୍ତି । ତାହା ପୁଣି ଏଭଳି ଏକ ଜେଲ୍‌ରେ ଯେଉଁଠି ତାଙ୍କ ବିରୋଧରେ କେଳେଙ୍କାରୀ ଅଭିଯୋଗ ଆସିଥିଲା । ଏଭଳି ଥଇଥାନକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି ।

ଯାଜପୁର ଜିଲ୍ଲାର ପାଣିକୋଇଲି ସୁନା ଦୋକାନୀ ହତ୍ୟା ମାମଲାରେ ଗିରଫ ହୋଇ ବିଚାରାଧୀନ କଏଦୀ ଭାବେ ଦୁଇ ବିହାରୀ ଅଭିଯୁକ୍ତ ରାଜା ସାହାଣୀ ଏବଂ ମଧୁକାନ୍ତ କୁମାର ଚୌଦ୍ୱାର ଜେଲ୍‌ରେ ଥିଲେ । ଏହା ରାଜ୍ୟର ସବୁଠାରୁ ହାଇ ସିକ୍ୟୁରିଟି ଜେଲ୍ ହୋଇଥିଲେ ମଧ୍ୟ ଦୁଇ କଏଦୀ ଜେଲ୍ ପାଚେରି ଡେଇଁ ଚମ୍ପଟ ମାରିଥିଲେ । ଜେଲ୍‌ର ସୁରକ୍ଷା ବ୍ୟବସ୍ଥା ଉପରେ ପ୍ରଶ୍ନବାଚୀ ସୃଷ୍ଟି ହେବା ପରେ ବିଭାଗୀୟ ମୁଖ୍ୟ ୱାର୍ଡର ଭଗତ ଚରଣ ରାମ୍‌ଙ୍କ ସମେତ ଅନ୍ୟ ଜଣେ ଜେଲ୍ କର୍ମଚାରୀ ଡ୍ୟୁଟି ୱାର୍ଡର ସିଦ୍ଧାନ୍ତ ସାହୁଙ୍କୁ ଗତ ଅକ୍ଟୋବର ୩ ତାରିଖରେ ନିଲମ୍ବନ କରିଥିଲେ । ତେବେ ସବୁଠାରୁ ଆଶ୍ଚର୍ଯ୍ୟର କଥା ହେଉଛି, ପୁନଃ ଅବସ୍ଥାପିତ ହୋଇଥିବା ଚିଫ୍ ୱାର୍ଡର ଭଗତ ପୂର୍ବରୁ ସାଲେପୁର ଓ କେନ୍ଦ୍ରାପଡ଼ା ଜେଲ୍‌ରେ ଥିବାବେଳେ ତାଙ୍କ ବିରୋଧରେ ସଙ୍ଗୀନ ଅଭିଯୋଗ ଆସିଥିଲା । ଚୌଦ୍ୱାର ଜେଲ୍‌ରେ ଥିବାବେଳେ ଶ୍ରୀ ରାମ କେନ୍ଦ୍ରାପଡ଼ା ଜେଲ୍‌କୁ ଯିବା ପାଇଁ ଆଗ୍ରହ ପ୍ରକାଶ କରି ଅଧିକାରୀଙ୍କ ନିକଟରେ ଆବେଦନ କରିଥିଲେ । ଆବେଦନ ଆଧାରରେ ଚୌଦ୍ୱାରା ଜେଲ୍ ସୁପରିଣ୍ଟେଣ୍ଡେଣ୍ଟ ଏ ସମ୍ପର୍କରେ କେନ୍ଦ୍ରାପଡ଼ା ଜେଲ୍ ଅଧିକାରୀଙ୍କ ମତାମତ ଲୋଡ଼ିଥିଲେ । କିନ୍ତୁ ପୂର୍ବରୁ କେନ୍ଦ୍ରାପଡ଼ା ଜେଲ୍‌ରେ ଥିବା ସମୟରେ ଶ୍ରୀ ରାମ ଏକାଧିକ କେଳେଙ୍କାରୀରେ ସମ୍ପୃକ୍ତ ଥିବା ଦର୍ଶାଇ ଜେଲ୍ ଅଧୀକ୍ଷକ ତାଙ୍କୁ ଏଠାରେ ପୁନଃ ନିଯୁକ୍ତି ▶ପୃଷ୍ଠା-୭

**ମାତ୍ର ୧୫ ଦିନରେ ହଟିଲା ନିଲମ୍ବନ**

**ଯେଉଁଠି କରିଥିଲେ କେଳେଙ୍କାରୀ; ସେଇଠି ପୁଣି ହେଲେ ଥଇଥାନ**




ସକାଳ THE SAKALA



# ଝାଡ଼ଖଣ୍ଡରୁ ଗିରଫ ହେଲା ସାଇବର ଲୁଟେରା

## ଟଙ୍କା ସହ ଏଟିଏମ କାର୍ଡ, ପାସବୁକ, ମୋବାଇଲ ଜବତ






ଅନୁଗୋଳ,୧୬ ।୧୧(ସମିସ): ରାଜ୍ୟ ପୁଲିସ ମହାନିର୍ଦ୍ଦେଶକଙ୍କ ନିର୍ଦ୍ଦେଶ କ୍ରମେ ସମଗ୍ର ରାଜ୍ୟରେ ସାଇବର ଅପରାଧ ଉପରେ ସଚେତନତା କାର୍ଯ୍ୟକ୍ରମ ଚାଲିଛି। ଏହି କ୍ରମରେ ସାଇବର ଅପରାଧୀଙ୍କୁ ଚିହ୍ନଟ ପାଇଁ ଅନୁଗୋଳ ଜିଲ୍ଲାରେ ସ୍ୱତନ୍ତ୍ର ପ୍ରୟାସ ଜାରି ରହିଛି। ଜଣେ ବ୍ୟକ୍ତି ସାଇବର ଠକେଇର ଶିକାର ହୋଇଥିବା ଗତ ଅକ୍ଟୋବର ୨୯ରେ ଅନୁଗୋଳ ସାଇବର ଥାନାରେ ଅଭିଯୋଗ ହୋଇଥିଲା। ଏହି ମାମଲାରେ ପୁଲିସକୁ ସଫଳତା ମିଳିଛି। ପୁଲିସ ଝାଡ଼ଖଣ୍ଡ ବୋକାରୋ ଥାନା ଅନ୍ତର୍ଗତ ଅନସାରୀ ମହଲ୍ଲାରେ ଚଢ଼ଉ କରି ସମ୍ପୃକ୍ତ ସାଇବର ଲୁଟେରା ସହନବାଜ ଆଲମ (୨୩)କୁ ଗିରଫ କରିଛି। ତା'ଠାରୁ ୬୧ ହଜାର ୭୭୯ ଟଙ୍କା ସହ ଏଟିଏମ କାର୍ଡ, ଚେକ୍‌ବୁକ, ପାସବୁକ ଓ ମୋବାଇଲ ଫୋନ୍ ଜବତ କରାଯାଇଛି। ଏହି ମାମଲାରେ ସମ୍ପୃକ୍ତ ଥିବା ଅନ୍ୟ ଅଭିଯୁକ୍ତଙ୍କୁ ମଧ୍ୟ ଖୁବଶୀଘ୍ର ଗିରଫ କରାଯିବ ବୋଲି ଅନୁଗୋଳ ଏସ୍‌ପି ରାହୁଲ ଜୈନ ରବିବାର ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଛନ୍ତି। ଗତ ଅକ୍ଟୋବର ୭ରେ ଅନୁଗୋଳ ମଦନମୋହନପଡ଼ା ଅଞ୍ଚଳର ଏମଡି ଅବଦୁଲ୍ଲା ଦୈନିକ ବଜାର ଯାଇଥିଲେ। ସେଠାରେ ତାଙ୍କ ମୋବାଇଲ ହଜି ଯାଇଥିଲା। ଖୋଜାଖୋଜି କରିବା ସତ୍ତ୍ୱେ ମୋବାଇଲ ମିଳି ନ ଥିଲା। ଏଣୁ ସେ ନୂଆ ମୋବାଇଲ ସହ ନୂଆ ସିମ୍‌କାର୍ଡ ନେଇଥିଲେ। ତେବେ କିଛିଦିନ ପରେ ତାଙ୍କ ଆକାଉଣ୍ଟରୁ ପ୍ରାୟ ଦୁଇ ଲକ୍ଷ ଟଙ୍କା କଟିଯାଇଥିଲା। ଏହା ଜଣାପଡ଼ିବା ପରେ ସେ ଅକ୍ଟୋବର ୨୯ରେ ସାଇବର ପୁଲିସର ଦ୍ୱାରସ୍ଥ ହୋଇ ଅଭିଯୋଗ କରିଥିଲେ। ପୁଲିସ ଏକ ମାମଲା ରୁଜୁକରି ତଦନ୍ତ ଆରମ୍ଭ କରିଥିଲା। ସାଇବର ଲୁଟେରାଙ୍କୁ ଧରିବା ପାଇଁ ଏସ୍‌ପିଙ୍କ ତତ୍ତ୍ୱାବଧାନରେ ପୁଲିସ ଟିମ୍ ଗଠନ କରାଯାଇ ତନାଘନା ଜାରି ରହିଥିଲା। ସାମ୍ବାଦିକ ସମ୍ମିଳନୀରେ ଅନ୍ୟମାନଙ୍କ ମଧ୍ୟରେ ଡିଏସପି ଜଗେଶ୍ୱରୀ ବେହେରା, ସାଇବର ଥାନା ଆଇଆଇସି ଖଲେଶ୍ୱର ସେଠୀ ପ୍ରମୁଖ ଉପସ୍ଥିତ ଥିଲେ।

# ବିଭିନ୍ନ ଅନୁଷ୍ଠାନରେ ଶିଶୁ ଦିବସ ପାଳିତ






ଅନୁଗୋଳ,୧୬ ।୧୧(ସମିସ): ଅନୁଗୋଳ ଡିଏଭି ପବ୍ଲିକ ସ୍କୁଲ ବ୍ଲାକ୍ ଡାଇମଣ୍ଡ ସଭାଗୃହରେ ଶିଶୁ ଦିବସ ପାଳିତ ହୋଇଛି। ଏଥିରେ ପ୍ରଥମ ପର୍ଯ୍ୟାୟରେ ଏଲ୍‌କେଜିରୁ ଦ୍ୱିତୀୟ ଶ୍ରେଣୀ ପର୍ଯ୍ୟନ୍ତ ଛାତ୍ରଛାତ୍ରୀମାନେ ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରିଥିଲେ। ମୁଖ୍ୟଅତିଥି ଭାବେ ଡ. ସଞ୍ଜୁକ୍ତା ଦେବତା ଯୋଗଦେଇ ସେମାନଙ୍କୁ ପୁରସ୍କୃତ କରିଥିଲେ। ଦ୍ୱିତୀୟ ପର୍ଯ୍ୟାୟରେ ତୃତୀୟରୁ ଅଷ୍ଟମ ଶ୍ରେଣୀ ପର୍ଯ୍ୟନ୍ତ ଛାତ୍ରଛାତ୍ରୀ ସାଂସ୍କୃତିକ କାର୍ଯ୍ୟକ୍ରମରେ ଭାଗ ନେଇଥିଲେ। ମୁଖ୍ୟଅତିଥି ଭାବେ ଓଡ଼ିଶା ରାଜ୍ୟ ସ୍କାଉଟ୍ ଏବଂ ଗାଇଡ୍ ଦୁଃସାହସିକ କମିଟି ଅଧ୍ୟକ୍ଷ, ସମ୍ମାନିତ ଅତିଥି ଭାବେ ସହାୟକ ରାଜ୍ୟ କମିଶନର ସ୍ୱାଧୀନ ପଣ୍ଡା ଓ ଟାଟା ଷ୍ଟିଲ ସୁରକ୍ଷା ବିଭାଗର ବରିଷ୍ଠ ପରିଚାଳକ ଧର୍ମାନନ୍ଦ ସାମଲ ଯୋଗଦେଇ ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରିଥିଲେ। ବିଦ୍ୟାଳୟ ଅଧ୍ୟକ୍ଷ ଡ. ସମିର କୁମାର କାନୁନଗୋ ଓ ବିଦ୍ୟାଳୟର ଶିକ୍ଷା ପରିଦର୍ଶିକା ଅମ୍ରିତା ପ୍ରିୟଦର୍ଶିନୀ ଉପସ୍ଥିତ ରହି ଛାତ୍ରଛାତ୍ରୀଙ୍କୁ ଉତ୍ସାହିତ କରିଥିଲେ। ଶିକ୍ଷୟତ୍ରୀ ଦୀପିକା ସାମଲ କାର୍ଯ୍ୟକ୍ରମ ସଂଯୋଜନା କରିଥିବାବେଳେ ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ ସହଯୋଗ କରିଥିଲେ। ଶିକ୍ଷୟିତ୍ରୀ ଅନ୍ତରା ମୁଖୋପାଧ୍ୟାୟ ଧନ୍ୟବାଦ ଅର୍ପଣ କରିଥିଲେ।

**ତାଳଚେର:** ତାଳଚେର ରେମୁଆଁ ପବ୍ଲିକ ସ୍କୁଲ ପରିସରରେ ଶିଶୁ ଦିବସ ପାଳିତ ହୋଇଛି। ସ୍କୁଲ ଅଧ୍ୟାକ୍ଷା ତୃଷ୍ଣା ମଞ୍ଜରୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଦେବେନ୍ଦ୍ର ସିଂ, ସମ୍ମାନିତ ଅତିଥି ଭାବେ ମାନସ ରଞ୍ଜନ ପଟ୍ଟନାୟକ, ପ୍ରମୋଦ କୁମାର ଅଗ୍ରୱାଲ ପ୍ରମୁଖ ଯୋଗଦେଇ ଚାଚା ନେହରୁଙ୍କ ଫଟୋଚିତ୍ରରେ ମାଲ୍ୟାର୍ପଣ କରିଥିଲେ। ଅତିଥିମାନେ ଜବାହରଲାଲ ନେହରୁଙ୍କ ଜୀବନୀ ଉପରେ ଆଲୋକପାତ କରିବା ସହ ତାଙ୍କ ଆଦର୍ଶକୁ ଅନୁସରଣ କରି ଶିଶୁମାନେ ସୁନାଗରିକ ହେବାକୁ ପରାମର୍ଶ ଦେଇଥିଲେ। ଛାତ୍ରଛାତ୍ରୀମାନେ ଭାରତମାତା, ଗାନ୍ଧୀ, ଗୋପବନ୍ଧୁ, ବିର୍ସା ମୁଣ୍ଡା ପ୍ରମୁଖ ମହାପୁରୁଷମାନଙ୍କ ବେଶରେ ସଜ୍ଜିତ ହୋଇ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରିଥିଲେ। ଶେଷରେ କୃତୀ ଛାତ୍ରଛାତ୍ରୀଙ୍କୁ ପୁରସ୍କସ୍କୃତ କରାଯାଇଥିଲା।

## ଜିଲ୍ଲାସ୍ତରୀୟ ଜାତୀୟ ପ୍ରେସ୍ ଦିବସ ପାଳିତ

# 'ଗଣମାଧ୍ୟମ ଜନସାଧାରଣଙ୍କ ସ୍ୱର'

ଅନୁଗୋଳ,୧୬ ।୧୧(ସମିସ):




ରବିବାର ପୂର୍ବାହ୍ନରେ ଜିଲ୍ଲା କାର୍ଯ୍ୟାଳୟ ସମ୍ମିଳନୀ କକ୍ଷରେ ଜିଲ୍ଲାସ୍ତରୀୟ ଜାତୀୟ ପ୍ରେସ୍ ଦିବସ ପାଳିତ ହୋଇଛି। 'ଭ୍ରମାତ୍ମକ ଖବର ପ୍ରସାରଣ ବୃଦ୍ଧି ପରିପ୍ରେକ୍ଷୀରେ ଗଣମାଧ୍ୟମ ବିଶ୍ୱାସନୀୟତାର ସଂରକ୍ଷଣ' ହେଉଛି ଚଳିତ ବର୍ଷ ଜାତୀୟ ପ୍ରେସ ଦିବସର ପ୍ରସଙ୍ଗ। କାର୍ଯ୍ୟକ୍ରମରେ ଅତିରିକ୍ତ ଜିଲ୍ଲାପାଳ ପ୍ରତାପ ପ୍ରୀତିମୟ ମୁଖ୍ୟଅତିଥି ଭାବେ ଯୋଗଦେଇ କହିଲେ ଯେ ଗଣମାଧ୍ୟମ ଗଣତନ୍ତ୍ରର ୪ର୍ଥ ସ୍ତମ୍ଭ। ଏହା କେବଳ ଖବର ପ୍ରକାଶ କରେନାହିଁ ବରଂ ଜନସାଧାରଣଙ୍କ ସ୍ୱର। ଗଣମାଧ୍ୟମ ଅନେକ ଅନ୍ୟାୟ, ଦୁର୍ନୀତି ଓ ଅବ୍ୟବସ୍ଥାକୁ ପ୍ରକାଶ କରି ଦେଶ ତଥା ସମାଜକୁ ପଥ ପ୍ରଦର୍ଶନ କରିଛି। ସ୍ୱାଧୀନ ଗଣମାଧ୍ୟମ ଦ୍ୱାରା ଗଣତନ୍ତ୍ର ଦୃଢ଼ ହୋଇଥାଏ ବୋଲି ସେ କହିଥିଲେ। ମୁଖ୍ୟବକ୍ତା ଭାବେ ସରକାରୀ ଓକିଲ ପରମାନନ୍ଦ ମିଶ୍ର ଯୋଗଦେଇ ଚଳିତବର୍ଷର ବାର୍ତ୍ତା "ଭ୍ରମାତ୍ମକ ଖବର ପ୍ରସାରଣ ବୃଦ୍ଧି ପରିପ୍ରେକ୍ଷୀରେ ଗଣମାଧ୍ୟମ ବିଶ୍ୱାସନୀୟତାର ସଂରକ୍ଷଣ' ସମ୍ପର୍କରେ ଆଲୋଚନା କରିବା ସହ ଦାୟିତ୍ୱବାନ ପ୍ରେସ୍ ସମାଜ ପାଇଁ ନିହାତି ଆବଶ୍ୟକ ବୋଲି କହିଥିଲେ। ଗଣମାଧ୍ୟମ ହେଉଛି ସୂଚନା ଓ ସଚେତନତାର ସବୁଠୁ ମହତ୍ତ୍ୱପୂର୍ଣ୍ଣ ସେତୁ। ନିର୍ଭୀକ ସମ୍ବାଦ ହେଉଛି ସମାଜ ସଂଶୋଧନର ଆଧାର। ଗଣମାଧ୍ୟମ ସରକାର ଓ ଜନସାଧାରଣଙ୍କ ମଧ୍ୟରେ ଏକ ସେତୁ ସଦୃଶ କାର୍ଯ୍ୟ କରିବା ସହ ସୁସ୍ଥ ଜନମତ ସୃଷ୍ଟିକରେ ବୋଲି ସେ ମତବ୍ୟକ୍ତ କରିଥିଲେ। ଏହି ଅବସରରେ ବରିଷ୍ଠ ସାମ୍ବାଦିକ ସଂଗ୍ରାମ ରଞ୍ଜନ ଦାସ, ଦ୍ୱାରିକା ନନ୍ଦ, ଅନିଲ ପ୍ରଧାନ, ସୁସୁଶ୍ରୀ ଚୋପଦାର ପ୍ରମୁଖ ନିଜ ମତବ୍ୟକ୍ତ କରିଥିଲେ। ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ଜୟଜିତ୍ ଧଳ କାର୍ଯ୍ୟକ୍ରମ ପରିଚାଳନା ସହ ଧନ୍ୟବାଦ ଅର୍ପଣ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା ଓ ଉପଖଣ୍ଡ ସ୍ତରରୁ ସାମ୍ବାଦିକଙ୍କ ସମେତ ଜିଲ୍ଲା ସୂଚନା ଓ ଲୋକସମ୍ପର୍କ କାର୍ଯ୍ୟାଳୟର କର୍ମଚାରୀ ଉପସ୍ଥିତ ଥିଲେ।

# ବିଭିନ୍ନ ସ୍ଥାନରେ ଜନଜାତୀୟ ଗୌରବ ଦିବସ ପାଳିତ





ତାଳଚେରସହର,୧୬ ।୧୧(ସମିସ): ତେଣ୍ଟୋଲୋଇ ଆଶ୍ରମ ବିଦ୍ୟାଳୟରେ ଶନିବାର ଜନଜାତୀୟ ଗୌରବ ଦିବସ ପାଳନ କରାଯିବା ସହିତ ଶିକ୍ଷକ ଓ ପିତାମାତା ସହଭାଗିତା ବୈଠକ ଅନୁଷ୍ଠିତ ହୋଇଛି। ପ୍ରଧାନଶିକ୍ଷକ ନାରାୟଣ ସାହୁଙ୍କ ଅଧ୍ୟକ୍ଷତାରେ ଆୟୋଜିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ସମାଜସେବୀ କ୍ଷୀରୋଦ ସାହୁ, ମୁଖ୍ୟବକ୍ତା ଭାବେ ଦିଲୀପ କୁମାର ନାଏକ, ସମ୍ମାନିତ ଅତିଥି ଭାବେ ତପନ କୁମାର ନାଏକ, ସୁଭଦ୍ରା ନାଏକ ପ୍ରମୁଖ ଯୋଗଦେଇ ପୂର୍ବରୁ ଅନୁଷ୍ଠିତ ବିଭିନ୍ନ ପ୍ରତିଯୋଗିତାର କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରିଥିଲେ। ଅତିଥିମାନେ ପ୍ରଥମେ ଜନଜାତି ନେତା ବିର୍ସା ମୁଣ୍ଡାଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରିବା ସହ ଦୀପ ପ୍ରଜ୍ୱଳନ କରିଥିଲେ। ବିଦ୍ୟାଳୟର ଶିକ୍ଷକ ଦିଲୀପ କୁମାର ପରିଡ଼ା, ଦିବ୍ୟରଞ୍ଜନ ଅମାନ୍ତ, ମାନସୀ ସାହୁ, ନମିତା ସାହୁ, ମ୍ରୀଜୋଲିନ୍ ସାହୁ ପ୍ରମୁଖ ସହଯୋଗ କରିଥିଲେ। ଶିକ୍ଷୟିତ୍ରୀ ରଶ୍ମିତା ମୁଦୁଲି ମଞ୍ଚ ପରିଚାଳନା କରିଥିବା ବେଳେ ଶିକ୍ଷୟିତ୍ରୀ ପ୍ରଣତି ସ୍ୱାଇଁ ଧନ୍ୟବାଦ ପ୍ରଦାନ କରିଥିଲେ। ଏହି ଅବସରରେ ଛୋଟ ପିଲାମାନଙ୍କ ଦ୍ୱାରା ସଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା।

**କିଶୋରନଗର:** କିଶୋରନଗର ବ୍ଲକ ଧଉରାପାଲି ପଞ୍ଚାୟତ ବଏଜା ଭୀମ ଭୋଇ ସ୍ମୃତିପୀଠରେ ଓଡ଼ିଶା ତଫସିଲଭୁକ୍ତ ଜାତି/ଉପଜାତି କର୍ମଚାରୀ କଲ୍ୟାଣ ପରିଷଦ ସୌଜନ୍ୟରେ ମହାନ ସ୍ୱାଧୀନତା ସଂଗ୍ରାମୀ ଧରତୀଆବା ଭଗବାନ ବିର୍ସା ମୁଣ୍ଡାଙ୍କ ୧୫୦ତମ ଜୟନ୍ତୀ ପାଳିତ ହୋଇଛି। ଏହି ଅବସରରେ ଏକ ଶୋଭାଯାତ୍ରା ଝାରବନ୍ଧୁଲି ଗ୍ରାମ ପରିକ୍ରମା କରି ସଭା ମଣ୍ଡପରେ ପହଞ୍ଚିବା ପରେ ସଭାକାର୍ଯ୍ୟ ଆରମ୍ଭ ହୋଇଥିଲା। ଡ. ନୀଳାଚଳ ନାୟକ ସ୍ୱାଗତ ଭାଷଣ ଓ ଅତିଥି ପରିଚୟ ପ୍ରଦାନ କରି ବିର୍ସା ମୁଣ୍ଡାଙ୍କ ଫଟୋଚିତ୍ରରେ ପୁଷ୍ପମାଲ୍ୟ ଅର୍ପଣ କରିଥିଲେ। ତଫସିଲଭୁକ୍ତ ଜାତି/ଉପଜାତି କର୍ମଚାରୀ କଲ୍ୟାଣ ପରିଷଦ କିଶୋରନଗର ବ୍ଲକ ସଭାପତି ଗୋପାଳ ଚନ୍ଦ୍ର ବେହେରାଙ୍କ ସଭାପତିରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଗୋଣ୍ଡୱାନ ଗୋଣ୍ଡ ମହାସଭା ତଥା ପୂର୍ବତନ ସମନ୍ୱିତ ଆଦିବାସୀ କଲ୍ୟାଣ ପରିଷଦ ଜିଲ୍ଲା ସଭାପତି ସଦାଶିବ ନାୟକ, ମୁଖ୍ୟବକ୍ତା ଭାବେ ବାବା ଧବଳେଶ୍ୱର ୱେବ ମିଡିଆ ସାମ୍ବାଦିକ ମହାସଂଘ ଆଠମଲ୍ଲିକ ସଭାପତି ସାମ୍ବାଦିକ କରୁଣାକର ନାୟକ ଯୋଗଦେଇଥିଲେ। ବିଧାୟକ ପ୍ରାର୍ଥୀ ହୃଷୀକେଶ ଲୁହା, ନାଲକୋ ତଫସିଲଭୁକ୍ତ ଜାତି/ଉପଜାତି କର୍ମଚାରୀ କଲ୍ୟାଣ ସଙ୍ଘ ସଭାପତି କେଦାରନାଥ ଦେହୁରୀ, ବିର୍ଲାଏକା ବାବୁ, ଗୋଣ୍ଡୱାନା ଗୋଣ୍ଡ ମହାସଭା ଆଠମଲ୍ଲିକ କେନ୍ଦ୍ର କମିଟି ସଭାପତି ପ୍ରସନ୍ନ କୁମାର ନାୟକ, ଶିକ୍ଷାବିତ ତଥା ଉପଦେଷ୍ଟା କର୍ଣ୍ଣ ନାୟକ, ନାରୀନେତ୍ରୀ ପଦ୍ମିନୀ ମୁଣ୍ଡା ସମ୍ମାନିତ ଅତିଥି ଭାବେ ଯୋଗଦେଇ ବିର୍ସା ମୁଣ୍ଡାଙ୍କ ଜୀବନ ଦର୍ଶନ ଓ ଭାରତର ମୂଳନିବାସୀ ଦ୍ରାବିଡ଼ ସମାଜ ଆଦିବାସୀଙ୍କ ପାଇଁ ବଳିଦାନ ସମ୍ପର୍କରେ ମତ ପ୍ରକାଶ କରିଥିଲେ। କର୍ମଚାରୀ କଲ୍ୟାଣ ପରିଷଦ କିଶୋରନଗର ବ୍ଲକ ସମ୍ପାଦକ କ୍ଷୀରୋଦ ଚନ୍ଦ୍ର ବାଘଙ୍କ ନେତୃତ୍ୱରେ କାର୍ଯ୍ୟକ୍ରମ ହୋଇଥିଲା। ଶିକ୍ଷାବିତ ଶୁକଦେବ ନାୟକ ଧନ୍ୟବାଦ ଅର୍ପଣ କରିଥିଲେ।

● ଡିସେମ୍ବର ୨୮ ରେ ରାଜ୍ୟସ୍ତରୀୟ ଚଷା ସମାବେଶ

# ଆଠମଲ୍ଲିକ ଉପଖଣ୍ଡ ଚଷା ସମାଜର ପ୍ରସ୍ତୁତି ବୈଠକ

କିଶୋରନଗର,୧୬ ।୧୧(ସମିସ):

ଡିସେମ୍ବର ୨୮ରେ ହେବାକୁ ଥିବା ରାଜ୍ୟସ୍ତରୀୟ ଚଷା ସମାବେଶ ନିମନ୍ତେ ଅନୁଗୋଳ ଜିଲ୍ଲା ଆଠମଲ୍ଲିକ ଉପଖଣ୍ଡ ଚଷା ସମାଜ ପକ୍ଷରୁ ପ୍ରସ୍ତୁତି ବୈଠକ ସ୍ଥାନୀୟ ଠାକୁରଗଡ଼ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଅନୁଷ୍ଠିତ ହୋଇଛି। ସଭାପତି ଉପେନ୍ଦ୍ର ପ୍ରଧାନଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ବୈଠକରେ ଉପଖଣ୍ଡର ୪ଟି ପ୍ରଗଣାର ସଭାପତି, ସମ୍ପାଦକ ଓ କର୍ମକର୍ତ୍ତା ଯୋଗଦେଇ ଆଲୋଚନା କରିଥିଲେ। ରାଜ୍ୟସ୍ତରୀୟ ଚଷା ସମାବେଶରେ ସମାଜର ୨୫ ହଜାର ଲୋକଙ୍କ ସମାଗମ ହେବ। ଏହାକୁ ସୁରୁଖୁରୁରେ ଆୟୋଜନ ପାଇଁ ବୈଠକରେ ବିଭିନ୍ନ ପ୍ରଗଣାକୁ ଦାୟିତ୍ୱ ବଣ୍ଟନ କରାଯାଇଥିଲା। ଅଧ୍ୟାପକ ଜୟକୃଷ୍ଣ ପ୍ରଧାନ ସଭା ସଂଯୋଜନା କରିଥିବା ବେଳେ ଆବାହକ ସୁରେନ୍ଦ୍ର ନାରାୟଣ ପ୍ରଧାନ ସଭାର ଉଦ୍ଦେଶ୍ୟ ସମ୍ବନ୍ଧରେ ଆଲୋକପାତ କରିଥିଲେ। ବାମୁର ପୁଞ୍ଜର ସଭାପତି ସଚ୍ଚିଦାନନ୍ଦ ପ୍ରଧାନ ବିଭିନ୍ନ କମିଟିର ଦାୟିତ୍ୱ ସମ୍ପର୍କରେ ବିବରଣୀ ପ୍ରଦାନ କରିଥିଲେ। ବୈଠକରେ ଷୋଳପଦା, ପଇଁଚିକୂଳ, ଚଉରାଶି, ବାଇଶିପାଲି ପ୍ରଗଣାର ଭାଗୀରଥି ସାହୁ, କପିଳେଶ୍ୱର ପ୍ରଧାନ, ଘାସିନାଥ ବିଶ୍ୱାଳ, ଉପେନ୍ଦ୍ର ପ୍ରଧାନଙ୍କ ସହ ସମାଜର ଶତାଧିକ କର୍ମକର୍ତ୍ତା ଯୋଗଦେଇଥିଲେ। ଉପଖଣ୍ଡ ସମ୍ପାଦକ କୃପାସିନ୍ଧୁ ପ୍ରଧାନ ଧନ୍ୟବାଦ ଅର୍ପଣ କରିଥିଲେ।

# ବିଭିନ୍ନ ସ୍ଥାନରେ ଜାତୀୟ ପ୍ରେସ୍ ଦିବସ ପାଳିତ

## ● ତାଳଚେର ପ୍ରେସ୍ କ୍ଲବ

ତାଳଚେର,୧୬ ।୧୧(ସମିସ): ତାଳଚେର ପ୍ରେସ୍ କ୍ଲବ୍ ପକ୍ଷରୁ ଜାତୀୟ ପ୍ରେସ୍ ଦିବସ ପାଳିତ ହୋଇଛି। କ୍ଲବ ସଭାପତି ପୂର୍ଣ୍ଣଚନ୍ଦ୍ର ସାହୁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ପୂର୍ବତନ ସାଂସଦ ମହେଶ ସାହୁ ଯୋଗଦେଇ ଗଣତନ୍ତ୍ରରେ ଗଣମାଧ୍ୟମର ଭୂମିକା ଗୁରୁତ୍ୱପୂର୍ଣ୍ଣ ବୋଲି ମତବ୍ୟକ୍ତ କରିଥିଲେ। ସମ୍ମାନିତ ଅତିଥି ଭାବେ ଜିଲ୍ଲା ବିଜେପି




ସଭାପତି ଯଯାତି ପଟ୍ଟନାୟକ, ତାଳଚେର ଓକିଲ ସଂଘ ସଭାପତି ସନ୍ତୋଷ କୁମାର ସାହୁ, ପୂର୍ବତନ ନଗରପାଳ କେଶବ ଭୂତିଆ, ଖମାର ମହାବିଦ୍ୟାଳୟର ପୂର୍ବତନ ଅଧ୍ୟକ୍ଷ ପ୍ରଫେସର ସରୋଜ କୁମାର ପ୍ରଧାନ ଯୋଗଦେଇ ଜନତା, ଲୋକପ୍ରତିନିଧି ଓ ପ୍ରଶାସନ ମଧ୍ୟରେ ଉତ୍ତମ ସମନ୍ୱୟ ରକ୍ଷା କରି ସୁସ୍ଥ ସମାଜ ଗଠନ ଦିଗରେ ଗଣମାଧ୍ୟମର ଭୂମିକା ଉପରେ ଗୁରୁତ୍ୱାରୋପ କରିଥିଲେ। ପ୍ରେସ୍ କ୍ଲବର ସାଧାରଣ ସମ୍ପାଦକ ଡ. ରଶ୍ମିରଞ୍ଜନ ମିଶ୍ର ମଞ୍ଚ ପରିଚାଳନା କରିଥିବା ବେଳେ ଉପସଭାପତି ଦେବୀ ମିଶ୍ର ଧନ୍ୟବାଦ ଅର୍ପଣ କରିଥିଲେ। ପ୍ରାରମ୍ଭରେ ସଂଘର ପ୍ରତିଷ୍ଠାତା ସାମ୍ବାଦିକ ଗୌରବ ସ୍ୱର୍ଗତ ଦିବାକର ମିଶ୍ରଙ୍କ ପ୍ରତିମୂର୍ତ୍ତିରେ ଅତିଥିମାନେ ପୁଷ୍ପମାଲ୍ୟ ଅର୍ପଣ କରିବା ସହିତ ପ୍ରଦୀପ ପ୍ରଜ୍ୱଳନ କରିଥିଲେ। ଏହି ଅବସରରେ ବିଭିନ୍ନ ଗଣମାଧ୍ୟମ ପ୍ରତିନିଧି, ଆଇନଜୀବୀ, ବୁଦ୍ଧିଜୀବୀ, ସ୍ୱୟଂସହାୟକ ଗୋଷ୍ଠୀ ସଦସ୍ୟା ଓ ସମାଜସେବୀଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଗଣମାଧ୍ୟମ ସମ୍ପର୍କିତ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଥିଲା।

## ● ବଅଁରପାଳ ସାମ୍ବାଦିକ ସଙ୍ଘ

ବଅଁରପାଳ: ସ୍ଥାନୀୟ ପଞ୍ଚ ଶ୍ରୀକ୍ଷେତ୍ର ଜଗନ୍ନାଥ ମନ୍ଦିର ପରିସରରେ ବଅଁରପାଳ ବ୍ଲକ ସାମ୍ବାଦିକ ସଙ୍ଘ ପକ୍ଷରୁ ସଂଘ ସଭାପତି ଅଖିଳ କୁମାର ମହାପାତ୍ରଙ୍କ ସଭାପତିତ୍ୱରେ ଜାତୀୟ ପ୍ରେସ ଦିବସ ପାଳନ କରାଯାଇଛି। ପ୍ରଭୁ ଶ୍ରୀଜଗନ୍ନାଥ, ବଳଭଦ୍ର ଓ ମା' ସୁଭଦ୍ରାଙ୍କ ନିକଟରେ ଦୀପଦାନ କରାଯାଇ କାର୍ଯ୍ୟକ୍ରମ




ଆରମ୍ଭ ହୋଇଥିଲା। ସମାଜ ତଥା ସରକାରୀ କଳରେ ଘଟୁଥିବା ଅନ୍ୟାୟ, ଅନୀତି ଓ ଦୁର୍ନୀତିକୁ ନିର୍ଭୀକତାର ସହ ସାମନା କରିବା ସହ କଲମ ଚାଳନା କରି ଏହାକୁ ଲୋକଲୋଚନକୁ ଆଣିବା ଓ ସମାଜରେ ନିଷ୍ପେଷିତ ବର୍ଗଙ୍କ ଦୁଃଖ, ଦୁର୍ଦ୍ଦଶାକୁ ସରକାରୀ ସ୍ତରରେ ପହଞ୍ଚାଇବା ଚତୁର୍ଥ ସ୍ତମ୍ଭର ପ୍ରଥମ କର୍ତ୍ତବ୍ୟ ବୋଲି ସଙ୍ଘ ସଭାପତି ମହାପାତ୍ର କହିଥିଲେ। ଅନ୍ୟମାନଙ୍କ ମଧ୍ୟରେ ସଙ୍ଘ ସମ୍ପାଦକ ଶଶାଙ୍କ ଶେଖର ସାମଲ, ତାପସ କୁମାର ଜେନା, ସଞ୍ଜୟ କୁମାର ବିଶୋଇ, ଅଶୋକ କୁମାର ଜେନା, ରୁଦ୍ରମୋହନ ସାହୁ, ସୁବାସ ସାହୁ, ସୁଶାନ୍ତ ସାମଲ, ସୁଶୀଲ କୁମାର ଆଇଚ, ପ୍ରିୟବ୍ରତ ସାମଲ, ରାଜେଶ କୁମାର ପାତ୍ର, ବିଭାଷ ସାମଲ ଓ ଆଇନ ପରାମର୍ଶଦାତା ହେମନ୍ତ କୁମାର ସାହୁଙ୍କ ସମେତ ସମସ୍ତ ସଦସ୍ୟ ଉପସ୍ଥିତ ଥିଲେ।

## ● ତାଳଚେର ଆକ୍ଟିଭ ମିଡିଆ

ତାଳଚେର: ସତ ଜାଣିବାର ଅଧିକାର ସାଧାରଣ ଲୋକଙ୍କର ରହିଛି। ସେମାନଙ୍କ ନିକଟରେ ସତ ପହଞ୍ଚାଇବା ଦାୟିତ୍ୱ ବହନ କରିଥାନ୍ତି ସାମ୍ବାଦିକ। ବିଭିନ୍ନ ଝଡ଼ଝଞ୍ଜା ମଧ୍ୟରେ ସେମାନଙ୍କ ଜୀବନକୁ ପାଣି ଛଡ଼ାଇ ନିର୍ଭୀକ ଭାବେ ଖବର ପରିବେଶଣ କରି ଗଣତନ୍ତ୍ରକୁ ସୁରକ୍ଷା ଦେବା




ସହ ଲୋକଙ୍କ ସମସ୍ୟାକୁ ସଠିକ୍ ଢଙ୍ଗରେ ସରକାରଙ୍କ ନିକଟରେ ପହଞ୍ଚାଇବାର ଉତ୍ତର ଦାୟିତ୍ୱ ରଖିଥାଏ ସାମ୍ବାଦିକଟିଏ। ହେଲେ ବର୍ତ୍ତମାନ ସମାଜରେ ଭୟ ହେଉ କିମ୍ବା ଚାପ ଯୋଗୁଁ ସାମ୍ବାଦିକମାନେ ବିଭିନ୍ନ ଦିଗକୁ ଧ୍ୟାନଦେଇ ନିଜ କର୍ତ୍ତବ୍ୟ ପାଳନ କରୁଛନ୍ତି। ଆଜିର ମହଙ୍ଗା ଦିନରେ ସରକାରଙ୍କ ପକ୍ଷରୁ ବିଭିନ୍ନ ଯୋଜନା କରାଯାଇଥିଲେ ମଧ୍ୟ ଗଣମାଧ୍ୟମ ପ୍ରତିନିଧିମାନେ କେଉଁଠି ହେଲେ ହାତେଇ ପାରୁ ନ ଥିବା ଦୁର୍ଭାଗ୍ୟର ବିଷୟ ବୋଲି ତାଳଚେର ଆକ୍ଟିଭ୍ ମିଡିଆ ପକ୍ଷରୁ ଆୟୋଜିତ ଜାତୀୟ ପ୍ରେସ୍ ଦିବସ କାର୍ଯ୍ୟକ୍ରମରେ ଅତିଥିମାନେ ମତବ୍ୟକ୍ତ କରିଛନ୍ତି। ଅନୁଷ୍ଠାନର ନିଜସ୍ୱ କାର୍ଯ୍ୟାଳୟ ତାଳଚେର "ଜୟ ନିତାଇ ଆଶ୍ରମ' ପରିସରରେ ନିଆରା ଢଙ୍ଗରେ ପ୍ରେସ୍ ଦିବସ ପାଳିତ ହୋଇଛି। ଏହି ଅବସରରେ ସଂଘ ପକ୍ଷରୁ ଅସହାୟ ବୃଦ୍ଧବୃଦ୍ଧାଙ୍କୁ କମ୍ବଳ ଓ ଛାତ୍ରଛାତ୍ରୀଙ୍କୁ କଲମ, ଖାତା ଓ ମିଷ୍ଟାନ୍ନ ପ୍ରଦାନ କରାଯାଇଛି। ମୁଖ୍ୟଅତିଥି ଭାବେ ଅଲ୍ ଓଡ଼ିଶା ମାନବାଧିକାର ସଭାପତି ତଥା କଣିହାଁ-ତାଳଚେର ବିକାଶ ମଞ୍ଚ ସଭାପତି ଡ. ଦେବେନ୍ଦ୍ର ସିଂହ, ସମ୍ମାନିତ ଅତିଥି ଭାବେ ସଂଘ ସଭାପତି ସାମ୍ବାଦିକ ସରୋଜ ମହାପାତ୍ର, କାର୍ଯ୍ୟକାରୀ ସଭାପତି ମନୋଜ ଶତପଥୀ, ସମ୍ପାଦକ ପ୍ରଦୀପ୍ତ ଜେନା, ତ୍ରିପୁର ସାହୁ, ତ୍ରିଲୋଚନ ସ୍ୱାଇଁ, ଦେବେନ୍ଦ୍ର ସାହୁ, ଶିବରାମ ବେହେରା, ଦୁର୍ଯ୍ୟୋଧନ ପ୍ରଧାନ, ଚତୁର୍ଭୁଜ ନନ୍ଦ, ସିରାଜ ଖାନ, ରାଜକିଶୋର ଭୂତିଆ ପ୍ରମୁଖ ଯୋଗଦେଇଥିଲେ।

## ● ପାଲଲହଡ଼ା ସାମ୍ବାଦିକ ସଂଘ

ପାଲଲହଡ଼ା,୧୬ ।୧୧(ସମିସ): ପାଲଲହଡ଼ା ଉପଖଣ୍ଡ ସାମ୍ବାଦିକ ସଂଘ ପକ୍ଷରୁ ଜାତୀୟ ପ୍ରେସ ଦିବସ ପାଳିତ ହୋଇଛି। ସଂଘ ସଭାପତି ଖଗେଶ୍ୱର ଦାସଙ୍କ ସଭାପତିତ୍ୱରେ ସ୍ଥାନୀୟ ବିଜୁ ପଟ୍ଟନାୟକ ପାର୍କ ପରିସରରେ ଆୟୋଜିତ କାର୍ଯ୍ୟକ୍ରମରେ ପାଲଲହଡ଼ା ବିଧାୟକ ଅଶୋକ କୁମାର ମହାନ୍ତି ମୁଖ୍ୟଅତିଥି ଭାବେ ଯୋଗଦେଇ ନିରପେକ୍ଷ ଓ ନିର୍ଭୀକ ସାମ୍ବାଦିକତା ଉପରେ ବକ୍ତବ୍ୟ ରଖିବା ସହ ପାଲଲହଡ଼ାର ବିକାଶ ପାଇଁ ସମସ୍ତେ ଏକଜୁଟ ହେବାକୁ ଆହ୍ୱାନ




ଦେଇଥିଲେ। ବରିଷ୍ଠ ସାମ୍ବାଦିକ ଭବାନୀ ଶଙ୍କର ମହାପାତ୍ର ସ୍ୱତନ୍ତ୍ର ଅତିଥି ଓ ପାଲଲହଡ଼ା ପଞ୍ଚାୟତ ସମିତି ଅଧ୍ୟକ୍ଷା ରୀନାରାଣୀ ନାଏକ ସମ୍ମାନିତ ଅତିଥି ଭାବେ ଯୋଗଦେଇଥିଲେ। ସ୍ୱତନ୍ତ୍ର ଅତିଥି ମହାପାତ୍ର ସାମ୍ବାଦିକମାନେ କାର୍ଯ୍ୟ କ୍ଷେତ୍ରରେ ସମ୍ମୁଖୀନ ହେଉଥିବା ସମସ୍ୟା ବିଷୟରେ ଆଲୋଚନା କରିଥିଲେ। ସଂଘ ସମ୍ପାଦକ ରମେଶ ଚନ୍ଦ୍ର ପ୍ରଧାନ ବାର୍ଷିକ ବିବରଣୀ ପାଠ କରିଥିବା ବେଳେ ଅଭୟ ନାଏକ ମଞ୍ଚ ପରିଚାଳନା କରିଥିଲେ। ସଂଘ ପକ୍ଷରୁ ଅତିଥିମାନଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ସଂଘ ସଭାପତି ଖଗେଶ୍ୱର ଦାସ, ଉପସଭାପତି ରବି ନାରାୟଣ ପ୍ରଧାନ, ସମ୍ପାଦକ ରମେଶ ଚନ୍ଦ୍ର ପ୍ରଧାନ, ସହ ସମ୍ପାଦକ ଖଗେଶ୍ୱର ମହାନ୍ତ, କୋଷାଧ୍ୟକ୍ଷ ଦିବ୍ୟଜ୍ୟୋତି ଦାସ, କାର୍ଯ୍ୟକାରୀ ସଦସ୍ୟ ଦେବଦତ୍ତ ସାହୁ, ହରିଶ ଚନ୍ଦ୍ର ଦାସ, ସୁବ୍ରତ ଦାସ, ରଣଜିତ୍ ସାମଲ, ଶିବପ୍ରସାଦ ଆଚାର୍ଯ୍ୟ, ରଜନୀ ନାୟକ, ଭୂପେନ ନାଏକ, ଜ୍ୟୋତିପ୍ରସାଦ ସାମଲ ପ୍ରମୁଖଙ୍କୁ ମୁଖ୍ୟଅତିଥି ସମ୍ବର୍ଦ୍ଧିତ କରିଥିଲେ। ପାଲଲହଡ଼ା ଅଞ୍ଚଳର ଦୁଇ ସ୍ୱୟଂ ସହାୟକ ଗୋଷ୍ଠୀ କାବେରୀ ଏସଏଚଜି ଏବଂ ଶ୍ରୀଦୁର୍ଗା ଏସ୍‌ଏଚ୍‌ଜି, କୃଷକ ହୃଷୀକେଶ ପ୍ରଧାନ, ଓଡ଼ିଶା ପ୍ରଶାସନିକ ସେବାରେ ଯୋଗଦେଇଥିବା ସ୍ମୃତିରଞ୍ଜନ ସାହୁ, ସମାଜସେବୀ ଘନଶ୍ୟାମ ନହରା ପ୍ରମୁଖଙ୍କୁ ସଂଘ ପକ୍ଷରୁ ସମ୍ମାନିତ କରାଯାଇଥିଲା। ଅନୁଷ୍ଠାନର ସଭ୍ୟ ଦେବଦତ୍ତ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ।

## ● ଛେଣ୍ଡିପଦା କର୍ମଜୀବୀ ସାମ୍ବାଦିକ ସଂଘ

ଛେଣ୍ଡିପଦା: ଛେଣ୍ଡିପଦା ବ୍ଲକ କର୍ମଜୀବୀ ସାମ୍ବାଦିକ ସଂଘ ପକ୍ଷରୁ ରବିବାର ସ୍ଥାନୀୟ ସଂଘ କାର୍ଯ୍ୟାଳୟ ସଭାଗୃହରେ ଜାତୀୟ ପ୍ରେସ ଦିବସ ପାଳିତ ହୋଇଛି। ସଂଘ ସଭାପତି ଲଳିତ କୁମାର ପ୍ରଧାନଙ୍କ ସଭାପତିତ୍ୱରେ ଆୟୋଜିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ବାପୁଜୀ ମହାବିଦ୍ୟାଳୟର ପୂର୍ବତନ ଅଧ୍ୟକ୍ଷ ଡ. ବଳରାମ ସାହୁ, ମୁଖ୍ୟବକ୍ତା ଭାବେ ବାପୁଜୀ ମହାବିଦ୍ୟାଳୟର ପୂର୍ବତନ ଅଧ୍ୟକ୍ଷ ପ୍ରଫୁଲ୍ଲ କୁମାର ମାଝୀ, ସମ୍ମାନିତ ଅତିଥି ଭାବେ ଛେଣ୍ଡିପଦା ବିଧାୟକଙ୍କ ପ୍ରତିନିଧି ଅକ୍ଷୟପାଦ ବେହେରା, ସମ୍ବଲପୁର ସାଂସଦଙ୍କ ବ୍ଲକ ପ୍ରତିନିଧି ବିଜୟ ମାଝୀ ପ୍ରମୁଖ ଯୋଗଦେଇଥିଲେ। ଏହି ଅବସରରେ "ଆଗାମୀ ପିଢ଼ିର ଜୀବନ ଓ ଜୀବିକା' ଶୀର୍ଷକ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଥିଲା। ଏଥିରେ ବ୍ଲକର ବିଭିନ୍ନ ସଙ୍ଘର କର୍ମକର୍ତ୍ତା ତଥା ଶିକ୍ଷାବିତ୍‌ମାନେ ଅଂଶଗ୍ରହଣ କରିଥିଲେ। ଛେଣ୍ଡିପଦାରେ ଗଢ଼ି ଉଠିଥିବା ଖଣିଖାଦାନ ଯୋଗୁଁ ଆଗାମୀ ଦିନରେ ଜୀବନ ଜୀବିକା ପ୍ରଭାବିତ ହେବେ।




ଏ ଦିଗରେ ପ୍ରଶାସନ ସ୍ୱତନ୍ତ୍ର ଦୃଷ୍ଟି ଦେଲେ ଆଗାମୀ ପିଢ଼ି ସୁରକ୍ଷିତ ରହିବେ ବୋଲି ଆଲୋଚକମାନେ କହିଥିଲେ। ଏହି ଅବସରରେ ସଂଘ ପକ୍ଷରୁ ଅତିଥିମାନଙ୍କୁ ସମ୍ମାନିତ କରାଯାଇଥିଲା। ସାମ୍ବାଦିକ ସଂଘ ସଭାପତି ପ୍ରାରମ୍ଭିକ ସୂଚନା ପ୍ରଦାନ କରିଥିଲେ। ସାମ୍ବାଦିକ ଯଶୋବନ୍ତ ପ୍ରସାଦ ବେହେରା ଅତିଥି ପରିଚୟ ପ୍ରଦାନ ଓ ମଞ୍ଚ ପରିଚାଳନା କରିଥିଲେ। ସଂଘ ସମ୍ପାଦକ ଭାଗୀରଥି ସାହୁ, ସଭ୍ୟ ଲିଙ୍ଗରାଜ ପ୍ରଧାନ, ସୁଶାନ୍ତ କୁମାର ପ୍ରଧାନ, ଅଜିତ କୁମାର ଧଳ, ହଟକିଶୋର ଷଡ଼ଙ୍ଗୀ, ତ୍ରିବେଣୀ ସାହୁ, ବୁଦ୍ଧଦେବ ବେହେରା, ବିଦ୍ୟୁତ ସିଂ ନାୟକ ପ୍ରମୁଖ ସହଯୋଗ କରିଥିଲେ। କାର୍ଯ୍ୟକ୍ରମରେ ଖବରକାଗଜ ଏଜେଣ୍ଟ ନୀଳମଣି ପଣ୍ଡା, ସୁରେଶ ପ୍ରଧାନଙ୍କ ସମେତ ଅନ୍ୟମାନେ ଉପସ୍ଥିତ ଥିଲେ।

# ତାଳଚେର ବନାଞ୍ଚଳରେ ନୂଆ ରେଞ୍ଜର



ତାଳଚେର,୧୬ ।୧୧(ସମିସ): ତାଳଚେର ବନାଞ୍ଚଳ କାର୍ଯ୍ୟାଳୟରେ କାର୍ଯ୍ୟରତ ରେଞ୍ଜର ହିମାଂଶୁ ଶେଖର ପୃଷ୍ଟିଙ୍କ ବଦଳି ପରେ ତାଙ୍କ ସ୍ଥାନରେ ସରକାର ଚାରୁଲତା ନାୟକଙ୍କୁ ନିଯୁକ୍ତି ଦେଇଛନ୍ତି। ଏହା ପୂର୍ବରୁ ଚାରୁଲତା ଅନୁଗୋଳରେ କାର୍ଯ୍ୟରତ ଥିଲେ। ତାଳଚେରରେ ଯୋଗଦେବା ପରେ କର୍ମଚାରୀମାନେ ତାଙ୍କୁ ସ୍ୱାଗତ କରିଥିଲେ। ତାଳଚେର ଅଞ୍ଚଳରେ ରହିଥିବା ସମସ୍ୟା ପ୍ରତି ଯତ୍ନବାନ ହେବାକୁ ନାୟକ ପ୍ରତିଶ୍ରୁତି ଦେଇଛନ୍ତି। ଏଥିସହ ତାଳଚେର ବନଖଣ୍ଡରେ ହେଉଥିବା ବନାଗ୍ନି, ନୂତନ ଚାରାରୋପଣ ଓ ଏହାର ସୁରକ୍ଷା ଉପରେ ଗୁରୁତ୍ୱ ଦିଆଯିବ। ବନ୍ୟପ୍ରାଣୀଙ୍କ କବଳରୁ ଲୋକଙ୍କ ଧନଜୀବନ ସୁରକ୍ଷା ଦିଗରେ ସେ ପଦକ୍ଷେପ ନିଆଯିବ ବୋଲି ସେ ପ୍ରତିକ୍ରିୟାରେ ପ୍ରକାଶ କରିଛନ୍ତି।

BEST OFFER
SALE
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
9437015112

## ତଟବନ୍ଧ ସବ୍‌ଡିଭିଜନ କାର୍ଯ୍ୟାଳୟରୁ ଚୋରି

ରାଜନଗର,୧୬।୧୧(ସମିସ): ରାଜନଗରଠାରେ ଥିବା ତଟବନ୍ଧ ବିଭାଗ ସବଡିଭିଜନ କାର୍ଯ୍ୟାଳୟ ଓ ସେକନ୍ସ ଅଫିସ କବାଟ ଭାଙ୍ଗି ଚୋରି ହୋଇଛି। ଦୁର୍ବୃତ୍ତ ସମସ୍ତ କବାଟ ତାଡ଼ି ଦେଇଛନ୍ତିଓ କାର୍ଯ୍ୟାଳୟ ଭିତରେ ସରକାରୀ କାଗଜପତ୍ର ବିଛାଡ଼ି ହୋଇପଡିଛି। କାର୍ଯ୍ୟାଳୟ ଭିତର ଓ ବାହାରେ ଲାଗିଥିବା ୩ଟି ସିସିଟିଭି କ୍ୟାମେରା ନ ଥିବାବେଳେ ହାର୍ଡଡିସ୍କ ନ ଥିବା ଦେଖିବାକୁ ମିଳିଛି। ଆଜି ରବିବାର ଥିବାରୁ ପିଅନ ଖବର ପାଇ ସହକାରୀ ନିର୍ବାହୀ ଯନ୍ତ୍ରୀ ଓ ସହକାରୀ ଯନ୍ତ୍ରୀଙ୍କୁ ଜଣାଇଥିଲେ। ଥାନାକୁ ଯନ୍ତ୍ରୀ ଫୋନ ଯୋଗେ ଜଣାଇଥିଲେ। ପୁଲିସ ପହଞ୍ଚି ତଦନ୍ତ ଆରମ୍ଭ କରିଛି। ଆସନ୍ତାକାଲି ସହକାରୀ ନିର୍ବାହୀ ଯନ୍ତ୍ରୀ ଓ ସହକାରୀ ଯନ୍ତ୍ରୀ ଆସିବା ପରେ କ'ଣ ଚୋରି ହୋଇଛି, ତାହା ସ୍ପଷ୍ଟ ହେବ।

## ଧର୍ମପ୍ରାଣ ମହିଳାଙ୍କ ପରଲୋକ

ଡେରାବିଶ,୧୬।୧୧(ସମିସ): ବସପୁର ପଞ୍ଚାୟତ ଅନ୍ତର୍ଗତ ହାଟବାଣପୁର ଗ୍ରାମର କାର୍ତ୍ତିକ ମଣ୍ଡଳଙ୍କ ପତ୍ନୀ ପତିଆ ମଣ୍ଡଳ (୬୫)ଙ୍କ ଆଜି ସକାଳେ ପରଲୋକ ହୋଇଯାଇଛି। ସେ ଗତ କିଛିଦିନ ଧରି ବାର୍ଦ୍ଧକ୍ୟଜନିତ ରୋଗରେ ପୀଡ଼ିତ ହୋଇ ଚିକିତ୍ସିତ ହେଉଥିଲେ। ସେ ଜଣେ ଭଗବତପ୍ରେମୀ ଓ ମିଷ୍ଟଭାଷୀ ମହିଳା ଥିଲେ। ତାଙ୍କ ମୃତ୍ୟୁରେ ଅଞ୍ଚଳରେ ଶୋକର ଛାୟା ଖେଳିଯାଇଛି। ଗ୍ରାମ ଶ୍ମଶାନରେ ଶେଷକୃତ୍ୟ ସମ୍ପନ୍ନ ହୋଇଥିବାବେଳେ ବଡ଼ପୁଅ ପ୍ରକାଶ ମଣ୍ଡଳ ମୁଖାଗ୍ନି ଦେଇଥିଲେ।

## ଅଗ୍ନିବିପନ୍ନ ପରିବାରକୁ ସହାୟତା

ରାଜନଗର,୧୬।୧୧(ସମିସ): ରାଜନଗର ବ୍ଲକ୍ କଣ୍ଡିରା ପଞ୍ଚାୟତ ହଂସୁଆଗୁଳା ଗ୍ରାମରେ ଗତକାଲି ରାତିରେ ଅଗ୍ନିକାଣ୍ଡ ଘଟି ୩ ପରିବାରର ୧୦ ବଖରା ଘର ପୋଡ଼ି ପାଉଁଶ ହୋଇଯାଇଛି।



ଫକୀର ବିଶ୍ୱାଳ, ଘନଶ୍ୟାମ ବିଶ୍ୱାଳ ଓ ପବିତ୍ର ବିଶ୍ୱାଳଙ୍କ ୧୦ ବଖରା ଘର ସହିତ ୨୦ ଲକ୍ଷରୁ ଊର୍ଦ୍ଧ୍ୱ ଟଙ୍କାର ଆସବାବପତ୍ର ପୋଡ଼ି ପାଉଁଶ ହୋଇଯାଇଛି। ୩ ପରିବାରର ୧୬ ଜଣ ସଦସ୍ୟ ଜୀବନ ରକ୍ଷା କରିବାରେ ସକ୍ଷମ ହୋଇଥିଲେ ମଧ୍ୟ ସର୍ବସ୍ୱ ହରାଇଛନ୍ତି। ଆଜି ବିପନ୍ନ ପରିବାରକୁ ଓଡ଼ିଶା ସାଇନ ଫାଉଣ୍ଡେସନ ପକ୍ଷରୁ ପାଲ, ରାସନ ସାମଗ୍ରୀ, ବସ୍ତ୍ର ଓ ପୋଷାକ ଆଦି ଯୋଗାଇ ଦିଆଯାଇଛି। ଅନୁଷ୍ଠାନର ନିହାର ବିଶ୍ୱାଳ, ତପନ ମହାନ୍ତି, ବିଷ୍ଣୁଚରଣ ଧଳ, ପ୍ରତାପ ନାୟକ, ଅମିତାଭ ପରିଡା, ରଶ୍ମିରଞ୍ଜିତା ସ୍ୱାଇଁ ପ୍ରମୁଖ ପହଞ୍ଚି ବିପନ୍ନ ପରିବାରକୁ ସହାୟତା ପ୍ରଦାନ କରିଥିଲେ।

## ସ୍ୱୟଂଶ୍ରୀଙ୍କୁ ବିଦ୍ୟାଳୟ ପକ୍ଷରୁ ସମ୍ବର୍ଦ୍ଧନା

ରାଜକନିକା,୧୬।୧୧(ସମିସ): ରାଜକନିକା ବ୍ଲକ୍ ଅରସାରେ ଅବସ୍ଥିତ ବ୍ରଜବନ୍ଧୁ ହାଇସ୍କୁଲର ଦଶମ ଶ୍ରେଣୀ ଛାତ୍ରୀ ସ୍ୱୟଂଶ୍ରୀ ଦାଶ ଜିଲ୍ଲାସ୍ତରୀୟ ଯୋଗ ପ୍ରତିଯୋଗିତାରେ ପ୍ରଥମ ସ୍ଥାନ ଅଧିକାର କରିଥିବାରୁ ତାଙ୍କୁ ସମ୍ବର୍ଦ୍ଧିତ କରାଯାଇଛି।



ପଟ୍ଟାମୁଣ୍ଡାଇର କଷଣଅଣ୍ଟା ହାଇସ୍କୁଲରେ ଆୟୋଜିତ ୩୩ତମ ଖୋଖୋ, କବାଡ଼ି, ଯୋଗ, ଫୁଟବଲ, ଦୌଡ଼କୁଦ ଓ କ୍ରିକେଟ ପ୍ରତିଯୋଗିତାର ୧୭ ବର୍ଷରୁ କମ୍ ଯୋଗ ବିଭାଗରେ ସ୍ୱୟଂଶ୍ରୀ ୧୭ ଜଣ ପ୍ରତିଯୋଗୀଙ୍କୁ ପଛରେ ପକାଇ ପ୍ରଥମ ହୋଇଥିଲେ। ବିଦ୍ୟାଳୟରେ ଅନୁଷ୍ଠିତ ଶିଶୁ ଦିବସ ଅବସରରେ ଶିକ୍ଷକମାନେ ସ୍ୱୟଂଶ୍ରୀଙ୍କୁ ସମ୍ବର୍ଦ୍ଧିତ କରିଥିବା ଜଣାପଡ଼ିଛି।

## ପଟ୍ଟାମୁଣ୍ଡାଇ କଲେଜ ଇତିହାସ ବିଭାଗ ଆଲୋଚନାଚକ୍ର



ପଟ୍ଟାମୁଣ୍ଡାଇ,୧୬।୧୧(ସମିସ): ପଟ୍ଟାମୁଣ୍ଡାଇ କଲେଜ ଇତିହାସ ବିଭାଗ ପକ୍ଷରୁ "ମେରାଇନର୍ସ ଆଣ୍ଡ ମର୍ଚ୍ଚାଣ୍ଟ' ଶୀର୍ଷକ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଯାଇଛି। ରାଜନୀତି ବିଭାଗ ପ୍ରାଧ୍ୟାପକ ସର୍ବେଶ୍ୱର ସାହୁଙ୍କ ପୌରୋହିତ୍ୟରେ ଆୟୋଜିତ ଆଲୋଚନାଚକ୍ରରେ ପ୍ରତ୍ନତତ୍ତ୍ୱବିତ ଇତିହାସକାର ଡଃ ସୁନୀଲ ପଟ୍ଟନାୟକ ଓଡ଼ିଶାର ନୌବାଣିଜ୍ୟ ଇତିହାସ, ସାଧବଙ୍କ ଭୂମିକା ଓ ବାଲିଯାତ୍ରାର ମହତ୍ତ୍ୱ ସମ୍ପର୍କରେ ଆଲୋକପାତ କରିଥିଲେ। ପଟ୍ଟାମୁଣ୍ଡାଇ କଲେଜ ଇତିହାସ ବିଭାଗ ମୁଖ୍ୟ ଅଧ୍ୟାପକ ରଞ୍ଜନ ବେହୁରା ଆଲୋଚନାଚକ୍ରର ବିଷୟବସ୍ତୁ ସମ୍ପର୍କରେ ସୂଚନା ଦେବା ସହିତ ଇତିହାସ ବିଭାଗ ପକ୍ଷରୁ ଓଡ଼ିଶାର ସଂସ୍କୃତି ଓ ପ୍ରାଚୀନ ଇତିହାସକୁ ଉଜ୍ଜୀବିତ କରିବା ପାଇଁ ନିଆଯାଉଥିବା ପଦକ୍ଷେପ ଉପସ୍ଥାପନ କରିଥିଲେ। ଅଧ୍ୟାପକ ପୃଥ୍ୱୀରାଜ ବିଶ୍ୱାଳ ଅତିଥି ପରିଚୟ ପ୍ରଦାନ କରିଥିଲେ। ଅଧ୍ୟାପକ ପିଣ୍ଟୁ ପଟେଲ ଧନ୍ୟବାଦ ଦେଇଥିଲେ। କଲେଜର ଅଧ୍ୟାପକ ଅଧ୍ୟାପିକା, ଛାତ୍ରଛାତ୍ରୀ ଯୋଗ ଦେଇଥିବାବେଳେ କାର୍ଯ୍ୟକ୍ରମକୁ ଅଧ୍ୟାପକ ପ୍ରଦ୍ୟୁମ୍ନ ପ୍ରଧାନ, ଆଲୋକ ସାହୁ, ଚିନ୍ମୟ ସାମଲ, ଅଧ୍ୟାପିକା ଦେବସ୍ମିତା ତ୍ରିପାଠୀ, ଶୁଭଲକ୍ଷ୍ମୀ ପ୍ରଧାନ ଓ ଲକ୍ଷ୍ମୀପ୍ରିୟା ପାତ୍ର ପରିଚାଳନା କରିଥିଲେ।

## ସେଣ୍ଟ ଜାଭିୟର ସ୍କୁଲରେ ବିଜ୍ଞାନ, କଳା ଓ ହସ୍ତଶିଳ୍ପ ପ୍ରଦର୍ଶନୀ

ରାଜନଗର,୧୬।୧୧(ସମିସ): ଶିଶୁ ଦିବସ ଉପଲକ୍ଷେ ରାଜନଗର ସେଣ୍ଟ ଜାଭିୟର ପବ୍ଲିକ୍ ସ୍କୁଲ ଛାତ୍ରଛାତ୍ରୀଙ୍କୁ ନେଇ ବିଜ୍ଞାନ, କଳା ଓ ହସ୍ତଶିଳ୍ପ ପ୍ରଦର୍ଶନୀ ଅନୁଷ୍ଠିତ ହୋଇଯାଇଛି। ପ୍ରଧାନଶିକ୍ଷକ ଶୁକଦେବ ପରିଡ଼ା ପିଲାଙ୍କୁ ନବଚେତନା, ସୃଜନଶୀଳତା ଓ ବିଜ୍ଞାନମୟ ଚେତନା ବିଷୟରେ ଆଲୋକପାତ କରିଥିଲେ। ପ୍ରତିଷ୍ଠାତା ଅଧ୍ୟକ୍ଷ ଦୁର୍ଗାଚରଣ ପ୍ରଧାନ ଯୋଗଦେଇ ଦୈନନ୍ଦିନ ଜୀବନରେ ବିଜ୍ଞାନ, କଳା ଓ ସୃଜନଶୀଳତାର ଗୁରୁତ୍ୱ ସମ୍ବନ୍ଧରେ ମତ ରଖିଥିଲେ। ବିଜ୍ଞାନ ପ୍ରଦର୍ଶନୀ ପାଇଁ ଶ୍ରୀଜଗନ୍ନାଥ ମହାବିଦ୍ୟାଳୟ ଅଧ୍ୟାପକ ପୁଷ୍ପରଞ୍ଜନ ରାଉତ (ରସାୟନ ବିଭାଗ) ଓ ଚିତ୍ତରଞ୍ଜନ ସ୍ୱାଇଁ (ଭୌତିକ ବିଭାଗ) ବିଚାରକ ଭାବେ ଯୋଗଦେଇଥିଲେ। କଳା ଓ ହସ୍ତଶିଳ୍ପ ପ୍ରଦର୍ଶନୀ ପାଇଁ ଶ୍ରୀକାନ୍ତ ଦାସ ବିଚାରକ ଥିଲେ। ସମସ୍ତ ଶିକ୍ଷକ, ଶିକ୍ଷୟିତ୍ରୀ ଓ ଛାତ୍ରଛାତ୍ର ଉପସ୍ଥିତ ଥିଲେ। ସେହିପରି ଶିଶୁ ଦିବସ ଶୈଳେନ୍ଦ୍ର ନାରାୟଣ ସଂସ୍କୃତ ମହାବିଦ୍ୟାଳୟରେ ପାଳିତ ହୋଇଯାଇଛି। ଅଧ୍ୟକ୍ଷ ଘନଶ୍ୟାମ ମିଶ୍ର, ଅଧ୍ୟାପିକା ତନୁଶ୍ରୀ ମିଶ୍ର ପ୍ରମୁଖ ଯୋଗଦେଇ ନେହେରୁଙ୍କ ଫଟୋଚିତ୍ରରେ ପୁଷ୍ପାଞ୍ଜଳି ଅର୍ପଣ କରିଥିଲେ।

### ବେଆଇନ ଚକ୍ଷୁ ଚିକିତ୍ସା ଶିବିର

# କାର୍ଯ୍ୟାନୁଷ୍ଠାନ ଭୟରେ ଖସି ପଳାଇଲେ ଆୟୋଜକ

ପଟ୍ଟାମୁଣ୍ଡାଇ,୧୬।୧୧(ସମିସ): ବିଭାଗୀୟ ସ୍ୱୀକୃତି କିମ୍ବା ଜିଲ୍ଲା ପ୍ରଶାସନର ସ୍ୱୀକୃତି ନ ଥାଇ ଚକ୍ଷୁ ଚିକିତ୍ସା ଶିବିରର ଆୟୋଜନ କରାଯାଇଥିବାବେଳେ ଏ ନେଇ ଅଭିଯୋଗ ହେବାରୁ କାର୍ଯ୍ୟାନୁଷ୍ଠାନ ଭୟରେ ଆୟୋଜକ ଶିବିର ଛାଡ଼ି ଖସି ପଳାଇବା ଘଟଣା ପଟ୍ଟାମୁଣ୍ଡାଇ ଅଞ୍ଚଳରେ ଆଲୋଚନାର ବିଷୟ ପାଲଟିଛି।

ସୂଚନା ମୁତାବକ, ଯାଜପୁର ଅଞ୍ଚଳର ସାଇ ନେତ୍ର ମନ୍ଦିର ଚକ୍ଷୁ ଚିକିତ୍ସାଳୟ ପକ୍ଷରୁ ପଟ୍ଟାମୁଣ୍ଡାଇ ଗ୍ରାମାଞ୍ଚଳ ଥାନା ଅଧୀନ ବଡ଼ପଡ଼ା ପ୍ରେମଲତା ଶିକ୍ଷା ନିକେତନରେ ଚକ୍ଷୁ ଚିକିତ୍ସା ଶିବିରର ଆୟୋଜନ କରାଯାଇଥିଲା। ରବିବାର ଅନୁଷ୍ଠିତ ହେବାକୁ ଥିବା ଚକ୍ଷୁ ଚିକିତ୍ସା ଶିବିର ପାଇଁ ଆୟୋଜକ ପୂର୍ବରୁ ଡାକବାଜି ଯନ୍ତ୍ର ମାଧ୍ୟମରେ ଉଭୟ ପଟ୍ଟାମୁଣ୍ଡାଇ ସହରାଞ୍ଚଳ ଓ ଗ୍ରାମାଞ୍ଚଳରେ ପ୍ରଚାର କରିଥିଲେ। ଚକ୍ଷୁ ରୋଗୀଙ୍କୁ ଚିହ୍ନଟ କରି ଯାଜପୁର ସାଇ ନେତ୍ର ମନ୍ଦିର ଚିକିତ୍ସାଳୟରେ ଅସ୍ତ୍ରୋପଚାର କରାଯିବା ବ୍ୟବସ୍ଥା ଥିବା ପ୍ରଚାର କରାଯାଇଥିଲା। ଏଥିପାଇଁ ରୋଗୀଙ୍କୁ ସଙ୍ଗରେ ଆଧାର କାର୍ଡ ଆଣିବାକୁ କୁହାଯାଇଥିଲା। ବହୁ ଗରିବ ଶ୍ରେଣୀର ଚକ୍ଷୁ ରୋଗୀ ଆକୃଷ୍ଟ ହୋଇ ମାଗଣାରେ ଚିକିତ୍ସା ପାଇବାକୁ ପ୍ରେମଲତା ଶିକ୍ଷା ନିକେତନରେ ପହଞ୍ଚିଥିଲେ। କିନ୍ତୁ ସବୁ କିଛି ଫସର୍ ଫାଟିଯାଇଥିଲା। ଚକ୍ଷୁ ଚିକିତ୍ସା ଶିବିର ପାଇଁ ଆୟୋଜକଙ୍କୁ କେନ୍ଦ୍ରାପଡ଼ା ଜିଲ୍ଲା ପ୍ରଶାସନ କିମ୍ବା ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀଙ୍କ ଅନୁମତି ନ ଥିଲା। ଅନ୍ୟପକ୍ଷରେ ପ୍ରେମଲତା ଶିକ୍ଷା ନିକେତନ ରାଜ୍ୟ ସରକାରଙ୍କ ପ୍ରାଥମିକ ଶିକ୍ଷ୍ୟା ବିଭାଗ ସହିତ ଅନୁବନ୍ଧିତ ହୋଇଥିଲେ ମଧ୍ୟ ଶିକ୍ଷା ନିକେତନର ପ୍ରଧାନଶିକ୍ଷୟିତ୍ରୀ ବିଭାଗୀୟ ଅଧିକାରୀଙ୍କ ଅନୁମତି ନ ନେଇ ଯାଜପୁର ଅଞ୍ଚଳର ଏକ ଅଜଣା ଚକ୍ଷୁ ଚିକିତ୍ସାଳୟର କର୍ମଚାରୀଙ୍କୁ ଶିବିର କରିବା ପାଇଁ ଅନୁମତି ଦେବା ଘଟଣା ସମସ୍ତଙ୍କୁ ଆଶ୍ଚର୍ଯ୍ୟ କରିଛି। ଏହି ବେଆଇନ ଚକ୍ଷୁ ଚିକିତ୍ସା ଶିବିର ସମ୍ପର୍କରେ ଖବର ପାଇ ସ୍ଥାନୀୟ ଅଞ୍ଚଳର କେତେକ ବ୍ୟକ୍ତି ଚଢ଼ଉ କରିବା ଫଳରେ ଶିବିରର ଆୟୋଜକ କାର୍ଯ୍ୟାନୁଷ୍ଠାନ ଓ ପୁଲିସ ଗିରଫ ଭୟରେ ତୁରନ୍ତ ସ୍ଥାନ ଛାଡ଼ି ପଳାଇଯାଇଥିଲେ। ସରକାରୀ ଅଣସ୍ୱୀକୃତିପ୍ରାପ୍ତ ସଂସ୍ଥାଙ୍କ ହାବୁଡ଼ରେ ପଡ଼ି ମାଗଣା ଚକ୍ଷୁ ଚିକିତ୍ସା ପାଇବା ଆଶାରେ ବହୁ ଗରିବ ରୋଗୀ ଚକ୍ଷୁ ହରାଇବା ଘଟଣା ନୂଆ ନୁହେଁ। ରୋଗୀଙ୍କ ଆଧାରକୁ ହାତେଇ ଠକ ସଂସ୍ଥା ରୋଗୀଙ୍କ ବ୍ୟାଙ୍କ୍ ଆକାଉଣ୍ଟରୁ ଟଙ୍କା ହଡ଼ପ କରି ନେବା ଅଭିଯୋଗ ଓ ନଜିର ମଧ୍ୟ ରହିଛି। ତେଣୁ ଏଭଳି ଠକ ସଂସ୍ଥା ହାବୁଡ଼ରେ ନ ପଡ଼ିବା ପାଇଁ ଜିଲ୍ଲା ପ୍ରଶାସନ ଓ ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ପରାମର୍ଶ ଦିଆଯାଇଛି।

## ଜିଲ୍ଲାସ୍ତରୀୟ ଜାତୀୟ ପ୍ରେସ୍ ଦିବସ ପାଳନ



କେନ୍ଦ୍ରାପଡ଼ା,୧୬।୧୧(ସମିସ): ଜିଲ୍ଲାପାଳଙ୍କ ସମ୍ମିଳନୀ କକ୍ଷରେ ରବିବାର ଜିଲ୍ଲାସ୍ତରୀୟ ଜାତୀୟ ପ୍ରେସ ଦିବସ ପାଳିତ ହୋଇଛି। ଏ ବର୍ଷର ଥିମ୍ 'ଭ୍ରମାତ୍ମକ ଖବର ବୃଦ୍ଧି ପରିପ୍ରେକ୍ଷୀରେ ଗଣମାଧ୍ୟମର ବିଶ୍ୱସନୀୟତା ସଂରକ୍ଷଣ'କୁ ନେଇ ବକ୍ତାମାନେ ମତ ପ୍ରକାଶ କରିଛନ୍ତି। ମୁଖ୍ୟଅତିଥି ଅତିରିକ୍ତ ଜିଲ୍ଲାପାଳ ରବୀନ୍ଦ୍ର ମଲ୍ଲିକ କହିଥିଲେ, ଗଣତନ୍ତ୍ରର ଚତୁର୍ଥ ସ୍ତମ୍ଭ ଭାବେ ଗଣମାଧ୍ୟମ ସଦା ଗୁରୁତ୍ୱପୂର୍ଣ୍ଣ ଭୂମିକା ନେଇଆସିଛି। ଜିଲ୍ଲା ପ୍ରଶାସନ ଓ ସାମ୍ବାଦିକଙ୍କ ସୁସମନ୍ୱୟ ଜିଲ୍ଲାର ବିଭିନ୍ନ ସମସ୍ୟାର ସମାଧାନରେ ମହତ୍ତ୍ୱପୂର୍ଣ୍ଣ ଭୂମିକା ନେଇଥାଏ ବୋଲି ସେ ମତବ୍ୟକ୍ତ କରିଛନ୍ତି। ଏହି କାର୍ଯ୍ୟକ୍ରମରେ ଉପସ୍ଥିତ ଥିବା ସାମ୍ବାଦିକମାନେ କିଛି ମହତ୍ତ୍ୱପୂର୍ଣ୍ଣ ସୁଚନା ଓ ଆବଶ୍ୟକତା ଉପସ୍ଥାପନ କରିଥିଲେ। ସାମ୍ବାଦିକଙ୍କ ସୁରକ୍ଷା ସୁନିଶ୍ଚିତ କରିବା, ଜିଲ୍ଲାରେ ସାମ୍ବାଦିକ ଭବନ ନିର୍ମାଣ, ଠକ୍ ସାମ୍ବାଦିକଙ୍କୁ ଚିହ୍ନଟ କରି ଦୃଢ କାର୍ଯ୍ୟାନୁଷ୍ଠାନ ନେବା, ପ୍ରଶାସନର ପକ୍ଷରୁ ସହଯୋଗ ଜାରି ରହିବା ଭଳି ଦାବି ରହିଥିଲା। ଏ ଅବସରରେ ବରିଷ୍ଠ ସାମ୍ବାଦିକ ଚିତ୍ତରଞ୍ଜନ ଦାସ, ଆଶିଷ ସେନାପତି, ରବିନାରାୟଣ ପତି, ଅମର ବିଶ୍ୱାଳ, ସରୋଜ ପରିଡା, ନିହାର ସାହୁ, ହିମାଂଶୁ ନାୟକ, ରାଧାକାନ୍ତ ମହାନ୍ତି ସହ ଅନ୍ୟ ସାମ୍ବାଦିକ ମଧ୍ୟ ନିଜ ମତ ରଖିଥିଲେ। ସାମ୍ବାଦିକ ଅଲେଖ ନାୟକ ମଧ୍ୟ ଅନୁଭୂତିମୂଳକ ବକ୍ତବ୍ୟ ରଖିଥିଲେ। ଅନ୍ୟ ଅତିଥିଙ୍କ ମଧ୍ୟରେ ଡିଏସପି (ଡିଆଇଡି) ଲକ୍ଷ୍ମୀନାରାୟଣ ତିୱାରୀ, ଜିଲ୍ଲା ପରିଷଦ ଅତିରିକ୍ତ ନିର୍ବାହୀ ଅଧିକାରୀ ଶୁଭମ ପଣ୍ଡା, ମୁଖ୍ୟବକ୍ତା ତପନ ପତି ଯୋଗଦେଇଥିଲେ। ସ୍ୱାଗତ ଓ ଅତିଥି ପରିଚୟ ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ଫକୀରମୋହନ ମାଝୀ ଦେଇଥିଲେ। ଉପଖଣ୍ଡ ସୂଚନା ଅଧିକାରୀ ଅଶୋକ ବଳିଆରସିଂହ ଧନ୍ୟବାଦ ଅର୍ପଣ କରିଥିଲେ। କାର୍ଯ୍ୟାଳୟର କର୍ମଚାରୀ ଦିବ୍ୟରଞ୍ଜନ ବେହେରା, ମୋଦନ ହାଁସଦା, ରଞ୍ଜନ ସାହୁ, ଶେଖ ନୁର ଇସଲାମ ଆବଶ୍ୟକ ସହଯୋଗ କରିଥିଲେ।

## କର୍ମଜୀବୀ ସାମ୍ବାଦିକ ସଂଘ ପକ୍ଷରୁ ଜାତୀୟ ପ୍ରେସ୍ ଦିବସ



ମହାକାଳପଡ଼ା, ୧୬।୧୧(ସମିସ): ମହାକାଳପଡ଼ା କର୍ମଜୀବୀ ସାମ୍ବାଦିକ ସଂଘ ପକ୍ଷରୁ ଜାତୀୟ ପ୍ରେସ ଦିବସ ମହାକାଳପଡ଼ା ଡାକବଙ୍ଗଳା ପରିସରରେ ପାଳିତ ହୋଇଯାଇଛି। ପ୍ରମୋଦ ସ୍ୱାଇଁଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ସାମ୍ବାଦିକ ନମିତା ନାୟକ, ସମୀର ବାରିକ, ପ୍ରଭାତ ଜେନା, ସୂର୍ଯ୍ୟକାନ୍ତ ଦାଶ, ନାମବ୍ରହ୍ମ କର, କମଳଲୋଚନ ସାମଲ, ବିଶ୍ୱଜିତ ପ୍ରଧାନ, ପ୍ରଶାନ୍ତ ବେହେରା, ରାଜୁ ଦାସ, ବିକାଶ ମଲ୍ଲିକ, ରମା ମାଇତି, ସତ୍ୟବ୍ରତ ପରିଡ଼ା ପ୍ରମୁଖ ଯୋଗ ଦେଇଥିଲେ।

## ଭେଙ୍କଟେଶ୍ୱର ଇଂଲିଶ ମିଡିୟମ ସ୍କୁଲରେ ଶିଶୁ ଦିବସ



ପଟ୍ଟାମୁଣ୍ଡାଇ,୧୬।୧୧(ସମିସ): ପଟ୍ଟାମୁଣ୍ଡାଇ ଭେଙ୍କଟେଶ୍ୱର ଇଂଲିଶ ମିଡିୟମ ସ୍କୁଲରେ ଶିଶୁ ଦିବସ ପାଳିତ ହୋଇଯାଇଛି। ଅଧ୍ୟକ୍ଷ ପ୍ରତାପ ବିଶ୍ୱାଳଙ୍କ ପୌରୋହିତ୍ୟରେ ଆୟୋଜିତ ଉତ୍ସବରେ ପଟ୍ଟାମୁଣ୍ଡାଇ ପୌର ପରିଷଦ ଅଧ୍ୟକ୍ଷ ହେମନ୍ତ ସାହୁ ମୁଖ୍ୟଅତିଥି, ଇଂ ବିଜୟ ଚକ୍ର ମୁଖ୍ୟବକ୍ତା ଓ ସ୍କୁଲ ନିର୍ଦ୍ଦେଶକ ଆଡଭୋକେଟ ସଞ୍ଜୟ ସାହୁ ସମ୍ମାନିତ ଅତିଥି ଭାବେ ଯୋଗଦେଇ ଆଜିର ଶିଶୁ ଆସନ୍ତାକାଲିର ଭବିଷ୍ୟତ ହୋଇଥିବାରୁ ସଫଳ ଶିଶୁମାନେ ଦେଶ ବିକାଶରେ ସହାୟକ ହୋଇପାରିବେ ବୋଲି ମତ ପ୍ରକାଶ କରିଥିଲେ। ବନିମୟୀ ଜେନା କାର୍ଯ୍ୟକ୍ରମ ସମ୍ପର୍କରେ ସୂଚନା ଦେଇଥିବାବେଳେ ସୁମନପ୍ରିୟା ନାୟକ ସ୍ୱାଗତ ଭାଷଣ ଓ ପ୍ରିୟଙ୍କା ସୂତାର ଅତିଥି ପରିଚୟ ପ୍ରଦାନ କରିଥିଲେ। ଏ ଅବସରରେ ଆୟୋଜିତ ପ୍ରତିଯୋଗିତାକୁ ନମିତା ସୂତାର, ଗୌରବ ବେହେରା, ଜ୍ୟୋତ୍ସ୍ନାରାଣୀ ନାୟକ, ରିଙ୍କେଶ୍ୱରୀ ଦାସ, ବୀରସେନ ଜେନା, ସୌମ୍ୟରଞ୍ଜନ ପରିଚାଳନା କରିଥିଲେ। କୃତୀ ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରାଯାଇଥିଲା। ମୋନାଲିସା ରାୟ ଧନ୍ୟବାଦ ଦେଇଥିଲେ। ଅମିତ ପାତ୍ର, ସୋନାଲିସା ପରିଡା, ସୌମ୍ୟା ଶାଶ୍ୱତୀ ପ୍ରିୟଦର୍ଶିନୀ, ଶୁଭସ୍ମିତା ସାମଲ, କାମିନୀ ମହାନ୍ତି, ପ୍ରିୟଦର୍ଶିନୀ ବାରିକ, କଳ୍ପନା ଜେନା, ଆଶୁତୋଷ ପ୍ରଧାନ, ସୁପ୍ରିୟା ନନ୍ଦୀ, ଅମରେଶ ରାଉତ ପରିଚାଳନା କରିଥିବାବେଳେ ଅଭିଲିପ୍ସା ଜେନା, ମଧୁସ୍ମିତା ଗିରି, ଇତିଶ୍ରୀ ପଣ୍ଡା, ଭକ୍ତରଞ୍ଜନ ମହାନ୍ତି, ସ୍ମୃତିପ୍ରଜ୍ଞା ନାୟକ ପ୍ରମୁଖ ସହାୟତା କରିଥିଲେ।

## ବିର୍ସା ମୁଣ୍ଡାଙ୍କ ଜୟନ୍ତୀ ଉତ୍ସବ

କେନ୍ଦ୍ରାପଡ଼ା,୧୬।୧୧(ସମିସ): ଜିଲ୍ଲା ପ୍ରଶାସନ ପକ୍ଷରୁ ଜିଲ୍ଲା ସଂସ୍କୃତି ଭବନରେ ଜନଜାତୀୟ ଗୌରବ ଦିବସ ଓ ବିର୍ସା ମୁଣ୍ଡାଙ୍କ ଜୟନ୍ତୀ ଉପଲକ୍ଷେ ଜିଲ୍ଲାସ୍ତରୀୟ ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲା ମଙ୍ଗଳ ଅଧିକାରୀ ଅରବିନ୍ଦ ରାୟଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଜିଲ୍ଲାସ୍ତରୀୟ ଉତ୍ସବରେ ମୁଖ୍ୟଅତିଥି ଭାବେ ଅତିରିକ୍ତ ଜିଲ୍ଲାପାଳ (ସାଧାରଣ) ନବକ୍ରିଷ୍ଣ ଜେନା ଯୋଗ ଦେଇଥିବାବେଳେ ସମ୍ମାନିତ ଅତିଥି ଭାବେ ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀ ସୁଷମା ମହାନ୍ତି, ଅତିରିକ୍ତ ଜିଲ୍ଲା ମଙ୍ଗଳ ଅଧିକାରୀ ରଶ୍ମିମଞ୍ଜରୀ ପ୍ରଧାନ, ଜନଜାତି ସମୂହ ପ୍ରତିନିଧି ଭାବେ କାଲୁ ମାରାଣ୍ଡି ଓ ମକରା ଟୁଟୁ ଯୋଗ ଦେଇଥିଲେ। ବିର୍ସା ମୁଣ୍ଡା ଥିଲେ ଆଦିବାସୀଙ୍କ ସ୍ୱାର୍ଥ, ସ୍ୱାଭିମାନର ସୁରକ୍ଷା ପାଇଁ ସଂଘର୍ଷର ମୂର୍ତ୍ତିମନ୍ତ ପ୍ରତୀକ। ବିର୍ସା ମୁଣ୍ଡଙ୍କ ୧୫୦ତମ ଜୟନ୍ତୀକୁ ଜନଜାତୀୟ ଗୌରବ ଦିବସ ଭାବେ ପାଳନ କରିବା ପରମ୍ପରା ସୃଷ୍ଟି କରି ଦେଶର ଆଦିବାସୀ ସମାଜକୁ ଏହାର ଇତିହାସ, ସଭ୍ୟତା, ସଂସ୍କୃତି ଓ ଆତ୍ମ ପରିଚୟକୁ ପୁଣିଥରେ ସିଂହାବଲୋଚନ କରିବାର ସୁଯୋଗ ସୃଷ୍ଟି କରିଛନ୍ତି ବୋଲି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଆଭାସୀ ମାଧ୍ୟମରେ କହିଥିଲେ। ବିର୍ସା ମୁଣ୍ଡାଙ୍କ ସଂଘର୍ଷର ସ୍ୱର୍ଣ୍ଣିମ କାହାଣୀ ସହ ଓଡିଶାର ବ୍ରିଟିଶ ବିରୋଧୀ ସଂଗ୍ରାମର ଆଦିବାସୀ ମହାନାୟକଙ୍କୁ ମନେପକାଇ ସେମାନଙ୍କୁ ସ୍ମୃତିର ଅର୍ଘ୍ୟ ଦେବା ସହ ଆଦିବାସୀ ଜନଜାତିର ଉନ୍ନତି ପାଇଁ ସମସ୍ତେ ସଂକଳ୍ପବଦ୍ଧ ହେବାକୁ ମୁଖ୍ୟଅତିଥି ଆହ୍ୱାନ ଦେଇଥିଲେ। ଏହି ଉତ୍ସବରେ ମହାକାଳପଡ଼ାର ମିଲି ମାଝୀଙ୍କୁ ଫୁଟବଲ ଖେଳ ପାଇଁ ପୁରସ୍କୃତ କରାଯାଇଥିଲା। ଏ ଅବସରରେ ଚିତ୍ରାଙ୍କନ, ପ୍ରବନ୍ଧ ପ୍ରତିଯୋଗିତାର କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା। ଜିଲ୍ଲା ମଙ୍ଗଳ ଅଧିକାରୀ ଧନ୍ୟବାଦ ଅର୍ପଣ କରିଥିଲେ।

### ଦିଆଯାଉନି ସ୍ଥାୟୀ ବିଜୁଳି ସଂଯୋଗ

## ଶକ୍ତିମନ୍ତ୍ରୀଙ୍କୁ ନିବେଦନ କଲେ ସୈନିକଙ୍କ ପତ୍ନୀ

ରାଜକନିକା,୧୬।୧୧(ସମିସ): ବିଦ୍ୟୁତ୍ ଆବଣ୍ଟନ କମ୍ପାନୀ (ଟିପିସିଓଏଲ) ରାଜକନିକା ଉପବିଭାଗର ଗ୍ରାହକ ଶୋଷଣ ଓ ଲାଞ୍ଚଖୋର ମନୋଭାବରୁ ସ୍ଥାୟୀ ବିଜୁଳି ସଂଯୋଗ ପାଇବାରୁ ବଞ୍ଚିତ ହୋଇଛନ୍ତି ଜଣେ ସୈନିକଙ୍କ ପତ୍ନୀ। ଫଳରେ ସେ ନ୍ୟାୟ ପାଇଁ ଶକ୍ତିମନ୍ତ୍ରୀଙ୍କୁ ଚିଠି ଲେଖିଥିବା ଜଣାପଡିଛି।

ସୂଚନା ମୁତାବକ, ବର୍ତ୍ତନୀ (ମଠସାହି) ଗ୍ରାମର ସୈନିକ ଅଜୟ ଦାସ କନିକା ତହସିଲର ବର୍ତ୍ତନୀ ମୌଜାରେ ଥିବା ଏକ ଜମିର ଘରକୁ ପର୍ଯ୍ୟାୟକ୍ରମେ ଦୁଇ ଦୁଇଥର ଅସ୍ଥାୟୀ ବିଜୁଳି ସଂଯୋଗ ନେଇଥିଲେ। ଉପଯୁକ୍ତ ଅର୍ଥ ଦେଇ ରସିଦ ପାଇ ସେହି ଘରେ ମିଟର ବସାଇ ଏକ ବର୍ଷରୁ ଊର୍ଦ୍ଧ୍ୱ ସମୟ ହେବ ବିଜୁଳି ପାଇବା ସହ ନିୟମିତ ବିଲ ଦେଇଆସୁଥିଲେ। ଗତ ସେପ୍ଟେମ୍ବର ୨୪ ତାରିଖରେ ଏହି ଅସ୍ଥାୟୀ ସଂଯୋଗର ଅବଧି ଶେଷ ହେବାରୁ ଅଜୟ ପୁଣି ଏକ ରସିଦ କାଟି ଆସନ୍ତା ଡିସେମ୍ବର ୨୩ ତାରିଖ ଯାଏ ବିଲ ପୈଠ ମଧ୍ୟ କରିଥିଲେ। ମାତ୍ର ସେହି ସଂଯୋଗକୁ ସ୍ଥାୟୀ କରିବା ଓ ଏକ ଟ୍ରାନ୍ସଫର୍ମର ବସାଇବା ପାଇଁ ଟିପିସିଓଏଲର ଆକଳନ ପରେ ସେ ନିର୍ଦ୍ଧାରିତ ଅର୍ଥ ପୈଠ କରିଛନ୍ତି। ଟ୍ରାନ୍ସଫର୍ମର ବସିବା କାମ ପ୍ରାୟ ଶେଷ ହୋଇଥିବାବେଳେ ଗତ ୩୦ ତାରିଖ ସନ୍ଧ୍ୟାରେ ରାଜକନିକା ବିଜୁଳି ବିଭାଗ କର୍ମଚାରୀ ଓ ଜେଇ ଯାଇ ବଳବନ୍ତର ଥିବା ଅସ୍ଥାୟୀ ବିଜୁଳି ସଂଯୋଗ କାଟି ମିଟର ଉଠାଇ ନେଇ ଆସିଥିବା ଅଜୟଙ୍କ ସ୍ତ୍ରୀ କବିତା ଦାସ ଶକ୍ତିମନ୍ତ୍ରୀ, କେନ୍ଦ୍ରାପଡ଼ା ଜିଲ୍ଲାପାଳ ଓ ରାଜକନିକା ଥାନାକୁ ଜଣାଇ ଏହାର ନ୍ୟାୟ ଭିକ୍ଷା କରିଛନ୍ତି। କବିତାଙ୍କ ଅଭିଯୋଗ ଅନୁଯାୟୀ ତାଙ୍କ ସ୍ୱାମୀ ଜମ୍ମୁ-କାଶ୍ମୀରର ପହେଲଗାମରେ ଭାରତୀୟ ସେନାର ଯବାନ ଭାବେ ନିୟୋଜିତ ଥିବାରୁ ସେ ଘରକୁ ଆସି ବିଜୁଳି ସଂଯୋଗ ପାଇଁ ବାରମ୍ବାର ଯୋଗାଯୋଗ କରିଥିଲେ ହେଁ ରାଜକନିକା ବିଜୁଳି ଉପବିଭାଗର ଯନ୍ତ୍ରୀ ତାଙ୍କୁ ହାତଗୁଞ୍ଜା ନେବାକୁ ହଇରାଣ କରିଆସୁଥିଲେ। ତାଙ୍କ ସୈନିକ ସ୍ୱାମୀ ଏଥିରେ ରାଜି ନ ହେବାରୁ ତାଙ୍କ ସ୍ୱାମୀ ଘରେ ଥିବାବେଳେ ବିଜୁଳି ନ କାଟି ସ୍ୱାମୀ ଯେଉଁ ଦିନ ଡ୍ୟୁଟିକୁ ଗଲେ ସେଦିନ ସନ୍ଧ୍ୟାରେ ଜୋର ଜବରଦସ୍ତ ବିଜୁଳି କାଟିବା ତାଙ୍କୁ ଅପମାନିତ କରାଯାଇଥିବା ବୋଲି ସେ ଅଭିଯୋଗ କରିଛନ୍ତି। ଏ ସମ୍ପର୍କରେ ରାଜକନିକା ବିଜୁଳି ଉପବିଭାଗ (ଟିପିସିଓଏଲ)ର ଆସିଷ୍ଟାଣ୍ଟ ମ୍ୟାନେଜରଙ୍କୁ ପଚାରିବାରୁ ଅସ୍ଥାୟୀ ସଂଯୋଗ ପାଇଁ ଆମେ ତିନି ମାସର ଏଷ୍ଟିମେଟ କରିଥାଉ ଓ ଉପଭୋକ୍ତାଙ୍କୁ ମାସେ ସମୟ ମିଳିଥାଏ। ସେହି ନ୍ୟାୟରେ ଆମେ ମାସେ ଯିବା ପରେ ତାଙ୍କର ଲାଇନ କାଟିଛୁ ବୋଲି କହିଛନ୍ତି।

## ରାସ୍ତା କଡ଼ରେ ପଡ଼ିଛି ସରକାରୀ ଔଷଧ

ପଞ୍ଚୁପାଣ୍ଡବ,୧୬।୧୧(ସମିସ): ଡେରାବିଶ ବ୍ଲକ୍ ରଘୁଦେଇପୁର ପଞ୍ଚାୟତ ଅନ୍ତର୍ଗତ ନୋଳସାହିରେ ଥିବା ରାଇସ ମିଲରୁ ଯାଇଥିବା ଛୋଟି ପଞ୍ଚାୟତ ଅଫିସ୍ ମଝି ପାଟ ରାସ୍ତାରେ ପୁଳା ପୁଳା ଔଷଧ ପଡ଼ିଥିବା ଦେଖିବାକୁ ମିଳୁଛି।



ଏହା ସରକାରଙ୍କ ପକ୍ଷରୁ ବିତରଣ ପାଇଁ ଆସିଥିବା ବିଭିନ୍ନ ପ୍ରକାରର ଔଷଧ। ରୋଗୀଙ୍କୁ ବିତରଣ କରିବା ପରିବର୍ତ୍ତେ ଏଗୁଡିକ କେମିତି ରାସ୍ତା କଡ଼ରେ ପଡିଛି, ତାହାକୁ ଦେଖି ଲୋକଙ୍କ ମଧ୍ୟରେ ସନ୍ଦେହ ସୃଷ୍ଟି ହୋଇଛି। କିଏ ଓ କାହିଁକି ଏଭଳି ଔଷଧ ରାସ୍ତା କଡ଼ରେ ଫୋପାଡ଼ିଛି, ତାହା ଜଣାପଡ଼ିନାହିଁ। କିଛିଦିନ ତଳେ ଡେରାବିଶ ସ୍ୱାସ୍ଥ୍ୟକେନ୍ଦ୍ରରେ ଔଷଧ ପୋଡ଼ିକୁ ନେଇ ସମସ୍ୟା ଉପୁଜିଥିଲା। ସରକାରଙ୍କ ରାଜକୋଷରୁ ଲକ୍ଷଧିକ ଟଙ୍କା ଖର୍ଚ୍ଚ ହୋଇ ସାଧାରଣ ଲୋକଙ୍କ ବିତରଣ ପାଇଁ ଆସୁଥିବା ଔଷଧ ରାସ୍ତା କଡ଼ରେ ପଡିବା ନିହାତି ତଦନ୍ତ ହେବା ଅବଶ୍ୟକ ବୋଲି ଅଞ୍ଚଳବାସୀ ଦାବି କରିଛନ୍ତି।

## ସାଗରବେଳା ମହୋତ୍ସବ ପାଇଁ ପ୍ରସ୍ତୁତି ବୈଠକ

ରାଜନଗର,୧୬।୧୧(ସମିସ): ସପ୍ତମ ରାଜନଗର ସାଗରବେଳା ମହୋତ୍ସବ ପାଇଁ ପ୍ରସ୍ତୁତି ବୈଠକ ଶ୍ରୀଜଗନ୍ନାଥ ମହାବିଦ୍ୟାଳୟ ପାରିସରରେ ଅନୁଷ୍ଠିତ ହୋଇଛି। ପରିଷଦର ସଭାପତି ଡା. ଅଭୟ ପାତ୍ରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ବୈଠକରେ ସମ୍ପାଦକ ପ୍ରାଧ୍ୟାପକ ସତ୍ୟବାଦୀ ଜେନା ପୂର୍ବ ବିବରଣୀ ପାଠ କରିଥିଲେ। ବେଳାଭୂମି ମହୋତ୍ସବ ପାଳନ ସହ ମହୋତ୍ସବ ମୁଖପତ୍ର 'ସାଗରବେଳା' ପ୍ରକାଶ ପାଇଁ ମତ ପ୍ରକାଶ ପାଇଥିଲା। ମୁଖପତ୍ର ପ୍ରକାଶ ଦାୟିତ୍ୱ ଡଃ ଧରଣୀଧର ରାଉତଙ୍କୁ ଅର୍ପଣ କରାଯାଇଥିଲା। ବୈଠକରେ ପରିଷଦର ସଦସ୍ୟ ଡଃ ସୁବାସ ପ୍ରଧାନ, ଅନୀଲ ବଳ, ପ୍ରାଧ୍ୟାପକ ଅଭିନ୍ନ ସ୍ୱାଇଁ, ମହେଶ୍ୱର ରାଉତ, କ୍ଷୀରୋଦ ମଲ୍ଲିକ, ସୀତାକାନ୍ତ ରାଉଳ, ବିଜୟ ଜେନା, ମେଜର ଗଗନ ସ୍ୱାଇଁ, ଅଚ୍ଛୁତାନନ୍ଦ ପ୍ରଧାନ, କୈଳାସ ରାଉତ, ସର୍ବେଶ୍ୱର ମହାନ୍ତି, ବୀରକିଶୋର ଜେନା, ସୁରେଶ ନରେନ୍ଦ୍ର ପ୍ରମୁଖ ଯୋଗଦେଇ ମହୋତ୍ସବକୁ ସରସ ସୁନ୍ଦର ସହ ପାଳନ କରିବା ସହିତ ବରପୁତ୍ରଙ୍କୁ ସମ୍ବର୍ଦ୍ଧିତ କରିବାକୁ ସ୍ଥିର କରାଗଲା। ଅଧ୍ୟାପିକା ଭଗବତୀ ରାଉତ ଧନ୍ୟବାଦ ଅର୍ପଣ କରିଥିଲେ।

### କେନ୍ଦ୍ରାପଡ଼ାରେ ଚାଲିଛି ଅବୈଧ ନର୍ସିଂହୋମ୍

# ମାତୃ, ଶିଶୁ ସୁରକ୍ଷାକୁ ନେଇ ଉଠିଲା ପ୍ରଶ୍ନ; ଜିଲ୍ଲାପାଳଙ୍କୁ ଅଭିଯୋଗ


କେନ୍ଦ୍ରାପଡ଼ା, ୧୬।୧୧(ସମିସ): ପୌରାଞ୍ଚଳରେ ଚାଲୁଥିବା ଏକ ଘରୋଇ ନର୍ସିଂହୋମ୍ ବିରୋଧରେ ଗୁରୁତର ଅନିୟମିତତା ଓ ଅବୈଧ ଭାବେ ଚାଲିଥିବା ଅଭିଯୋଗ ଉଠିଛି। ଏ ନେଇ ଜିଲ୍ଲାପାଳଙ୍କୁ ଦିଆଯାଇଥିବା ଲିଖିତ ଅଭିଯୋଗପତ୍ରରେ ହସ୍ପିଟାଲର କିଛି ତ୍ରୁଟି ଓ ନିୟମ ଉଲ୍ଲଙ୍ଘନ ନେଇ ସୂଚନା ଦିଆଯାଇଛି। ଏ ନେଇ କେନ୍ଦ୍ରାପଡ଼ାର ସମାଜସେବୀ ରାଧାକାନ୍ତ ମହାନ୍ତିଙ୍କ ଅଭିଯୋଗକ୍ରମେ ଏହି ଘରୋଇ ନର୍ସିଂହୋମରୁ ବାହାରୁଥିବା ଆବର୍ଜନାକୁ ସଠିକ୍ ବା ଅନୁବନ୍ଧିତ ସଂସ୍ଥାକୁ ନ ଦିଆଯାଇ ହଜାରୀ ବଗିଚାସ୍ଥ ମ୍ୟୁନିସିପାଲିଟି ଡମ୍ପିଂୟାର୍ଡରେ ପକାଯାଉଛି। ଏଥିସହ ଦକ୍ଷତା ବିହୀନ କର୍ମଚାରୀଙ୍କ ଦ୍ୱାରା ଡାକ୍ତରୀ ସେବା ଯୋଗାଇ ଦିଆଯାଉଥିବା ଅଭିଯୋଗ ଉଠିଛି। ଯଦ୍ୱାରା ବାରମ୍ବାର ଶିଶୁ ଓ ମାତୃ ମୃତ୍ୟୁହାର ବଢୁଥିବା ଅଭିଯୋଗ ହୋଇଛି।

ନର୍ସିଂହୋମ ଚଳାଇବାକୁ ପୌରପାଳିକାର ମଞ୍ଜୁରୀ ନ ଥିବା ଓ ଦୂର ଦୂର ପର୍ଯ୍ୟନ୍ତ କେନ୍ଦ୍ରାପଡ଼ା ପୌରପାଳିକାର ଆକ୍ସନ ପ୍ଲାନରେ ମଧ୍ୟ ଏହି ନର୍ସିଂହୋମ ପାଇଁ କୌଣସି ଯୋଜନା ନ ଥିବା ଜଣାପଡ଼ିଛି। ରୋଗୀଙ୍କ ଚିକିତ୍ସା ପାଇଁ ଡାକ୍ତରଙ୍କ ଆବଶ୍ୟକତା ଥିବାବେଳେ ଏହି ନର୍ସିଂହୋମର ଦାୟିତ୍ୱରେ କୌଣସି ଡାକ୍ତର ନ ଥିବା ରୋଗୀଙ୍କ ମଧ୍ୟରେ ଅସନ୍ତୋଷ ବୃଦ୍ଧି ପାଉଛି। ୫ରୁ ୯ ମଞ୍ଜୁର ଶଯ୍ୟା ସଂଖ୍ୟାଠାରୁ ପଡିଛି ୨୫ରୁ ଅଧିକ ସଂଖ୍ୟକ ଶଯ୍ୟା। ଅନ୍ୟପକ୍ଷରେ ଅଗ୍ନିଶମ ବିଭାଗ ଦେଇଥିବା ଏନଓସି ଅନୁଯାୟୀ ଅଗ୍ନି ନିରୋଧକାରୀ ସାମଗ୍ରୀ ନାହିଁ। ବୈଷୟିକ ଜ୍ଞାନ ଥିବା କର୍ମଚାରୀ ଏଠାରେ ନାହାନ୍ତି। ଡ୍ରଗ୍ ଲାଇସେନ୍ସ ବିନା ଚିକିତ୍ସା ସେବା ଏ ପର୍ଯ୍ୟନ୍ତ ଜାରି ରହିଛି। ଏହି ନର୍ସିଂହୋମ ପାଇଁ ମାତୃ ଓ ଶିଶୁ ମୃତ୍ୟୁହାର ବଢିବା ଆଶଙ୍କା ବୃଦ୍ଧି ପାଇଛି। ଡାକ୍ତର ଚାମ୍ବର, ପ୍ରତୀକ୍ଷାଳୟ, ଲେବର ରୁମ ଓ ଓଟି ସୁବିଧା ମଧ୍ୟ ନାହିଁ। ଏସବୁ ଘଟଣାର ତଦନ୍ତ କରିବା ସହ ଘରୋଇ ନର୍ସିଂହୋମ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ପାଇଁ ରାଧାକାନ୍ତ ଦାବି କରିଛନ୍ତି। ଅଭିଯୋଗକାରୀ ଜିଲ୍ଲାପାଳଙ୍କୁ ଉକ୍ତ ନର୍ସିଂହୋମର ଡକ୍ୟୁମେଣ୍ଟ ଯାଞ୍ଚ, ସ୍ଥଳ ପରିଦର୍ଶନ ଓ ତତ୍କାଳ କାର୍ଯ୍ୟାନୁଷ୍ଠାନ ନେବାକୁ ଦାବି କରିଛନ୍ତି। ଅଭିଯୋଗପତ୍ରର ଏକ କପି ସ୍ୱାସ୍ଥ୍ୟ ବିଭାଗ କମିଶନର ତଥା ସଚିବ, ଜିଲ୍ଲା ମେଡିକାଲ ଅଫିସର ଓ ଡ୍ରଗ ଇନ୍ସପେକ୍ଟରଙ୍କୁ ପଠାଯାଇଛି। ସ୍ଥାନୀୟ ଅଞ୍ଚଳବାସୀଙ୍କ କହିବା ଅନୁଯାୟୀ, ମୂଳ ସ୍ୱାସ୍ଥ୍ୟ ସୁବିଧା ବିନା ଏତେ ବଡ଼ ନର୍ସିଂହୋମ୍ କିପରି ଚାଲୁଛି। ଏହା ଅତ୍ୟନ୍ତ ଚିନ୍ତାଜନକ ବିଷୟ। ଅଭିଯୋଗ ପରେ ପ୍ରଶାସନ କିପରି ପଦକ୍ଷେପ ନେବେ, ସେଥିପାଇଁ ଜନସାଧାରଣ ଅପେକ୍ଷାରେ ରହିଛନ୍ତି।

## ମଙ୍ଗରାଜପୁରରେ କ୍ରିକେଟ୍ ଟୁର୍ଣ୍ଣାମେଣ୍ଟ

ଆଳି, ୧୬।୧୧(ସମିସ): ଆଳି ବ୍ଲକ ସଂସିଧା ପଞ୍ଚାୟତ ମଙ୍ଗରାଜପୁର ଖେଳ ପଡ଼ିଆରେ ସରସ୍ୱତୀ ଦାସଙ୍କ ଏକାଦଶାହରେ ତାଙ୍କ ସ୍ମୃତି ଉଦ୍ଦେଶ୍ୟରେ ସତ୍ୟେଶ ଦାସଙ୍କ ସଂଯୋଜନାରେ ଜୁନିୟର କ୍ରିକେଟ ଟୁର୍ଣ୍ଣାମେଣ୍ଟ ଅନୁଷ୍ଠିତ ହୋଇଛି। ପ୍ରଥମେ ଶ୍ରୀମତୀ ଦାସଙ୍କ ଆତ୍ମାର ସଦଗତି ପାଇଁ ଦୁଇ ମିନିଟ ନିରବ ପ୍ରାର୍ଥନା କରାଯାଇଥିଲା। ସଂସିଧା ସରପଞ୍ଚ ଦୀପକ ଭୂୟାଁ ମୁଖ୍ୟଅତିଥି ଭାବେ ଯୋଗଦେଇ ଟୁର୍ଣ୍ଣାମେଣ୍ଟକୁ ଉଦ୍‌ଘାଟନ କରିଥିଲେ। ଏହି ଟୁର୍ଣ୍ଣାମେଣ୍ଟରେ ମଙ୍ଗରାଜପୁର, ଠାକୁରପାଟଣା, ସଂସିଧା, ପାଞ୍ଚନପଡ଼ା ଭାଗ ନେଇଥିଲା। ମଙ୍ଗରାଜପୁର ଓ ପାଞ୍ଚନପଡା ମଧ୍ୟରେ ଫାଇନାଲ ମ୍ୟାଚ୍ ଖେଳାଯାଇଥିଲା। ମଙ୍ଗରାଜପୁର ୬ ୱିକେଟ ହରାଇ ୯୨ ରନ ସଂଗ୍ରହ କରିଥିବାବେଳେ ପାଞ୍ଚନପଡା ୨ ୱିକେଟ୍ ଥା ଅନ୍ତିମ ଓଭରରେ ବିଜୟୀ ହୋଇ ଚାମ୍ପିଅନ୍ ହୋଇଥିଲା। ଟୁର୍ଣ୍ଣାମେଣ୍ଟକୁ ପ୍ରଶାନ୍ତ ପଲେଇ, ସୁନୀଲ ଦାସ, ଶ୍ରୀନିବାସ ଦାସ, ସୁବାସ ଦାସ, ସରୋଜ ଦାସ, ମନୋଜ ଦାସ, ପଙ୍କଜ ଦାସ, ରଶ୍ମିରଞ୍ଜନ ଦାସ, ଦୀପକ ଦାସ, ରାକେଶ ଦାସ, ସୋବେଶ ଦାସ ପ୍ରମୁଖ ପରିଚାଳନା କରିଥିଲେ।

# ସମ୍ପାଦକୀୟ



ସ୍ୱାଧୀନ ଭାରତର ଅନନ୍ୟ ଉପଲବ୍ଧି ମଧ୍ୟରୁ ମୁକ୍ତ ଗଣମାଧ୍ୟମ ଅନ୍ୟତମ।
-ସବାନା ଆଜ୍‌ମୀ

ସକାଳ
THE SAKALA

## ଅର୍ଥନୀତି ଉପରେ ରାଜନୀତି ବୋଝ

କ୍ଷମତା ହାସଲ ପାଇଁ ନିର୍ବାଚନ ରଣନୀତିର ଏକ ଅପରିହାର୍ଯ୍ୟ ଅଙ୍ଗ ପାଲଟିଥିବା ଫ୍ରିବିଜ୍‌ ବା 'ମାଗଣା' ନାମକ ଅସ୍ତ୍ରଟିର ସୁଦୂରପ୍ରସାରୀ ପ୍ରଭାବ ସାମଗ୍ରିକ ଭାବେ ଦେଶର ଅର୍ଥନୀତି ଉପରେ ପଡୁଥିବା ଜାଣି ମଧ୍ୟ ରାଜନୈତିକ ଦଳମାନଙ୍କର ସେଥିପ୍ରତି ଭ୍ରୂକ୍ଷେପ ନାହିଁ। ଦେଶର ସର୍ବୋଚ୍ଚ ନ୍ୟାୟାଳୟ ଏକାଧିକ ଥର ଏ ବିଷୟରେ ରାଜନୈତିକ ଦଳମାନଙ୍କୁ ସଚେତନ କରିବା ସହିତ ଅସନ୍ତୋଷ ପ୍ରକାଶ କରିଛନ୍ତି। କିନ୍ତୁ ଭାରତୀୟ ରାଜନୀତିରେ ଏଭଳି ଅବାଞ୍ଛିତ ଧାରା ହ୍ରାସ ପାଇବା ବଦଳରେ ବଢ଼ି ଚାଲିଛି। ସଦ୍ୟସମାପ୍ତ ବିହାର ନିର୍ବାଚନରେ ମଧ୍ୟ ମହିଳା ଉଦ୍ୟୋଗୀଙ୍କୁ ୧୦ ହଜାର ଟଙ୍କା ଲେଖାଏଁ ଅଗ୍ରୀମ ହସ୍ତାନ୍ତର ନିର୍ବାଚନ ଫଳକୁ ନିର୍ଣ୍ଣାୟକ କରିବାରେ ପ୍ରମୁଖ ଭୂମିକା ଗ୍ରହଣ କରିଥିବା ରାଜନୈତିକ ବିଶାରଦମାନେ ମତ ଦେଇଛନ୍ତି। ଏହାର ବୋଝକୁ ଗରିବ ରାଜ୍ୟ ବିହାରର ଅର୍ଥନୀତି କେତେ ସହିପାରିବ ତାହା ଭିନ୍ନ କଥା।

ବିଭିନ୍ନ ନାମରେ ନଗଦ ପ୍ରତ୍ୟକ୍ଷ ହସ୍ତାନ୍ତର ରଣକୌଶଳଟି ମଧ୍ୟପ୍ରଦେଶରେ ସଫଳ ସାବ୍ୟସ୍ତ ହେବା ପରେ ଓଡ଼ିଶା, ମହାରାଷ୍ଟ୍ର, ବିହାର ସମେତ ଅନ୍ୟ କେତେକ ରାଜ୍ୟରେ ପ୍ରୟୋଗ କରି ଶାସକ ଦଳ ଆଶାତୀତ ସଫଳତା ହାସଲ କରିଚାଲିଛନ୍ତି। ଯୋଗ୍ୟ ମହିଳା ହିତାଧିକାରୀମାନଙ୍କୁ ଏଭଳି ନଗଦ ହସ୍ତାନ୍ତର ଯୋଜନା ମାଧ୍ୟମରେ ଜାମ୍ମୁକାଶ୍ମୀରରେ ସର୍ବାଧିକ ମାସିକ ୫ ହଜାର ଟଙ୍କା ଲେଖାଏଁ ମିଳୁଥିବା ବେଳେ ହିମାଚଳ ପ୍ରଦେଶ ଓ ଆନ୍ଧ୍ରପ୍ରଦେଶରେ ମାସିକ ୧୫୦୦ ଟଙ୍କା, ପଞ୍ଜାବରେ ୧୧୦୦ ଟଙ୍କା, ଛତିଶଗଡ଼ ଓ ପଶ୍ଚିମବଙ୍ଗ ଓ ତାମିଲନାଡୁରେ ୧୦୦୦ ଟଙ୍କା, ଦିଲ୍ଲୀ, ମହାରାଷ୍ଟ୍ର ଓ ହରିଆଣାରେ ୨୧୦୦ ଟଙ୍କା, ଝାଡ଼ଖଣ୍ଡ ଓ ତେଲଙ୍ଗାନାରେ ୨୫୦୦ ଟଙ୍କା, ମଧ୍ୟପ୍ରଦେଶ ଓ ଆସାମରେ ୧୨୫୦ ଟଙ୍କା, କର୍ଣ୍ଣାଟକରେ ୨୦୦୦ ଟଙ୍କା ଓ ଓଡ଼ିଶାରେ ସର୍ବନିମ୍ନ ୮୩୩ ଟଙ୍କା ମିଳୁଛି। ଅପରପକ୍ଷରେ ଦେଶର ଜିଡିପିରେ ୯୦% ଅବଦାନ ରଖୁଥିବା ଉପରୋକ୍ତ ରାଜ୍ୟଗୁଡ଼ିକର ଋଣ ବୋଝ ସାମଗ୍ରିକ ଭାବେ ୨୮ ଲକ୍ଷ କୋଟି ଟଙ୍କାରୁ ଅଧିକ। ସେମାନଙ୍କର ମୋଟ ବିତ୍ତୀୟ ନିଅଣ୍ଟ ପରିମାଣ ୨୦୨୪-୨୫ ଆର୍ଥିକ ବର୍ଷ ସୁଦ୍ଧା ୯.୫ ଲକ୍ଷ କୋଟି ଏବଂ ରାଜସ୍ୱ ନିଅଣ୍ଟ ୨.୧ ଲକ୍ଷ କୋଟି ଟଙ୍କାରୁ ଅଧିକ।

ଋଣଂ କୃତ୍ୱା ଘୃତଂ ପିବେତ୍ ନୀତି ହିଁ ଏବେ ରାଜନୀତିର ମୂଳମନ୍ତ୍ର ହୋଇଥିବାରୁ 'ନୋଟ୍ ବଦଳରେ ଭୋଟ'ର ଏହି ପରିବର୍ତ୍ତିତ ଧାରା ବିଭିନ୍ନ ଯୋଜନାର ମୁଖା ପିନ୍ଧି ଏକପ୍ରକାର ବୈଧ ହୋଇସାରିଛି। ତେଣୁ ବିନା ଫ୍ରିବିଜ୍ ଘୋଷଣାରେ କେହି ନିର୍ବାଚନ ଜିତିପାରିବେ ନାହିଁ କି କ୍ଷମତାକୁ ଆସିବା ପରେ ଏଭଳି ଅବାଞ୍ଛିତ ପରମ୍ପରାର ସମ୍ପୂର୍ଣ୍ଣ ବିଲୋପ ପାଇଁ ସଂସ୍କାର ଆଣିପାରିବେ ନାହିଁ। ଭାରତୀୟ ଗଣତନ୍ତ୍ର ଏହି ଫ୍ରିବିଜ୍ ରୂପକ ଅସ୍ତ୍ରରେ କ୍ଷତାକ୍ତ ହୋଇଚାଲିଥିବ ଏବଂ ଭାରତୀୟ ଅର୍ଥନୀତି ଏହି ବୋଝ ମୁଣ୍ଡାଇ ଚାଲିଥିବ। ଏଥିରୁ ନିସ୍ତାର ସମ୍ଭାବନା ସୁଦୂର ଭବିଷ୍ୟତରେ ମଧ୍ୟ ଦେଖାଯାଉନାହିଁ।

## ଯକ୍ଷ୍ମା-ସମସ୍ୟା ଜଟିଳ

ଯକ୍ଷ୍ମା ଭଳି ଧୀର ଅଥଚ ପ୍ରାଣଘାତୀ ସଂକ୍ରମଣରେ ପ୍ରତିବର୍ଷ ଯେତିକି ଲୋକ ଭାରତରେ ମୃତ୍ୟୁମୁଖରେ ପଡୁଛନ୍ତି ତାହା କରୋନା ମହାମାରୀ ଜନିତ ମୃତ୍ୟୁ ସଂଖ୍ୟାଠାରୁ ମଧ୍ୟ ଅଧିକ। ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନ ଦ୍ୱାରା ପ୍ରକାଶିତ ସଦ୍ୟତମ(ଗତ ୧୨ ତାରିଖ) ବିଶ୍ୱ ଯକ୍ଷ୍ମା ରିପୋର୍ଟ ୨୦୨୫ର ତଥ୍ୟାନୁଯାୟୀ ଗତବର୍ଷ ଭାରତରେ ୨୭ ଲକ୍ଷ ୧୦ ହଜାର ରୋଗୀ ଥିବା ବେଳେ ୩ ଲକ୍ଷ ରୋଗୀ ପ୍ରାଣ ହରାଇଛନ୍ତି। ରିପୋର୍ଟ ଅନୁଯାୟୀ ଏବେ ବିଶ୍ୱର ଏକ-ଚତୁର୍ଥାଂଶରୁ ଅଧିକ ଯକ୍ଷ୍ମା ରୋଗୀ ଭାରତରେ ଅଛନ୍ତି, ଯାହା ଦେଶର ଜନସ୍ୱାସ୍ଥ୍ୟ ପରିଚାଳନାରେ ବ୍ୟାପକ ପ୍ରତିବନ୍ଧକ ସୃଷ୍ଟି କରୁଛି।

ପ୍ରତିବର୍ଷ ମାର୍ଚ୍ଚ ମାସରେ କେନ୍ଦ୍ର ସରକାର ଯକ୍ଷ୍ମା ରୋଗ ସମ୍ପର୍କିତ ତଥ୍ୟ ଜାରି କରୁଥିଲେ ମଧ୍ୟ ଚଳିତ ବର୍ଷ ଏଥିରୁ ଦୂରେଇ ରହିବାର କାରଣ ଜଣାପଡ଼ିନାହିଁ। ୨୦୩୦ସୁଦ୍ଧା ବିଶ୍ୱରେ ଯକ୍ଷ୍ମାକୁ ସମ୍ପୂର୍ଣ୍ଣ ବିଲୋପ ପାଇଁ ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନ ଲକ୍ଷ୍ୟ ଧାର୍ଯ୍ୟ କରିଥିବା ବେଳେ ୨୦୨୫ ସୁଦ୍ଧା 'ଯକ୍ଷ୍ମାମୁକ୍ତ ଭାରତ' ପାଇଁ ଲକ୍ଷ୍ୟ ଧାର୍ଯ୍ୟ କରାଯାଇଛି। 'ଯକ୍ଷ୍ମାମୁକ୍ତ ଭାରତ' ପାଇଁ ଗଠିତ ଆଇପିସି ପ୍ରକଳ୍ପ ୧୦ଟି ରାଜ୍ୟର ୬୩ଟି ଜିଲ୍ଲାର ୧୮୯ ସ୍ୱାସ୍ଥ୍ୟ କେନ୍ଦ୍ରକୁ ପରିବ୍ୟାପ୍ତ ହୋଇଛି। ସ୍ୱାସ୍ଥ୍ୟ ମନ୍ତ୍ରଣାଳୟ ଗତବର୍ଷ ସେପ୍ଟେମ୍ବର ମାସରେ ବିପିଏଏଲ୍‌ଏମ୍ ନାମରେ ଏକ ଅଭିଯାନ ଆରମ୍ଭ କରିଛି, ଯାହା ଏମ୍‌ଡିଆର-ଟିବି ଉପଚାର ପାଇଁ ଉଦ୍ଦିଷ୍ଟ। ଏ ସବୁ ପ୍ରୟାସ ସତ୍ତ୍ୱେ ପ୍ରାଥମିକସ୍ତରରେ ଯକ୍ଷ୍ମାର ଚିହ୍ନଟ ବ୍ୟବସ୍ଥା ପ୍ରଭାବଶାଳୀ ଓ କ୍ରିୟାଶୀଳ ହେଉ ନ ଥିବା କାରଣରୁ ଆଉ ମାତ୍ର ମାସେ ଭିତରେ ଏହି ଲକ୍ଷ୍ୟ ହାସଲକୁ ନେଇ ସନ୍ଦେହ ସୃଷ୍ଟି ହେଉଛି। ବିଶ୍ୱ ଯକ୍ଷ୍ମା ରିପୋର୍ଟ ୨୦୨୫ ଅନୁଯାୟୀ ଭାରତରେ ୨୦୧୫ରୁ ୨୦୨୪ ମଧ୍ୟରେ ଯକ୍ଷ୍ମା ସଂକ୍ରମିତଙ୍କ ସଂଖ୍ୟା ହ୍ରାସ ଧାର୍ଯ୍ୟ ଲକ୍ଷ୍ୟ ୫୦% ବଦଳରେ ମାତ୍ର ୨୧% ହୋଇପାରିଛି। ସେହିପରି ଯକ୍ଷ୍ମା ସଂକ୍ରମିତ ମୃତକଙ୍କ ସଂଖ୍ୟା ଏହି ସମୟ ମଧ୍ୟରେ ଧାର୍ଯ୍ୟ ଲକ୍ଷ୍ୟ ୭୫% ବଦଳରେ ମାତ୍ର ୨୮% କମିଛି। ଏମ୍‌ଡିଆର-ଟିବି(ବହୁଔଷଧ ପ୍ରତିରୋଧକାରୀ ଯକ୍ଷ୍ମାରୋଗୀ)ଙ୍କ ସଂଖ୍ୟା ଭାରତରେ ବିଶ୍ୱର ସର୍ବାଧିକ ୨୭% ଥିବା ବେଳେ ବିଶ୍ୱର ମୋଟ ମୃତକଙ୍କ ମଧ୍ୟରେ ୨୯% ଭାରତରେ ରହିଛନ୍ତି।

ବିଡ଼ମ୍ବନା ହେଉଛି ଯକ୍ଷ୍ମା ସଂକ୍ରମଣ ହ୍ରାସ ହାର ଆଶାନୁରୂପ ହୋଇପାରୁନଥିବା ବେଳେ ଏହାର ନିରାକରଣ ବା ସମ୍ପୂର୍ଣ୍ଣ ବିଲୋପ ସାଧନ ପାଇଁ ପାଣ୍ଠି ବଢ଼ିବା ବଦଳରେ କମିବାରେ ଲାଗିଛି। ଘରୋଇ ସହଭାଗିତା ମଧ୍ୟ ହ୍ରାସ ପାଇଛି। ବିଶ୍ୱର ଦ୍ରୁତ ଅଭିବୃଦ୍ଧିଶୀଳ ଭାରତରେ ଜନସ୍ୱାସ୍ଥ୍ୟ ପରିଚାଳନା ଓ ବଜେଟ୍ ବ୍ୟବସ୍ଥା ସେତେ ସୁଦୃଢ଼ ନୁହେଁ କି ଜନସଚେତନତା ମଧ୍ୟ ପର୍ଯ୍ୟାପ୍ତ ନୁହେଁ। ଏଣୁ ଭାରତରେ ଯକ୍ଷ୍ମା ବ୍ୟାପିବା ପାଇଁ ଅନୁକୂଳ ପରିବେଶ ରହିଛି। ତେଣୁ ଲକ୍ଷ୍ୟ ହାସଲ ପାଇଁ ତୃଣମୂଳସ୍ତରରେ ମୌଳିକ ଚିକିତ୍ସା ସେବାକୁ ଯୁଦ୍ଧକାଳୀନ ଭିତ୍ତିରେ ତ୍ୱରାନ୍ୱିତ କରିବାକୁ ହେବ।

# ଆଜିର ସାମ୍ବାଦିକତା: ସମ୍ମାନ, ସମସ୍ୟା ଓ ସମାଧାନ

**ବିଭୂତି ଭୂଷଣ କର**

ଯେଉଁ ମହାନ ବୃତ୍ତି ସମାଜର ଦର୍ପଣ ତଥା ଲୋକତନ୍ତ୍ରର ଚତୁର୍ଥ ସ୍ତମ୍ଭ ଭାବେ ପରିଚିତ, ତାହାର ବର୍ତ୍ତମାନ ଅବସ୍ଥା, ସମ୍ମୁଖୀନ ହେଉଥିବା ଆହ୍ୱାନ ଓ ଭବିଷ୍ୟତର ଗତିପଥ ଆଲୋଚନାସାପେକ୍ଷ। ସାମ୍ବାଦିକତା ହେଉଛି ସତ୍ୟ ଓ ନ୍ୟାୟର ପ୍ରତିନିଧି। ସଜାଗ ସାମ୍ବାଦିକ ସମାଜକୁ ସଚେତନ ରଖେ, କ୍ଷମତା କେନ୍ଦ୍ରଗୁଡ଼ିକ ସହ ଉତ୍ତରଦାୟିତ୍ୱର ମଧ୍ୟସ୍ଥତା କରେ ଏବଂ ସାଧାରଣ ଲୋକଙ୍କ ସ୍ୱରକୁ ସଶକ୍ତ କରେ। ଏକ ଗଠନମୂଳକ ସାମ୍ବାଦିକତା ସମାଜରେ ବିଶ୍ୱାସ, ସହିଷ୍ଣୁତା ଓ ପାରସ୍ପରିକ ଆଲୋଚନାକୁ ବଢ଼ାଇଥାଏ।

ବର୍ତ୍ତମାନ ସମୟର ସାମ୍ବାଦିକମାନେ ଅନେକ ଜଟିଳ ଆହ୍ୱାନର ସମ୍ମୁଖୀନ ହେଉଛନ୍ତି। ସମୟକ୍ରମେ ଗଣମାଧ୍ୟମ ସଂସ୍ଥା ଉପରେ ଆର୍ଥିକ ଚାପ ବଢ଼ିବା ଫଳରେ ପରୋକ୍ଷରେ ସଂପୃକ୍ତ ସଂସ୍ଥାର ସ୍ୱାଧୀନତା ଉପରେ ତାହାର ପ୍ରଭାବ ପରିଲକ୍ଷିତ ହେଉଛି। ବିଜ୍ଞାପନ ଓ ବଜାର ଚାପ ଯୋଗୁଁ ଗୁଣବତ୍ତାପୂର୍ଣ୍ଣ ସାମ୍ବାଦିକତା ବାଧାଗ୍ରସ୍ତ ହେଉଛି। କ୍ଷମତାଶାଳୀ ଶକ୍ତିଙ୍କ ତରଫରୁ ପ୍ରତ୍ୟକ୍ଷ ଓ ପରୋକ୍ଷ ହସ୍ତକ୍ଷେପ ସାମ୍ବାଦିକତାର ମୁକ୍ତ ପ୍ରବାହରେ ବାଧା ସୃଷ୍ଟି କରୁଛି। ଅସତ୍ୟ ଖବର(ଫେକ୍ ନ୍ୟୁଜ), ଦ୍ରୁତଗାମୀ ଖବର(ବ୍ରେକିଂ ନ୍ୟୁଜ)ର ଚାପ, ଟ୍ରୋଲ୍ ବାହିନୀ ଓ ଅତିମାତ୍ରାରେ ସାମାଜିକ ଗଣମାଧ୍ୟମ ପ୍ରତିକ୍ରିୟା ଯୋଗୁଁ ଭୁଲ୍ ଖବର ପ୍ରସାରିତ ହେବାର ଆଶଙ୍କା ବଢ଼ିଛି। ଅନ୍ୟପକ୍ଷରେ ସ୍ଥାନୀୟ ସ୍ତରରେ, ସାମ୍ବାଦିକମାନେ ହିଂସ୍ର ଆକ୍ରମଣ ଓ ମାନସିକ ଉତ୍ପୀଡ଼ନର ଶିକାର ହେଉଛନ୍ତି। ନିର୍ଭୀକ ଓ ନିରପେକ୍ଷ ସାମ୍ବାଦିକତା ପାଇଁ ବାତାବରଣ ସତେଯେପରି ସଂକୁଚିତ ହୋଇଯାଉଛି। ଆମ ଦେଶ ସମେତ ଅନେକ ରାଷ୍ଟ୍ରରେ ସାମ୍ବାଦିକତା ଉପରେ ରାଜନୈତିକ ଚାପ ବଢ଼ିଛି। ସ୍ୱଚ୍ଛନ୍ଦତା ଓ ସ୍ୱାଧୀନତା ଉପରେ ଆଘାତ କରୁଥିବା ଆଇନ ପ୍ରଣୟନ, ସାମ୍ବାଦିକତା ଅନୁସନ୍ଧାନରେ ବାଧା ଓ ସାମ୍ବାଦିକଙ୍କୁ ଭୟଭୀତ କରିବାର ଚେଷ୍ଟା କରାଯାଉଛି। ଜନସାଧାରଣଙ୍କ ମଧ୍ୟରେ ଗଣମାଧ୍ୟମ ପ୍ରତି ବିଶ୍ୱାସ କ୍ରମଶଃ ହ୍ରାସ ପାଇବାରେ ଲାଗିଛି।

ଏହିସବୁ ଆହ୍ୱାନକୁ ସଫଳତାର ସହ ସମ୍ମୁଖୀନ ହୋଇ ସାମ୍ବାଦିକତାର ଭବିଷ୍ୟତ ଉଜ୍ଜ୍ୱଳ କରିବା ପାଇଁ କେତେକ ମୌଳିକ ପଦକ୍ଷେପ ଆବଶ୍ୟକ। ସାମ୍ବାଦିକତାର ମୂଳଦୁଆ ହେଉଛି ନୈତିକତା। ପ୍ରମାଣିକତା, ସଠିକତା, ନିଷ୍ପକ୍ଷତା ଓ ଦାୟିତ୍ୱଶୀଳତାକୁ ପ୍ରାଧାନ୍ୟ ଦେବା ଜରୁରୀ। ଯେକୌଣସି ଖବର ପ୍ରକାଶ ପୂର୍ବରୁ ତାହାର ଯାଞ୍ଚ କରିବା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ। ନୂତନ ଯୁଗରେ ଡିଜିଟାଲ୍ ସାକ୍ଷରତା ଏକ ଅତ୍ୟାବଶ୍ୟକୀୟ ଦକ୍ଷତା। ଅସତ୍ୟ ଖବର ଚିହ୍ନଟ, ଡିଜିଟାଲ୍ ଟୁଲ୍ସ ବ୍ୟବହାର କରି ଗଭୀର ସତ୍ୟାନ୍ୱେଷଣ ଓ ଡିଜିଟାଲ୍ ସୁରକ୍ଷା ବିଷୟରେ ସାମ୍ବାଦିକମାନଙ୍କୁ ପ୍ରଶିକ୍ଷିତ କରାଯିବା ଉଚିତ। ଗଣମାଧ୍ୟମ ସଂସ୍ଥାଗୁଡ଼ିକୁ ବିଜ୍ଞାପନ ଉପରେ ନିର୍ଭରଶୀଳତା କମ କରି ସଦସ୍ୟତା ମଡେଲ, କ୍ରସ୍-ସବସିଡି, ଫାଉଣ୍ଡେସନ୍ ମଡେଲ ଭଳି ବିକଳ୍ପ ଆର୍ଥିକ ମଡେଲ ଅନୁସନ୍ଧାନ କରିବା ଉଚିତ। ସାମ୍ବାଦିକଙ୍କ ସୁରକ୍ଷା ନିଶ୍ଚିତ କରୁଥିବା ଆଇନ ପ୍ରଣୟନ ସହ ତାହାର ପ୍ରୟୋଗ ଜରୁରୀ। ସାମ୍ବାଦିକଙ୍କ ବିରୁଦ୍ଧରେ ହେଉଥିବା ହିଂସା ଘଟଣାକୁ ଦ୍ରୁତ ଓ କଠୋର ଭାବେ ମୁକାବିଲା କରିବା ଆବଶ୍ୟକ। ସାମ୍ବାଦିକମାନେ ଭୁଲ୍ ସୁଧାରିବା ସହ ଫିଡବ୍ୟାକ୍ ଗ୍ରହଣ ଏବଂ ଜନସାଧାରଣଙ୍କ ସହ ନିୟମିତ ଯୋଗାଯୋଗ କରି ଗଣମାଧ୍ୟମର ବିଶ୍ୱାସ ଫେରାଇ ଆଣିବା ଉପରେ ଗୁରୁତ୍ୱ ଦେବାକୁ ହେବ।

ଆଜିର ସାମ୍ବାଦିକତା କେବଳ ଘଟଣାର ସରଳ ବର୍ଣ୍ଣନା ନୁହେଁ, ବରଂ ଏହା ଏକ ଜଟିଳ ପ୍ରକ୍ରିୟା, ଯାହା ତଥ୍ୟ ଯାଞ୍ଚ, ପ୍ରସଙ୍ଗ ବିଶ୍ଳେଷଣ, ମତବାଦ ଗଠନ ଏବଂ ସମାଜିକ ଦାୟିତ୍ୱ ମଧ୍ୟରେ ସନ୍ତୁଳନ ବଜାୟ ରଖେ। ଡିଜିଟାଲ ଯୁଗରେ ସାମ୍ବାଦିକତାର ପରିସର ବ୍ୟାପକ ହୋଇଛି। ପାରମ୍ପରିକ ମୁଦ୍ରଣ ଓ ବୈଦ୍ୟୁତିକ ଗଣମାଧ୍ୟମ ସହିତ ଅନଲାଇନ୍ ନ୍ୟୁଜ୍ ପୋର୍ଟାଲ୍, ସୋସିଆଲ୍ ମିଡିଆ ପ୍ଲାଟଫର୍ମ ଓ ସିଟିଜନ୍ ଜର୍ଣ୍ଣାଲିଜିମ୍ ଆଦି ଯୋଗୁଁ ଖବରର ପ୍ରବାହ ଅତୀବ ଦ୍ରୁତ ଓ ବିସ୍ତୃତ ହୋଇଛି। ଏହି ଡିଜିଟାଲ ପରିବର୍ତ୍ତନ ସହିତ ଆସିଛି '୨୪ ଘଣ୍ଟିଆ ନ୍ୟୁଜ୍ ସାଇକେଲ୍'ର ଚାପ। ଖବର ପ୍ରସାରଣର ଗତି ବୃଦ୍ଧି ପାଇଥିଲେ ମଧ୍ୟ ଏହା ଖବରର ଗୁଣବତ୍ତା ଉପରେ ପ୍ରଶ୍ନଚିହ୍ନ ସୃଷ୍ଟି କରିଛି। ପ୍ରଥମେ ଖବର ପହଞ୍ଚିବାର ଚାପରେ ଯାଞ୍ଚ ନ କରାଯାଇଥିବା ତଥ୍ୟ ଓ ମିଥ୍ୟା ଖବରର ପ୍ରସାର ବଢ଼ିଛି। ଏହି ପରିସ୍ଥିତିରେ, ଜଣେ ଆଧୁନିକ ସାମ୍ବାଦିକଙ୍କ ଭୂମିକା କେବଳ ଏକ ରିପୋର୍ଟର ନ ରହି, ଜଣେ ଫ୍ୟାକ୍ଟ-ଚେକର୍, ଡାଟା ବିଶ୍ଳେଷକ ଏବଂ ପ୍ରସଙ୍ଗ ସ୍ରଷ୍ଟା ଭାବରେ ବିକଶିତ ହୋଇଛି। ତେଣୁ ସାମ୍ବାଦିକଙ୍କୁ ଡିଜିଟାଲ୍ ଟୁଲ୍ସ, ଡାଟା ବିଶ୍ଳେଷଣ ଏବଂ ଫ୍ୟାକ୍ଟ-ଚେକିଂ ପ୍ରଣାଳୀ ପ୍ରତି ଅଧିକ ଦକ୍ଷ କରାଯିବା ଉଚିତ୍। ଜନସାଧାରଣଙ୍କୁ ମଧ୍ୟ ମିଡିଆ ସାକ୍ଷରତା ଶିକ୍ଷା ଦେବା ଜରୁରୀ, ଯାହା ସେମାନଙ୍କୁ ଭ୍ରମପୂର୍ଣ୍ଣ ଖବରଠାରୁ ପ୍ରମାଣିତ ଖବର ପୃଥକ୍ କରିବାରେ ସହାୟକ ହେବ।

ନୈତିକତା ଓ ଦାୟିତ୍ୱବୋଧ ପ୍ରତି ଅଙ୍ଗୀକାରବଦ୍ଧତା ସ୍ୱରୂପ ସାମ୍ବାଦିକତାର ମୌଳିକ ନୀତି - ସଠିକତା, ନିରପେକ୍ଷତା, ନ୍ୟାୟପୂର୍ଣ୍ଣତା ଓ ମାନବିକତା - କେବେ ବି ଅଣଦେଖା କରାଯାଇ ପାରିବ ନାହିଁ। ଗଣମାଧ୍ୟମ ସଂସ୍ଥାଗୁଡ଼ିକୁ ନିଜର ନୈତିକ ମାନଦଣ୍ଡ ମଜବୁତ କରିବା ଉଚିତ୍ ଏବଂ ସ୍ୱଚ୍ଛତା ବଜାୟ ରଖିବା ଉଚିତ୍।

ସରକାର ଓ ସମାଜର ଦାୟିତ୍ୱ ହେଉଛି ସାମ୍ବାଦିକଙ୍କ ସୁରକ୍ଷା ସୁନିଶ୍ଚିତ କରିବା। ସାମ୍ବାଦିକଙ୍କ ବିରୁଦ୍ଧରେ ହିଂସା ଓ ଉତ୍ପୀଡ଼ନର ଘଟଣାଗୁଡ଼ିକର ସଠିକ୍ ତଦନ୍ତ ହୋଇ ଦୋଷୀଙ୍କୁ ଦଣ୍ଡ ଦିଆଯିବା ଜରୁରୀ। ସାମ୍ବାଦିକତାର ସ୍ୱାଧୀନତା ହେଉଛି ଗଣତନ୍ତ୍ରର ମୂଳଦୁଆ। ସ୍ୱାଧୀନ ଭାବରେ କାର୍ଯ୍ୟ କରିବା ପାଇଁ ସୁରକ୍ଷିତ ପରିବେଶ ସୃଷ୍ଟି କରିବା ସହ ଗଣମାଧ୍ୟମର ସ୍ୱାଧୀନତାକୁ ଅକ୍ଷୁର୍ଣ୍ଣ ରଖିବା ବାଞ୍ଛନୀୟ। ରାଜନୈତିକ ହସ୍ତକ୍ଷେପରୁ ମୁକ୍ତ ରହି ସତ୍ୟକୁ ଜନସାଧାରଣଙ୍କ ନିକଟରେ ପହଞ୍ଚାଇବା ପାଇଁ ସାମ୍ବାଦିକଙ୍କୁ ସମ୍ପୂର୍ଣ୍ଣ ସ୍ୱାଧୀନତା ପ୍ରଦାନ କରାଯିବା ଉଚିତ୍। ଜାତୀୟ ଓ ଅନ୍ତର୍ଜାତୀୟ ସ୍ତରରେ ସାମ୍ବାଦିକଙ୍କ ମଧ୍ୟରେ ସହଯୋଗ ବୃଦ୍ଧି ପାଇବା ଉଚିତ୍। ଜ୍ଞାନ ଓ ଅନୁଭୂତି ଆଦାନପ୍ରଦାନ, ସମ୍ମିଳିତ ଅନୁସନ୍ଧାନ ଏବଂ ପେସାଦାର ସଂଗଠନଗୁଡ଼ିକ ମାଧ୍ୟମରେ ଏକତ୍ରିତ ହୋଇ ଆହ୍ୱାନଗୁଡ଼ିକର ସାମ୍ନା କରିବା ଆବଶ୍ୟକ।

ବର୍ତ୍ତମାନର ଜଟିଳ ପରିବେଶରେ ସାମ୍ବାଦିକତାର ଭୂମିକା ଅଧିକ ଗୁରୁତ୍ୱପୂର୍ଣ୍ଣ। ସମସ୍ୟା ସତ୍ତ୍ୱେ ସଚ୍ଚୋଟତା, ସାହସ ଏବଂ ନିଷ୍ପାପର ରିପୋର୍ଟିଂ ପ୍ରତି ସାମ୍ବାଦିକଙ୍କ ପ୍ରତିଶ୍ରୁତି ଅବ୍ୟାହତ ରହିଛି। ଭବିଷ୍ୟତର ଗତିପଥକୁ ସ୍ପଷ୍ଟ କରିବାକୁ ଯାଇ ଆମକୁ ଏକ ଅଧିକ ଉତ୍ତରଦାୟୀ, ସମାନ୍ତରାଳ ଓ ନ୍ୟାୟପୂର୍ଣ୍ଣ ସାମ୍ବାଦିକତା ପ୍ରତି ଅଗ୍ରସର ହେବାକୁ ହେବ। ସାମ୍ବାଦିକତା କେବଳ ଶକ୍ତିଶାଳୀଙ୍କ କଥା ନ କହି, ନିର୍ବଳଙ୍କ କଥା କହିବ, ଯାହା ଶକ୍ତି ଉପରେ ନଜର ରଖିବ ଏବଂ ସତ୍ୟକୁ ସର୍ବୋଚ୍ଚ ମୂଲ୍ୟ ଦେବ। ଏହି ଦିଗଦର୍ଶନ ଅନୁସରଣ କଲେ ହିଁ ସାମ୍ବାଦିକତା ତା'ର ଗରିମାମୟୀ ପରମ୍ପରା ବଜାୟ ରଖିପାରିବ ଏବଂ ଭବିଷ୍ୟତରେ ମଧ୍ୟ ଜନସାଧାରଣର ବିଶ୍ୱାସ ଓ ଆସ୍ଥାଭାଜନ ହୋଇରହିପାରିବ।

ଏବେ କୃତ୍ରିମ ବୁଦ୍ଧିମତ୍ତା ବା ଏଆଇ ଯୋଗୁଁ ସାମ୍ବାଦିକତା କ୍ଷେତ୍ରରେ ଏକ ବୈପ୍ଳବିକ ପରିବର୍ତ୍ତନ ଆସିଛି, ଯାହା ଗଣମାଧ୍ୟମ ସ୍ୱାଧୀନତା ପାଇଁ ନୂଆ ସୁଯୋଗ ସହିତ ଗମ୍ଭୀର ଆହ୍ୱାନ ମଧ୍ୟ ସୃଷ୍ଟି କରିଛି। କ୍ରୀଡ଼ା, ଅର୍ଥନୀତି ଓ ପାଣିପାଗ ସମ୍ବାଦ ଭଳି ଡାଟା-କେନ୍ଦ୍ରିତ ଖବର ଲେଖିବାରେ ଏଆଇ ବେଶ୍ ଉପଯୋଗୀ ସାବ୍ୟସ୍ତ ହୋଇଛି। ଏହା ସାମ୍ବାଦିକଙ୍କ ସମୟ ବଞ୍ଚାଇବାରେ ସହାୟକ ହୋଇଛି। ତଥ୍ୟ ଯାଞ୍ଚ ଓ ଫ୍ୟାକ୍ଟ-ଚେକିଂ କ୍ଷେତ୍ରରେ ଏଆଇ ପ୍ରମୁଖ ଭୂମିକା ନିର୍ବାହ କରୁଛି, ଯାହା ନିର୍ଭରଯୋଗ୍ୟ ଖବର ପ୍ରସାରଣରେ ସହାୟକ ହେଉଛି। ବ୍ୟକ୍ତିଗତକୃତ ସମ୍ବାଦ ପ୍ରଦାନ କ୍ଷେତ୍ରରେ ଏଆଇ ବ୍ୟବହାରକାରୀଙ୍କ ଅଭିରୁଚି ଅନୁଯାୟୀ ସମ୍ବାଦ ଭିତ୍ତିକ ବିଷୟବସ୍ତୁ ବାଛିବାରେ ସହାୟତା କରିପାରୁଛି। ଏଆଇ ଚାଳିତ ଅନୁବାଦ ଟୁଲଗୁଡ଼ିକ ବିଷୟକୁ ବିଭିନ୍ନ ଭାଷାରେ ଅନୁବାଦିତ କିମ୍ବା ରୂପାନ୍ତରିତ କରି ଜ୍ଞାନର ବାଧାକୁ ଦୂର କରିପାରୁଛି ଏବଂ ଜ୍ଞାନର ପରିସରକୁ ବ୍ୟାପ୍ତ କରିବାରେ ସହାୟକ ହେଉଛି।

ଅନ୍ୟପକ୍ଷରେ ଏଆଇ ଗଣମାଧ୍ୟମ ପ୍ରତି ଆହ୍ୱାନ ଓ ବିପଦ ମଧ୍ୟ ଆଣି ଦେଇଛି। ଏଆଇ ଦ୍ୱାରା ସହଜରେ ବାସ୍ତବିକ ଛବି, ଭିଡିଓ ଓ ଅଡିଓ ସୃଷ୍ଟି କରି ବ୍ୟକ୍ତି ବା ବିଷୟର ମିଥ୍ୟା ପ୍ରତିରୂପ ତିଆରି କରାଯାଇପାରେ। ଏହା ଜନସାଧାରଣଙ୍କ ବିଶ୍ୱାସକୁ ଦୁର୍ବଳ କରେ ଏବଂ ବିଶ୍ୱସନୀୟ ମାଧ୍ୟମଗୁଡ଼ିକୁ ସନ୍ଦେହର ଚକ୍ଷୁରେ ଦେଖାଯିବାର ସମ୍ଭାବନା ରଖେ। ସରକାର ଅନଲାଇନ୍ ବିଷୟବସ୍ତୁ ଉପରେ ନଜର ରଖିପାରନ୍ତି ଏବଂ ସମ୍ବାଦଗୁଡିକୁ ସ୍ୱୟଂଚାଳିତ ଭାବରେ ସେନ୍ସର କରିପାରନ୍ତି, ଯାହା ନିର୍ଭୀକ ସାମ୍ବାଦିକତାର ପଥରେ ଏକ ବଡ଼ ବାଧା। ତେଣୁ ପ୍ରେସ୍ ସ୍ୱାଧୀନତା ଏବଂ ଏଆଇର ସନ୍ତୁଳନ ରକ୍ଷା କରିବା ଏକ ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟ।

ଉତ୍ତରଦାୟୀ ଓ ଦାୟିତ୍ୱପୂର୍ଣ୍ଣ ସାମ୍ବାଦିକତା ହିଁ ଏକ ସଚେତନ ଓ ସକ୍ରିୟ ସମାଜର ପ୍ରାଣ। ସମସ୍ୟାଗୁଡ଼ିକ ଜଟିଳ ହୋଇପାରେ ମାତ୍ର ସମାଧାନ ଅସମ୍ଭବ ନୁହେଁ। ନୈତିକତା, ସାହସ, ପ୍ରଗତିଶୀଳ ଚିନ୍ତନ ଓ ସାମୂହିକ ଦାୟିତ୍ୱବୋଧର ମିଶ୍ରଣ ଦ୍ୱାରା ହିଁ ସାମ୍ବାଦିକତାର ମହିମାକୁ ପୁନରୁଦ୍ଧାର କରିହେବ।

(ରାଜ୍ୟ ସଭାପତି, ଉତ୍କଳ ସାମ୍ବାଦିକ ସଂଘ, ଓଡ଼ିଶା)
ଭୁବନେଶ୍ୱର, ମୋ: ୯୪୩୭୦୦୬୩୬୩

# ଓଡ଼ିଆ ଅସ୍ମିତାର ମୁଖପାତ୍ର: ହରିଶ୍ଚନ୍ଦ୍ର ବକ୍ସିପାତ୍ର

**ଚିତ୍ତରଞ୍ଜନ ମହାନ୍ତି**

ସ୍ୱର୍ଗତଃ ହରିଶଚନ୍ଦ୍ର ବକ୍ସିପାତ୍ର ଓଡ଼ିଶା ଜନଜୀବନରେ ଜଣେ ଯୁଗପୁରୁଷ। କିନ୍ତୁ ରାଜ୍ୟ ଓ ଦେଶର ସେବା କରିବା ପାଇଁ ଯେଉଁ ଦାୟିତ୍ୱ ଏ ସଂଗ୍ରାମୀ ପୁରୁଷଙ୍କୁ ମିଳିବା କଥା ତାହା ସମ୍ଭବ ହେଲା ନାହିଁ। କେନ୍ଦ୍ର ଇସ୍ପାତ ମନ୍ତ୍ରୀ ବିଜୁ ପଟ୍ଟନାୟକ ହୁଅନ୍ତୁ କିମ୍ବା କେନ୍ଦ୍ର ଶିଳ୍ପ ମନ୍ତ୍ରୀ ଜର୍ଜ ଫର୍ଣ୍ଣାଣ୍ଡିଜ୍ ହୁଅନ୍ତୁ, ବକ୍ସିବାବୁ ନିଜର ନିଷ୍ଠା ଓ ତଥ୍ୟ ଆଧାରିତ ତର୍କ ବଳରେ ଓଡ଼ିଶାର ଦାବିକୁ ଉପସ୍ଥାପନ କରି ଇସ୍ପାତ ଓ ଆଲୁମିନିୟମ୍ ଶିଳ୍ପ ପ୍ରତିଷ୍ଠାରେ ଓଡ଼ିଶା, ବିଶେଷକରି କୋରାପୁଟ ଜିଲ୍ଲାର ବିକାଶର ନୂଆ ଅଧ୍ୟାୟ ରଚନା କରିଥିଲେ।

ପୁନର୍ବାର ୧୯୯୦ ମସିହାରେ ବିଜୁ ପଟ୍ଟନାୟକଙ୍କ 'ଜନତା ଦଳ' ମନ୍ତ୍ରିମଣ୍ଡଳରେ ସେ ବାଣିଜ୍ୟ ଓ ପରିବହନ ଭଳି ଅର୍ଥକାରୀ ବିଭାଗର ଦାୟିତ୍ୱ ନେଇ ବ୍ୟବସ୍ଥାରେ ଯୁଗାନ୍ତକାରୀ ପରିବର୍ତ୍ତନ ଆଣିଥିଲେ। ହୁଏତ ରାଜ୍ୟର ସାମଗ୍ରିକ ଓ ସାମୂହିକ ସେବା କରିବାକୁ ୧୯୯୫ ବେଳକୁ ତାଙ୍କୁ ଉପଯୁକ୍ତ ସୁଯୋଗ ମିଳିଥା'ନ୍ତା। କିନ୍ତୁ 'ଜନତା ଦଳ'ର ସର୍ବଭାରତୀୟ ଓ ରାଜ୍ୟ ରାଜନୀତିରେ କ୍ରିୟା, ପ୍ରତିକ୍ରିୟା ଓ ଅସ୍ଥିରତା ଏଥିରେ ବାଧକ ସାଜିଲା। ତାଙ୍କ ଭଳି ସମର୍ପିତ ସମ୍ବେଦନଶୀଳ ସଂଗ୍ରାମୀ ନେତାଙ୍କୁ ରାଜ୍ୟର ନୀତିନିୟନ୍ତା ଭାବେ ପାଇବାର ସୁଯୋଗ ହାତଛଡ଼ା ହୋଇଗଲା।

ବକ୍ସିବାବୁ ନିଜର ଶୁଦ୍ଧ ସଂଗ୍ରାମୀ ଆଭିମୁଖ୍ୟ ଯୋଗୁଁ ଓଡ଼ିଶାର ଦୁଇ ଜାତୀୟ ନେତାଙ୍କ ପ୍ରିୟପାତ୍ର ଥିଲେ। ଖୋସାମଦି ତାଙ୍କର ଆୟୁଧ ନଥିଲା। ତାଙ୍କର ଅଳଙ୍କାର ଥିଲା ଓଡ଼ିଆ ଅସ୍ମିତା, ପରିଚିତ ସ୍ୱାଭିମାନ ଓ ନିଜସ୍ୱ ଅନୁପମ ଯୋଗ୍ୟତା। ପ୍ରିୟଜନମାନେ ବକ୍ସିବାବୁଙ୍କୁ 'ଭାଇନା' ସମ୍ବୋଧନ କରୁନଥିଲେ ତାଙ୍କୁ କେହି ଉଚ୍ଚ ଜାତିରେ ଜନ୍ମିତ ବ୍ୟକ୍ତି ବୋଲି ଭାବୁନଥା'ନ୍ତେ। କାରଣ ସେ ଥିଲେ ସାମାଜିକ ନ୍ୟାୟର ପ୍ରଚାର ପ୍ରବକ୍ତା। ଓଡ଼ିଶାର ବୃହତ୍ ସାମୂହିକ ସ୍ୱାର୍ଥ ଦୃଷ୍ଟିରୁ ସେ 'ମଣ୍ଡଳ କମିଶନ'କୁ ସକ୍ରିୟ ସମର୍ଥନ ଜଣାଇଥିଲେ।

ଆଦ୍ୟ ଜୀବନରେ ବକ୍ସିବାବୁ ସାମ୍ୟବାଦୀ ଚିନ୍ତାଧାରାର ପ୍ରମୁଖ ପ୍ରଚାରକ ଥିଲେ। ଜନଜୀବନର ବାସ୍ତବତାକୁ ଜାଣି ବର୍ଗ ଓ ଜାତି ଶୋଷଣର ଏକ ବ୍ୟବସ୍ଥିତ ବ୍ୟବସ୍ଥା ବୋଲି ସେ ଉପଲବ୍ଧି କରିଥିଲେ। ଜଣେ ସାମ୍ୟବାଦୀ ଭାବେ ବକ୍ସିବାବୁ ବର୍ଗ ବିଭାଜନ ଓ ବର୍ଗ ଶୋଷଣ ସମ୍ପର୍କରେ ସମ୍ପୂର୍ଣ୍ଣ ସଚେତନ ଥିଲେ ମଧ୍ୟ 'ଉତ୍କଳ ସମ୍ମିଳନୀ'ର ମୁଖ୍ୟ ଭାବେ ଓଡ଼ିଶାର ସାମାଜିକ ବ୍ୟବସ୍ଥାକୁ, ବିଶେଷକରି ବର୍ଣ୍ଣ ବ୍ୟବସ୍ଥାକୁ ଟିକିନିଖି ଅନୁଧ୍ୟାନ କରିଥିଲେ। ତାଙ୍କ ତଥ୍ୟମୂଳକ ସିଦ୍ଧାନ୍ତ କହେ ବ୍ରିଟିଶ ଉପନିବେଶ ବ୍ୟବସ୍ଥା ଫଳରେ ବୃତ୍ତି ହରାଇଥିବା ଜାତି ଓ ବର୍ଗଙ୍କ ସଂଖ୍ୟା ଓଡ଼ିଶାରେ ପ୍ରାୟ ୯୨%। ତେଣୁ କେନ୍ଦ୍ର ସରକାର ଚାକିରିରେ ଦେଶରେ ସର୍ବାଧିକ ଓଡ଼ିଆ ଶତକଡ଼ା ଦୃଷ୍ଟିରୁ ସଂରକ୍ଷଣର ହକ୍‌ଦାର।

ଜାତି, ବର୍ଣ୍ଣ, ଧର୍ମ ଓ ଅନ୍ୟାନ୍ୟ ଭେଦଭାବ ସାମାଜିକ ଏକତାକୁ ବ୍ୟାହତ କରୁଥିବା ଅନୁଭବ କରି ସେ ସମଗ୍ର ଓଡ଼ିଆ ଜାତିର ଐକ୍ୟବଦ୍ଧତା ପାଇଁ ଏକାଗ୍ର ଉଦ୍ୟମ କରି ଚାଲିଥିଲେ। ସୁଦୂର କୋରାପୁଟର ବାସିନ୍ଦା ହୋଇ ମଧ୍ୟ ଓଡ଼ିଶାର ଉଚ୍ଚଶିକ୍ଷାର ମାତୃକଳ୍ପ ଅନୁଷ୍ଠାନ ରେଭେନ୍ସା କଲେଜର ଛାତ୍ର ସଂସଦର ସଭାପତି ହେବା ତାଙ୍କ ଜନ୍ମଜାତ ନେତୃତ୍ୱ କଳାର ପରାକାଷ୍ଠା ପ୍ରତିପାଦିତ କରୁଛି। ୧୯୫୪ରେ ଗଠିତ ସୀମା କମିଶନ ଓଡ଼ିଶା ପ୍ରତି ଚରମ ଅନ୍ୟାୟ କରିଥିଲେ। ଏହା ବିରୁଦ୍ଧରେ ସାମ୍ୟବାଦୀ ଛାତ୍ରନେତା ହରିଶଚନ୍ଦ୍ର ବକ୍ସିପାତ୍ର ବିପ୍ଳବୀ ସାମ୍ୟବାଦୀ ଆନ୍ଦୋଳନର ନେତୃତ୍ୱ ନେଲେ ଏବଂ କେନ୍ଦ୍ର କଂଗ୍ରେସ ନେତାଙ୍କୁ କଟକ ମାଟି ମଡ଼ାଇ ନଦେବାର ସଂକଳ୍ପ କରି ଗିରଫ ହେଲେ।

କେନ୍ଦୁଝର ଜିଲ୍ଲା ଓ ନୟାଗଡ଼ଠାରେ ସବୁଠୁ ଶସ୍ତା ଓ ସୁବିଧାରେ ରାଷ୍ଟ୍ରାୟତ୍ତ ଇସ୍ପାତ କାରଖାନା ପ୍ରତିଷ୍ଠା ହୋଇପାରିବ ବୋଲି 'ବସ୍ତୁର କମିଟି' ସୁପାରିସକୁ ତତ୍କାଳୀନ ପ୍ରଧାନମନ୍ତ୍ରୀ ଇନ୍ଦିରା ଗାନ୍ଧୀ ଗ୍ରହଣ କଲେ ନାହିଁ। କଂଗ୍ରେସ ବିଭାଜନ ଯୋଗୁଁ ହରାଇଥିବା ଜନାଧାରକୁ ଫେରି ପାଇବା ପାଇଁ ସେ ଦକ୍ଷିଣର ୩ଟି ରାଜ୍ୟରେ ବିନା ଯୋଗ୍ୟତାରେ ରାଷ୍ଟ୍ରାୟତ୍ତ ଇସ୍ପାତ କାରଖାନା ସ୍ଥାପନ ନିଷ୍ପତ୍ତି ନେଲେ। ବକ୍ସିବାବୁ କିନ୍ତୁ ଓଡ଼ିଶା ପ୍ରତି କେନ୍ଦ୍ରର ଏ ନଗ୍ନ ଅବିଚାରକୁ ବରଦାସ୍ତ କଲେ ନାହିଁ। କଂଗ୍ରେସ ଅଧ୍ୟୁଷିତ କୋରାପୁଟ ଜିଲ୍ଲାରେ ହିଁ ସେ କେନ୍ଦ୍ର ବିରୁଦ୍ଧରେ ବିଦ୍ରୋହର ବିଗୁଲ ବଜାଇ ୧୯୭୪ ମସିହାରେ ସେ ଅଞ୍ଚଳରେ ଇନ୍ଦିରା ବିରୋଧୀ 'ପ୍ରଗତି ମୋର୍ଚ୍ଚା'କୁ ସଫଳତାର ସ୍ୱାଦ ଚଖାଇ ନିଜେ ବିଧାୟକ ନିର୍ବାଚିତ ହୋଇ ଓଡ଼ିଶା ବିଧାନସଭାକୁ ଆସିଲେ। 'ପ୍ରଗତି ମୋର୍ଚ୍ଚା' 'ଲୋକଦଳ'ରେ ମିଶିଲା। ଜରୁରୀ ପରିସ୍ଥିତି ପରେ ଜୟପ୍ରକାଶଙ୍କ ଅନୁରୋଧକ୍ରମେ ଗଣତନ୍ତ୍ରର ସୁରକ୍ଷା ପାଇଁ 'ଲୋକଦଳ' 'ଜନତା ପାର୍ଟି'ରେ ରୂପାନ୍ତରିତ ହେଲା। ଜୟପ୍ରକାଶଙ୍କ 'ସମ୍ପୂର୍ଣ୍ଣ କ୍ରାନ୍ତି ଆନ୍ଦୋଳନ'ରେ ଝାସ ଦେଇ ଏବଂ ଜରୁରୀ ସ୍ଥିତିର ବିରୋଧ କରି ବକ୍ସିବାବୁ ଜେଲ୍ ଗଲେ। କାରାମୁକ୍ତ ହୋଇ ୧୯୭୭ ମସିହାରେ ନିର୍ବାଚନ ଲଢ଼ି ସେ ବିଜୟୀ ହେଲେ ଏବଂ ମୁଖ୍ୟମନ୍ତ୍ରୀ ନୀଳମଣି ରାଉତରାୟଙ୍କ ମନ୍ତ୍ରିମଣ୍ଡଳରେ ଗୁରୁତ୍ୱପୂର୍ଣ୍ଣ ବିଭାଗ ସମ୍ଭାଳିଲେ ଏବଂ କେନ୍ଦ୍ର ସହିତ ରାଜ୍ୟର ସମନ୍ୱୟ ରକ୍ଷାରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିର୍ବାହ କଲେ। ବକ୍ସିବାବୁଙ୍କ ଉଦ୍ୟମ ଥିଲା ଓଡ଼ିଶାର ସମସ୍ତ ତୁଙ୍ଗ ନେତା ବ୍ୟକ୍ତିଗତ ମନାନ୍ତରରୁ ଊର୍ଦ୍ଧ୍ୱକୁ ଯାଇ ଓଡ଼ିଶା ସ୍ୱାର୍ଥ ପାଇଁ କେନ୍ଦ୍ର ବିରୁଦ୍ଧରେ ସଂଗ୍ରାମ କରନ୍ତେ।

୧୯୯୦ ମସିହାରେ ବିଜୁ ପଟ୍ଟନାୟକଙ୍କ ନେତୃତ୍ୱରେ ଓଡ଼ିଶାରେ ଜନତା ଦଳର ମନ୍ତ୍ରିମଣ୍ଡଳରେ ବକ୍ସିବାବୁ ବରିଷ୍ଠ ମନ୍ତ୍ରୀ ଭାବେ ଦାୟିତ୍ୱ ନେଲେ। ରବି ରାୟ ଲୋକସଭାର ବାଚସ୍ପତି। ଉଭୟଙ୍କ ମଧ୍ୟରେ ସମନ୍ୱୟ ପୁନଃସ୍ଥାପନ କରି ଇସ୍ପାତ କାରଖାନା ଓ ଓଡ଼ିଶାର ସ୍ୱତନ୍ତ୍ର ଆର୍ଥିକ ଅଧିକାର ଭଳି ଦାବି ପୂରଣ ପାଇଁ ବକ୍ସିବାବୁ ଉଦ୍ୟମରତ ହେଲେ। କଟକ ମଦମୃତ୍ୟୁ ଘଟଣାରେ ବ୍ୟଥିତ ହୋଇ ଜନତା ପରିବାରର ବରିଷ୍ଠ ନେତାମାନେ ବକ୍ସିବାବୁଙ୍କ ମାଧ୍ୟମରେ ବିକଳ୍ପ ବ୍ୟବସ୍ଥା ଖୋଜିଲେ। ଏଥିରେ ରବି ରାୟ ସମ୍ପୂର୍ଣ୍ଣ ସହଯୋଗ କରି ମିଳିତ ସଭା ସମିତିମାନ କଲେ। ଉଭୟ ବିଜୁବାବୁ ଓ ରବି ରାୟଙ୍କ ସହଯୋଗୀ ଭାବେ ଜର୍ଜ ଫର୍ଣ୍ଣାଣ୍ଡିଜ ଏ ପ୍ରକ୍ରିୟାକୁ ସାହାଯ୍ୟ କଲେ। ବକ୍ସିବାବୁ ସମସ୍ତ ଅଭିଯାନର କେନ୍ଦ୍ର ହେଲେ। କିନ୍ତୁ ବିହାର ରାଜନୀତି ସବୁ ସାଧୁ ଉଦ୍ୟମକୁ ପଣ୍ଡ କରିଦେଲା। ଜନତା ଦଳ ବିଭାଜିତ ହୋଇ ଜର୍ଜ ଫର୍ଣ୍ଣାଣ୍ଡିଜଙ୍କ ନେତୃତ୍ୱରେ ସମତା ପାର୍ଟି ଗଠିତ ହେଲା। ସମାଜବାଦୀ ସାଥୀ ଜର୍ଜ ଫର୍ଣ୍ଣାଣ୍ଡିଜ ଓ ପୁତ୍ର ପ୍ରତିମ ନୀତୀଶ କୁମାରଙ୍କ ଅନୁରୋଧରେ ରବି ରାୟ ସମତା ପାର୍ଟିକୁ ଚାଲିଗଲେ। ଦିଲ୍ଲୀରେ ଓଡ଼ିଶା ଲବିକୁ ସୁଦୃଢ଼ କରିବାରେ ବକ୍ସିବାବୁଙ୍କ ଉଦ୍ୟମ ଅକାମୀ ହୋଇଗଲା। ଉତ୍କଳ ସମ୍ମିଳନୀ ମାଧ୍ୟମରେ ସେ ଉଦ୍ୟମକୁ ଅବ୍ୟାହତ ରଖିବାକୁ ଶ୍ରୀବକ୍ସିପାତ୍ର ଶେଷ ପର୍ଯ୍ୟନ୍ତ ପ୍ରୟାସ ଜାରି ରଖିଥିଲେ।

# ଆମ ବୃକ୍ଷଲତା ଆମ ଜୀବନ

**ପ୍ରକୃତି-ପରିବେଶ**

## ନାଗଲିଙ୍ଗ

**ସୌଭାଗ୍ୟସୁନ୍ଦର**

ଉତ୍ତର-ପୂର୍ବ ଦକ୍ଷିଣ ଆମେରିକା, ବିଶେଷକରି ଆମାଜନ ବର୍ଷା ଜଙ୍ଗଲରୁ ଉତ୍ପନ୍ନ ନାଗଲିଙ୍ଗ ବିଶ୍ୱର ଉଷ୍ଣମଣ୍ଡଳୀୟ ଏବଂ ଉପ-ଉଷ୍ଣମଣ୍ଡଳୀୟ ଅଞ୍ଚଳରେ ବହୁଳ ଭାବରେ ଦେଖାଯାଏ। ଏହାର ମନୋରମ, ସୁଗନ୍ଧିତ ଫୁଲ ଏବଂ ଫଳ ପାଇଁ ଏହାକୁ ଏକ ଶୋଭାବର୍ଦ୍ଧକ ଗଛ ଭାବରେ ବାଡ଼ିବଗିଚାରେ ଲଗାଯାଏ। ଏହି ବୃକ୍ଷର ଅନେକ ଔଷଧୀୟ, ସାଂସ୍କୃତିକ ଏବଂ ଧାର୍ମିକ ଗୁରୁତ୍ୱ ଅଛି। ପ୍ରାକୃତିକ ବାସସ୍ଥାନରେ ଏହା ସମୁଦ୍ର ପତ୍ତନଠାରୁ ୫୦୦ ମିଟରରୁ କମ୍ ଉଚ୍ଚତାରେ ବଢ଼େ। ଏହା ପୁଡୁଚେରୀରେ 'ରାଜ୍ୟ ଫୁଲ'ର ମାନ୍ୟତା ପାଇଛି।

'ମହାନାଗେଶ୍ୱର' ଭାବେ ମଧ୍ୟ ପରିଚିତ ନାଗଲିଙ୍ଗ ପ୍ରାୟ ୩୦ ମିଟର ଉଚ୍ଚତା ବିଶିଷ୍ଟ ଏକ ବଡ଼ ଚିରହରିତ୍ ବା ଅର୍ଦ୍ଧଚିରହରିତ୍ ଦ୍ରୁମ। କାଣ୍ଡଟି ନଳାକାର, ଯାହାର ବ୍ୟାସ ୭୦ ସେମି ଅତିକ୍ରମ କରିପାରେ। ଛାଲି ମାଟିଆ ଧୂସର ରଙ୍ଗର। ପରିପକ୍ୱ ବୃକ୍ଷର ଛାଲି ଫାଟି ଫାଟିଯାଏ। ପତ୍ରଗୁଡ଼ିକ ଶାଖାଗୁଡ଼ିକର ଶୀର୍ଷରେ ପୁଞ୍ଜିଭୂତ ଏବଂ ବିକଳ୍ପ ଭାବରେ ସଜେଇ ହୋଇ ରହିଥାଏ। ପତ୍ର ଧାର ସମ୍ପୂର୍ଣ୍ଣ କିମ୍ବା ସାମାନ୍ୟ ଦନ୍ତୁରିତ, ପ୍ରାୟ ୧୦-୨୦ ସେମି ଲମ୍ବ ଓ ୪-୬ ସେମି ଚଉଡ଼ା। ମୁଖ୍ୟ ଗଣ୍ଡି ଏବଂ ଅନ୍ୟାନ୍ୟ ବଡ଼ ଶାଖାରୁ ଫୁଲଗୁଡ଼ିକ ଗୁଚ୍ଛରେ ଉତ୍ପନ୍ନ ହୁଏ। ଫୁଲଗୁଡ଼ିକର ବ୍ୟାସ ପ୍ରାୟ ୬ ସେମି ବିଶିଷ୍ଟ ମାଂସଳ, ହଳଦିଆ ଏବଂ ଲାଲ କିମ୍ବା ଗୋଲାପୀ ବାଇଗଣୀ ରଙ୍ଗର। ଫୁଲଗୁଡ଼ିକ ପ୍ରବଳ ସୁଗନ୍ଧଯୁକ୍ତ, ବିଶେଷକରି ରାତିରେ ଏବଂ ପ୍ରାତଃ ସମୟରେ। ପରିପକ୍ୱ ଫଳ ଭୂମିରେ ପଡ଼ିବା ବେଳେ ବାଡ଼େଇ ହୋଇ ଶବ୍ଦ ହୁଏ। ତଳେ ପଡ଼ି ଫାଟିଲା ଫଳକୁ ବିଭିନ୍ନ ପ୍ରାଣୀ ଖାଇଥା'ନ୍ତି। ଫଳଟି କଠିନ ଆବରଣ ସହିତ ଗୋଲାକାର। ଏହାର ବ୍ୟାସ ପ୍ରାୟ ୨୫ ସେମି। ଫଳଟି ଖାଦ୍ୟ ଉପଯୋଗୀ କିନ୍ତୁ ଏହାର ଅପ୍ରିୟ ଗନ୍ଧ ଯୋଗୁଁ ସାଧାରଣତଃ ଲୋକମାନେ ଏହାକୁ ଖାଆନ୍ତି ନାହିଁ। ଭାରତରେ ବର୍ଷସାରା ଗଛରେ ଫୁଲ ଫୁଟେ। ଫୁଲଗୁଡ଼ିକୁ ସୁଗନ୍ଧିତ ପ୍ରସାଧନୀ ସାମଗ୍ରୀ ପ୍ରସ୍ତୁତିରେ ବ୍ୟବହାର କରାଯାଏ।

ନାଗଲିଙ୍ଗକୁ ପାରମ୍ପରିକ ଭାବରେ ଉଚ୍ଚ ରକ୍ତଚାପ, ଟ୍ୟୁମର, ଯନ୍ତ୍ରଣା ଓ ପ୍ରଦାହ, ସାଧାରଣ ଥଣ୍ଡା, ପେଟ ଯନ୍ତ୍ରଣା, ଚର୍ମ ରୋଗ, କ୍ଷତ, ମ୍ୟାଲେରିଆ, ଦାନ୍ତ ବିନ୍ଧା, ଗ୍ୟାଷ୍ଟ୍ରାଇଟ୍, ସ୍କେବସ୍, ରକ୍ତସ୍ରାବ, ପାଇଲ୍ସ, ପତଳା ଝାଡ଼ା, ବିଛା ବିଷ ଆଦି ଚିକିତ୍ସା ପାଇଁ ବ୍ୟବହାର କରାଯାଇ ଆସୁଛି। ଏହା ଆଣ୍ଟିମାଇକ୍ରୋବିଏଲ୍, ଆଣ୍ଟିଅଲ୍ସର, କୃମିନାଶକ, ଆଣ୍ଟିଅକ୍ସିଡାଣ୍ଟ, ଆଣ୍ଟିପାଇରେଟିକ୍, ଆଣ୍ଟିଆର୍ଥ୍ରାଇଟିକ୍, ଇମ୍ୟୁନୋମୋଡୁଲେଟୋରୀ/ ପ୍ରତିରୋଧକ ଶକ୍ତି ବୃଦ୍ଧି କାରକ, ଆଣ୍ଟିବ୍ୟାକ୍ଟେରିଆଲ୍, ଆଣ୍ଟିଷ୍ଟ୍ରେସ୍, ଆଣ୍ଟିଡାଇରିଆଲ୍, ଆଣ୍ଟିଡିପ୍ରେସାଣ୍ଟ ଗୁଣରେ ସମୃଦ୍ଧ।

ଏହାଛଡ଼ା ନାଗଲିଙ୍ଗ ଗଛରେ ଟ୍ରାଇଟରପେନ୍ସ, ଫେନୋଲିକ୍ସ, କୁରୁପିଟାଇନ୍, ଇଣ୍ଡିରୁବିନ୍, ଆଇସାଟିନ୍, ଆନ୍ଥୋସିଆନିନ୍, ଫ୍ଲାଭାନୋଇଡ୍ସ, ୟୁଜେନୋଲ୍, ଟାନିନ୍, ଷ୍ଟେରଏଡ୍ସ, ସାପୋନିନ୍, ଗ୍ଲାଇକୋସାଇଡ୍ସ, ଆମିନୋ ଏସିଡ୍, ଫେନୋଲ୍ସ, ଆନ୍ଥ୍ରାକୁଇନୋନ୍, ଟ୍ରାଇଟରପେନୋଇଡ୍ସ, ଫାର୍ସେନଲ୍ ଏବଂ ତେଲ ଭଳି ଅନେକ ଉପାଦାନ ରହିଛି। ଫଳ ଏବଂ ଫୁଲରେ ଇଣ୍ଡିଗୋଟିନ୍ ଏବଂ ଇଣ୍ଡିରୁବିନ୍ ରାସାୟନିକ ଯୌଗିକ ଥିବା ଜଣାଯାଏ। ଫଳର କଠିନ ଖୋଳକୁ କେତେକ ସମୟରେ ପାତ୍ର ଭାବରେ ବ୍ୟବହାର କରାଯାଏ। କାଠଗୁଡ଼ିକ ବହୁତ ହାଲୁକା; ନରମ, ଅସ୍ଥାୟୀ ଏବଂ କବକ, କାଠ କୀଟ ଉଇ ପ୍ରତି ସମ୍ବେଦନଶୀଳ। ଏହି କାଠ ବିଭିନ୍ନ ପ୍ରକାରର ଖେଳଣା, ବାକ୍ସ, ପିଞ୍ଜରା, ଦିଆସିଲି, ପ୍ୟାନେଲିଂ, ଫର୍ଣ୍ଣିଚର ଉପାଦାନ, କାଠ ସାମଗ୍ରୀ, ଲାଥ୍-ବୋର୍ଡ ଓ ଫାଇବର-ବୋର୍ଡ ପ୍ରସ୍ତୁତିରେ ବ୍ୟବହାର କରାଯାଏ।

ଭାରତ ଏବଂ ଶ୍ରୀଲଙ୍କାରେଏହି ଗଛକୁ ହିନ୍ଦୁମାନେ ପୂଜା କରନ୍ତି। ଏହାର ଫୁଲର ହୁଡ ବା ଫେଣା ନାଗଫେଣା ପରି ଦେଖାଯାଏ, ଯାହା ତଳେ ଗର୍ଭକେଶର ଧଳା ରଙ୍ଗର ଲିଙ୍ଗ ପରି ଦେଖାଯାଏ। ତେଣୁ ଏହାକୁ ଶିବମନ୍ଦିରରେ ରୋପଣ କରାଯାଏ। ଶ୍ରୀଲଙ୍କା, ଥାଇଲ୍ୟାଣ୍ଡ, ମିଆମାର, କାମ୍ବୋଡିଆ, ଲାଓସ, ବଙ୍ଗଳାଦେଶ, ନେପାଳ, ଭୁଟାନ, ମାଲେସିଆ ଏବଂ ଅନ୍ୟାନ୍ୟ ବୌଦ୍ଧ ଦେଶଗୁଡ଼ିକରେ ଏହାକୁ ବୌଦ୍ଧ ମଠ ଏବଂ ଅନ୍ୟାନ୍ୟ ଧାର୍ମିକ ସ୍ଥଳରେ ଲଗାଯାଇଥାଏ। ମାନବ ବସତି ସ୍ଥାପନ, କୃଷି ଜମି ସମ୍ପ୍ରସାରଣ, ପ୍ରାକୃତିକ ଜଙ୍ଗଲ ସଙ୍କୋଚନ ଇତ୍ୟାଦି କାରଣରୁ ନାଗଲିଙ୍ଗ ଉଦ୍ଭିଦର ସଂଖ୍ୟା ପ୍ରାୟତଃ ହ୍ରାସ ପାଇବାରେ ଲାଗିଛି। ପ୍ରକୃତି ସଂରକ୍ଷଣ ପାଇଁ ଆନ୍ତର୍ଜାତୀୟ ସଂଘ ଲାଲ ବିପନ୍ନ ଜାତି ତାଲିକାରେ ଏହି ଉଦ୍ଭିଦକୁ 'ସର୍ବନିମ୍ନ ଚିନ୍ତା' ବର୍ଗରେ ସ୍ଥାନିତ କରିଛି।

ଭୁବନେଶ୍ୱର, ମୋ: ୯୪୩୭୧୯୦୪୨୦

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

# ନୂଆପଡ଼ାରେ ଜାଲିଆତି କରି ଜିତିଛି ବିଜେପି: ସ୍ନେହାଙ୍ଗିନୀ

ଭୁବନେଶ୍ୱର,୧୬।୧୧(ସମିସ): ନୂଆପଡା ଉପନିର୍ବାଚନରେ ଜିଲ୍ଲା ପ୍ରଶାସନ, ପୁଲିସ ଓ ନିର୍ବାଚନ କମିଶନଙ୍କୁ ହାତବାରିସୀ କରି ଭୋଟ ରିଗିଂ ମାଧ୍ୟମରେ ବିଜେପି ବିଜୟୀ ହୋଇଛି। ଏହାପରେ ମଧ୍ୟ ନୂଆପଡାବାସୀଙ୍କ ସହିତ ବିଜୁ ଜନତା ଦଳ ଥିଲା ଓ ଆଗକୁ ରହିବ। ନୂଆପଡ଼ାବାସୀଙ୍କ ସ୍ୱାର୍ଥ ରକ୍ଷା ପାଇଁ ସେ ସବୁବେଳେ ଲଢ଼େଇ କରିବେ ଦୃଢ଼ୋକ୍ତି ପ୍ରକାଶ କରିଛନ୍ତି ଉପ ନିର୍ବାଚନରେ ଦଳୀୟ ପ୍ରାର୍ଥିନୀ ସ୍ନେହାଙ୍ଗିନୀ ଛୁରିଆ।



ରବିବାର ଆଜି ଶଙ୍ଖ ଭବନରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଶ୍ରୀମତୀ ଛୁରିଆ କହିଥିଲେ ଯେ ନିର୍ବାଚନ ପ୍ରଚାର ସମୟରେ ନୂଆପଡାର ପ୍ରତ୍ୟେକ ପଞ୍ଚାୟତ ଓ ଏନଏସି ଅଞ୍ଚଳକୁ ଯାଇଥିଲେ ଓ ପ୍ରତ୍ୟେକ ସ୍ଥାନରେ ବିଜୁ ଜନତା ଦଳ ପ୍ରତି ଓ ଦଳର ସଭାପତି ନବୀନ ପଟ୍ଟନାୟକଙ୍କ ପ୍ରତି ଅକୁଣ୍ଠ ସମର୍ଥନ ଓ ଭଲପାଇବା ଥିବା ଦେଖିଥିଲେ । ନିର୍ବାଚନ ପ୍ରଚାର ସମୟରେ ଜିଲ୍ଲା ପ୍ରଶାସନ ପକ୍ଷରୁ ଦଳର ନେତା ଓ କର୍ମୀ ମାନଙ୍କ ଉପରେ ଆକ୍ରୋଶମୂଳକ କାର୍ଯ୍ୟାନୁଷ୍ଠାନ ନିଆଯାଇ ତାଙ୍କ ମନୋବଳକୁ ଦୁର୍ବଳ କରିବା ପାଇଁ ଚେଷ୍ଟା କରାଯାଉଥିଲା। ଏହାର ଅଭିଯୋଗ ବାରମ୍ବାର ବିଜେଡି ପକ୍ଷରୁ ନିର୍ବାଚନ ଅଧିକାରୀଙ୍କ ଆଗରେ କରାଯାଉଥିଲେ ମଧ୍ୟ କୌଣସି ସୁଫଳ ମିଳି ନଥିଲା । ସାଇଲେଣ୍ଟ ପିରିଅଡରେ ନିର୍ବାଚନ ଆଚରଣ ବିଧିକୁ ସମ୍ମାନ ଜଣାଇ ବିଜେଡିର ନେତାମାନେ ନୂଆପଡା ଛାଡି ଦେଇଥିବା ବେଳେ ବିଜେପିର ନେତାମାନେ ସେଠାରେ ଉପସ୍ଥିତ ରହି ଟଙ୍କା ବଣ୍ଟା କାର୍ଯ୍ୟରେ ଲିପ୍ତ ରହିଥିଲେ । ବିଜେଡି ପକ୍ଷରୁ ଏହାର ଅଭିଯୋଗ ସ୍ଥାନୀୟ ପୁଲିସ ଷ୍ଟେସନରେ କରାଯିବା ପରେ ଅଭିଯୋଗ କରିଥିବା ବ୍ୟକ୍ତିଙ୍କୁ ଥାନାରେ ଅଟକ ରଖି ଆର୍ମ୍ସ ଆକ୍ଟ ଲଗାଇ ଜେଲକୁ ପଠାଯାଇଥିଲା ବୋଲି ସେ କ୍ଷୋଭ ପ୍ରକାଶ କରିଛନ୍ତି।

■ ଭୋଟ ରିଗିଂ ପଛରେ ପ୍ରଶାସନ, ପୁଲିସ ଓ ନିର୍ବାଚନ ଅଧିକାରୀ
■ ଭୋଟରେ ପ୍ରତିଫଳିତ ହୋଇନାହିଁ ବିଜେଡିକୁ ମିଳିଥିବା ସମର୍ଥନ
■ ନୂଆପଡ଼ାବାସୀଙ୍କ ସ୍ୱାର୍ଥ ପାଇଁ ସବୁବେଳେ ଲଢେଇ କରିବି

ସେହିପରି ନିର୍ବାଚନ ଦିନ ଭୋଟିଂ ସମୟରେ ବୁଥ୍ ଗୁଡିକରେ ବିଜେପି କର୍ମୀମାନେ ବୁଥ୍ ଭିତରେ ପସି କ୍ୟାମ୍ପେନିଂ କରିବା ସହିତ ଭୋଟର ମାନଙ୍କୁ ପଦ୍ମଫୁଲରେ ଭୋଟ ଦେବା ପାଇଁ ଏକ ପ୍ରକାର ବାଧ୍ୟ କରୁଥିଲେ। ଏହାର ଅଭିଯୋଗ କରାଯାଇଥିଲେ ମଧ୍ୟ କର୍ତ୍ତୃପକ୍ଷ ଶୁଣି ନଥିଲେ। ବୁଥ୍ ରିଗିଂ କାରଣରୁ ଭୋଟିଂ ପ୍ରତିଶତ ଅହେତୁକ ବୃଦ୍ଧି ପାଇଥିଲା । ୪୧ଟି ବୁଥରେ ୯୦ ପ୍ରତିଶତରୁ ଅଧିକା ଭୋଟିଂ ହୋଇଥିଲା। ଭୋଟିଂ ଶେଷ ହେବା ବେଳେ ଅର୍ଥାତ ସନ୍ଧ୍ୟା ୫ଟା ସମୟରେ ନିର୍ବାଚନ ଅଧିକାରୀଙ୍କ ଦ୍ୱାରା ୭୫ ପ୍ରତିଶତ ଭୋଟିଂ ହୋଇଛି ବୋଲି ସୂଚନା ଦିଆଯାଇଥିଲା । ସନ୍ଧ୍ୟା ୭ଟା ସମୟରେ ଭୋଟିଂ ୭୭ ପ୍ରତିଶତ ହୋଇଛି ବୋଲି ସୂଚନା ଦିଆଗଲା । କିନ୍ତୁ ପରଦିନ ଦିବା ୧୦ ଘଟିକା ସମୟରେ ୮୧ ପ୍ରତିଶତ ଓ ୧୨ଟା ସମୟରେ ୮୩.୪୫ ପ୍ରତିଶତ ଭୋଟିଂ ହୋଇଛି ବୋଲି କୁହାଗଲା। ଏଥିରୁ ଭୋଟ୍ ଜାଲିଆତିର ଆଭାସ ମିଳୁଛି। ଶ୍ରୀମତୀ ଛୁରିଆ ଆହୁରି କହିଥିଲେ ଯେ ନୂଆପଡାବାସୀଙ୍କ ସମର୍ଥନ ବିଜୁ ଜନତା ଦଳ ପ୍ରତି ରହିଥିଲା। ମାତ୍ର ଜିଲ୍ଲା ପ୍ରଶାସନ, ପୁଲିସ ଓ ନିର୍ବାଚନ ଅଧିକାରୀଙ୍କୁ ହାତବାରିସୀ କରି ଭୋଟ ରିଗିଂ କରି ବିଜେପି ବିଜୟୀ ହୋଇଛି। ନୂଆପଡାବାସୀ ତାଙ୍କୁ ଓ ନବୀନ ପଟ୍ଟନାୟକଙ୍କ ପ୍ରତି ଦେଇଥିବା ସମର୍ଥନ ପାଇଁ ସେ କୃତଜ୍ଞତା ଜଣାଇଥିଲେ। ଭୁବନେଶ୍ୱର ମେୟର ସୁଲୋଚନା ଦାସ କହିଥିଲେ ଯେ ପ୍ରଶାସନିକ କଳକୁ ହାତବାରିସୀ କରି ବିଜେପି ହୁଏତ ନୂଆପଡା ଆସନକୁ ହାତେଇବା ପାଇଁ ସଫଳ ହୋଇଥାଇ ପାରେ, କିନ୍ତୁ ନୂଆପଡାବାସୀଙ୍କ ସମର୍ଥନ ଶ୍ରୀମତୀ ଛୁରିଆ ଓ ଦଳର ସଭାପତି ନବୀନ ପଟ୍ଟନାୟକଙ୍କ ପ୍ରତି ରହିଛି। ସେଥିପାଇଁ ନୂଆପଡ଼ାବାସୀଙ୍କୁ ଦଳ ପକ୍ଷରୁ ଆମେ କୃତଜ୍ଞତା ଜଣାଉଛୁ ବୋଲି ସେ ମତବ୍ୟକ୍ତ କରିଥିଲେ।

# ଦଳର ବିଭୀଷଣଙ୍କୁ ଭକ୍ତଙ୍କ ନାଲିଆଖି

ଭୁବନେଶ୍ୱର,୧୬।୧୧(ସମିସ): ସବୁ ଦଳରେ ବିଭୀଷଣଅଛନ୍ତି। କଂଗ୍ରେସରେମଧ୍ୟକିଛି ବିଭୀଷଣ ଭଳି ଆତ୍ମଘାତୀ କାର୍ଯ୍ୟ କରି ଦଳର କ୍ଷତି କରିଛନ୍ତି। ନିର୍ବାଚନ ସମୟରେ ଦଳ ଏବଂ ତାଙ୍କ ବିରୋଧରେ ଅପପ୍ରଚାରର ବନ୍ୟା ସୃଷ୍ଟି କରାଯାଇଥିଲା। ଦଳରେ ଥାଇ ଆତ୍ମଘାତୀ କାର୍ଯ୍ୟ କରି ଦଳକୁ କ୍ଷତି ପହଞ୍ଚାଇଥିବା ବିଭୀଷଣମାନଙ୍କୁ କଦାପି ଛଡ଼ାଯିବ ନାହିଁ ବୋଲି ପିସିସି ସଭାପତି ଭକ୍ତ ଚରଣ ଦାସ କହିଛନ୍ତି। ନୂଆପଡ଼ା ଉପନିର୍ବାଚନ ପରେ ଶ୍ରୀ ଦାସ ରବିବାର ଭୁବନେଶ୍ୱର ଫେରି ଗଣମାଧ୍ୟମକୁ ସୂଚନା ଦେଇ କଂଗ୍ରେସରେ ଥିବା କୁଚକ୍ରୀ ବିଭୀଷଣଙ୍କ ଉପରେ କାର୍ଯ୍ୟାନୁଷ୍ଠାନ ନେବେ ବୋଲି କଡ଼ା ଚେତାବନୀ ଦେଇଛନ୍ତି।

ଭକ୍ତ କହିଛନ୍ତି, କଂଗ୍ରେସ ନୂଆପଡ଼ାରେ ଉତ୍ତମ ଭାବରେ ନିର୍ବାଚନ ପରିଚାଳନା କରିଥିଲା। କଂଗ୍ରେସର ପ୍ରଚାରରେ ଜନସମର୍ଥନ ଦେଖି ବିଜେପି ଭୟଭୀତ ହୋଇଯାଇଥିଲା। ମୁଖ୍ୟମନ୍ତ୍ରୀଙ୍କ ସଭାରେ ଲୋକ ନ ହୋଇ ବଳକା ଖାଦ୍ୟ ଖାଇ ୧୭ଟି ଗାଈ ମରିଯିବା ଯୋଗୁଁ ବିଜେପି ଦଳ ନିରୁତ୍ସାହିତ ହୋଇ ଯାଇଥିଲା। ତେଣୁ ବିଜେପି ରଣନୀତି ବଦଳାଇ ମାଳମାଳ ମନ୍ତ୍ରୀ ଏବଂ ବିଧାୟକଙ୍କୁ ପ୍ରଚାର କାର୍ଯ୍ୟରେ ଲଗାଇଲା। ଦୁଇଜଣ ମୁଖ୍ୟମନ୍ତ୍ରୀ ନୂଆପଡ଼ାରେ ଲଗାତାର ତୋଫାନୀ ସଭା କଲେ। ଏପରିକି ଶହଶହ ଗାଡ଼ିଘୋଡ଼ା, ଗୀତବାଦ୍ୟ, ଯାତ୍ରା, ଅର୍କେଷ୍ଟ୍ରା ପାର୍ଟି ଆଦି ଆଣି ଦିନ ତମାମ ସମ୍ପୂର୍ଣ ରାସ୍ତା ଅବରୋଧ କରିଥିଲେ। ବିଜେପି ଗୋଟେ ଗୋଟେ ଦିନରେ କୋଟି କୋଟି ଟଙ୍କା ଖର୍ଚ୍ଚ କରୁଥିଲା। ଗୁରୁତ୍ୱପୂର୍ଣ୍ଣ ବିଷୟ, ସମ୍ପୂର୍ଣ ନିର୍ବାଚନ ପୁଲିସ ପରିଚାଳନା କରୁଥିଲା। ଏହାର ପରିଣାମ ସ୍ୱରୂପ ବିଜେପି ନବନିର୍ବାଚିତ ବିଧାୟକ ଜୟ ଢୋଲକିଆ ବିଜୟୀ ହେବା ପରେ ଆଇଜି ହିମାଂଶୁ ଲାଲ୍‌ଙ୍କ ପାଦ ଛୁଇଁ ପ୍ରଣାମ କରିଥିଲେ। ଏଥିରୁ ନୂଆପଡ଼ା ଉପନିର୍ବାଚନରେ ପୁଲିସର ଭୂମିକା କ'ଣ ଥିଲା, ତାହା ସ୍ପଷ୍ଟ ପ୍ରମାଣିତ ହୋଇଛି। ହିମାଂଶୁ ଲାଲ୍ ଆଶୀର୍ବାଦ ଦେଲେ ଏବଂ ଜୟ ଢୋଲକିଆ ଭୋଟ୍ ପାଇଲେ ବୋଲି ଭକ୍ତ କହିଛନ୍ତି।



■ କାର୍ଯ୍ୟାନୁଷ୍ଠାନ ଚେତାବନୀ ଦେଲେ ପିସିସି ସଭାପତି
■ ଏହା ଉପନିର୍ବାଚନ ନୁହେଁ; ଗଣତନ୍ତ୍ର ପ୍ରତି ଉପହାସ ଥିଲା
■ ହିମାଂଶୁ ଲାଲ୍‌ଙ୍କଠୁ ଜୟ ଆଶୀର୍ବାଦ ନେବାକୁ ସମାଲୋଚନା

ଅନ୍ୟପକ୍ଷରେ କଂଗ୍ରେସ ପାଇଥିବା ଭୋଟ ସଂଖ୍ୟାରେ ସେ ସନ୍ତୁଷ୍ଟ ବୋଲି ଭକ୍ତ କହିଛନ୍ତି। କାରଣ ମୃତ୍ୟୁବରଣ କରିଥିବା ବିଜେଡି ବିଧାୟକଙ୍କ ପୁଅ ଶାସକ ଦଳ ପ୍ରାର୍ଥୀ ହୋଇଥିଲେ। ସରକାରୀ କଳର ସମ୍ପୂର୍ଣ ଅପବ୍ୟବହାର କରାଯାଇଥିଲା। ଅଭୂତପୂର୍ବ ଭାବେ ଟଙ୍କା ଖର୍ଚ୍ଚ କରାଯାଇଥିଲା। ସମସ୍ତ ମନ୍ତ୍ରୀ, ବିଧାୟକ ପ୍ରଚାରରେ ନିଯୁକ୍ତ ହୋଇଥିଲେ। ଯେଉଁ ସ୍ଥାନରେ ଟଙ୍କା କାମ ଦେଲାନାହିଁ, ସେ ସ୍ଥାନମାନଙ୍କରେ ବିଜେପି ବିଭିନ୍ନ ଉପାୟରେ ଭୋଟ ଚୋରି କଲା। କଂଗ୍ରେସ ପାଇଁ ଏଭଳି ଉପନିର୍ବାଚନରେ ଉପଲବ୍‌ଧ କେବେ ମିଳି ନ ଥିଲା। ଏହି ଉପନିର୍ବାଚନ କଂଗ୍ରେସର ଆଶା ଓ ମନୋବଳକୁ ଦୃଢ଼ କରିଛି। ବିଜେପି ନିର୍ବାଚନ ପ୍ରଚାରକୁ କିଭଳି ମୁକାବିଲା କରାଯିବ, ଆମେ ଏଥିରୁ ମଧ୍ୟ ଶିକ୍ଷାଲାଭ କଲୁ ବୋଲି ଭକ୍ତ କହିଛନ୍ତି।

ଭକ୍ତ ଆହୁରି କହିଛନ୍ତି ଯେ ନିର୍ବାଚନ ଯେପରି ଲଢ଼ାଯାଏ କଂଗ୍ରେସ ସେପରି ଦାୟିତ୍ୱରେ ଥିବା ସମସ୍ତ କର୍ମୀ, କର୍ମକର୍ତ୍ତା ଏବଂ ବରିଷ୍ଠ ନେତୃବୃନ୍ଦଙ୍କୁ ନେଇ ସୁଚାରୁ ରୂପେ ନିର୍ବାଚନ ପରିଚାଳନା କରିଥିଲା। ଜନସାଧାରଣଙ୍କ ସହିତ ସୁସମ୍ପର୍କ ସ୍ଥାପନ କରିଥିଲା। ଦଳ ପକ୍ଷରୁ କୌଣସି ଅବହେଳା ହୋଇ ନାହିଁ। କିନ୍ତୁ ବିଜେପିର ଅନୀତିଯୁକ୍ତ ପ୍ରଚାର ସହ କଂଗ୍ରେସ ସମକକ୍ଷ ହୋଇପାରିଲା ନାହିଁ। ଗୋଟେ ଉପନିର୍ବାଚନ ପାଇଁ ସରକାରଙ୍କ ଏଭଳି ଜିଦ୍ ଏବଂ ଶାସନର ଦୁରୁପଯୋଗ ଗଣତନ୍ତ୍ର ପାଇଁ ଶୁଭଙ୍କର ନୁହେଁ ବୋଲି ପିସିସି ସଭାପତି କହିଛନ୍ତି।

# ମାଓ ଦମ୍ପତିଙ୍କ ଆତ୍ମସମର୍ପଣ

ଫୁଲବାଣୀ/ଫିରିଙ୍ଗିଆ, ୧୬।୧୧ (ସମିସ): କନ୍ଧମାଳ ପୁଲିସ ନିକଟରେ ଆଜି ଏକ ମାଓ ଦମ୍ପତି ଆତ୍ମସମର୍ପଣ କରିଛନ୍ତି। ସେମାନେ ହେଲେ, ଛତିଶଗଡ଼ ସୁକମା ଜିଲ୍ଲା ପାରଲାଗାଟା ଗ୍ରାମର ଉଙ୍ଗା କଲମା ଓରଫ କିଶୋର(୨୫) ଓ ସୁକମା ଜିଲ୍ଲା ବାଜେ ଥାନା ଗୁମୁ ପଞ୍ଚାୟତର କିଣ୍ଡରାମ ଗ୍ରାମର ମାସେ ମାଣ୍ଡଭୀ (୨୨)। ସେମାନେ ୨୦୧୮ ମସିହାରେ ଲାଲବାହିନୀରେ ଯୋଗଦେଇ ବଂଶଧାରା-ଘୁମୁସର-ନୟାଗଡ଼ (ବିଜିଏନ) ସଙ୍ଗଠନରେ ପାର୍ଟି ମେମ୍ବର ଭାବେ କାମ କରୁଥିଲେ। ଦକ୍ଷିଣ-



କେନ୍ଦ୍ର ଓଡ଼ିଶା ମଧ୍ୟ ଦେଇ ଲାଲବାହିନୀର ଉତ୍ତର-ଦକ୍ଷିଣ କରିଡରକୁ ପୁନଃ ସକ୍ରିୟ କରିବା ପାଇଁ ସେମାନେ କାମ କରୁଥିଲେ ବୋଲି ଆଜି ଜିଲ୍ଲା ପୁଲିସ ମୁଖ୍ୟାଳୟରେ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ ଦକ୍ଷିଣାଞ୍ଚଳ ଆଇଜି ନିତିଶେଖର ପ୍ରକାଶ କରିଛନ୍ତି। ସେମାନେ ରାଜ୍ୟର ବିଭିନ୍ନ ସ୍ଥାନରେ ସଂଘଟିତ ଅନେକ ମାଓ କାର୍ଯ୍ୟକଳାପରେ ସମ୍ପୃକ୍ତ ରହିଥିବା କନ୍ଧମାଳ ଏସ୍‌ପି ହରିଣ ବିଶି କହିଛନ୍ତି।

ମାଓ ସଙ୍ଗଠନର ମିଥ୍ୟା ପ୍ରତିଶ୍ରୁତି, ହିଂସାତ୍ମକ କାର୍ଯ୍ୟକଳାପ, ନିର୍ଯାତନା, ବିକାଶକୁ ବିରୋଧ ଭଳି ଜନବିରୋଧୀ କାର୍ଯ୍ୟ ପ୍ରତି ବୀତସ୍ପୃହ ହେବା ସହିତ ସରକାରଙ୍କ ପକ୍ଷରୁ ଘୋଷିତ ଆକର୍ଷଣୀୟ ଥଇଥାନ ପ୍ୟାକେଜ ଦ୍ୱାରା ପ୍ରଭାବିତ ହୋଇ ସଙ୍ଗଠନ ଛାଡିବା ସହ ସମାଜର ମୁଖ୍ୟସ୍ରୋତକୁ ଫେରିବା ପାଇଁ ନିଷ୍ପତ୍ତି ନେଇଥିବା ଉଭୟ ପ୍ରକାଶ କରିଛନ୍ତି।


ଅପରପକ୍ଷେ, ସରକାରଙ୍କ ଦ୍ୱାରା ନିର୍ଦ୍ଧାରିତ ସମସ୍ତ ସହାୟତା ଯୋଗାଇ ଦିଆଯିବ ବୋଲି ସୂଚନା ଦେଇଛନ୍ତି ଆଇଜି ନିତିଶେଖର। ଏଥିସହ ବାଲିଗୁଡ଼ା ଥାନା ଅନ୍ତର୍ଗତ ପାଙ୍ଗୁରମାଲା ଗ୍ରାମ ନିକଟରେ ଡିଭିଏଫ ପକ୍ଷରୁ କମ୍ବିଂ ଅପରେସନ ଚାଲିଥିବା ବେଳେ ବିପୁଳ ପରିମାଣର ମାଓ ସାମଗ୍ରୀ ଜବତ ହୋଇଥିବା ସୂଚନା ଦେଇଛନ୍ତି ଆଇଜି। ଜବତ ସାମଗ୍ରୀ ମଧ୍ୟରେ ରହିଛି ୪ଟି ମୋର୍ଟାର ସେଲ, ୩ଟି ଡିଟୋନେଟର, ଟିଫିନ ବକ୍ସ, ବିଦ୍ୟୁତ ତାର ସହିତ ଖାଦ୍ୟ ସାମଗ୍ରୀ, ପୋଷାକ ଓ ନିତ୍ୟ ବ୍ୟବହାର୍ଯ୍ୟ ଜିନିଷ।

# ଜିଲ୍ଲା ପ୍ରଶାସନ ପକ୍ଷରୁ ଜାରି ହେଲା ସ୍ୱତନ୍ତ୍ର ମାର୍ଗଦର୍ଶିକା

# ଦଣ୍ଡନାଚରେ ଦ୍ୱିଅର୍ଥବୋଧକ ଶବ୍ଦକୁ ନା

ବ୍ରହ୍ମପୁର,୧୬।୧୧(ସମିସ): ଗଞ୍ଜାମର ଗଣପର୍ବ ଦଣ୍ଡନାଚରେ କ୍ରମଶଃ ଅଶ୍ଳୀଳତା ଓ ଅପସଂସ୍କୃତି ପ୍ରବେଶ କରୁଛି। ଏହା ଲୋକଙ୍କ ଧାର୍ମିକ ଭାବନାକୁ କୁଠାରଘାତ କରୁଥିବାରୁ ଏହାକୁ ନେଇ ବିଭିନ୍ନ ମହଲରେ ଅସନ୍ତୋଷ ପ୍ରକାଶ ପାଉଛି। ଏହା ବିରୋଧରେ ପ୍ରଶାସନିକସ୍ତରରେ କାର୍ଯ୍ୟାନୁଷ୍ଠାନ ନେବାକୁ ଦାବି ହୋଇଆସୁଥିବା ବେଳେ ବର୍ତ୍ତମାନ ଗଞ୍ଜାମ ଜିଲ୍ଲା ପ୍ରଶାସନ ପକ୍ଷରୁ ଏନେଇ ତତ୍ପରତା ପ୍ରକାଶ ପାଇଛି। ଦଣ୍ଡନାଚରେ ଅଶ୍ଳୀଳତା, ଅପସଂସ୍କୃତି ଓ ଅସାମାଜିକ ତତ୍ତ୍ୱର ନିରାକରଣ ସକାଶେ ଜିଲ୍ଲା ପ୍ରଶାସନ ପକ୍ଷରୁ ସ୍ୱତନ୍ତ୍ର ମାର୍ଗଦର୍ଶିକା ଜାରି କରାଯାଇଛି।

ଧୂଳିଦଣ୍ଡ ସମୟରେ ପାରମ୍ପାରିକ ଢଗଢ଼ମାଳି ଓ ଲୋକସଙ୍ଗୀତର ବ୍ୟବହାରକୁ ଯଦିଓ ଅନୁମତି ମିଳିଛି, ଦ୍ୱିଅର୍ଥବୋଧକ ଶବ୍ଦର ପ୍ରୟୋଗକୁ ନିଷିଦ୍ଧ କରାଯାଇଛି। ରାତ୍ରି ସମୟରେ ଆୟୋଜିତ ସାଂସ୍କୃତିକ ମଞ୍ଚରେ କେବଳ ପାରମ୍ପରିକ କଳାକୁ ଅନୁମତି ଦିଆଯାଇଛି। ବ୍ଲକ୍/ମହାନଗର ନିଗମ



ସ୍ତରରେ କମିଶନର, ତହସିଲଦାର, ବିଡିଓ, ଥାନା ଅଧିକାରୀ, କାର୍ଯ୍ୟନିର୍ବାହୀ ଅଧିକାରୀ, ବ୍ଲକ କଳା ସଂସ୍କୃତି ସଂଘକୁ ନେଇ ଏକ କମିଟି ଗଠନ କରାଯିବ। ପ୍ରତିବର୍ଷ ଦଣ୍ଡନାଚ ଆରମ୍ଭ ପୂର୍ବରୁ ଦଣ୍ଡନାଚର ମୁଖ୍ୟ ପରିଚାଳକଙ୍କୁ ନେଇ ବୈଠକ କରାଯାଇ ପ୍ରଶାସନ ପକ୍ଷରୁ ଜାରି ଦଣ୍ଡନାଚର ମାର୍ଗଦର୍ଶିକାର କଡ଼ାକଡ଼ି ଅନୁପାଳନ ନେଇ ଆଲୋଚନା କରାଯିବ। ଦଣ୍ଡନାଚର ମୁଖ୍ୟ ପରିଚାଳକ ଦଣ୍ଡନାଚ ପୂର୍ବରୁ ଆବଶ୍ୟକ ସର୍ତ୍ତ ପୂରଣ କରି ସ୍ଥାନୀୟ ଥାନା ଅଧିକାରୀଙ୍କଠାରୁ ଅନୁମତି ନେବେ। ଅନୁମତିପତ୍ରରେ ଦଣ୍ଡନାଚର ସବିଶେଷ ତଥ୍ୟ ଯଥା ନାଟକ

## ଖିଲାପ କଲେ କାର୍ଯ୍ୟାନୁଷ୍ଠାନ: ଜିଲ୍ଲାପାଳ

ସମ୍ପର୍କିତ ସମ୍ପୂର୍ଣ୍ଣ ବିବାରଣୀ, କଳାକାରଙ୍କ ନାମ ଓ ଠିକଣା, କେତେଦିନ ଓ କେଉଁ ସ୍ଥାନରେ ଦଣ୍ଡନାଚ ପରିବେଷଣ କରାଯିବ, ସେନେଇ ମଧ୍ୟ ତଥ୍ୟ ପ୍ରଦାନ କରିବାକୁ ହେବ। ଦଣ୍ଡନାଚ ପରିବେଷଣ ସମୟରେ ମାର୍ଗଦର୍ଶିକାର ଉଲ୍ଲଂଘନ ହେଲେ, ଉଲ୍ଲଂଘନକାରୀଙ୍କ ବିରୋଧରେ ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ମଧ୍ୟ ସ୍ପଷ୍ଟ ଉଲ୍ଲେଖ କରାଯାଇଛି। ପ୍ରଶାସନ ପକ୍ଷରୁ ନିଆଯାଇଥିବା ଏଭଳି ପଦକ୍ଷେପକୁ କଳା ଓ ସଂସ୍କୃତି ପ୍ରେମୀଙ୍କ ସହିତ ବିଭିନ୍ନ ମହଲରେ ସ୍ୱାଗତ କରାଯାଇଛି।

# ଦିବ୍ୟାଙ୍ଗ ନାବାଳିକାଙ୍କୁ ଦୁଷ୍କର୍ମ

କେନ୍ଦୁଝର, ୧୬।୧୧ (ସମିସ): କେନ୍ଦୁଝର ସଦର ଥାନା ଅଞ୍ଚଳରେ ୯ ବର୍ଷୀୟା ଦିବ୍ୟାଙ୍ଗ ନାବାଳିକାଙ୍କୁ ଦୁଷ୍କର୍ମ କରାଯାଇଥିବା ଅଭିଯୋଗ ହୋଇଛି। ନାବାଳିକାଙ୍କ ବାପାଙ୍କ ଅଭିଯୋଗକ୍ରମେ ପୁଲିସ୍ ଏକ ମାମଲା ରୁଜୁ କରି ଅଭିଯୁକ୍ତ ପଶ୍ଚିମବଙ୍ଗ ବାଙ୍କୁରା ଅଞ୍ଚଳର ଅସିଫ୍ ଅନୱାର୍ ଖାନ୍‌କୁ କାଶୀପୁର ନିକଟରୁ ଗିରଫ କରି କୋର୍ଟଚାଲାଣ କରିଛି। ସୂଚନାନୁସାରେ, ପୀଡ଼ିତାଙ୍କ ବାପାଙ୍କ ଗାଁରେ ଏକ ଗ୍ରୋସରୀ ଦୋକାନ ଅଛି। ଅସିଫ୍ ସେ ଅଞ୍ଚଳର ଦୋକାନଗୁଡ଼ିକରେ ପାଉଁରୁଟି ବିକିବାକୁ ଯାଇଥାଏ। ଗତକାଲି ମଧ୍ୟ ପାଉଁରୁଟି ବିକିବା ପାଇଁ ଯାଇଥିବା ବେଳେ ଦୋକାନ ବନ୍ଦ ଥିବାରୁ ସେ ପୀଡ଼ିତାଙ୍କ ଘରକୁ ଯାଇଥିଲା। ଘରେ କେହି ନଥିବା ଦେଖି ନାବାଳିକାଙ୍କ ଦୁଷ୍କର୍ମ କରି ଫେରାର୍ ହୋଇଯାଇଥିଲା। ଗୁରୁତର ଅବସ୍ଥାରେ ନାବାଳିକାଙ୍କୁ କେନ୍ଦୁଝର ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଛି। ଆଜି ନାବାଳିକାଙ୍କ ବାପା ସଦର ଥାନାରେ ଅଭିଯୋଗ କରିଛନ୍ତି।

■ ଆଇନଜୀବୀ ପୀତବାସ ହତ୍ୟା ମାମଲା

# ଚିଣ୍ଟୁ, ଯୋଗୀ ଓ କୁରୁପତିଙ୍କ ଟିଆଇ ପରେଡ୍ ଆଜି

ବ୍ରହ୍ମପୁର, ୧୬।୧୧ (ସମିସ): ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ମାମଲାରେ ଗିରଫ କୁରୁପତି ଭୂୟାଁ, ଚିଣ୍ଟୁ ପ୍ରଧାନ ଓ ଯୋଗେନ୍ଦ୍ର ରାଉତ ଓରଫ୍ ଯୋଗୀର ସୋମବାର ବ୍ରହ୍ମପୁର ଜେଲ୍‌ରେ ଟିଆଇ ପରେଡ୍ ହେବ। ଏଥିପାଇଁ ତଦନ୍ତକାରୀ ଅଧିକାରୀ ତଥା ଟାଉନ ଏସ୍‌ଡିପିଓ ପ୍ରିୟସ ରଂଜନ ଛୋଟରାୟ ସ୍ଥାନୀୟ ଏସ୍‌ଡିଜେଏମ୍‌ଙ୍କ କୋର୍ଟରେ ଆବେଦନ କରିଥିଲେ। କୋର୍ଟ ଅନୁମତି ଦେଇଥିବା ଜଣାପଡ଼ିଛି। ସୋମବାର ଆକାଶ ବିଶୋୟୀ ଓ ଏନ୍ କିରଣ କୁମାରଙ୍କ ସମେତ ୩ରୁ ଊର୍ଦ୍ଧ୍ୱ ସାକ୍ଷୀ ଜେଲରେ ମାଜିଷ୍ଟ୍ରେଟ୍‌ଙ୍କ ଉପସ୍ଥିତିରେ ଚିଣ୍ଟୁ, ଯୋଗୀ ଓ କୁରୁପତିଙ୍କୁ ଟିଆଇ ପରେଡ୍‌ରେ ଚିହ୍ନଟ କରିବାର କାର୍ଯ୍ୟକ୍ରମ ଥିବା ସୂଚନା ମିଳିଛି। ଗତ ଶନିବାର ଗିରଫ ୫ ଅଭିଯୁକ୍ତ ଶିଶୁପାଳ କୁମାର ପାଶ୍ୱାନ, ସୀମାଞ୍ଚଳ ନାୟକ, କୁନ୍ଦନ କୁମାର, ବିପିନ ସ୍ୱାଇଁ ଓ ଉମା ଶଙ୍କର ବିଶୋୟୀଙ୍କ ଟିଆଇ ପରେଡ୍ ହୋଇଥିଲା।

ହତ୍ୟାକାଣ୍ଡ ଦିନ ଚିଣ୍ଟୁ ବାଇକ୍ ଚଳାଉଥିବା ବେଳେ କୁରୁପତି ଗୁଳି ଚଳାଇଥିଲା ବୋଲି ବ୍ରହ୍ମପୁର ଏସ୍‌ପି ଡା. ସର୍ବଣା ବିବେକ ଏମ୍ ଏକ ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଥିଲେ। ଏପରିକି, ଚିଣ୍ଟୁ ଓ କୁରୁପତିଙ୍କ ମୁହଁରେ କଳାକନା ବା ମୁଖା ପିନ୍ଧାଇ ଘଟଣାସ୍ଥଳରେ ସିନ୍ ରିକ୍ରିଏସନ୍ ମଧ୍ୟ କରାଯାଇଥିଲା। କିନ୍ତୁ କୋର୍ଟଚାଲାଣ ବେଳେ ସମସ୍ତ ଅଭିଯୁକ୍ତଙ୍କ ମୁହଁ ଖୋଲା ରହିଥିବା ଦେଖିବାକୁ ମିଳିଥିଲା। ଏହାଦ୍ୱାରା ଅଭିଯୁକ୍ତଙ୍କୁ ସମସ୍ତେ ଦେଖିବାର ସୁଯୋଗ ପାଇଥିଲେ। ତେଣୁ, ବର୍ତ୍ତମାନ ଟିଆଇ ପରେଡ୍ ଜରିଆରେ ଅଭିଯୁକ୍ତଙ୍କୁ ଚିହ୍ନଟ କରିବାର ଯଥାର୍ଥତାକୁ ନେଇ ପ୍ରଶ୍ନ ଉଠିଛି।

ବଳଦେବ ଜୀଉ ମନ୍ଦିର ଉନ୍ନୟନ ପ୍ରକଳ୍ପର ସମୀକ୍ଷା

# ପାରିପାର୍ଶ୍ୱିକ ଉନ୍ନତୀକରଣ ଉପରେ ପୂର୍ତ୍ତ ମନ୍ତ୍ରୀଙ୍କ ଗୁରୁତ୍ୱ

ଭୁବନେଶ୍ୱର,୧୬।୧୧(ସମିସ): କେନ୍ଦ୍ରାପଡ଼ାର ପ୍ରସିଦ୍ଧ ବଳଦେବ ଜୀଉ ମନ୍ଦିରର ଐତିହ୍ୟ, ପର୍ଯ୍ୟଟନ ଓ ଭକ୍ତଙ୍କ ଭାବାବେଗ ଦୃଷ୍ଟିରୁ ସ୍ୱତନ୍ତ୍ରତା ରହିଛି। ମନ୍ଦିରର ପୂଜାବିଧି ଓ ପରମ୍ପରା ମଧ୍ୟ



ଅନେକ ଜଗନ୍ନାଥପ୍ରେମୀଙ୍କୁ ଆକୃଷ୍ଟ କରିଥାଏ। ବର୍ତ୍ତମାନ ସମୟରେ ମନ୍ଦିର ଓ ପାରିପାଶ୍ୱରିକ ଉନ୍ନତି ପାଇଁ ରାଜ୍ୟ ସରକାର ପ୍ରତିଶ୍ରୁତିବଦ୍ଧ ରହିଛନ୍ତି। ଏହି କ୍ରମରେ ପୂର୍ତ୍ତ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ଏବଂ କେନ୍ଦ୍ରାପଡ଼ା ସାଂସଦ ବୈଜୟନ୍ତ ପଣ୍ଡାଙ୍କ ଅଧ୍ୟକ୍ଷତାରେ ବଳଦେବ ଜୀଉ ମନ୍ଦିର ଓ ପାରିପାଶ୍ୱର୍କ ଉନ୍ନତି ନେଇ ଏକ ସମୀକ୍ଷା ବୈଠକ କରାଯାଇଛି। ବୈଠକରେ ମୁଖ୍ୟ ମନ୍ଦିରର ଆବଶ୍ୟକ ମରାମତି, ପାରିପାଶ୍ୱର୍କ ଉନ୍ନତି ସହ ଆନନ୍ଦବଜାର, ରୋଷଘର, ସିନ୍ଧୁକ ଘର, ନିକଟରେ ଥିବା ପୁଷ୍କରିଣୀର ଉନ୍ନତିକରଣ ନେଇ କ'ଣ ପଦକ୍ଷେପ ନିଆଯାଇପାରିବ ସେ ନେଇ ପ୍ରସ୍ତାବିତ ଥ୍ରୀ-ଡି ନକ୍ସାର ତର୍ଜମା କରାଯାଇଛି। ଏଥି ସହିତ ମାଉସୀ ମା' ମନ୍ଦିରର ଉନ୍ନତି କରଣ, ପାର୍କିଂ ସ୍ଥଳ, ରଥଖଳା, ଯାତ୍ରୀନିବାସ, ଭୋଗ ଦୋକାନ, ପୁଲିସ କଣ୍ଟ୍ରୋଲ ରୁମ୍ ଆଦିର ଆଧୁନିକୀକରଣ ବାବଦରେ ମହାକାଳପଡ଼ା ବିଧାୟକ ଦୁର୍ଗା ପ୍ରସନ୍ନ ନାୟକ ଓ ଜିଲ୍ଲାପାଳ ରଘୁରାମ ଆର୍ ଆୟାର ଓ ମନ୍ଦିର ସେବାୟତ ମାନଙ୍କ ସହ ଆଲୋଚନା ହୋଇଥିଲା। ଏହି ଅବସରରେ ବଳଦେବ ଜୀଉ ମନ୍ଦିର ଓ ପାରିପାଶ୍ୱର୍କ ଉନ୍ନତି ପାଇଁ ବିସ୍ତୃତ ପ୍ଲାନ୍ ରିପୋର୍ଟ ପ୍ରସ୍ତୁତ କରି ସରକାରଙ୍କୁ ପ୍ରଦାନ କରିବା ପାଇଁ ମନ୍ତ୍ରୀ ଶ୍ରୀ ହରିଚନ୍ଦନ ଜିଲ୍ଲା ପ୍ରଶାସନକୁ ନିର୍ଦ୍ଦେଶ ଦେଇଛନ୍ତି। ବୈଠକରେ ଅନ୍ୟମାନଙ୍କ ମଧ୍ୟରେ କେନ୍ଦ୍ରାପଡ଼ାର ଅତିରିକ୍ତ ଜିଲ୍ଲାପାଳ, ମନ୍ଦିର ସେବାୟତ ସଂଘର ପ୍ରତିନିଧି ବୃନ୍ଦ ଏବଂ ପୂର୍ତ୍ତ ବିଭାଗର ଅଧୀକ୍ଷଣ ଯନ୍ତ୍ରୀ ପ୍ରମୁଖ ଉପସ୍ଥିତ ଥିଲେ।

**NOTICE (for Minor)**

By virtue of an affidavit sworn before The Executive Magistrate, Udala, Mayurbhanj, dated 14-11-2025 I, Bariyal Hembram, Address AT- Jamgandia, PO-Paktia, PS-Jharpokharia, Dist-Mayurbhanj, PIN-757093 declare that I have changed the name of my son from Gabinda Murmu to Gobinda Hembram. Henceforth, he shall be known as Gobinda Hembram for all purposes.

Bariyal Hembram

ADMISSION NOTICE-2025-26
**Manjari Devi College**
Affiliated to Utkal University, OUHS, PCI, OSBP & DMLT/RTEB
Campus:
262, Puranpadhan, Balakati, Bhubaneswar
Mob. 7019799641, 7978608747
9853801459
Email: mdscnbbsr@gmail.com
• B. Pharm
Rs. 58,000/- P.A.
Eligibility: +2 Sc. (PCB/M & OJEE Appeared)
• D. Pharm
Rs. 48,000/- P.A.
Eligibility: +2 Sc. (PCB/M)
• B.M.L.T.
Rs. 58,000/- P.A.
Eligibility: +2 Sc. (PCB/M with 50 % Mark)
• D.M.L.T.
Rs. 48,000/- P.A.
Eligibility: +2 Sc. Pass (PCB/M)
• M.P.H.
Rs. 42,000/- P.A.
Eligibility: Any Graguate
ALL COURSE FEES ARE EXCLUDING HOSTEL

## ଅବଶିଷ୍ଟାଂଶ

### ଋଣ ଚାପରେ...

ପ୍ରଦର୍ଶନ କରିଛନ୍ତି। ଅନ୍ୟପକ୍ଷରେ ଗତ ଦଶନ୍ଧିରେ ଉତ୍ତମ ଆର୍ଥିକ ପରିଚାଳନା ନିମନ୍ତେ ଓଡ଼ିଶା, ଗୁଜରାଟ ଓ ମହାରାଷ୍ଟ୍ର ପରି ତିନିଟି ରାଜ୍ୟର ଜିଏସ୍‌ଡ଼ିପି ଓ ଋଣ ଅନୁପାତ ଭଲ ଥିବା କୁହାଯାଇଛି। ଓଡ଼ିଶାର ଋଣ ଓ ଜିଏସ୍‌ଡିପି ଅନୁପାତ ୧୪ % ମଧ୍ୟରେ ଥିବାବେଳେ ଗୁଜରାଟରେ ୧୫.୩% ଓ ମହାରାଷ୍ଟ୍ରରେ ୧୯% ରହିଥିବା କୁହାଯାଇଛି।

ଅନ୍ୟପକ୍ଷରେ ଚଳିତ ଆର୍ଥିକ ବର୍ଷର ତୃତୀୟ ତ୍ରୟମାସିକ (ଅକ୍ଟୋବର-ଡ଼ିସେମ୍ବର) ମଧ୍ୟରେ ଦେଶର ୨୬ଟି ରାଜ୍ୟ ବଜାରରୁ ୨.୮୭ ଲକ୍ଷ କୋଟି ଟଙ୍କା ଓ ଶେଷ ତ୍ରୟମାସିକ ପାଇଁ ପ୍ରାୟ ସମାନ ପରିମାଣର ଋଣ ଉଠାଇବାକୁ ଆଗ୍ରହ ପ୍ରକାଶ କରିଛନ୍ତି। ସମ୍ପ୍ରତି ଦେଶର ରାଜ୍ୟ ସମୂହର ଋଣ ଓ ଜିଏସ୍‌ଡିପିର ହାରାହାରି ଅନୁପାତ ୨୮.୮% ପହଞ୍ଚିଥିବାବେଳେ ଆର୍ଥିକ ବର୍ଷ ଶେଷ ବେଳକୁ ଏହା ୩୧% ଅତିକ୍ରମ କରିବାର ଆଶଙ୍କା ରହିଛି। ଯାହା ରାଜ୍ୟଗୁଡ଼ିକର ବିକାଶ ହାରକୁ ପ୍ରଭାବିତ କରିବାର ଯଥେଷ୍ଟ ସମ୍ଭାବନା ରହିଛି।

### ଛିଡୁନି ବିହାର...

କରିବାକୁ ଦାବି କରିଥିବା ଜଣାପଡ଼ିଛି। ଗତ ମନ୍ତ୍ରିମଣ୍ଡଳରେ ବିଜେପିର ୧୯ ଏବଂ ଜେଡିୟୁର ୧୩ ଜଣ ମନ୍ତ୍ରୀ ଥିଲେ। ତେବେ ଉପମୁଖ୍ୟମନ୍ତ୍ରୀ ଥିବା ବିଜେପିର ଦୁଇ ନେତା ସମ୍ରାଟ ଚୌଧୁରୀ ଏବଂ ବିଜୟ ସିହ୍ନାଙ୍କୁ ଏହି ପଦରେ ରଖାଯିବା ନେଇ କିଛି ନିଶ୍ଚିତ ହୋଇନାହିଁ। ଏନଡିଏ ନେତାମାନଙ୍କ ମଧ୍ୟରେ ଏସଂପର୍କରେ ବିଚାର ଆଲୋଚନା ଚାଲିଛି। ମଙ୍ଗଲ ପାଣ୍ଡେ ଓ ରଜନୀଶ କୁମାରଙ୍କ ମଧ୍ୟରୁ ଜଣଙ୍କୁ ଉପ- ମୁଖ୍ୟମନ୍ତ୍ରୀ ପଦ ମିଳିବା ନେଇ ଚର୍ଚ୍ଚା ହେଉଛି। ବିହାର ବିଧାନସଭା ନିର୍ବାଚନରେ ବିଜେପିକୁ ସର୍ବାଧିକ ୮୯ ଆସନ ମିଳିଥିବା ବେଳେ ଜେଡିୟୁ ୮୫, ଏଲ୍‌ଜେପି (ଆର) ୧୯, ହାମ୍‌ସ ୫ ଓ ରାଷ୍ଟ୍ରୀୟ ଲୋକ ମୋର୍ଚ୍ଚା ୪ଟି ଆସନ ହାସଲ କରିଛନ୍ତି।

### ଭଡା ଟଙ୍କା ପାଇଁ...

ହୋଇଥିଲା। ଏହା ଦେଖି ପାଖରେ ଥିବା ବଡ଼ଭାଇ ପ୍ରକାଶ ଓ ତପନ ବିରୋଧ କରିବାରୁ ରମେଶ ସେମାନଙ୍କୁ ଆକ୍ରମଣ କରିଥିଲା। ଏ ସଂପର୍କରେ ମା' ହେମ ସାହୁ ଓ ଅନ୍ୟ ୩ ଭାଇ ଘଟଣା ସମ୍ପର୍କରେ ଥାନାରେ ଜଣାଇଥିଲେ। ପୁଲିସ ଘଟଣାସ୍ଥଳରେ ପହଞ୍ଚି ଆପୋଷ ସମାଧାନ କରି ଫେରିଥିଲା। କିନ୍ତୁ ଏହାକୁ ନେଇ ମନେମନେ ରମେଶ ଭୀଷଣ ରାଗି ଯାଇଥିଲା। ତେଣୁ ବିଳମ୍ବିତ ରାତିରେ ସେ ପ୍ରଚୁର ମଦ ପିଇ ଘରକୁ ଫେରିଥିଲା। ପଦ୍ମନାଭ ଏକୁଟିଆ ଶୋଇଥିବା ଦେଖି ତାଙ୍କ ପେଟରେ ଛୁରି ଭୁସି ଦେଇଥିଲା। ଫଳରେ ଘଟଣାସ୍ଥଳରେ ହିଁ ତାଙ୍କର ମୃତ୍ୟୁ ଘଟିଥିଲା। କିନ୍ତୁ ଏ ସଂପର୍କରେ ପରିବାରଲୋକେ ଟେର୍ ପାଇନଥିଲେ। ସକାଳୁ ପରିବାରଲୋକ ଏ ସଂପର୍କରେ ଜାଣିବା ପରେ ଥାନାରେ ଏତଲା ଦେଇଥିଲେ। ପୁଲିସ ଏକ ମାମଲା ରୁଜୁ କରି ଘଟଣାର ତଦନ୍ତ କରିବା ସହ ରମେଶକୁ ଅଟକ ରଖି ତଦନ୍ତ କରୁଛି।

### ଧରାପଡ଼ି ନାହାନ୍ତି...

ନ ଦେବାକୁ ଗତ ମାର୍ଚ୍ଚ ମାସ ୧ ତାରିଖରେ ଚୌଦ୍ୱାର ଜେଲ୍ କର୍ତ୍ତୃପକ୍ଷଙ୍କୁ ଜଣାଇଥିଲେ। ଏହା ସତ୍ତ୍ୱେ ଚିଫ୍ ୱାର୍ଡର ଭଗତଙ୍କ ଉପରୁ ମାତ୍ର ୧୫ ଦିନ ପରେ ନିଲମ୍ବନ ଆଦେଶ ହଟାଯାଇ ପୁଣିଥରେ କେନ୍ଦ୍ରାପଡ଼ା ଜେଲ୍‌ରେ ଅବସ୍ଥାପିତ କରାଯାଇଛି। ଚୌଦ୍ୱାର ଜେଲ୍‌ରୁ ଯେଉଁଦିନ ଅଭିଯୁକ୍ତଦ୍ୱୟ ଫେରାର୍ ହେଲେ, ଉକ୍ତ ଦିନ ଭଗତ ଚିଫ୍ ୱାର୍ଡର ଡ୍ୟୁଟିରେ ଥିଲେ। ରାତି ସମୟରେ ସେ ଡ୍ୟୁଟି ନ କରି ଜେଲ୍‌ର ମେଡିକାଲ ରୁମ୍‌ରେ ଶୋଇଥିବା ସଙ୍ଗୀନ ଅଭିଯୋଗ ତାଙ୍କ ବିରୋଧରେ ଆସିଥିଲା। ଏହାପରେ ତାଙ୍କୁ ନିଲମ୍ବନ କରାଗଲା। ଏଭଳି ଦାୟିତ୍ୱହିନତା ସତ୍ତ୍ୱେ ବି ଜେଲ୍ ବିଭାଗ ତାଙ୍କୁ ମାତ୍ର ୧୫ ଦିନରେ ପୁନଃ ଅବସ୍ଥାପିତ କରାଯିବାକୁ ନେଇ ବୁଦ୍ଧିଜୀବୀ ମହଲରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

### ୫ ଡିଗ୍ରୀକୁ ଖସିଲା...

ସ୍ୱାଭାବିକ ତୁଳନାରେ ତାପମାତ୍ରା ୫.୧ ଡିଗ୍ରୀ କମ୍ ରେକର୍ଡ ହୋଇଛି। ଏହାସହିତ ଭୁବନେଶ୍ୱର ତାପମାତ୍ରା ୧୩ ଡିଗ୍ରୀ ଓ ସ୍ୱାଭାବିକ ତୁଳନାରେ ୬.୪ ଡିଗ୍ରୀ ତଳେ ରହିଥିବାରୁ ଏହି ଦୁଇ ସ୍ଥାନରେ ଶୀତ ଲହରୀ ସ୍ଥିତି ସୃଷ୍ଟି ହୋଇଛି। ଅନ୍ୟ ସହରଗୁଡ଼ିକ ଯଥା ଦାରିଙ୍ଗବାଡ଼ିରେ ତାପମାତ୍ରା ୮ ଡିଗ୍ରୀ, ସେମିଳିଗୁଡ଼ିରେ ୭.୪, ଫୁଲବାଣୀରେ ୯ ଡିଗ୍ରୀ ରେକର୍ଡ ହୋଇଛି। ରାଉରକେଲା ୧୦.୨, ଝାରସୁଗୁଡା ୧୦.୬, କେନ୍ଦୁଝର ୧୦.୮, ସମ୍ବଲପୁର ୧୪.୨, ହୀରାକୁଦ ୧୫.୩, ବାଲେଶ୍ୱର ୧୫.୪, ଗୋପାଳପୁର ୧୫.୭, ଚାନ୍ଦବାଲି ୧୫.୮, ପାରାଦୀପ ୧୫.୮ ଓ ପୁରୀ ରେ ତାପମାତ୍ରା ୧୭.୮ ଡିଗ୍ରୀ ରେକର୍ଡ ହୋଇଛି। ତାପମାତ୍ରା ହ୍ରାସ ପ୍ରଭାବରେ ଆଭ୍ୟନ୍ତରୀଣରୁ ନେଇ ଉପକୂଳ, ପଶ୍ଚିମରୁ ନେଇ ଦକ୍ଷିଣ ଓଡ଼ିଶା ସବୁଠି ଶୀତର ଲହରୀ ଦେଖିବାକୁ ମିଳୁଛି। ଏଭଳି ସ୍ଥିତି ଆଗାମୀ ୨ ଦିନ ଯାଏଁ ଅର୍ଥାତ ୧୮ ତାରିଖ ପର୍ଯ୍ୟନ୍ତ ଏଭଳି ସ୍ଥିତି ଜାରି ରହିବାର ସମ୍ଭାବନା ରହିଛି। ଏହାପରେ ତାପମାତ୍ରାରେ ୨-୩ ଡିଗ୍ରୀ ବଢ଼ିବା ସହ ଶୀତର ପରିମାଣ ସାମାନ୍ୟ ହ୍ରାସ ପାଇବ ବୋଲି ଅନୁମାନ କରାଯାଉଛି। ମାତ୍ର ଏହି ସମୟରେ ପଶ୍ଚିମ ସହ ଆଭ୍ୟନ୍ତରୀଣ ଓଡ଼ିଶାର କିଛି ଜିଲ୍ଲାରେ ପୂର୍ବ ଭଳି ଥଣ୍ଡା ଅନୁଭୂତ ହେବ। ଶ୍ରୀଲଙ୍କା ଉପକୂଳ ଦକ୍ଷିଣ-ପଶ୍ଚିମ ବଙ୍ଗୋପସାଗରରେ ଏକ ଲଘୁଚାପ କ୍ଷେତ୍ର ସୃଷ୍ଟି ହୋଇଛି। ଏହା ପ୍ରଭାବରେ ତାମିଲନାଡୁ ଓ ଦକ୍ଷିଣ ଉପକୂଳ ଆନ୍ଧ୍ରପ୍ରଦେଶ ଏବଂ ରୟାଲସୀମାରେ ଆଜି ଓ ଆସନ୍ତାକାଲି ପ୍ରବଳରୁ ଅତି ପ୍ରବଳ ବର୍ଷା ହେବା ବୋଲି ଭାରତୀୟ ପାଣିପାଗ ବିଭାଗ ପୂର୍ବାନୁମାନ କରିଛି। ତେବେ ଲଘୁଚାପର ପ୍ରଭାବ ଓଡ଼ିଶା ଉପରେ ନଥିବା ବେଳେ ରାଜ୍ୟକୁ ଜଳୀୟବାଷ୍ପପୂର୍ଣ୍ଣ ବାୟୁ ଆସିବା ଯୋଗୁଁ ଥଣ୍ଡା କମିବାର ସମ୍ଭାବନା ରହିଛି।

**ସର୍ବସାଧାରଣ ସୂଚନା**

ଓମେଗା ଏଣ୍ଟରପ୍ରାଇଜେସ୍, ସରଣ୍ଡାମାଲ ପଥର ଖଣି -୨ ର ଲିଜ୍ ଧାରକ ଯାହାର ପ୍ରକଳ୍ପକୁ ତୁରନ୍ତ EC ପ୍ରଦାନ କରାଯାଇଛି ଏବଂ EC ଚିଠିର କପି ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ ଏବଂ ପରିବେଶ, ଜଙ୍ଗଲ ଏବଂ ଜଳବାୟୁ ପରିବର୍ତ୍ତନ ମନ୍ତ୍ରଣାଳୟର ୱେବ୍‌ସାଇଟ୍ (www.parivesh.nic.in) ରେ ଉପଲବ୍ଧ।

**NOTICE**

It is hereby noticed to all concerned that the partnership firm M/s SARALA SERVICE STATION bearing Reg. No. 470/2012 of District Cuttack is reconstituted with effect from the 3rd November 2025 as follows :-
1. Shri. Rajendra Kumar Sahoo ............... Retiring Partner.
2. Shri. Manas Ranjan Sahoo ............... Incoming Partner.
3. Shri. Chandra Shekhar Sahoo ............... Existing Partner

Shri. CHANDRA SHEKHAR SAHOO
Managing Partner

## ରାଜ୍ୟ ସରକାରଙ୍କ ଚିଠିକୁ ଜିଲ୍ଲା ପ୍ରଶାସନର ବେଖାତିର

# ଅବଧି ପୂରଣ ପରେ ବି କାର୍ଯ୍ୟକାରୀ ହେଉନି ବଦଳି ନୀତି

ଜଗତସିଂହପୁର,୧୬।୧୧(ସମିସ)

ପ୍ରଶାସନିକ କାର୍ଯ୍ୟ କ୍ଷେତ୍ରରେ ସ୍ୱଚ୍ଛତା ଆଣିବାକୁ ସରକାରୀ ସ୍ତରରେ ଅଧିକାରୀ ଓ କର୍ମଚାରୀଙ୍କ ପାଇଁ ବଦଳି ନୀତି ପ୍ରଚଳନ କରାଯାଇଛି। ବିଶେଷକରି ଜିଲ୍ଲାପାଳ କାର୍ଯ୍ୟାଳୟ, ଉପଜିଲ୍ଲାପାଳ କାର୍ଯ୍ୟାଳୟ, ବ୍ଲକ୍ ଓ ତହସିଲ କାର୍ଯ୍ୟାଳୟରେ ନିଯୁକ୍ତି ପାଇଥିବା ସେକ୍ସନ ଅଫିସର, ବରିଷ୍ଠ ରାଜସ୍ୱ ସହାୟକ, କନିଷ୍ଠ ରାଜସ୍ୱ ସହାୟକ, ରାଜସ୍ୱ ନିରୀକ୍ଷକ, ରାଜସ୍ୱ ପର୍ଯ୍ୟବେକ୍ଷକ, ସହକାରୀ ରାଜସ୍ୱ ନିରୀକ୍ଷକ ଓ ଅମିନଙ୍କ କ୍ଷେତ୍ରରେ ଏହି ବଦଳି ନିୟମ କାର୍ଯ୍ୟକାରୀ ହେବା କଥା। ଏସବୁ ସରକାରୀ ଦପ୍ତରରେ ଯେଉଁ କର୍ମଚାରୀ ଗୋଟିଏ ସିଟ୍‌ରେ ୩ ବର୍ଷରୁ ଅଧିକ ସମୟ ଧରି କାର୍ଯ୍ୟ କରୁଛନ୍ତି, ସେମାନଙ୍କୁ ଅନ୍ୟତ୍ର ବଦଳି କରିବା ପାଇଁ ଏଭଳି ନିୟମ କରାଯାଇଛି। ତେବେ ଜିଲ୍ଲା ସ୍ତରରେ ଏହି ନିୟମକୁ ଫୁଁ କରି ମନମୁଖୀ ଭାବେ କାର୍ଯ୍ୟ ଚାଲିଥିବା ରାଜ୍ୟ ସରକାରଙ୍କ ନଜରକୁ ଆସିବା ପରେ ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ ଗତ ସେପ୍ଟେମ୍ବର ୧୮ ତାରିଖ ଚିଠି ସଂଖ୍ୟା ୩୫୩୮୪ରେ ସମସ୍ତ ଜିଲ୍ଲାର ଜିଲ୍ଲାପାଳଙ୍କୁ ଉପରୋକ୍ତ ବଦଳି ନିୟମ କାର୍ଯ୍ୟକାରୀ କରିବାକୁ ନିର୍ଦ୍ଦେଶ ଦେଇଥିଲେ। ଚିଠି ମିଳିବାର ୧୫ ଦିନ ମଧ୍ୟରେ କ'ଣ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଛି, ସଂପୃକ୍ତ ବିଭାଗକୁ ଅବଗତ କରିବାକୁ ମଧ୍ୟ ଏହି ଚିଠିରେ ଉଲ୍ଲେଖ କରାଯାଇଥିଲା। ଅର୍ଥାତ୍ ଅକ୍ଟୋବର ୩ ତାରିଖସୁଦ୍ଧା ଉକ୍ତ ନିର୍ଦ୍ଦେଶନାମା କାର୍ଯ୍ୟକାରୀ ହେବାକଥା। ହେଲେ ଅକ୍ଟୋବର ୩୧ ତାରିଖ ପର୍ଯ୍ୟନ୍ତ କୌଣସି ଉତ୍ତର ନ ପହଞ୍ଚିବାରୁ ପୁନର୍ବାର ଗତ ନଭେମ୍ବର ୧ ତାରିଖ ଚିଠି ସଂଖ୍ୟା ୪୧୨୦୩ରେ ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ ନଭେମ୍ବର ୭ ତାରିଖ ମଧ୍ୟରେ ବଦଳି ନୀତି କାର୍ଯ୍ୟକାରୀ କରି ବିଭାଗକୁ ଜଣାଇବା ପାଇଁ ସମସ୍ତ ଜିଲ୍ଲାପାଳଙ୍କୁ ନିର୍ଦ୍ଦେଶ ଦେଇଥିଲେ। ଯେଉଁ କର୍ମଚାରୀ ନିର୍ବାଚନ ସଂକ୍ରାନ୍ତୀୟ କାମ ତଥା ସ୍ୱତନ୍ତ୍ର ଭୋଟର ତାଲିକା ସଂଶୋଧନ କାର୍ଯ୍ୟରେ ଅଛନ୍ତି, ସେମାନଙ୍କୁ ବଦଳି ପ୍ରକ୍ରିୟାରୁ ବାଦ ଦିଆଯିବ ବୋଲି ଉକ୍ତ ଚିଠିରେ ଉଲ୍ଲେଖ ରହିଥିଲା। ଏହା ମଧ୍ୟରେ ୭ ଦିନ କ'ଣ ୧୫ ଦିନ ବିତିଯାଇଥିଲେ ମଧ୍ୟ ଜଗତସିଂହପୁର ଜିଲ୍ଲା ପ୍ରଶାସନ ପକ୍ଷରୁ ବଦଳି ତାଲିକା କାହିଁକି ପ୍ରକାଶ କରାଯାଉନାହିଁ, ତାହା ସମସ୍ତଙ୍କୁ ଆଶ୍ଚର୍ଯ୍ୟ କରିଛି।

ଜିଲ୍ଲାର କେତେକ କର୍ମଚାରୀ ଗୋଟିଏ ସ୍ଥାନରେ ୫ ବର୍ଷରୁ ୧୦ ବର୍ଷ ପର୍ଯ୍ୟନ୍ତ କାମ କରି ଆସୁଥିବାବେଳେ ଅନ୍ୟ କେତେକ କର୍ମଚାରୀ ୧୦ ବର୍ଷରୁ ଊର୍ଦ୍ଧ୍ୱ କାଳ ଧରି ଗୋଟିଏ ସ୍ଥାନରେ କାମ କରୁଛନ୍ତି। ଏହାସତ୍ତ୍ୱେ କାହିଁକି ସେମାନଙ୍କୁ ବଦଳି କରାଯାଉନାହିଁ, ତାହା ଜିଲ୍ଲା ପ୍ରଶାସନର ପାରିବାପଣିଆ ଉପରେ ପ୍ରଶ୍ନବାଚୀ ସୃଷ୍ଟି କରିଛି। ପୂର୍ବରୁ ମଧ୍ୟ ଜିଲ୍ଲା ମହୋତ୍ସବ ସମୀକ୍ଷା ବୈଠକ ସମ୍ପର୍କିତ ଜଗତସିଂହପୁର ବିଧାୟକଙ୍କ ଚିଠିକୁ ଜିଲ୍ଲା ପ୍ରଶାସନ ଅଣଦେଖା କରିଥିବା ନଜିର ରହିଛି। କିଛିଦିନ ପୂର୍ବେ ପ୍ରଶାସନିକ ସ୍ତରରେ ବଦଳି ତାଲିକା ପ୍ରସ୍ତୁତ ହୋଇଥିଲେ ମଧ୍ୟ କେଉଁ ଅଦୃଶ୍ୟ କାରଣରୁ ତାହା କାର୍ଯ୍ୟକାରୀ କରାଗଲାନାହିଁ, ତାହା ଏବେ ଆଲୋଚନାର ପ୍ରସଙ୍ଗ ପାଲଟିଛି। ଏ ସମ୍ପର୍କରେ ଅତିରିକ୍ତ ଜିଲ୍ଲାପାଳ ଜ୍ୟୋତି ଶଙ୍କର ରାୟଙ୍କୁ ପଚାରିବାରୁ ପ୍ରସ୍ତୁତ ହୋଇଥିବା ବଦଳି ତାଲିକା ଜିଲ୍ଲାପାଳଙ୍କୁ ପ୍ରଦାନ କରାଯାଇଥିଲା। ବାଲିଯାତ୍ରା ପରେ ଏହି ତାଲିକାକୁ ସମୀକ୍ଷା କରି କାର୍ଯ୍ୟକାରୀ କରାଯିବ ବୋଲି ଜିଲ୍ଲାପାଳ କହିଥିଲେ। ଏବେ ବାଲିଯାତ୍ରା ସରିଯାଇଥିଲେ ମଧ୍ୟ ଜିଲ୍ଲାପାଳଙ୍କ ଅସୁସ୍ଥତା ପାଇଁ ଏହା କାର୍ଯ୍ୟକାରୀ ହୋଇପାରିନାହିଁ ବୋଲି ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ରାୟ ପ୍ରକାଶ କରିଛନ୍ତି। ସେପଟେ ବଦଳି ନୀତି କାର୍ଯ୍ୟକାରୀ ହେଉ ନ ଥିବାରୁ କର୍ମଚାରୀ ଆଶା ଆଶଙ୍କା ମଧ୍ୟରେ ରହିଥିବା ସୂଚନା ମିଳିଛି।

## ବିର୍ସା ମୁଣ୍ଡାଙ୍କ ଜୟନ୍ତୀ ପାଳିତ




ପାରାଦୀପ,୧୬।୧୧(ସମିସ): ପାରାଦୀପ ପୋର୍ଟ ଏସି-ଏସଟି ସଂଘ ପକ୍ଷରୁ ଭଗବାନ ବିର୍ସା ମୁଣ୍ଡାଙ୍କ ୧୫୦ତମ ଜୟନ୍ତୀ ମଧୁବନସ୍ଥ ସଙ୍ଘ ପରିସରରେ ପାଳିତ ହୋଇଯାଇଛି। କାର୍ଯ୍ୟକାରୀ ସଭାପତି ପରେଶ୍ ମୁର୍ମୁ, ସମ୍ପାଦକ ଧୂନଚନ୍ଦ୍ର ତରାଇ, ମହେଶ୍ୱର ସୋରେନ, ପୁରୁଷୋତ୍ତମ ବେଶ୍ରା, ବିପ୍ଳବ ଜେନା, ସୁନ୍ଦର ମାରାଣ୍ଡି, ଭଞ୍ଜ ମାଝୀ, ଜୟରାମ ପୂର୍ତ୍ତି, ମାଣିକ ହାଇବ୍ରୁ, ରାମ ସୋରେନ୍ ଓ ରେସ ଡାକୁଆ ପ୍ରମୁଖ ଉପସ୍ଥିତ ରହି ଭଗବାନ ବିର୍ସା ମୁଣ୍ଡାଙ୍କ ନୀତି ଆଦର୍ଶ ସମ୍ପର୍କରେ ବକ୍ତବ୍ୟ ରଖିଥିଲେ। ଜଣେ ଦେଶପ୍ରେମୀ ସଂଗ୍ରାମୀ ଭାବେ ବିର୍ସା ମୁଣ୍ଡା ଭାରତ ଇତିହାସରେ ସବୁଦିନ ପାଇଁ ଅମର ହୋଇରହିଛନ୍ତି। ବ୍ରିଟିଶ ସରକାରଙ୍କ ଅନ୍ୟାୟକୁ ସେ ଦୃଢ ବିରୋଧ କରୁଥିଲେ। ବିହାର ଝାଡ଼ଖଣ୍ଡ ଅଞ୍ଚଳର ସଂଗ୍ରାମୀଙ୍କୁ ନେଇ ବଡ଼ଧରଣର ବିପ୍ଳବ କରି ସେ ଦେଶର ସ୍ୱାଧୀନତା ସଂଗ୍ରାମ ଇତିହାସରେ ସ୍ୱତନ୍ତ୍ର ଫର୍ଦ୍ଦ ଯୋଡିଥିଲେ ବୋଲି ଅତିଥିମାନେ କହିଥିଲେ।

## ବାଲିକୁଦା ବିଦ୍ୟାଳୟରେ ବିଜ୍ଞାନ ମେଳା

ବାଲିକୁଦା,୧୬।୧୧(ସମିସ): ବାଲିକୁଦା ପିଏମଶ୍ରୀ ଉଚ୍ଚବିଦ୍ୟାଳୟରେ ବିଜ୍ଞାନ ମେଳା ଅନୁଷ୍ଠିତ ହୋଇଯାଇଛି। ଉକ୍ତ ବିଦ୍ୟାଳୟ ସ୍ତରୀୟ ବିଜ୍ଞାନ ମେଳାରେ ୭୩ ଜଣ କୁନି ବୈଜ୍ଞାନିକ ସେମାନଙ୍କ ପ୍ରକଳ୍ପ ପ୍ରଦର୍ଶନ କରିଥିଲେ। ବାଲିକୁଦା ସରପଞ୍ଚ ରାଜକିଶୋର ସାହୁ ମେଳାକୁ ଉଦ୍‌ଘାଟନ କରିଥିଲେ। ଭାରାପ୍ରାପ୍ତ ପ୍ରଧାନଶିକ୍ଷକ ପ୍ରସନ୍ନ ସାହୁଙ୍କ ସଭାପତିତ୍ୱରେ ଅନୁଷ୍ଠିତ



ସଭାରେ ଅନ୍ୟତମ ଅତିଥି ଭାବେ ପରିଚାଳନା କମିଟି ସଭାପତି ଜାଭିର ଖାଁ ଯୋଗ ଦେଇଥିଲେ। କନିଷ୍ଠ ଓ ବରିଷ୍ଠ ବର୍ଗରେ ବିଭକ୍ତ କରାଯାଇ ମୂଲ୍ୟାଙ୍କନ କରାଯାଇଥିଲା। କନିଷ୍ଠ ବର୍ଗରେ ଦିବ୍ୟଜ୍ୟୋତି ସାହୁ, ଶୁଭଶ୍ରୀ ରାଉତ, ଜ୍ଞାନରଞ୍ଜନ ସାହୁ ଯଥାକ୍ରମେ ପ୍ରଥମ, ଦ୍ୱିତୀୟ ଓ ତୃତୀୟ ସ୍ଥାନ ଅଧିକାର କରିଥିବାବେଳେ ବରିଷ୍ଠ ବର୍ଗରେ ଆଶ୍ରିତା ଶୁଭଦୀପ୍ତା ନାୟକ, ଶୋଭନା ସ୍ୱାଇଁ, ସ୍ନେହାଶିଷ ପଢିହାରୀ ପ୍ରଥମ, ଦ୍ୱିତୀୟ ଓ ତୃତୀୟ ସ୍ଥାନ ଲାଭ କରିଥିଲେ। ବିଜ୍ଞାନ ଶିକ୍ଷକ ଜ୍ୟୋତିରଞ୍ଜନ ସାହୁ, ଶିକ୍ଷୟିତ୍ରୀ ପ୍ରଜ୍ଞା ପରିମିତା ସ୍ୱାଇଁ, ପ୍ରଭାସିନୀ ସାହୁ, ଗାୟତ୍ରୀରାଣୀ ନାୟକ ପ୍ରମୁଖ ବିଚାରକ ଥିଲେ। ସୌଭାଗ୍ୟ ସାହୁ, ବିନୋଦ ତ୍ରିପାଠୀ, ଅପାଲୀ ନାୟକ, ଶକ୍ତିପ୍ରିୟା ମହାନ୍ତି, କବିତା ମହାନ୍ତି, ପ୍ରଜ୍ଞାଶ୍ରୀ ଲେଙ୍କା, ଅମିତା ପଣ୍ଡା, ମାନସୀ ପଣ୍ଡା, ଲଳିତା ମହାନ୍ତି, ଦେବେଶ ରାଉତ, ସୁମନ୍ତ ସାହୁ, ପ୍ରଶାନ୍ତ ସାମଲ, ହିମାଦ୍ରୀ ପରିଡା, ବିପିନ ମହାନ୍ତି ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ଆର୍ଯ୍ୟ ସମାଜ ପକ୍ଷରୁ ଆଧ୍ୟାତ୍ମିକ ବୈଦିକ ବିଚାର କାର୍ଯ୍ୟକ୍ରମ



ଜଗତସିଂହପୁର,୧୬।୧୧(ସମିସ): ଜଗତସିଂହପୁର ଆର୍ଯ୍ୟ ସମାଜ ପକ୍ଷରୁ ହାଟବଜାରସ୍ଥ ଜୟହିନ୍ଦ ଭବନରେ ଆଧ୍ୟାତ୍ମିକ ବୈଦିକ ବିଚାର କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଓଡ଼ିଶାର ପ୍ରଖ୍ୟାତ ବୈଦିକ ବିଦ୍ୱାନ ପଣ୍ଡିତ ବୀରେନ୍ଦ୍ର କୁମାର ପଣ୍ଡା ମୁଖ୍ୟ ପ୍ରବଚକ ଭାବେ ଯୋଗଦାନ କରି ବୈଦିକ ଚିନ୍ତାଧାରାରେ ଜୀବାତ୍ମା ଓ ପରମାତ୍ମାଙ୍କ ସମ୍ପର୍କରେ ତାତ୍ତ୍ୱିକ ଆଲୋଚନା କରିଥିଲେ। ସାମ୍ପ୍ରତିକ ସମୟରେ ସମାଜରେ ଏବେ ନୀତି ନୈତିକତାର ଘୋର ଅଭାବ ଦେଖା ଦେଇଥିବାବେଳେ ବେଦ ଓ ଶାସ୍ତ୍ର ଅନୁମୋଦିତ କର୍ମ ହିଁ ଏସବୁରୁ ମୁକ୍ତି ଦେଇପାରିବ ବୋଲି ଶ୍ରୀ ପଣ୍ଡା ମତବ୍ୟକ୍ତ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଆର୍ଯ୍ୟ ସମାଜ ଜଗତସିଂହପୁର ଶାଖା ସଭାପତି ରଶ୍ମିରଞ୍ଜନ ମିଶ୍ର, ଉପସଭାପତି ସୋମନାଥ ମହାରଣା, ସମ୍ପାଦକ ବିଜୟ ରଥ, କୋଷାଧ୍ୟକ୍ଷ ଦୁଃଶାସନ ଦାସ, ସୁଚିତ୍ରା ମହାରଣା, ପ୍ରବୀର ମିଶ୍ର, କିଶୋର ସାହୁ, ନବଘନ ମୁଦୁଲି ଓ ସୁଶ୍ରୀ ଅଞ୍ଜୁସା ପ୍ରମୁଖ ଯୋଗଦେଇ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ। ଏହି ଆଧ୍ୟାତ୍ମିକ କାର୍ଯ୍ୟକ୍ରମରେ ଶତାଧିକ ଆର୍ଯ୍ୟ ସଜ୍ଜନ ଯୋଗଦାନ କରି ଆର୍ଯ୍ୟ ସମାଜର ଏଭଳି ଉଦ୍ୟମକୁ ପ୍ରଶଂସା କରିଥିଲେ। ଆଗକୁ ଏଭଳି ବୈଦିକ ବିଚାରର ପ୍ରଚାର ପ୍ରସାର ସମ୍ପର୍କିତ କାର୍ଯ୍ୟକ୍ରମ ଜାରି ରହିବ ବୋଲି ସଂଯୋଜକ ଚନ୍ଦ୍ରଜିତ ପରିଜା କହିଛନ୍ତି।

## ବିବେକାନନ୍ଦ ଲୋକ ସଂସଦ ପକ୍ଷରୁ ଚିତ୍ରାଙ୍କନ ପ୍ରତିଯୋଗିତା



ଜଗତସିଂହପୁର,୧୬।୧୧(ସମିସ): ସ୍ୱାମୀ ବିବେକାନନ୍ଦ ଲୋକ ସଂସଦ ଜଗତସିଂହପୁର ଜିଲ୍ଲା ଶାଖା ପକ୍ଷରୁ ୮ଟି ବ୍ଲକ୍ ଓ ଦୁଇଟି ପୌର ପରିଷଦର ୧୧ଟି କେନ୍ଦ୍ରରେ ରାଜ୍ୟସ୍ତରୀୟ ଚିତ୍ରାଙ୍କନ ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ପ୍ରଥମରୁ ପଞ୍ଚମ ଶ୍ରେଣୀ ପର୍ଯ୍ୟନ୍ତ କନିଷ୍ଠ ବର୍ଗର ବିଷୟବସ୍ତୁ 'ଝିପିରି ଝିପିରି ମେଘ ବରଷାରେ, ଇନ୍ଦ୍ରଧନୁ ଆକାଶରେ, ଆହା କି ସୁନ୍ଦର ଗାଁ ପରିବେଶ ଦେଖିଦେଲେ ମନଭରେ' ଥିବାବେଳେ ଷଷ୍ଠରୁ ଦଶମ ଶ୍ରେଣୀ ପର୍ଯ୍ୟନ୍ତ ବରିଷ୍ଠ ବିଭାଗ ବିଷୟ ଥିଲା 'ପ୍ରକୃତି ଆମର କଳାର ଭଣ୍ଡାର ନାହିଁ ତା'ର ପଟାନ୍ତର, ପ୍ରକୃତିକୁ ଆମେ ସବୁଜିମା ଦେଲେ ଜୀବନ ହେବ ସୁନ୍ଦର'। ୧୧ଟି କେନ୍ଦ୍ରରେ ୨୫୭୩ ଜଣ ପ୍ରତିଯୋଗୀ ଅଂଶଗ୍ରହଣ କରିଥିଲେ ଓ ପ୍ରତି କେନ୍ଦ୍ରରେ ଦୁଇଶହରୁ ଅଧିକ ପ୍ରତିଯୋଗୀ ବିଭିନ୍ନ ଶିକ୍ଷାନୁଷ୍ଠାନର ଅଂଶଗ୍ରହଣ କରିଥିଲେ। ମୂଲ୍ୟାୟନ ପରେ ୨୦୨୬ ଜାନୁଆରୀ ୧୨ ତାରିଖ ଦିନ ଜିଲ୍ଲାସ୍ତରୀୟ ଯୁବ ଦିବସ ପାଳନ ଅବସରରେ ପ୍ରତି କେନ୍ଦ୍ରରୁ ଉଭୟ ବିଭାଗର ସଫଳ ତିନିଜଣ ଲେଖାଏଁ ପ୍ରତିଯୋଗୀ ଅର୍ଥାତ ୬୬ ଜଣ ପ୍ରତିଯୋଗୀଙ୍କୁ ପୁରସ୍କାର ଓ ପ୍ରମାଣପତ୍ର ପ୍ରଦାନ କରାଯିବ। ରାଜ୍ୟ ସ୍ତରକୁ ଏହି ୬୬ଟି ଚିତ୍ରାଙ୍କନ ଫର୍ଦ୍ଦ ପଠାଯିବା ସହିତ ରାଜ୍ୟ ସ୍ତରରେ ସେଥିମଧ୍ୟରୁ ସଫଳ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯିବ। ମୋ ଗାଁ ପରିଷଦ ପୂର୍ବ ସମ୍ଭାଗ ସଂଯୋଜକ ପରିବେଶବିତ୍ ଉତ୍କଳ ମହାନ୍ତି, ବିଚାରଧାରା ବିଭାଗ ଅଧ୍ୟକ୍ଷ ଲାଲା ସଂଗ୍ରାମ କେଶରୀ ରାୟ, କଳା ଓ ସଂସ୍କୃତି ବିଭାଗ ଅଧ୍ୟକ୍ଷ ଦେବର୍ଷି ମହାନ୍ତି, କୋଷାଧ୍ୟକ୍ଷ ଅବନୀକାନ୍ତ ମହାରଣା, ଆଜୀବନ ସଦସ୍ୟା କନକଲତା ପରିଡା, ସରକାରୀ ବାଳିକା ଉଚ୍ଚବିଦ୍ୟାଳୟର ବରିଷ୍ଠ ଶିକ୍ଷୟିତ୍ରୀ ବିଜୟଲକ୍ଷ୍ମୀ ଦାସ ପ୍ରମୁଖ ଜଗତସିଂହପୁର ପୌର ପରିଷଦରେ ଏହି କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ। ସେହିପରି ବାଲିକୁଦା ବ୍ଲକ୍‌ରେ କାର୍ତ୍ତିକ ମୁଦୁଲି ଓ ରାଜକିଶୋର ବିଶ୍ୱାଳ, ନାଉଗାଁ ବ୍ଲକ୍‌ରେ ମାନସ ବେହେରା ଓ ନିରଞ୍ଜନ ମହାନ୍ତି, ବିରିଡ଼ି ବ୍ଲକ୍‌ରେ ଉପସଭାପତି ପ୍ରକାଶ ଦାଶ ଓ ସହସମ୍ପାଦିକା ପ୍ରିୟତମା ସାହୁ, କୁଜଙ୍ଗ ବ୍ଲକ୍‌ରେ ପ୍ରଶାନ୍ତ ପ୍ରଧାନ ଓ ବିଜୟ ଦାସ, ରଘୁନାଥପୁର ବ୍ଲକ୍‌ରେ ସଂଯମ ମହାନ୍ତି ଓ ଭରତ ସାହୁ, ତିର୍ତ୍ତୋଲ ବ୍ଲକ୍‌ରେ ପ୍ରିୟଙ୍କା ପ୍ରିୟଦର୍ଶିନୀ ଦାସ ଓ ନମିତା ଦାଶ, ଏରସମା ବ୍ଲକ୍‌ରେ ନିମାଇଁ ମଲ୍ଲିକ ଓ ଚିତ୍ତରଞ୍ଜନ ଗୁରୁ, ପାରାଦୀପ ପୌର ପରିଷଦରେ ରୋହିତ ମହାପାତ୍ର ଓ ଦୀପ୍ତିମୟୀ ସେଠୀ, ଜଗତସିଂହପୁର ବ୍ଲକ୍‌ରେ ପୀତାମ୍ବର ସ୍ୱାଇଁ ଓ ସୌଭାଗ୍ୟ ମିଶ୍ର ପ୍ରତିଯୋଗିତା ପରିଚାଳନା କରିଥିଲେ।

## ନ୍ୟାସନାଲ ଡ୍ୟାନ୍ସ ଏକାଡେମୀର ବାର୍ଷିକ ଉତ୍ସବ



କୁଜଙ୍ଗ,୧୬।୧୧(ସମିସ): ନୃତ୍ୟ ଅନୁଷ୍ଠାନ ନ୍ୟାସନାଲ ଡ୍ୟାନ୍ସ ଏକାଡେମୀର ଦ୍ୱିତୀୟ ବାର୍ଷିକ ଉତ୍ସବ ସ୍କୁଲ ପରିସରରେ ଅନୁଷ୍ଠିତ ହୋଇଯାଇଛି। ସମାଜସେବୀ ବିକ୍ରମ ନାରାୟଣ ଦାସ ଅତିଥି ଭାବେ ଯୋଗଦେଇ ଉତ୍ସବକୁ ଉଦ୍‌ଘାଟନ କରିଥିଲେ। ପରାମର୍ଶଦାତା ଡକ୍ଟର ରଘୁ ସାହୁ, ଏକାଡେମୀ ପରିଚାଳନା ସଦସ୍ୟା ଶୁଭାସିନୀ ମହାପାତ୍ର, ନିହାରିକା ମହାନ୍ତି ଓ କିରଣବାଳା ନାୟକ ଉତ୍ସବ ଆରମ୍ଭରେ ନୃତ୍ୟ କଳା ସମ୍ପର୍କରେ ପ୍ରତିଯୋଗୀ ନୃତ୍ୟଶିଳ୍ପୀଙ୍କୁ ପରାମର୍ଶ ଦେଇଥିଲେ। କୁନି ନୃତ୍ୟଶିଳ୍ପୀ ନୃତ୍ୟ ପରିବେଷଣ କରି ଦର୍ଶକଙ୍କ ମନ ମୋହିଥିଲେ। ବିଶିଷ୍ଟ ନୃତ୍ୟଗୁରୁ ମାଷ୍ଟର ବାପିଙ୍କୁ ସମ୍ବର୍ଦ୍ଧନା ପ୍ରଦାନ କରାଯାଇଥିଲା। ଏକାଡେମୀ ସଂଯୋଜକ ଗୀତିକାର ଓ ସଂଗୀତ ନିର୍ଦ୍ଦେଶକ ସଞ୍ଜୟ ଓଝା ଧନ୍ୟବାଦ ପ୍ରଦାନ କରିଥିଲେ।

## ଭୂତମୁଣ୍ଡାଇରେ ପ୍ରତିଭା ସମ୍ବର୍ଦ୍ଧନା ଉତ୍ସବ

କୁଜଙ୍ଗ,୧୬।୧୧(ସମିସ):ଭୂତମୁଣ୍ଡାଇ ଗ୍ରାମର ଅଗ୍ରଣୀ ଶିକ୍ଷାନୁଷ୍ଠାନ ଶ୍ରୀଜଗନ୍ନାଥ ଶିକ୍ଷାନୁଷ୍ଠାନ ପରିସରରେ ଶିଶୁ ଦିବସ ସହ କୁନି ପ୍ରତିଭା ସମ୍ବର୍ଦ୍ଧନା ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟଅତିଥି ଜ୍ୟୋତିର୍ବିଦ ଡଃ ଅରୁଣ ପାଣି ଓ ଆଇନଜୀବୀ ଗତିକୃଷ୍ଣ ଶତପଥୀ ଯୋଗଦେଇ ଶିଶୁଙ୍କୁ ଶିକ୍ଷା ସହ ସଂସ୍କାର ପ୍ରଦାନ ପାଇଁ ଗୁରୁତ୍ୱ ଦେବା ସହ କୁସଙ୍ଗ, ଖରାପ ବିଜ୍ଞାପନଠାରୁ ଦୂରେଇ ରହିବାକୁ ପରାମର୍ଶ ଦେଇଥିଲେ। ଛାତ୍ରଛାତ୍ରୀଙ୍କୁ ନେଇ ସଙ୍ଗୀତ, ବକ୍ତୃତା ଓ ନୃତ୍ୟ ପ୍ରତିଯୋଗିତା ଆୟୋଜନ କରାଯାଇଥିଲା। କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା। ଅନୁଷ୍ଠାନର ବରିଷ୍ଠ ଶିକ୍ଷକ ପ୍ରଭୁଦତ୍ତ ମହାପାତ୍ର, ରମାକାନ୍ତ ଦାଶ, ଲମ୍ବୋଦର ଖଟୁଆ ଓ ସମୀର ଜେନା, ବାପିନା ତରାଇ ଉପସ୍ଥିତ ଥିଲେ। ଶିକ୍ଷକ ପାର୍ଥସାରଥୀ ଚୌଧୁରୀ କାର୍ଯ୍ୟକ୍ରମ ପରିଚାଳନା କରିଥିବାବେଳେ ତତ୍ତ୍ୱାବଧାରକ ରଞ୍ଜନ ସ୍ୱାଇଁ ଧନ୍ୟବାଦ ଅର୍ପଣ କରିଥିଲେ।

## ଶିଶୁ ଦିବସ ପାଳନ

ପାରାଦୀପ, ୧୬।୧୧(ସମିସ): ପାରାଦୀପ ଉପକଣ୍ଠ ଭୂତମୁଣ୍ଡାଇରେ ଥିବା ଶ୍ରୀଜଗନ୍ନାଥ କୋଚିଂ ସେଣ୍ଟରରେ ଶିଶୁ ଦିବସ ପାଳିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ସମାଜ ସଂସ୍କାରକ ଜଗନ୍ନାଥପ୍ରେମୀ ତଥା ଜ୍ୟୋତିର୍ବିଦ ଡକ୍ଟର ଅରୁଣ ପାଣି, ଆଇନଜୀବୀ ଗତିକୃଷ୍ଣ ଶତପଥୀ ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ। ଛାତ୍ରଛାତ୍ରୀଙ୍କୁ ନେଇ ସଙ୍ଗୀତ, ବକ୍ତୃତା ଓ ନୃତ୍ୟ ପ୍ରତିଯୋଗିତା ଆୟୋଜନ କରାଯାଇଥିଲା। କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା। କଳା ଓ ସଂସ୍କୃତି ଶିକ୍ଷାର ଏକ ଅବିଚ୍ଛେଦ୍ୟ ଅଙ୍ଗ ବୋଲି ଅତିଥିମାନେ ମତବ୍ୟକ୍ତ କରିଥିଲେ। ବରିଷ୍ଠ ଶିକ୍ଷକ ପ୍ରଭୁଦତ୍ତ ମହାପାତ୍ର, ରମାକାନ୍ତ ଦାଶ, ଲମ୍ବୋଦର ଖଟୁଆ, ସମୀର ଜେନା, ବାପିନା ତରାଇ ଉପସ୍ଥିତ ଥିଲେ। ଶିକ୍ଷକ ପାର୍ଥସାରଥୀ ଚୌଧୁରୀ କାର୍ଯ୍ୟକ୍ରମ ପରିଚାଳନା କରିଥିବାବେଳେ ତତ୍ତ୍ୱାବଧାରକ ରଞ୍ଜନ ସ୍ୱାଇଁ ଧନ୍ୟବାଦ ଅର୍ପଣ କରିଥିଲେ।

● ବେହେରାମପୁର ବସ୍ତିରେ ପୁଲିସର ଚଢ଼ଉ

## ଏକାଧିକ ସନ୍ଦିଗ୍ଧ ବାଂଲାଦେଶୀ ଅଟକ

ଜଗତସିଂହପୁର,୧୬।୧୧(ସମିସ): ଜଗତସିଂହପୁର ସଦର ଥାନା ଅନ୍ତର୍ଗତ ତରିକୁନ୍ଦ ବେହେରାମପୁର ବସ୍ତିରେ ଆଜି ସନ୍ଧ୍ୟାରେ ପୁଲିସ ଚଢ଼ଉ କରିଥିବାବେଳେ ଏକାଧିକ ସନ୍ଦିଗ୍ଧ ବାଂଲାଦେଶୀଙ୍କୁ ଅଟକ ରଖିଥିବା ସୂଚନା ମିଳିଛି। ଏହି ବସ୍ତିରେ ଦୀର୍ଘଦିନ ଧରି ପ୍ରାୟ ୩୦ରୁ ଊର୍ଦ୍ଧ୍ୱ ପରିବାର ରହୁଥିବାବେଳେ ପୁଲିସ ଚଢ଼ଉ ବେଳେ

**ଦେଶୀ ବନ୍ଧୁକ ଓ ୫ରୁ ଊର୍ଦ୍ଧ୍ୱ ବଡ଼ କଟୁରି ଜବତ**

ଏମାନଙ୍କ ମୁଖ୍ୟ କୁହାଯାଉଥିବା ସିକନ୍ଦର ଆଲାମ ସହିତ ଅନ୍ୟ କେତେଜଣ ଫେରାର ହୋଇଛନ୍ତି। ଏହି ଚଢ଼ାଉ ସମୟରେ ଦେଶୀ ବନ୍ଧୁକ, ୫ରୁ ଅଧିକ ବଡ଼ କଟୁରି ଜବତ ହୋଇଥିବା ଜଣାପଡ଼ିଛି। ଏସ୍‌ଡିପିଓ ଆଜିଙ୍କ୍ୟା ମାନେଙ୍କ ସୂଚନା ମୁତାବକ, କିଛିଦିନ ଧରି ଏହି ବସ୍ତିର କାର୍ଯ୍ୟକଳାପ ଉପରେ ନଜର ରଖାଯାଇଥିଲା। ବିଶ୍ୱସ୍ତ ସୂତ୍ରରୁ କିଛି ସନ୍ଦିଗ୍ଧ ଆଚରଣ ସମ୍ପର୍କରେ ସୂଚନା ପାଇ ଆଜି ଏଏସ୍‌ପି ସତ୍ୟ ଦାଶଙ୍କ ନେତୃତ୍ୱରେ ସଦର ଥାନା ପୁଲିସ ବସ୍ତିରେ ଚଢ଼ଉ କରିଥିଲା। ଏହି ଚଢ଼ଉରେ ଗୋଟିଏ ଦେଶୀ ବନ୍ଧୁକ, ୫/୬ଟି ବଡ଼ କଟୁରୀ ଓ ଅନ୍ୟ କେତେକ ଆପତ୍ତିଜନକ ଜିନିଷ ମିଳିଥିବା ସୂଚନା ମିଳିଛି। ଏକାଧିକ ସନ୍ଦିଗ୍ଧ ବ୍ୟକ୍ତିଙ୍କୁ ପୁଲିସ ଅଟକ ରଖି ପଚରାଉଚରା କରୁଥିବା ମଧ୍ୟ ସୂଚନା ମିଳିଛି। ଅଟକ ବ୍ୟକ୍ତି ନିଜକୁ ପଶ୍ଚିମବଙ୍ଗର ବାସିନ୍ଦା କହୁଥିବାବେଳେ ସେମାନଙ୍କର ପ୍ରକୃତ ପରିଚୟ ସମ୍ପର୍କରେ ଅନୁସନ୍ଧାନ ଚାଲିଥିବା ଏସ୍‌ଡିପିଓ ସୂଚନା ଦେଇଛନ୍ତି। ଘଟଣାସ୍ଥଳରେ ଗୋଟିଏ ପ୍ଲାଟୁନ୍ ଫୋର୍ସ ମୁତୟନ କରାଯାଇଥିବା ଜଣାପଡ଼ିଛି।

**ଜାତୀୟ ପ୍ରେସ୍ ଦିବସ ପାଳିତ**

# 'ଗଣମାଧ୍ୟମ ହେଉଛି ସୁସ୍ଥ ସମାଜର ସୂତ୍ରଧର'









ଜଗତସିଂହପୁର,୧୬।୧୧ (ସମିସ)

ଆଜି ଜିଲ୍ଲାପାଳଙ୍କ କାର୍ଯ୍ୟାଳୟସ୍ଥ ସଦଭାବନା ସମ୍ମିଳନୀ କକ୍ଷରେ ଜିଲ୍ଲାସ୍ତରୀୟ ଜାତୀୟ ପ୍ରେସ୍ ଦିବସ ଅତିରିକ୍ତ ଜିଲ୍ଲାପାଳ ଜ୍ୟୋତି ଶଙ୍କର ରାୟଙ୍କ ଅଧ୍ୟକ୍ଷତାରେ ପାଳିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ଜଗତସିଂହପୁର ବିଧାୟକ ଅମରେନ୍ଦ୍ର ଦାସ ଯୋଗଦେଇ ଉପସ୍ଥିତ ସମସ୍ତ ଗଣମାଧ୍ୟମ ପ୍ରତିନିଧିଙ୍କୁ ପ୍ରେସ ଦିବସର ଶୁଭେଚ୍ଛା ଜଣାଇବା ସହିତ ନିରପେକ୍ଷ ଗଣମାଧ୍ୟମ ହେଉଛି ସୁସ୍ଥ ସମାଜର ସୂତ୍ରଧର ବୋଲି ମତବ୍ୟକ୍ତ କରିଥିଲେ। ସମାଜରେ ଘଟୁଥିବା ପ୍ରତ୍ୟେକ ନୀତି-ଅନୀତି, ଉନ୍ନତି-ଅବନତି ଓ ବିଭିନ୍ନ ବିଷୟ ଉପରେ ଦେଖାଯାଉଥିବା ମତ ଓ ଭିନ୍ନମତକୁ ଲୋକଲୋଚନକୁ ଆଣିବା ହେଉଛି ଗଣମାଧ୍ୟମର ଦାୟିତ୍ୱ। ପ୍ରେସ କାଉନସିଲ ଅଫ ଇଣ୍ଡିଆ ଦ୍ୱାରା ଘୋଷିତ ଏ ବର୍ଷର ବିଷୟବସ୍ତୁ 'ଭ୍ରମାତ୍ମକ ଖବର ପ୍ରସାରଣ ବୃଦ୍ଧିରେ ଗଣମାଧ୍ୟମ ବିଶ୍ୱସନୀୟତାର ସଂରକ୍ଷଣ' ଉପରେ ଆଲୋକପାତ କରିବାକୁ ଯାଇ ଗଣମାଧ୍ୟମ ଚାପର ବଶବର୍ତ୍ତୀ ନ ହୋଇ ସଠିକ ଖବର ପ୍ରକାଶନ କଲେ ସମାଜରେ ସୁଧାର ଆସିବ ବୋଲି ପ୍ରକାଶ କରିଥିଲେ। ଅଧ୍ୟକ୍ଷତା କରି ଅତିରିକ୍ତ ଜିଲ୍ଲାପାଳ ଜ୍ୟୋତି ଶଙ୍କର ରାୟ କହିଲେ, ବିଭିନ୍ନ ପରିବର୍ତ୍ତନ ସତ୍ତ୍ୱେ ଗଣତନ୍ତ୍ରର ଜାଗ୍ରତ ପ୍ରହରୀ ହୋଇ ସଠିକ ତଥ୍ୟ ଲୋକଲୋଚନକୁ ଆଣିବା ସହ ଜନସାଧାରଣଙ୍କ ଆଗରେ ସତ୍ୟତା ପ୍ରତିପାଦନ କରିବା ହେଉଛି ସାମ୍ବାଦିକତାର ମୂଳମନ୍ତ୍ର। ମୁଖ୍ୟବକ୍ତା ରମାଦେବୀ ମହିଳା ବିଶ୍ୱବିଦ୍ୟାଳୟର ସାମ୍ବାଦିକତା ଓ ଗଣ ଯୋଗାଯୋଗ ବିଭାଗ ମୁଖ୍ୟ ଡ. ଅମ୍ବିକା ମିଶ୍ର ଚଳିତବର୍ଷର ଆଲୋଚ୍ୟ ବିଷୟବସ୍ତୁ ଉପରେ ଆଲୋକପାତ କରିଥିଲେ। ସମ୍ମାନିତ ଅତିଥି ଭାବେ ଯୋଗଦେଇ ଉପଜିଲ୍ଲାପାଳ ପ୍ରଶାନ୍ତ ତରାଇ କହିଥିଲେ, ସାମ୍ବାଦିକତା ମାଧ୍ୟମରେ ଏକ ସୁସ୍ଥ ଗଣତନ୍ତ୍ର ପାଇଁ ସମ୍ପ୍ରଦାୟକୁ ସଂଯୋଗ କରିବା ସହ ସମାଜକୁ ଅବଗତ କରାଇବାରେ ଗଣମାଧ୍ୟମ ପ୍ରତିନିଧିଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ। ଜଗତସିଂହପୁର ପୌର ପରିଷଦ ଅଧ୍ୟକ୍ଷା ଶ୍ରୀମତୀ ଅର୍ଚ୍ଚନା ସିଂହ ଜିଲ୍ଲାର ସମସ୍ତ ଗଣମାଧ୍ୟମ ପ୍ରତିନିଧି ସାମ୍ବାଦିକତାର ଗାରିମା ବଜାୟ ରଖିବା ଓ ଏକତ୍ରିତ ହୋଇ ପ୍ରଶାସନ ସହ ସମନ୍ୱୟ ରଖି କାର୍ଯ୍ୟ କରିବା ପାଇଁ କହିଥିଲେ। ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ବିଭାଗ ଆନୁକୂଲ୍ୟରେ ଆୟୋଜିତ ଉକ୍ତ କାର୍ଯ୍ୟକ୍ରମରେ ଜିଲ୍ଲାର ବରିଷ୍ଠ ସାମ୍ବାଦିକ ପ୍ରଦୀପ୍ତ ଚୌଧୁରୀ, ଅମର ନାଥ ପରିଡ଼ା, ଶଶାଙ୍କ ଶେଖର ପଣ୍ଡା, ପ୍ରମୋଦ ନାୟକ, ମନୋଜ ଦାଶ, ମିଲନ ଜେନା, ଦୀପ୍ତିରଞ୍ଜନ ମହାନ୍ତି, ଶୁଭଙ୍କର ଜେନା, ସରୋଜ ସାହୁ, ନାରାୟଣ ନନ୍ଦ, ରମାକାନ୍ତ ଦାଶ, ବିପ୍ଳବ ମହାନ୍ତି ନିଜର ଅଭିବ୍ୟକ୍ତି ରଖିଥିଲେ। ହାଇସ୍କୁଲସ୍ତରୀୟ ଓଡ଼ିଆ ବକ୍ତୃତା ପ୍ରତିଯୋଗିତାର କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରାଯାଇଥିଲା। ଜିଲ୍ଲା ସୂଚନା ଓ ଲୋକ ସଂପର୍କ ଅଧିକାରୀ ଶ୍ରୀମତୀ ପ୍ରତିଚୀ ତନୟା ମହାନ୍ତି ସ୍ୱାଗତ ଭାଷଣ ଦେବା ସହ ଧନ୍ୟବାଦ ଅର୍ପଣ କରିଥିଲେ। ଜିଲ୍ଲାର ସମସ୍ତ ଗଣମାଧ୍ୟମ ପ୍ରତିନିଧି, ଜିଲ୍ଲାସ୍ତରୀୟ ଅଧିକାରୀ, ବୁଦ୍ଧିଜୀବୀ ଉପସ୍ଥିତ ଥିଲେ।

**ଜଗତସିଂହପୁର:** ଜଗତସିଂହପୁର ସଦର ବ୍ଲକ୍ ଅନ୍ତର୍ଗତ ପୁରୁଣାଗଡ଼ସ୍ଥ ପ୍ରଫୁଲ୍ଲ ପାଠାଗାରରେ ଜାତୀୟ ପ୍ରେସ ଦିବସ ପାଳିତ ହୋଇଯାଇଛି। ଜାତୀୟ ପ୍ରେସ କାଉନସିଲ ନିଷ୍ପତ୍ତି ଅନୁଯାୟୀ ୧୯୬୬ ନଭେମ୍ବର ୧୬ ତାରିଖକୁ ଜାତୀୟ ପ୍ରେସ ଦିବସ ରୂପେ ପାଳିତ କରାଯାଇଆସୁଛି। ଏହାର ଉଦ୍ଦେଶ୍ୟ ଥିଲା ଗଣତନ୍ତ୍ରର ସଜାଗ ପ୍ରହରୀ ଭାବେ ଗଣମାଧ୍ୟମ କୌଣସି ବାହ୍ୟ ପ୍ରଭାବରେ ପ୍ରଭାବିତ ନ ହୋଇ କାର୍ଯ୍ୟ କରିବା ବୋଲି ଏଥିରେ ଯୋଗଦେଇ ଅତିଥିମାନେ ମତ ପ୍ରକାଶ କରିଛନ୍ତି। ପାଠାଗାରର ସଭାପତି ରବୀନ୍ଦ୍ର ନାଥ ତ୍ରିପାଠୀ ଅଧ୍ୟକ୍ଷତା କରି କହିଲେ, ଯଦିଓ ସାରା ବିଶ୍ୱରେ ବହୁ ପ୍ରେସ କାଉନସିଲ ରହିଛି, ତଥାପି ଭାରତୀୟ ପ୍ରେସ କାଉନସିଲ ତା'ର ସ୍ୱତନ୍ତ୍ର ସ୍ଥାନ ରଖିବାରେ ସମର୍ଥ ହୋଇଛି। ମୁଖ୍ୟଅତିଥି ଭାବେ ସାରସ୍ୱତ ପରିଷଦ ଅଧ୍ୟକ୍ଷ ତଥା ଅବସରପ୍ରାପ୍ତ ଅଧ୍ୟାପକ ହିମାଂଶୁ ଶେଖର ଆଚାର୍ଯ୍ୟ ଯୋଗଦେଇ ଗଣମାଧ୍ୟମ ଗଣସଚେତନତାର ବାହକ କହିବା ସହିତ ସାମ୍ବାଦିକଙ୍କୁ ଛାଡ଼ି ସମ୍ବାଦପତ୍ରର ଅସ୍ତିତ୍ୱ ଚିନ୍ତା କରାଯାଇ ନ ପାରେ ବୋଲି କହିଥିଲେ। ମୁଖ୍ୟବକ୍ତା ଭାବେ ଅଧ୍ୟାପକ ଲକ୍ଷ୍ମୀଧର ପ୍ରଧାନ ଆଜିର ଡିଜିଟାଲ ଦୁନିଆରେ ଗଣମାଧ୍ୟମ ବିଶେଷ









କରି ସାମ୍ବାଦିକଙ୍କ ଦାୟିତ୍ୱ ବଢିଯାଇଛି। ସେମାନେ ନିର୍ଭିକ ଭାବେ ସତ୍ୟ ଓ ନିରପେକ୍ଷ ଖବର ପରିବେଷଣ କରିବାକୁ ନିଜର ସୁଚିନ୍ତିତ ମତ ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ଶିକ୍ଷାବିତ ବିଜୟ ପତି, ସତ୍ୟବାଦୀ ଦାସ, ସଞ୍ଜୟ ସାମନ୍ତସିଂହାର, ପ୍ରତାପ ରାଉତରାୟ, ଅଜୟ ପତି ପ୍ରମୁଖ ଯୋଗଦେଇ ସାମ୍ବାଦିକଙ୍କ ସୁରକ୍ଷା ପ୍ରତି ସରକାର ଯତ୍ନଶୀଳ ହେବା ସହିତ ସେମାନଙ୍କୁ ଆର୍ଥିକ ଅନୁଦାନ, ପେନସନ ଓ ଆନୁସଙ୍ଗିକ ସୁବିଧା ପ୍ରଦାନ କରାଗଲେ ସାମ୍ବାଦିକ ନିଷ୍ଠାପର ଓ ନିର୍ଭିକ ଭାବେ ଦାୟିତ୍ୱ ତୁଲାଇବେ ବୋଲି ମତ ଦେଇଥିଲେ। ପାଠାଗାର ସମ୍ପାଦକ ସୁରେନ୍ଦ୍ର ରାୟ ଧନ୍ୟବାଦ ଅର୍ପଣ କରିଥିଲେ।

**ପାରାଦୀପ:** ଅଟଳ ବିହାରୀ ବଜପେୟୀ ଟ୍ରଷ୍ଟ ପରିସରରେ ଆଜି ଓଡ଼ିଶା ସାମ୍ବାଦିକ ସଙ୍ଘ ପାରାଦୀପ ଶାଖା ପକ୍ଷରୁ ଜାତୀୟ ପ୍ରେସ ଦିବସ ପାଳନ କରାଯାଇଛି। ଓଡ଼ିଶା ସାମ୍ବାଦିକ ସଙ୍ଘର ରାଜ୍ୟ ସାଧାରଣ ସମ୍ପାଦକ ଦୁର୍ଯ୍ୟୋଧନ ମହାରଣା ମୁଖ୍ୟଅତିଥି ଭାବେ ଯୋଗ ଦେଇଥିବାବେଳେ ମୁଖ୍ୟବକ୍ତା ଭାବେ ବରିଷ୍ଠ ସାମ୍ବାଦିକ ତଥା ଗଣଅଧିକାର ସମ୍ପାଦକ ଚିତ୍ତ ସ୍ୱାଇଁ, ସମ୍ମାନିତ ଅତିଥି ଭାବେ ଓଜେୟୁ ରାଜ୍ୟ କାର୍ଯ୍ୟକାରିଣୀ ସଦସ୍ୟ ସୁରେନ୍ଦ୍ର ବିଶ୍ୱାଳ, ଜିଲ୍ଲା ଶାଖାର କାର୍ଯ୍ୟକାରୀ ସଭାପତି ରଞ୍ଜନ ଖୁଣ୍ଟିଆ, ବରିଷ୍ଠ ସାମ୍ବାଦିକ ଧ୍ରୁବଚରଣ ମହାପାତ୍ର, ଶୁକଦେବ ଜେନା, ଶରତ ଚନ୍ଦ୍ର ରାଉତ ଓ ଅଜିତ କୁମାର ଦାସ ପ୍ରମୁଖ ଯୋଗ ଦେଇଥିଲେ। ଓଜେୟୁ ପାରାଦୀପ ଶାଖାର କାର୍ଯ୍ୟକାରୀ ସଭାପତି ଆଲୋକ ମହାପାତ୍ର ସଭାପତିତ୍ୱ କରିଥିବାବେଳେ ସମ୍ପାଦକ ସମୀର ମହାନ୍ତି ଧନ୍ୟବାଦ ଅର୍ପଣ କରିଥିଲେ। ସାମ୍ପ୍ରତିକ ପରିସ୍ଥିତିରେ ଦେଶରେ ସାମ୍ବାଦିକତା ଦୁଇ ଭାଗରେ ପରିଣତ ହୋଇଛି। ଗୋଟିଏ ପକ୍ଷ କର୍ପୋରେଟ ହାଉସେସ ଦ୍ୱାରା ନିୟୋଜିତ ହୋଇଥିବାବେଳେ ଅନ୍ୟପକ୍ଷ ସରକାରଙ୍କ ଦ୍ୱାରା ନିୟନ୍ତ୍ରିତ ହେଉଛନ୍ତି। ଯାହାକି ସମଗ୍ର ଦେଶ ପାଇଁ ଏହା ଗଣତନ୍ତ୍ର ପ୍ରତି ବିପଦ ସୃଷ୍ଟି କରିଛି। ନିରପେକ୍ଷ ସାମ୍ବାଦିକତା ଦିନକୁ ଦିନ ଧୂଳିସାତ ହେଉଛି ବୋଲି ଉପସ୍ଥିତ ଅତିଥିମାନେ ମତ ପ୍ରକାଶ କରିଥିଲେ। ସୋସିଆଲ ମିଡ଼ିଆ ଦେଶର ସାମ୍ବାଦିକତା କ୍ଷେତ୍ରରେ ଆଉଏକ ନୂଆ ରୂପରେ ଉଭା ହୋଇଛି। ପ୍ରିଣ୍ଟ ମିଡ଼ିଆକୁ ପଛରେ ପକାଇ ଦେଇଛି। ଏଭଳି ପରିସ୍ଥିତିରୁ ଦେଶକୁ ରକ୍ଷା କରିବାକୁ ହେଲେ ସାମ୍ବାଦିକଙ୍କୁ ଯଥେଷ୍ଟ ତ୍ୟାଗ ସ୍ୱୀକାର କରିବାକୁ ପଡିବ ବୋଲି ବକ୍ତା ଶ୍ରୀ ସ୍ୱାଇଁ କହିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଓଜେୟୁ ପାରାଦୀପ ଶାଖା ପକ୍ଷରୁ ପ୍ରଶାନ୍ତ ଦାସ, ସୁଶୀଲ ପଟ୍ଟନାୟକ, ନିରଞ୍ଜନ ଆଚାର୍ଯ୍ୟ, ପୁରୁଷୋତ୍ତମ ଶତପଥୀ, ସନ୍ତୋଷ ବେହେରା, ସୁଦର୍ଶନ ବିଶ୍ୱାଳ ଓ ପ୍ରଶାନ୍ତ ରାଉତ ପ୍ରମୁଖ ଯୋଗ ଦେଇଥିଲେ। କର୍ମେଶ୍ୱର ସ୍ୱାଇଁ ଓ ସୁଧାଂଶୁ ପୃଷ୍ଟି କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

**ପାରାଦୀପ:** ଆଜି ଜାତୀୟ ପ୍ରେସ ଦିବସ ଅବସରରେ ପାରାଦୀପର କାର୍ଯ୍ୟରତ ସାମ୍ବାଦିକଙ୍କ ପକ୍ଷରୁ ଏହି ଦିବସକୁ ପାଳନ କରାଯାଇଥିଲା। ସକାଳେ ଥାନା ଛକ ପ୍ରେସ ଗ୍ୟାଲେରୀରେ ଉପସ୍ଥିତ ସାମ୍ବାଦିକ ପରସ୍ପର ମଧ୍ୟରେ ପ୍ରେସ ଦିବସର ଅଭିନନ୍ଦନ ଜଣାଇଥିଲେ। ପରେ ପୋର୍ଟ କ୍ଲବ୍‌ରେ ଏକ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଥିଲା। ଶଶାଙ୍କ ଶେଖର ଆଚାର୍ଯ୍ୟଙ୍କ ସଭାପତିତ୍ୱରେ ଆୟୋଜିତ ଆଲୋଚନାରେ ସାମ୍ବାଦିକ ଶୁକଦେବ ଜେନା, ମନୋଜ ଦାସ, ରତ୍ନାକର ଜେନା ପ୍ରମୁଖ ଉପସ୍ଥିତ ରହି ପ୍ରେସ ଦିବସ ପାଳନ ସମ୍ପର୍କରେ ଆଲୋଚନା କରିଥିଲେ। ସଂଘମିତ୍ରା ସ୍ୱାଇଁ ଧନ୍ୟବାଦ ଅର୍ପଣ କରିଥିଲେ। ସାମ୍ବାଦିକ ସନ୍ତୋଷ ଭାରତୀ, ବିବେକାନନ୍ଦ ରାଉତ, ରାକେଶ ପଟ୍ଟନାୟକ, ପ୍ରଭାକର ସାହୁ, ତ୍ରିଲୋଚନ ମହାପାତ୍ର, ସଦାନନ୍ଦ ବେହେରା ପରିଚାଳନା କରିଥିବାବେଳେ ବହୁ ଗଣମାଧ୍ୟମ ପ୍ରତିନିଧି ଯୋଗ ଦେଇଥିଲେ।

● ପୋଖରୀରୁ ଯୁବକଙ୍କ ମୃତଦେହ ଉଦ୍ଧାର ଘଟଣା

## ୩ ଦିନ ପରେ ବି ପର୍ଦ୍ଦାଫାସ କରିପାରିନି ପୁଲିସ

**ପରଜଙ୍ଗ, ୧୬ ।୧୧(ସମିସ):** ପୋଖରୀରୁ ଜଣେ ଯୁବକଙ୍କ ମୃତଦେହ ଉଦ୍ଧାର ଘଟଣାର ତିନିଦିନ ପରେ ବି ରହସ୍ୟ ଉପରୁ ପରଦା ପଟାଇ ପାରିନି ପୁଲିସ। ଯୁବକଙ୍କୁ ହତ୍ୟା କରି ପୋଖରୀରେ ଫିଙ୍ଗି ଦିଆଯାଇଥିବା ପରିବାର ପକ୍ଷରୁ ଅଭିଯୋଗ ପରେ ପୁଲିସ କେବଳ ତଦନ୍ତରେ ସୀମିତ ରହିଯାଇଛି। ମିଳିଥିବା ସୂଚନା ଅନୁଯାୟୀ, ପରଜଙ୍ଗ ଥାନା ସାଆନ୍ଦା ଗ୍ରାମର ରାଜେଶ ପାଣି ଗୁରୁବାର କାମାକ୍ଷାନଗର ଥାନା ମୁକ୍ତାପଶି ଗ୍ରାମକୁ ନିର୍ବନ୍ଧ ଭିଡିଓ ସୁଟିଂ ପାଇଁ ଯାଇଥିଲେ। ତେବେ ବିଳମ୍ବିତ ରାତି ପର୍ଯ୍ୟନ୍ତ ସେ ଘରକୁ ଫେରି ନ ଥିଲେ। ପରିବାର ଲୋକେ ବହୁ ଖୋଜାଖୋଜି କରିବା ସତ୍ତ୍ୱେ ତାଙ୍କ ପତ୍ତା ମିଳି ନ ଥିଲା। ଶୁକ୍ରବାର ମୁକ୍ତାପଶି ଗ୍ରାମ ମହୋତ୍ସବ ଖନ୍ଦା ପୋଖରୀରେ ତାଙ୍କ ମୃତଦେହ ଭାସୁଥିବା ଦେଖିବାକୁ ମିଳିଥିଲା। ରାଜେଶଙ୍କ ବାଇକ୍ ପୋଖରୀ ହୁଡ଼ାରେ ରହିଥିବା ବେଳେ ଚାବି ମଣ୍ଡପ ଉପରେ ରହିଥିଲା। କାମାକ୍ଷାନଗର ଥାନା ପୁଲିସ ଓ ଅଗ୍ନିଶମ କର୍ମଚାରୀ ପହଞ୍ଚି ମୃତଦେହ ଉଦ୍ଧାର କରିଥିଲେ। ସେହିପରି ସାଇଣ୍ଟିଫିକ୍ ଦଳ ପହଞ୍ଚି ନମୁନା ସଂଗ୍ରହ କରି ଫେରିଛନ୍ତି। ଅନ୍ୟପଟେ ରାଜେଶଙ୍କୁ ଯୋଜନାବଦ୍ଧ ଭାବେ ଭିଡିଓ ସୁଟିଂ ଆଳରେ ଡକାଇ ହତ୍ୟା କରାଯାଇଥିବା ତାଙ୍କ ଶଳା ଅର୍ଜିତ ପଣ୍ଡା କାମାକ୍ଷାନଗର ଥାନାରେ ଏତଲା ଦେଇଛନ୍ତି। ତେବେ ଆଜିପର୍ଯ୍ୟନ୍ତ ପୁଲିସକୁ କୌଣସି ସଫଳତା ମିଳି ନ ଥିବାରୁ ସାଆନ୍ଦା ଗ୍ରାମବାସୀ ତଥା ରାଜେଶଙ୍କ ପରିବାର ଲୋକେ ଅସନ୍ତୋଷ ପ୍ରକାଶ କରିଛନ୍ତି।

## ସ୍କୁଟି-ବାଇକ ମୁହାଁମୁହିଁ ଧକ୍କା; ୨ ମୃତ

**ଢେଙ୍କାନାଳ, ୧୬ ।୧୧(ସମିସ):** ଢେଙ୍କାନାଳ ଜିଲ୍ଲା କାମାକ୍ଷାନଗର ଉପଖଣ୍ଡ ତୁମୁସିଙ୍ଗା ଥାନା କମଗରା ଗ୍ରାମ ନିକଟ ବ୍ରାହ୍ମଣୀ ନଦୀ ବ୍ରିଜ ଉପରେ ବାଇକ ଓ ସ୍କୁଟି ମୁହାଁମୁହିଁ ଧକ୍କା ହେବାରୁ ଦୁଇଜଣଙ୍କ ମୃତ୍ୟୁ ଘଟିଛି। ମୃତକ ଦ୍ୱୟ ହେଲେ ଢେଙ୍କାନାଳ ସଦର ଥାନା କେଉଟବେରେଣୀ ଗ୍ରାମର ବାଇକ୍ ଆରୋହୀ ସତ୍ୟଜିତ ବରାଳ ଓ ବାପୁନି ବରାଳ। ଏମାନେ ଏକ ବାଇକ ଯୋଗେ ଢେଙ୍କାନାଳରୁ କାମାକ୍ଷାନଗର ଅଭିମୁଖେ ଯାଉଥିବା ବେଳେ ବିପରୀତ ଦିଗରୁ ଆସୁଥିବା ସ୍କୁଟି ସହ ଧକ୍କା ହୋଇଥିଲା। ଘଟଣାସ୍ଥଳରେ ଉଭୟଙ୍କ ମୃତ୍ୟୁ ଘଟିଛି। ଏହି ଦୁର୍ଘଟଣାରେ ସ୍କୁଟି ଚାଳକ ଗୁରୁତର ଆହତ ହୋଇଛନ୍ତି। ତାଙ୍କୁ ଢେଙ୍କାନାଳ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଛି। ପୁଲିସ ଘଟଣାସ୍ଥଳରେ ପହଞ୍ଚି ମୃତଦେହ ଜବତ କରିବା ସହ ତଦନ୍ତ ଆରମ୍ଭ କରିଛି।

## ୩୪ ୟୁନିଟ ରକ୍ତ ସଂଗୃହୀତ



**ଗଁଦିଆ, ୧୬ ।୧୧(ସମିସ):** ଗଁଦିଆ ଯୁବଶକ୍ତି ସଂସଦ ପ୍ରୟାସରେ ଗଁଦିଆ ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପରିସରରେ ଏକ ରକ୍ତଦାନ ଶିବିର ଅନୁଷ୍ଠିତ ହୋଇଛି। ଏଥିରେ ମୋଟ ୩୪ ୟୁନିଟ ରକ୍ତ ସଂଗ୍ରହ କରାଯାଇଛି। ଅତିଥି ଭାବେ ପୋରୁହୋଖୋଜ ସରପଞ୍ଚ ରତିକାନ୍ତ ସାହୁ, ସମାଜସେବୀ ତାପସ ରାଉତ, ସମିତି ସଭ୍ୟ ବଳରାମ ପରିଡ଼ା, ଦୀପ୍ତିମୟୀ ଲେଙ୍କା, ସଭାପତି ଶୁଭ୍ରଜିତ ସାହୁ, ଉପସଭାପତି ହ୍ରିତିକ ରଞ୍ଜନ ରାଉତ, ସମ୍ପାଦକ ଶକ୍ତିରଞ୍ଜନ ସେଠୀ, କୋଷାଧ୍ୟକ୍ଷ ବିଶ୍ୱଜିତ ମିଶ୍ରଙ୍କ ସମେତ ସମସ୍ତ ସଦସ୍ୟ ଢେଙ୍କାନାଳ ବ୍ଲଡ୍ ବ୍ୟାଙ୍କର କର୍ମକର୍ତ୍ତା ଉପସ୍ଥିତ ଥିଲେ। ଶେଷରେ ଯୁବଶକ୍ତି ସଂସଦ ପକ୍ଷରୁ ସମସ୍ତ ରକ୍ତଦାତା, ଅତିଥିଙ୍କୁ କୃତଜ୍ଞତା ଜ୍ଞାପନ କରାଯାଇଥିଲା। ଆଗାମୀ ଦିନରେ ଏପରି କାର୍ଯ୍ୟକ୍ରମ ଜାରି ରହିବ ବୋଲି ଅନୁଷ୍ଠାନ ପକ୍ଷରୁ କୁହାଯାଇଛି।

## ଶିଶୁଦିବସ ଅବସରରେ ସଚେତନତା



**କଙ୍କଡ଼ାହାଡ଼, ୧୬ ।୧୧(ସମିସ):** ଢେଙ୍କାନାଳ ଜିଲ୍ଲା କଙ୍କଡ଼ାହାଡ଼ ବ୍ଲକ କେରଜୋଳି ପଞ୍ଚାୟତ ଉଚ୍ଚ ବିଦ୍ୟାପୀଠରେ ବିଶ୍ୱ ଯୁବକେନ୍ଦ୍ର ଅନୁଗୋଳ ପକ୍ଷରୁ ଶିଶୁଦିବସ ପାଳନ କରାଯିବା ସହ ଏକ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ବିଦ୍ୟାଳୟର ପ୍ରଧାନଶିକ୍ଷକ ରମେଶ ଚନ୍ଦ୍ର ସାହୁ ଛାତ୍ରଛାତ୍ରୀଙ୍କୁ ଶିଶୁ ଦିବସ ବାବଦରେ ଅବଗତ କରେଇବା ସହ ସମାଜରେ ସଂସ୍କାର ଆଣିବାକୁ ସଚେତନ କରିଥିଲେ। ବିଶ୍ୱ ଯୁବକେନ୍ଦ୍ରର ମନିଷା ସ୍ୱାଇଁ ବାଲ୍ୟବିବାହ, ଶିଶୁ ଚାଲାଣ, ଶିଶୁ ଯୌନ ନିର୍ଯାତନାକୁ ବନ୍ଦ କରିବା ପାଇଁ ଆହ୍ୱାନ ଦେଇଥିଲେ। ବିଶ୍ୱ ଯୁବକେନ୍ଦ୍ରର ପୂର୍ଣ୍ଣିମା ସାହୁ ସହଯୋଗ କରିଥିଲେ।

ପୁଣି ଶବକୁ ଅସମ୍ମାନ

# ଡାଲା ଅଟୋରେ ବୁହାହେଲା ୨ ମୃତଦେହ

ପରଜଙ୍ଗ, ୧୬ ।୧୧(ସମିସ)

୧୪୯ନଂ ଜାତୀୟ ରାଜପଥର ପରଜଙ୍ଗ ଥାନା ଦଦରାଘାଟି ଫାଣ୍ଡି କୁଲେଇ ଛକ ନିକଟରେ ଶନିବାର ବିଳମ୍ବିତ ରାତିରେ ସଡ଼କ ଦୁର୍ଘଟଣା ଘଟି ୩ ଜଣଙ୍କ ମୃତ୍ୟୁ ହୋଇଥିଲା। ତେବେ ପରଜଙ୍ଗ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଶବବାହକ ଗାଡ଼ି ନ ଥିବାରୁ ଅତ୍ୟନ୍ତ ଦୟନୀୟ ଅବସ୍ଥାରେ ଡାଲା ଅଟୋରେ ଦୁଇଜଣଙ୍କ ମୃତଦେହ ବ୍ୟବଚ୍ଛେଦ ପାଇଁ ମେଡିକାଲ ପଠାଯାଇଥିଲା। ଏଥିସହ ଏହି ମେଡିକାଲରେ ଶବ ସଂରକ୍ଷଣ ଗୃହ ନ ଥିବାରୁ ରାତିସାରା ଖୋଲା ଆକାଶ ତଳେ ଶୀତକାକରରେ ମୃତଦେହ ଦ୍ୱୟ ରଖାଯାଇଥିବା ଦେଖିବାକୁ ମିଳିଥିଲା। ଏ ନେଇ ଅଞ୍ଚଳବାସୀଙ୍କ ମଧ୍ୟରେ ତୀବ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି।

ସୂଚନାଯୋଗ୍ୟ, ଖାଲପାଳ ଗ୍ରାମର ଟୁଟୁ ମଲ୍ଲିକ, ସନ୍ତୋଷ ମଲ୍ଲିକ ଏବଂ ମହାବିରୋଡ ଥାନା କଟୁମୁଣ୍ଡା ଗ୍ରାମର ଗୋପବନ୍ଧୁ ନାଏକ ଏକ ବାଇକ୍ ଯୋଗେ ପିତିରି ଅଭିମୁଖେ ଯାଉଥିବା ବେଳେ କୁଲେଇ ଛକ ନିକଟରେ ଏକ ଅଜଣା ଟ୍ରକ ସେମାନଙ୍କୁ ଧକ୍କାଦେଇ ଫେରାର ହୋଇଯାଇଥିଲା। ଘଟଣାସ୍ଥଳରେ ୩ ଜଣଙ୍କ ମୃତ୍ୟୁ ହୋଇଥିଲା। ଦଦରାଘାଟି ଫାଣ୍ଡି ଅଧିକାରୀ ବିକାଶ ଚନ୍ଦ୍ର ବେହେରା, ପରଜଙ୍ଗ ଥାନା ଏସ୍ଆଇ ଦେବଗ୍ରାହୀ ମହାନ୍ତି, ଏଏସ୍ଆଇ ଅଜୟ କୁମାର ସାମଲ, ଜଳନ୍ଧର ବାରିକ, ଯୁଗଳ



ପ୍ରଧାନ ଓ ପୁଲିସ କର୍ମଚାରୀ ମୃତଦେହ ଉଦ୍ଧାର କରି ଏକ ଡାଲାଅଟୋରେ ଦୁଇଟି ଓ ଶବବାହକ ଗାଡ଼ିରେ ଅନ୍ୟଏକ ମୃତଦେହ ଭର୍ତ୍ତି କରି ବ୍ୟବଚ୍ଛେଦ ପାଇଁ ପରଜଙ୍ଗ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ପଠାଇଥିଲେ। ତେବେ ଏହି ସ୍ୱାସ୍ଥ୍ୟକେନ୍ଦ୍ରରେ ଶବ ସଂରକ୍ଷଣ ଗୃହ ନ ଥିବାରୁ ମୃତଦେହଗୁଡ଼ିକୁ ଖୋଲା ଆକାଶ ତଳେ ରଖାଯାଇଥିଲା। ବିଭିନ୍ନ ସମୟରେ କେଉଁଠି କାନ୍ଧରେ ତ କେତେବେଳେ ବାଇକ୍ ଯୋଗେ ମୃତଦେହ ବୁହା ହୋଇଥିବା ନଜିର ରହିଛି। କିନ୍ତୁ ପରଜଙ୍ଗ ଅଞ୍ଚଳରେ ଏକ ମାଲ ପରିବହନ ଗାଡ଼ିରେ ଶବ ବୁହାହୋଇ ରାତିସାରା ସ୍ୱାସ୍ଥ୍ୟକେନ୍ଦ୍ର ପରିସର ଖୋଲା ସ୍ଥାନରେ ରଖାଯିବା

● ପରଜଙ୍ଗରେ ନାହିଁ ଶବ ସଂରକ୍ଷଣ ଗୃହ ଓ ବାହକ ଗାଡ଼ି
● ଶୀତକାକରରେ ଖୋଲା ଆକାଶ ତଳେ ରାତିସାରା ରହିଲା

ଘଟଣାକୁ ନେଇ ଉଦ୍‌ବେଗ ପ୍ରକାଶ ପାଇଛି। ପରଜଙ୍ଗରେ ଶବ ବାହକ ଗାଡ଼ି ନ ଥିବା ବେଳେ ଘରୋଇ ଗାଡ଼ି ପାଇଁ ଅର୍ଥ ପୈଠ କରିବାରେ ଗରିବ ଲୋକେ ଅନେକ ସମୟରେ ସମର୍ଥ ହେଉନାହାନ୍ତି। ଏଥିପ୍ରତି ଜିଲ୍ଲାପାଳ ଓ ଜିଲ୍ଲା ମୁଖ୍ୟ ଚିକିତ୍ସା ଅଧିକାରୀ ଦୃଷ୍ଟିଦେଇ ତୁରନ୍ତ ପଦକ୍ଷେପ ନେବାକୁ ଦାବି ହୋଇଛି।

● ଢେଙ୍କାନାଳ ସ୍ୱୟଂଶାସିତ ମହାବିଦ୍ୟାଳୟ

## ମଲ୍ଟି ପରପସ ହଲ୍, ପ୍ରଶାସନିକ ଗୃହ ନିର୍ମାଣ ଦାବି



**ଢେଙ୍କାନାଳ, ୧୬ ।୧୧(ସମିସ):** ଢେଙ୍କାନାଳ ସ୍ୱୟଂଶାସିତ ମହାବିଦ୍ୟାଳୟ ପରିସରରେ ମହାବିଦ୍ୟାଳୟ ଆଲୁମନି ଆସୋସିଏସନ ସଭାପତି ଡ. ଅଭୟ ପଣ୍ଡାଙ୍କ ସଭାପତିତ୍ୱରେ ସଂଘର ସାଧାରଣ ସଭା ଅନୁଷ୍ଠିତ ହୋଇଛି। ଏଥିରେ ମହାବିଦ୍ୟାଳୟ ମଲ୍ଟି ପରପସ ହଲ ଏବଂ ପ୍ରଶାସନିକ ଗୃହ ନିର୍ମାଣ, ମହାବିଦ୍ୟାଳୟରେ ଖାଲିଥିବା ଅଧ୍ୟାପକ ଓ କର୍ମଚାରୀ ପଦ ପୂରଣ ଆଦି ସମ୍ପର୍କରେ ଆଲୋଚନା କରାଯାଇଥିଲା। ଏ ଦିଗରେପଦକ୍ଷେପନେବାକୁସରକାରଙ୍କୁଅନୁରୋଧକରାଯିବା ସହ ଏହି ମହାବିଦ୍ୟାଳୟକୁ ବିଶ୍ୱବିଦ୍ୟାଳୟ ମାନ୍ୟତା ପ୍ରଦାନ କରିବାକୁ ଦାବି କରାଯାଇ ପ୍ରସ୍ତାବ ଗ୍ରହଣ କରାଯାଇଥିଲା। ଆଲୁମନି ଆସୋସିଏସନକୁ ମହାବିଦ୍ୟାଳୟର ପ୍ରତ୍ୟେକ କାର୍ଯ୍ୟରେ ସାମିଲ କରିବାକୁ ମହାବିଦ୍ୟାଳୟ ଅଧ୍ୟକ୍ଷଙ୍କ ସହ ଆଲୋଚନା କରାଯାଇଥିଲା। ଖୁବଶୀଘ୍ର ଏକ କୋର କମିଟି ଗଠନ କରାଯାଇ ମହାବିଦ୍ୟାଳୟରେ ଶିକ୍ଷାର ଗୁଣାତ୍ମକ ମାନ ବୃଦ୍ଧି ଦିଗରେ ପଦକ୍ଷେପ ନେବାକୁ ବୈଠକରେ ସ୍ଥିର କରାଯାଇଛି। ଆସନ୍ତା ଜାନୁଆରୀ ୧୧ ତାରିଖ ପୂର୍ବାହ୍ନରେ ଆଲୁମନି ଆସୋସିଏସନର ବନ୍ଧୁମିଳନ କାର୍ଯ୍ୟକ୍ରମ କରାଯିବାକୁ ସ୍ଥିର ହୋଇଛି। ରାଜ୍ୟ ସ୍ତରରେ ବାଣିଜ୍ୟ ଶିକ୍ଷାରେ ଉତ୍ସର୍ଗୀକୃତ ସେବା ପାଇଁ ୨୦୨୪-୨୫ ବର୍ଷର ଲାଇଫଟାଇମ ଆଚିଭମେଣ୍ଟ ସମ୍ମାନ ଡ. ଅଭୟ ପଣ୍ଡାଙ୍କୁ ପ୍ରଦାନ କରାଯାଇଥିବାରୁ ବୈଠକରେ ତାଙ୍କୁ ଅଭିନନ୍ଦନ ଜ୍ଞାପନ କରାଯାଇଥିଲା। ଆଗାମୀ ଦିନରେ ସଂଘର ସଭ୍ୟ ସଂଖ୍ୟା ବୃଦ୍ଧି କରାଯାଇ ବିଧିବଦ୍ଧ ଭାବେ କର୍ମକର୍ତ୍ତା ନିର୍ବାଚନ କରାଯିବାକୁ ସ୍ଥିର କରାଯାଇଛି। ଅନ୍ୟମାନଙ୍କ ମଧ୍ୟରେ ଉପସଭାପତି ସୁକାନ୍ତ ମିଶ୍ର, ବେଣୁଧର ସାହୁ, ସମ୍ପାଦକ ବିଶ୍ୱନାଥ ବେହେରା, କୋଷାଧ୍ୟକ୍ଷ ସୁନୀଲ ଦାଶ, ସୁରେନ୍ଦ୍ର ମିଶ୍ର, ଅଟଳ ବିହାରୀ ଦାଶ, ବିଶ୍ୱନାଥ ମହାପାତ୍ର, ଶରତ ସାହୁ, ରଞ୍ଜନ ମହାପାତ୍ର, ଅମରେନ୍ଦ୍ର ମିଶ୍ର, ଦେବୀପ୍ରସାଦ ମିଶ୍ର, ସମ୍ବିତ ସାହୁ, ବିଶ୍ୱଜିତ ବିଶ୍ୱାଳ ପ୍ରମୁଖ ଯୋଗଦେଇ ଆଲୋଚନାରେ ଅଂଶଗ୍ରହଣ କରିଥିଲେ।

## ପାଚିକା-ସହାୟିକା ସଂଘର ବୈଠକ

**ଢେଙ୍କାନାଳ, ୧୬ ।୧୧(ସମିସ):** ସ୍ଥାନୀୟ ଯାଉଁଳିପୋଖରୀ ମଠ ପ୍ରାଙ୍ଗଣରେ ଏଆଇଟିୟୁସି ସହବନ୍ଧିତ ନିଖିଳ ଓଡ଼ିଶା ଏମଡିଏମ ପାଚିକା-ସହାୟିକା ସଂଘର ବୈଠକ ସୁବାସିନୀ ବେହେରାଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଛି। ସମ୍ପାଦିକା ଶାନ୍ତିପ୍ରିୟା ସାହୁ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ପ୍ରାରମ୍ଭରେ ଜିଲ୍ଲା ପାଚିକା ସହାୟିକା ସଂଘ ଉପଦେଷ୍ଟା ଜମ୍ବେଶ୍ୱର ପୃଷ୍ଟିଙ୍କ ବିୟୋଗରେ ୨ ମିନିଟ ନିରବ ପ୍ରାର୍ଥନା କରାଯାଇଥିଲା। ପାଚିକାମାନଙ୍କ ପାରିଶ୍ରମିକ ରାଜ୍ୟ ସରକାର ଠିକ ସମୟରେ ପ୍ରଦାନ କରୁ ନ ଥିବାରୁ ବୈଠକରେ କ୍ଷୋଭ ପ୍ରକାଶ ପାଇଥିଲା। ସାଂଗଠନିକ ସ୍ଥିତି ଉପରେ ଆଲୋଚନା କରାଯାଇ କିପରି ସୁଦୃଢ଼ କରାଯିବ ସେ ବିଷୟରେ ଗୁରୁତ୍ୱ ଦିଆଯାଇଲା। ଜାନୁଆରୀ ସୁଦ୍ଧା ସଭ୍ୟପଦ ନବୀକରଣ କରାଯାଇ ଜିଲ୍ଲା ଓ ରାଜ୍ୟରେ ଦାଖଲ କରିବାକୁ ସ୍ଥିର କରାଯାଇଛି। ବୈଠକରେ ଜିଲ୍ଲା ସଭାପତି ଓ ରାଜ୍ୟ ଉପଦେଷ୍ଟା ରବି ରଥ ଯୋଗଦେଇ ରାଜ୍ୟ ସରକାର ଯେପରି ପାଚିକାମାନଙ୍କ ପ୍ରତି ଅଣଦେଖା କରୁଛନ୍ତି ସେ ବିଷୟରେ ଉଦବୋଧନ ଦେଇଥିଲେ। ଆସନ୍ତା ବିଧାନସଭା



ଅଧିବେଶନ ସମୟରେ କେତେକ ମୌଳିକ ଦାବି ନେଇ ଆନ୍ଦୋଳନ କରିବାକୁ ଆହ୍ୱାନ ଦେଇଥିଲେ। ରାଜ୍ୟ ଓ କେନ୍ଦ୍ର ସରକାର ସରକାରୀ କର୍ମଚାରୀଙ୍କ ପାଇଁ ମହଙ୍ଗା ଭତ୍ତା ବଢ଼ାଇ ଚାଲୁଥିବା ବେଳେ ପାଚିକାମାନଙ୍କ ପାରିଶ୍ରମିକ କାହିଁକି ବୃଦ୍ଧି କରାଯାଉନାହିଁ ବୋଲି ପ୍ରଶ୍ନ କରିଛନ୍ତି। ୧୦ ମାସ ବଦଳରେ ୧୨ ମାସର ପାରିଶ୍ରମିକ, ସର୍ବନିମ୍ନ ମଜୁରି, ଅବସର ପରେ ପେନସନ, ଆକ୍ରୋସ ମୂଳକ ଛଟେଇ ବନ୍ଦ, ବିଇଓଙ୍କ ଦ୍ୱାରା ପାଚିକାମାନଙ୍କୁ ନିଯୁକ୍ତି, ବର୍ଷକୁ ୨ଖଣ୍ଡ ଶାଢ଼ି ପ୍ରଦାନ, ମାସର ପ୍ରଥମ ସପ୍ତାହରେ ପାରିଶ୍ରମିକ ଦେବାକୁ ଦୃଢ଼ ଦାବି କରିଥିଲେ। ବୈଠକରେ ଭାରତୀ ଦାସ, ରେବତୀ ଦାସ, ଝୁନୁବାଳା ପୁହାଣ, ସୁବାସିନୀ ସାହୁ, ମମତା ବାରିକ, ଦମୟନ୍ତି ବେହେରା, ପ୍ରଣତି ବେହେରା, ନୟନ ବେହେରା, କନକ ବେହେରା, ଶାନ୍ତିଲତା ସାହୁ, ମମତା ଦାସ ପ୍ରମୁଖ ଯୋଗଦେଇଥିଲେ।

## ପିଙ୍ଗୁଆ-ଲାଉଲଇ ରାସ୍ତା ମରଣଯନ୍ତା



**ଗଁଦିଆ, ୧୬ ।୧୧(ସମିସ):** ଢେଙ୍କାନାଳ ଜିଲ୍ଲା ଗ୍ରାମ୍ୟ ନିର୍ମାଣ ବିଭାଗ ଅନ୍ତର୍ଗତ ଗଁଦିଆ ବ୍ଲକ ପିଙ୍ଗୁଆ-ଲାଉଲଇ ରାସ୍ତା ମରଣଯନ୍ତା ପାଲଟିଛି। ପିଙ୍ଗୁଆ ଏକ ବ୍ୟବସାୟିକ ପେଣ୍ଠସ୍ଥଳୀ ହୋଇଥିବା ବେଳେ ଲାଉଲଇକୁ ସଂଯୋଗ କରୁଥିବା ରାସ୍ତାରେ ପ୍ରତିଦିନ ଯାଜପୁର, କଟକ ଓ ଢେଙ୍କାନାଳକୁ ଯୋଗାଯୋଗ ପାଇଁ ସହଜ ହୋଇଥିବାରୁ ଏହା ଉପରେ ଅନେକ ଲୋକ ନିର୍ଭର କରନ୍ତି। ହେଲେ ଏହି ରାସ୍ତା ଏବେ ନଷ୍ଟ ହୋଇଗଲାଣି। କେଉଁଠି ପିଚୁ ଉଠିଯାଇଛି ତ କେଉଁଠି ବଡ଼ବଡ଼ ଖାଲଖମା ହେଲାଣି। ପୁଣି କେଉଁଠି ପୁଳାପୁଳା ଗୋଡ଼ି ପଥର ଉଠିଗଲାଣି। ଏ ଦିଗରେ ପଦକ୍ଷେପ ଗ୍ରହଣ କରିବାକୁ ସାଧାରଣରେ ଦାବି ହେଉଛି।

## ଓଡ଼ିଶା ଡିପ୍ଲୋମା ଇଞ୍ଜିନିୟର ସେବା ସଂଘ କର୍ମକର୍ତ୍ତା ନିର୍ବାଚନ

**କାମାକ୍ଷାନଗର, ୧୬ ।୧୧(ସମିସ):** କାମାକ୍ଷାନଗର ବ୍ଲକରେ ଓଡ଼ିଶା ଡିପ୍ଲୋମା ଇଞ୍ଜିନିୟର ସେବା ସଂଘର ବୈଠକ ଓ କର୍ମକର୍ତ୍ତା ନିର୍ବାଚନ ଅନୁଷ୍ଠିତ ହୋଇଛି। ବୈଠକରେ ସଂଘର ୭ଦଫା ଦାବି ଉପରେ ଆଲୋଚନା ହୋଇଥିଲା। ଏଥିରେ କେନ୍ଦ୍ରୀୟ କାର୍ଯ୍ୟକାରିଣୀ ଉପସଭାପତି ଇଂ ସୁଦର୍ଶନ ବେହେରା, ମହାମଣ୍ଡଳ ସମ୍ପାଦକ ଇଂ ନିରୋଜ କୁମାର ବେହେରା, କାମାକ୍ଷାନଗର ଶାଖା ସମ୍ପାଦକ ଇଂ ରଶ୍ମିରଞ୍ଜନ ଦାସ ପ୍ରମୁଖ ଯୋଗଦେଇଥିଲେ।



ସଭାପତି ଭାବେ ବିଶ୍ୱବିଜୟୀ ମଲ୍ଲିକ, ସମ୍ପାଦକ ରଶ୍ମିରଞ୍ଜନ ଦାସ, ଉପସଭାପତି ଗିରୀଶ ବିହାରୀ ଦାସ, ଉପଦେଷ୍ଟା ମନୋଜ କୁମାର ଦାସ ପ୍ରମୁଖ ନିର୍ବାଚିତ ହୋଇଛନ୍ତି। ଅନ୍ୟମାନଙ୍କ ମଧ୍ୟରେ ପ୍ରଦୀପ କୁମାର ମଲ୍ଲିକ, ରବିନାରାୟଣ ନନ୍ଦି, ଶୌର୍ଯ୍ୟକୁମାର ପଡିହାରି, ନୀଳମଣି ମହାପାତ୍ର, ମିତୁରାଣୀ ପଣ୍ଡା, ସୁକାନ୍ତି ପାତ୍ର, ଶ୍ରୀୟସ୍ମିତା ଭୋଇ, ପ୍ରହ୍ଲାଦ ନାଥ, ବର୍ଷା ମହାପାତ୍ର ପ୍ରମୁଖଙ୍କ ସମେତ କାମାକ୍ଷାନଗର ଉପଖଣ୍ଡର ବିଭିନ୍ନ ଅଞ୍ଚଳର ଇଞ୍ଜିନିୟରମାନେ ଉପସ୍ଥିତ ଥିଲେ।

## ପ୍ରଜାପିତା ବ୍ରହ୍ମାକୁମାରୀ ସଂସ୍ଥାର ବାର୍ଷିକ ଉତ୍ସବ

**ଗଁଦିଆ, ୧୬ ।୧୧(ସମିସ):** ପ୍ରଜାପିତା ବ୍ରହ୍ମାକୁମାରୀ ଈଶ୍ୱରୀୟ ବିଶ୍ୱବିଦ୍ୟାଳୟ ଓଡ଼ଶ ଶାଖାର ଷୋଡ଼ଶ ବାର୍ଷିକ ଉତ୍ସବ ମୁଖ୍ୟ ସଞ୍ଚାଳିକା ରାଜଯୋଗିନୀ ସଙ୍ଗୀତା ଭଉଣୀଙ୍କ ତତ୍ତ୍ୱାବଧାନରେ ବିଶ୍ୱବିଦ୍ୟାଳୟ ପରିସରରେ ଅନୁଷ୍ଠିତ ହୋଇଛି। ଏଥିରେ ପାଲଲହଡ଼ା ବ୍ରହ୍ମାକୁମାରୀ ଈଶ୍ୱରୀୟ ବିଶ୍ୱବିଦ୍ୟାଳୟର ମୁଖ୍ୟ ସଞ୍ଚାଳିକା ରାଜଯୋଗିନୀ ସଖି ଭଉଣୀ ସ୍ୱାଗତ ଅଭିଭାଷଣ ପ୍ରଦାନ କରିଥିଲେ। କାମାକ୍ଷାନଗର ମୁଖ୍ୟ



ସଞ୍ଚାଳିକା ପ୍ରଭା ଭଉଣୀ ଆଶୀର୍ବଚନ ପ୍ରଦାନ କରିଥିଲେ। ପରଜଙ୍ଗ ସଞ୍ଚାଳିକା ଲିଲିମା ଭଉଣୀ ସଭା ସଞ୍ଚାଳନ କରିଥିଲେ। ଅତିଥି ଭାବେ ପ୍ରାକ୍ତନ ବିଚାରପତି ଭିକାରୀ ଚରଣ ରାଉତ, ଖମାର ଥାନା ଭାରପ୍ରାପ୍ତ ନିରୀକ୍ଷକ ଅରୁଣ କୁମାର ପଣ୍ଡା, ଜାତୀୟ ପୁରସ୍କାରପ୍ରାପ୍ତ ଶିକ୍ଷକ ଫୋରମ ଓଡ଼ିଶାର ସଭାପତି ପ୍ରକୃତିବନ୍ଧୁ ହରିହର ସାହୁ, ଅବସରପ୍ରାପ୍ତ ବିଇଓ ଚିତ୍ତରଞ୍ଜନ ପରିଡ଼ା, ସମାଜସେବୀ ସନ୍ତୋଷ ସାହୁ ଯୋଗଦେଇ ଆଧ୍ୟାତ୍ମିକତା ଉପରେ ଉଦବୋଧନ ଦେଇଥିଲେ। ପ୍ରାରମ୍ଭରେ ଶାନ୍ତି ଶୋଭାଯାତ୍ରା ଅନୁଷ୍ଠିତ ହୋଇଥିଲା। ପରେ ଶିବ ଧ୍ୱଜା ଉତ୍ତୋଳନ କରାଯାଇଥିଲା। ସମସ୍ତ ଅତିଥିଙ୍କୁ ଉତ୍ତରୀୟ, ପୁଷ୍ପଗୁଚ୍ଛ ଓ ଉପହାର ପ୍ରଦାନ କରାଯାଇଥିଲା।

# ଢେଙ୍କାନାଳ ଜିଲ୍ଲାରେ କିଡ୍‌ନୀ ରୋଗୀସଂଖ୍ୟା ବୃଦ୍ଧି

ଢେଙ୍କାନାଳ, ୧୬ ।୧୧(ସମିସ)

ଢେଙ୍କାନାଳ ଜିଲ୍ଲାରେ କିଡନୀ ରୋଗୀସଂଖ୍ୟା ବୃଦ୍ଧି ପାଇବାରେ ଲାଗିଛି। ଜିଲ୍ଲାର ୮ ବ୍ଲକ ମଧ୍ୟରୁ ୫ ବ୍ଲକରେ ସର୍ବାଧିକ କିଡନୀ ରୋଗୀଙ୍କୁ ଚିହ୍ନଟ କରାଯାଇଛି। ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ କିଡନୀ ରୋଗର ଚିହ୍ନଟ, ନିରାକରଣ ନିମନ୍ତେ ଏକ ଭ୍ରାମ୍ୟମାଣ ଗାଡ଼ି ଗାଁ ଗାଁ ବୁଲି କାର୍ଯ୍ୟ କରୁଥିଲେ ମଧ୍ୟ ମୁଖ୍ୟତଃ ଦୂଷିତ ପାଣି, ଧୂଳିଧୂଆଁ ଯୋଗୁଁ ଏହି ରୋଗ ନିୟନ୍ତ୍ରଣକୁ ଆସିପାରୁନାହିଁ।

ଜିଲ୍ଲାରେ ବର୍ତ୍ତମାନ ୧୪ ଲକ୍ଷରୁ ଅଧିକ ଲୋକ ବାସ କରୁଛନ୍ତି। ଜିଲ୍ଲାର ପ୍ରମୁଖ ସମସ୍ୟା ମଧ୍ୟରେ ରହିଛି ପାନୀୟଜଳ। ଲୋକଙ୍କ ପାଇଁ ବିଶୁଦ୍ଧ ପାନୀୟ ଜଳ ସ୍ୱପ୍ନ ହୋଇପଡ଼ିଛି। ଗ୍ରାମରେ ବାସ କରୁଥିବା ଲୋକେ ନଳକୂଅ ଓ ଖୋଲାକୂଅର ପାଣି ପିଇବା ପାଇଁ ବ୍ୟବହାର କରୁଛନ୍ତି। ଏହି ଦୂଷିତ ପାଣି ପିଇ କିଡନୀ ରୋଗ ବ୍ୟାପିବାରେ ଲାଗିଛି। କାମାକ୍ଷାନଗର, ହିନ୍ଦୋଳ, ଓଡ଼ାପଡ଼ା, ଗଁଦିଆ ଓ ସଦର ବ୍ଲକରେ ଅଧିକ କିଡ୍‌ନୀ ରୋଗୀ ଚିହ୍ନଟ ହୋଇଛନ୍ତି। ହିନ୍ଦୋଳରେ ହଜାର ହଜାର କ୍ରସର ଏବଂ ଖଣିଖାଦାନ ଯୋଗୁଁ ପାଣି ଦୂଷିତ ହୋଇଛି। ସେହି ପାଣି ପିଇ ଲୋକେ



କିଡନୀ ରୋଗରେ ଆକ୍ରାନ୍ତ ହେଉଛନ୍ତି। ଓଡ଼ାପଡ଼ା ବ୍ଲକର ବଦାଲୁ, ହିନ୍ଦୋଳ ବ୍ଲକର ବାବନ୍ଧ ସହ ଖଣି ନିକଟସ୍ଥ ଗ୍ରାମଗୁଡ଼ିକ ଅଧିକ ପ୍ରଭାବିତ ହେଉଛି। ଖଣି ଏବଂ କ୍ରସର ଗୁଣ୍ଡ ଉଡ଼ି ପାଣି ଦୂଷିତ ହେଉଥିବା ବେଳେ ସେହି ପାଣିକୁ ପିଇବା ଦ୍ୱାରା କିଡନୀ ରୋଗ ବ୍ୟାପୁଛି। ବାବନ୍ଧରେ ୨୫ରୁ ଅଧିକ କିଡନୀ ରୋଗୀ ଥିବା ବେଳେ ସେଠାରେ ଥିବା ହରିଜନ ସାହିରେ କେବଳ ୨୦ରୁ ଅଧିକ ଲୋକ ଏହି ରୋଗରେ ଆକ୍ରାନ୍ତ ହୋଇ ମୃତ୍ୟୁବରଣ କରିଛନ୍ତି। ଅନେକ ରୋଗୀ ଏବେ ଚିକିତ୍ସିତ ହେଉଛନ୍ତି। ଓଡ଼ାପଡ଼ା ବ୍ଲକ

● ହିନ୍ଦୋଳ, କାମାକ୍ଷାନଗର, ଓଡ଼ାପଡ଼ା, ଗଁଦିଆ, ସଦର ବ୍ଲକରେ ସର୍ବାଧିକ
● କିଡ୍‌ନୀ ଆକ୍ରାନ୍ତ ଗ୍ରାମରେ ଝିଅ ବାହାଦେବାକୁ ପରିବାର ଲୋକେ କୁଣ୍ଠକୁଣ୍ଠ
● ଜିଲ୍ଲାରେ ୧ ହଜାର ୫୭୮ କିଡ୍‌ନୀ ରୋଗୀ ଚିହ୍ନଟ

ବଦାଲୁ ରସାସିଂହ, ପଶାସିଂହ ଗ୍ରାମରେ ମଧ୍ୟ କିଡନୀ ରୋଗୀଙ୍କ ସଂଖ୍ୟା ଢେର୍ ଅଧିକ ରହିଛି। ଫଳରେ ଏହି ଗ୍ରାମଗୁଡ଼ିକରୁ ଲୋକେ ଅନ୍ୟତ୍ର ଯାଇ ବସବାସ କରୁଥିବା ଜଣାପଡ଼ିଛି। ହିନ୍ଦୋଳ କରାବିରା ଗ୍ରାମରେ କିଡନୀ ରୋଗୀ ଅଧିକ ରହିଥିବା ବେଳେ ସଦର ବ୍ଲକ କାଙ୍କଡ଼ପାଳ ଗ୍ରାମରେ ମଧ୍ୟ ସମାନ ଅବସ୍ଥା। ଜିଲ୍ଲାରେ କିଡନୀ ରୋଗ ନିୟନ୍ତଣ କରିବା ପାଇଁ ସ୍ୱାସ୍ଥ୍ୟ ବିଭାଗ ତରଫରୁ ଏକ ଭ୍ରାମ୍ୟମାଣ ଗାଡ଼ି ସପ୍ତାହରେ ୪ ଦିନ ଜିଲ୍ଲାରେ ବୁଲିବା ସହ ରୋଗୀଙ୍କୁ ଚିହ୍ନଟ କରି ଚିକିତ୍ସା ପାଇଁ ପରାମର୍ଶ ଦେଉଛନ୍ତି। ଗାଡ଼ିରେ ଜଣେ ଡାକ୍ତର ରହୁଛନ୍ତି। ଜିଲ୍ଲାରେ ଗତ ୬ ମାସ ମଧ୍ୟରେ ପ୍ରାୟ ୧୪ ହଜାର ୩୦୯ ଲୋକଙ୍କ ପରୀକ୍ଷା କରାଯାଇଥିବା ବେଳେ ପ୍ରାୟ ୧ ହଜାର ୫୭୮ କିଡନୀ ରୋଗୀ ଚିହ୍ନଟ ହୋଇଛନ୍ତି। ଗତ ୪ ମାସ ମଧ୍ୟରେ ୧୭ଜଣଙ୍କ ମୃତ୍ୟୁ ହୋଇଛି। ଦିନକୁ ଦିନ ୫ ବ୍ଲକରେ କିଡନୀ ରୋଗୀ ସଂଖ୍ୟା ବୃଦ୍ଧି ପାଉଥିବା ବେଳ ସେହି ଗ୍ରାମଗୁଡ଼ିକରେ ଝିଅ ବାହା ଦେବାକୁ ଅନ୍ୟ ଗ୍ରାମର ଲୋକେ ନାପସନ୍ଦ କରୁଛନ୍ତି। କିଡନୀ ରୋଗୀଙ୍କ ପାଇଁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଡାଇଲେସିସ ବ୍ୟବସ୍ଥା ରହିଛି। ଦୂଷିତ ପାଣି ଯୋଗୁଁ ଏହା ବ୍ୟାପୁଥିବା ବେଳେ ଲୋକଙ୍କୁ ବିଶୁଦ୍ଧ ପାନୀୟଜଳ ଯୋଗାଇଦେବାରେ ସରକାର ବିଫଳ ହୋଇଛନ୍ତି।

## ବିର୍ସା ମୁଣ୍ଡାଙ୍କ ଜୟନ୍ତୀ ଓ ଜନଜାତୀୟ ଗୌରବ ଦିବସ




**ଢେଙ୍କାନାଳ, ୧୬ ।୧୧(ସମିସ):** ଭଗବାନ ବିର୍ସା ମୁଣ୍ଡାଙ୍କ ୧୫୦ତମ ଜୟନ୍ତୀ ଅବସରରେ ଶନିବାର ଜନଜାତୀୟ ଗୌରବ ଦିବସ ପାଳିତ ହୋଇଛି। ସ୍ଥାନୀୟ ଆର୍ଟ ଆଣ୍ଡ କ୍ରାଫ୍ଟ ସେଣ୍ଟରରେ ଜିଲ୍ଲା ସମାଜ ମଙ୍ଗଳ ବିଭାଗ ପକ୍ଷରୁ ଆୟୋଜିତ ଉତ୍ସବରେ ମୁଖ୍ୟଅତିଥି ଭାବେ ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ ବିଭାଗ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ଯୋଗଦେଇ ଜନଜାତିମାନଙ୍କ ଜଙ୍ଗଲ, ଜମି ଓ ପାରମ୍ପରିକ ଅଧିକାର ରକ୍ଷା କରିବାରେ ବିର୍ସା ମୁଣ୍ଡାଙ୍କ ଲଢ଼େଇ ଓ ତ୍ୟାଗ ଅତୁଳନୀୟ ବୋଲି ପ୍ରକାଶ କରିଥିଲେ। ଏହି ଅବସରରେ ସେ ଜନମନ ଯୋଜନାରେ ହିତାଧିକାରୀଙ୍କୁ ଗୃହର ପ୍ରତିକାତ୍ମକ ଚାବି ପ୍ରଦାନ କରିଥିଲେ। ହିତାଧିକାରୀଙ୍କୁ ଜମିପଟ୍ଟା, ସ୍ୱୟଂ ସହାୟକ ଗୋଷ୍ଠୀକୁ ଆର୍ଥିକ ସହାୟତା ଓ ଦକ୍ଷତା ବିକାଶ କାର୍ଯ୍ୟକ୍ରମରେ ତାଲିମପ୍ରାପ୍ତ ଛାତ୍ରଛାତ୍ରୀଙ୍କୁ ପ୍ରମାଣପତ୍ର ମଧ୍ୟ ପ୍ରଦାନ କରିଥିଲେ।

ଅତିରିକ୍ତ ଜିଲ୍ଲାପାଳ ରମେଶ ଚନ୍ଦ୍ର ସେଠୀ ଓ ଜିଲ୍ଲା ପରିଷଦର ମୁଖ୍ୟ ଉନ୍ନୟନ ଅଧିକାରୀ ତଥା ନିର୍ବାହୀ ଅଧିକାରୀ ଦୀପ୍ତିରଞ୍ଜନ ସେଠୀ ସମ୍ମାନିତ ଅତିଥି ଭାବେ ଯୋଗଦେଇଥିଲେ। ପ୍ରାରମ୍ଭରେ ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀ ରୁଦ୍ରପ୍ରସାଦ ପରିଜା ସ୍ୱାଗତ ଭାଷଣ ପ୍ରଦାନ କରିବା ସହିତ ସମସ୍ତ ଜନଜାତିଙ୍କ ସାମଗ୍ରିକ ବିକାଶ ପାଇଁ ଆଦି କର୍ମଯୋଗୀ କାର୍ଯ୍ୟକ୍ରମ ମାଧ୍ୟମରେ ହେଉଥିବା ଉନ୍ନୟନମୂଳକ ଯୋଜନା ସମ୍ପର୍କରେ ସୂଚନା ପ୍ରଦାନ କରିଥିଲେ। ପ୍ରାରମ୍ଭରେ ଜନଜାତି ଛାତ୍ରୀମାନେ ବନ୍ଦେ ଉତ୍କଳ ଜନନୀ ସଙ୍ଗୀତ ଗାନ କରିଥିଲେ। ଅବନୀ ମିଶ୍ର କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ।

### ଆଇକନିକ୍ ଓଡ଼ିଶା ଚେସ୍ ପ୍ରିମିୟର ଲିଗ୍ ଉଦ୍‌ଯାପିତ

# ଗୋଲକୁଣ୍ଡା ଚାମ୍ପିଅନ, ବାରବାଟୀ ରନର୍ସଅପ୍

ଭୁବନେଶ୍ୱର, ୧୬।୧୧(ସମିସ)




ଅଲ ଓଡ଼ିଶା ଚେସ୍ ଆସୋସିଏସନ (ଏଓସିଏ) ଓ ଆଇକନିକ୍ ସ୍ପୋର୍ଟ୍ସ ଫାଉଣ୍ଡେସନ (ଆଇଏସ୍‌ଏଫ୍) ପକ୍ଷରୁ କ୍ରିକେଟରେ ଆଇପିଏଲ୍ ଢ଼ାଞ୍ଚାରେ ଫ୍ରାଞ୍ଚାଇଜ୍ ଭିତ୍ତିକ ୧୨ଟି ଦଳକୁ ନେଇ ଓଡ଼ିଶାରେ ପ୍ରଥମଥର ଆୟୋଜିତ ହୋଇଥିବା ଓଡ଼ିଶା ଆଇକନିକ୍ ଚେସ୍ ପ୍ରିମିୟର ଲିଗ୍ ରବିବାର ଉଦ୍‌ଯାପିତ ହୋଇଯାଇଛି। ଏଥିରେ ଗୋଲକୁଣ୍ଡା ଗାର୍ଡିଅନ୍ସ ଚାମ୍ପିଅନ ହୋଇଥିଲାବେଳେ ବାରବାଟୀ ବ୍ୟାଟଲର୍ସ ରନସ ଅପ୍ ହୋଇଛି। ଭିକ୍ଟୋରିଆ ଭିକ୍ଟର୍ସ ଦ୍ୱିତୀୟ ରନର୍ସ ଅପ୍ ହୋଇଥିଲାବେଳେ ଅମ୍ବର ଆଭେଞ୍ଜର୍ସ ଚତୁର୍ଥ ସ୍ଥାନରେ ରହିଥିଲା। ପୁରସ୍କାର ବାବଦରେ ଚାମ୍ପିଅନ ଗ୍ରାଣ୍ଡ ଆୱାସ ମାଲିକାନାରେ ଖେଳୁଥିବା ଗୋଲକୁଣ୍ଡାକୁ ଟ୍ରଫି ସହ ୫ ଲକ୍ଷ, ଟ୍ରିପଲ 'ସି' କ୍ଲବ୍ ମାଲିକାନାରେ ଖେଳୁଥିବା ବାରବାଟୀ ବ୍ୟାଟଲର୍ସଙ୍କୁ ରନର୍ସ ଅପ୍ ଟ୍ରଫି ସହ ୩ ଲକ୍ଷ ଓ ତୃତୀୟ ସ୍ଥାନ ଅଧିକାର କରିଥିବା ଛତିଶଗଡ଼ର ରାଘବେନ୍ଦ୍ର ସିଂଘାଣିଆଙ୍କ ଟିମ୍ ଭିକ୍ଟୋରିଆ ଭିକ୍ଟର୍ସଙ୍କୁ ରନର୍ସ ଅପ୍ ଟ୍ରଫି ସହ ୨ ଲକ୍ଷ ଟଙ୍କାର ପୁରସ୍କାର ପ୍ରଦାନ କରାଯାଇଛି। ଖେଳ ଶେଷରେ ଅନୁଷ୍ଠିତ ଉତ୍ସବରେ ସାଂସଦ ପ୍ରଦୀପ କୁମାର ବର୍ମା ମୁଖ୍ୟଅତିଥି, ଜେମିନୀ ଅଏଲର ଜେନେରାଲ ମ୍ୟାନେଜର ପ୍ରଦୀପ କିଶୋର ମହାପାତ୍ର, ଜିଏସ୍‌ଟି କମିଶନର ପ୍ରୀତିରଞ୍ଜନ ନାଥ, ଏଆଇସିଏଫ୍ ଯୁଗ୍ମ ସଚିବ ମନୀଷ କୁମାର, ଏଓସିଏ ସମ୍ପାଦକ ଦେବବ୍ରତ ଭଞ୍ଜ ପ୍ରମୁଖ ସମ୍ମାନିତ ଅତିଥିଭାବେ ଯୋଗଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ଡ. ପ୍ରଦୀପ୍ତ ମହାନ୍ତି, ଡ. ସଞ୍ଜୟ ଚୌଧୁରୀ, ଡ. ଚିଦାତ୍ମିକା ଖଟୁଆ, ଡ. ସେକ୍ ସମିମ ପ୍ରମୁଖ ଅତିଥିଭାବେ ଉପସ୍ଥିତ ଥିଲେ।

ଆଇପିଏଲ ଢ଼ାଞ୍ଚାରେ ହୋଟେଲ ଲାଇଫ୍‌ରେ ଗତ ୩ ଦିନ ଧରି ଏହି ପ୍ରତିଯୋଗିତା ଆୟୋଜିତ ହୋଇଥିଲା। ୧୨ଟି ଦଳକୁ ନେଇ ଏହି ଟୁର୍ଣ୍ଣାମେଣ୍ଟ ରାଉଣ୍ଡ ରବିନ ଲିଗ୍ ଫର୍ମାଟରେ ଖେଳ ହେବା ପରେ ୪ଟି ଦଳ ନକ୍‌ଆଉଟକୁ ଉନ୍ନିତ ହୋଇଥିଲେ। ଆଇପିଏଲ୍ ପରି ପ୍ରଥମ ଦୁଇ ଦଳ ମଧ୍ୟରେ କ୍ୱାଲିଫାୟର-୧ରେ ପରସ୍ପର ସହ ମୁକାବିଲା କରିଥିଲେ। ଏଥିରେ ଭିକ୍ଟୋରିଆକୁ ହରାଇ ନଂ-୧ ଟିମ୍ ଗୋଲକୁଣ୍ଡା ପ୍ରଥମ ଟିମ୍ ଭାବେ ଫାଇନାଲକୁ ଯାଇଥିଲା। ଏଲିମିନେଟରରେ ଅମ୍ବର ଆଭେଞ୍ଜର୍ସଙ୍କୁ ହରାଇ ବାରବାଟୀ ଦ୍ୱିତୀୟ କ୍ୱାଲିଫାୟର୍ସକୁ ଯାଇଥିଲା। ପରେ ଖେଳାଯାଇଥିବା ଦ୍ୱିତୀୟ କ୍ୱାଲିଫାୟରରେ ଭିକ୍ଟୋରିଆକୁ ହରାଇ ବାରବାଟୀ ଦ୍ୱିତୀୟ ଦଳ ଭାବେ ଫାଇନାଲ୍‌ରେ ପ୍ରବେଶ କରିଥିଲା। ଫାଇନାଲରେ ବାରବାଟୀକୁ ହରାଇ ଗୋଲକୁଣ୍ଡା ଗାର୍ଡିଆନ୍ସ ଚାମ୍ପିଅନ ହୋଇଥିଲା। ଏହି ଦଳରେ ଆର୍ଯ୍ୟ ଅର୍ଣ୍ଣବ ସାମନ୍ତରାୟ, ମହୀତୋଷ ଦେ', ଅଧିନାୟକ ତଥା ଆଇଏମ୍ ଆରାଧ ଗର୍ଗ, ସ୍ୱପ୍ନିଳ ପ୍ରିୟଦର୍ଶୀ, ମୁକୁନ୍ଦ ହେମନ୍ତ ଅଗରୱାଲ, ଆଶ୍ରିୟା ଦାସ, ରାକେଶ କୁମାର ନାୟକ ଏବଂ ସୋୟମ ଲକ୍ଷ୍ମୀଦତ୍ତ ଡି ସାବତ ଖେଳାଳିଭାବେ ଚମତ୍କାର ପ୍ରଦର୍ଶନ କରିଥିଲେ।

ଏହି ଟୁର୍ଣ୍ଣାମେଣ୍ଟର ଚିଫ୍ ଆର୍ବିଟର ଭାବେ ଆଇଏ ସୁରେଶ ଚନ୍ଦ୍ର ସାହୁ, ଡେପୁଟି ଚିଫ୍ ଆର୍ବିଟର ଭାବେ ଆଇଏ ତାପସ କୁମାର ମହାନ୍ତି ଟୁର୍ଣ୍ଣାମେଣ୍ଟ ପରିଚାଳନା କରିଥିଲେ। ସନ୍ତୋଷ ମହାପାତ୍ର, ପିଙ୍କି ମହାପାତ୍ର, ଅଭିଷେକ ଆଚାର୍ଯ୍ୟ ଓ ଅନ୍ୟ ଆର୍ବିଟରମାନେ ଟୁର୍ଣ୍ଣାମେଣ୍ଟ ପରିଚାଳନା କରିଥିଲେ। ଏଓସିଏ କାର୍ଯ୍ୟନିର୍ବାହୀ ସଦସ୍ୟ ରୀତେଶ ରଥ, ପଦ୍ମିନୀ ସିଂ, ଧନଞ୍ଜୟ ସାବତ ପ୍ରମୁଖ ଟୁର୍ଣ୍ଣାମେଣ୍ଟ ପରିଚାଳନାରେ ସହଯୋଗ କରିଥିଲେ।


### ରାଜ୍ୟ ବେଞ୍ଚପ୍ରେସ୍ ପ୍ରତିଯୋଗିତା ଉଦ୍‌ଯାପିତ

## ଖୋର୍ଦ୍ଧା ପ୍ରଥମ, କଟକ ଦ୍ୱିତୀୟ

**ଭୁବନେଶ୍ୱର, ୧୬।୧୧(ସମିସ):** ଓଡ଼ିଶା ରାଜ୍ୟ ବେଞ୍ଚପ୍ରେସ୍ ପ୍ରତିଯୋଗିତା ସ୍ଥାନୀୟ ଉତ୍କଳ କରାଟେ ସ୍କୁଲ ପରିସରରେ ରବିବାର ଅନୁଷ୍ଠିତ ହୋଇଯାଇଛି। ଓଡ଼ିଶା ଶକ୍ତିଉତ୍ତୋଳନ ସଂଘ ଆନୁକୂଲ୍ୟରେ ଆୟୋଜିତ ଏହି ପ୍ରତିଯୋଗିତାରେ ୧୬ଟି ଜିଲ୍ଲାରୁ ୨୦୦ରୁ ଅଧିକ ପ୍ରତିଯୋଗୀ ଅଂଶଗ୍ରହଣ କରିଥିଲେ। ଏଥିରେ ଖୋର୍ଦ୍ଧା ଜିଲ୍ଲା ୨୩ଟି ସ୍ୱର୍ଣ୍ଣପଦକ ଜିତି ପ୍ରଥମ, କଟକ ଜିଲ୍ଲା ୮ଟି ସ୍ୱର୍ଣ୍ଣପଦକ ପାଇ ଦ୍ୱିତୀୟ ସ୍ଥାନରେ ରହିଛି। ସୁନ୍ଦରଗଡ଼ ୭ଟି ସ୍ୱର୍ଣ୍ଣ ସହ ତୃତୀୟ ହୋଇଛି। ଖେଳ ଶେଷରେ ଓଡ଼ିଶା ଶକ୍ତିଉତ୍ତୋଳନ ସଂଘ ସଭାପତି ଇଂ ଚିତ୍ତରଞ୍ଜନ ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଉତ୍ସବରେ ଏକାମ୍ର ବିଧାୟକ ବାବୁ ସିଂ ମୁଖ୍ୟ ଅତିଥି, ଜଗନ୍ନାଥ ପ୍ରଧାନ ସମ୍ମାନିତ ଅତିଥିଭାବେ ଯୋଗଦେଇ ପୁରସ୍କାର ପ୍ରଦାନ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଆସୋସିଏସନର ସମ୍ପାଦକ ହରିପ୍ରସାଦ ପଟ୍ଟନାୟକ, ଜାନକୀ ବଲ୍ଲଭ ମିଶ୍ର, ଚନ୍ଦ୍ରଶେଖର ସାହୁ, ପ୍ରଦୀପ କୁମାର ପାତ୍ର, ଏନ୍‌ବି ପଟ୍ଟନାୟକ, କୃଷ୍ଣଚନ୍ଦ୍ର ସାହୁ, ଲକିରାଣୀ ପାତ୍ର, ସ୍ୱାଗତିକା ଖଟେଇ ଓ ଅନୁପମା ସ୍ୱାଇଁ ପ୍ରମୁଖ ଖେଳ ପରିଚାଳନା କରିଥିଲେ।



## ନିଖିଳ ଓଡ଼ିଶା ବିଲିଆର୍ଡ୍‌ସ ଓ ସ୍ନୁକର ରାଜ୍ୟ ର୍‍ୟାଙ୍କିଙ୍ଗ୍ ଚାମ୍ପିଅନ୍‌ସିପ୍ ଆରମ୍ଭ



ଭୁବନେଶ୍ୱର, ୧୬।୧୧(ସମିସ): ୩୧ତମ ରାଜ୍ୟ ବିଲିୟାର୍ଡ୍ସ ଓ ସ୍ନୁକର ଚାମ୍ପିଅନସିପ୍ ପଟିଆ ଛକସ୍ଥିତ ସିକ୍ସ ପକେଟସ କ୍ଲବ୍ ପରିସରରେ ରବିବାର ଅନୁଷ୍ଠିତ ହୋଇଯାଇଛି। ୪ଟି ବିଭାଗରେ ହେବାକୁ ଥିବା ଏହି ରାଜ୍ୟ ର୍‍ୟାଙ୍କିଙ୍ଗ୍ ଚାମ୍ପିଅନସିପ୍‌କୁ ବିଲିଆର୍ଡ୍ସ ଆଣ୍ଡ ସ୍ନୁକର ସଂଘ ସମ୍ପାଦକ ସମୀର ଅଲି ଆନୁଷ୍ଠାନିକ ଉଦ୍‌ଘାଟନ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ରାଜ୍ୟର ଶୀର୍ଷ ଖେଳାଳି, କ୍ଲବ୍ ମାଲିକ ଚେତନ ଆନନ୍ଦ ଓ ଟୁର୍ଣ୍ଣାମେଣ୍ଟ ନିର୍ଦ୍ଦେଶକ ଗୋବିନ୍ଦ ଶର୍ମା ପ୍ରମୁଖ ଉପସ୍ଥିତ ଥିଲେ। ଆଜି ଶେଷ ହୋଇଥିବା ସବଜୁନିଅର ବିଲିୟାର୍ଡ୍ସରେ ଆଜ୍‌ଲାନ ଅଲିଙ୍କୁ ହରାଇ ଚାମ୍ପିଅନ ହୋଇଛନ୍ତି। ସିନିଅର ବିଲିୟାର୍ଡ୍ସ ସେମିଫାଇନାଲରେ ସୁବ୍ରତ ଦାସ, ସମୀର ଅଲି ଓ ଚିରଞ୍ଜୀବ ସିଂ ସେମିଫାଇନାଲରେ ପ୍ରବେଶ କରିଛନ୍ତି। ସିନିଅର ସ୍ନୁକର ପ୍ରଥମ ରାଉଣ୍ଡରେ ଜଗଦୀଶ ମହାନ୍ତି, ଅନୁଜ ପଣ୍ଡା, ନିଶି ପ୍ରକାଶ, ଉଦ୍‌ଭାସ ମହାପାତ୍ର, ପ୍ରିୟା ଗୋବିନ୍ଦ ଓ ରାକେଶ ମହାନ୍ତି ବିଜୟ ହାସଲ କରି ଦ୍ୱିତୀୟ ରାଉଣ୍ଡରେ ପ୍ରବେଶ କରିଛନ୍ତି।

## ଶ୍ୱେତପଦ୍ମାଙ୍କୁ ମିଳିଲା ଏକଲବ୍ୟ ପୁରସ୍କାର

**ଭୁବନେଶ୍ୱର, ୧୬।୧୧(ସମିସ):** ରାଜ୍ୟର ପ୍ରମୁଖ ଅନ୍ତର୍ଜାତୀୟ ମହିଳା ବ୍ୟାଡମିଣ୍ଟନ ଖେଳାଳି ଶ୍ୱେତପଦ୍ମା ପଣ୍ଡାଙ୍କୁ ୩୩ତମ ଏକଲବ୍ୟ ପୁରସ୍କାର ପ୍ରଦାନ କରାଯାଇଛି। ରବିବାର ଏକ ଘରୋଇ ହୋଟେଲେ ଆୟୋଜିତ ପୁରସ୍କାର ବିତରଣ ଉତ୍ସବରେ ରାଜ୍ୟ ଆଡଭୋକେଟ ଜେନେରାଲ ପିତାମ୍ବର ଆଚାର୍ଯ୍ୟ ମୁଖ୍ୟ ଅତିଥି, ମୁଖ୍ୟମନ୍ତ୍ରୀଙ୍କ ଉପଦେଷ୍ଟା ପ୍ରକାଶ ମିଶ୍ର ସମ୍ମାନିତ ଅତିଥିଭାବେ ଯୋଗଦେଇ ଶ୍ୱେତପଦ୍ମାଙ୍କୁ ଇମ୍ପାକ୍ଟ ପ୍ରଦତ୍ତ ଟ୍ରଫି, ମାନପତ୍ର ଓ ୭ ଲକ୍ଷ ଟଙ୍କାର ପୁରସ୍କାର ପ୍ରଦାନ କରିଥିଲେ। ଏହା ବ୍ୟତୀତ ରାଜ୍ୟର ଆଉ ଦୁଇଜଣ ଖେଳାଳିଙ୍କୁ ସମ୍ମାନିତ କରାଯାଇଛି। ଭାରୋତ୍ତୋଳିକା ପ୍ରିତୀସ୍ମିତା ଭୋଇ ଓ ଉଦୀୟମାନ ଟେନିସ ଖେଳାଳି ଆହାନଙ୍କୁ ମାନପତ୍ର, ଟ୍ରଫି ଓ ଦେଢ଼ଲକ୍ଷ ଲେଖାଏଁ ଟଙ୍କା ଦିଆଯାଇଥିଲା।

**ସମ୍ମାନିତ ହେଲେ ପ୍ରୀତିସ୍ମିତା ଓ ଆହାନ**



ଏକଲବ୍ୟ ପୁରସ୍କାର କମିଟି ଅଧ୍ୟକ୍ଷ ତଥା ଟ୍ରଷ୍ଟି ବୈଜୟନ୍ତ ପଣ୍ଡାଙ୍କ ଅଧ୍ୟକ୍ଷତାରେ ଆୟୋଜିତ ପୁରସ୍କାର ପ୍ରଦାନ ଉତ୍ସବ ଅନୁଷ୍ଠିତ ହୋଇଥିଲା। ଅନ୍ୟତମ ଟ୍ରଷ୍ଟି ପାରମିତା ପଣ୍ଡା ଧନ୍ୟବାଦ ଅର୍ପଣ କରିଥିଲେ। ବିତରଣ ଉତ୍ସବକୁ ପୁରସ୍କାର କମିଟି ସଂଯୋଜକ ତଥା କର୍ପୋରେଟ ବ୍ୟାପାର ମୁଖ୍ୟ ଅଶ୍ୱିନୀପ୍ରସାଦ ମହାନ୍ତି ପରିଚାଳନା କରିଥିଲେ। ୧୯୯୩ ମସିହାରୁ ରାଜ୍ୟର ଉଦୀୟମାନ ଖେଳାଳିଙ୍କୁ ଇମ୍‌ଫା ପକ୍ଷରୁ ଏକଲବ୍ୟ ପୁରସ୍କାର ପ୍ରଦାନ କରାହୋଇଆସୁଛି।

### ମହିଳା ଦୃଷ୍ଟିହୀନ ବିଶ୍ୱକପ୍ କ୍ରିକେଟ୍

## ପାକିସ୍ତାନକୁ ହରାଇଲା ଭାରତ

କଲମ୍ବୋ, ୧୬।୧୧(ଏଜେନ୍ସି): ମହିଳା ଦୃଷ୍ଟିହୀନ ବିଶ୍ୱକପ୍ କ୍ରିକେଟରେ ଆଜି ଖେଳାଯାଇଥିବା ମ୍ୟାଚ୍‌ରେ ଭାରତ ୮ ୱିକେଟରେ ପଡୋଶୀ ପାକିସ୍ତାନକୁ ପରାସ୍ତ କରିଛି। ଏହି ମ୍ୟାଚ୍‌ରେ ପ୍ରଥମେ ବ୍ୟାଟିଂ କରି ପାକିସ୍ତାନ ୨୩ ରନ୍‌ରେ ୪ଟି ୱିକେଟ ହରାଇବା ପରେ ମେହେରିନ୍ ଅଲିଙ୍କ ୬୬ ରନ୍ ସହାୟତାରେ ୮ ୱିକେଟ ହରାଇ ୧୩୫ ରନ୍ କରିଥିଲା। ଜବାବରେ ଭାରତ ୨ ୱିକେଟ ହରାଇ ବିଜୟ ଲକ୍ଷ୍ୟରେ ପହଞ୍ଚିଥିଲା। ଏହି ବିଜୟ ଫଳରେ ଭାରତ ସେମିଫାଇନାଲରେ ପ୍ରବେଶ କରିଛି। ଆସନ୍ତାକାଲି ବା ସୋମବାର ଅଷ୍ଟ୍ରେଲିଆ ଓ ଶ୍ରୀଲଙ୍କା ମଧ୍ୟରେ ଲିଗ୍ ମ୍ୟାଚ୍ ଖେଳାଯିବ।

### ଜାତୀୟ ପାରା ସୁଇମିଂ ଚାମ୍ପିଅନ୍‌ସିପ୍

## ପ୍ରଥମ ଦିବସରେ ଓଡ଼ିଶାକୁ ୭ ପଦକ



**ଭୁବନେଶ୍ୱର, ୧୬।୧୧ (ସମିସ):** ହାଇଦରାବାଦ୍‌ରେ ରବିବାର ଜାତୀୟ ପାରା ସୁଇମିଂର ୨୫ତମ ସଂସ୍କରଣ ଉଦ୍‌ଘାଟିତ ହୋଇଯାଇଛି। ପ୍ରଥମ ଦିବସରେ ଓଡ଼ିଶା ସନ୍ତରଣକାରୀମାନେ ପ୍ରଭାବୀ ପ୍ରଦର୍ଶନ କରି ୭ଟି ପଦକ ବିଜୟୀ ହୋଇଛନ୍ତି। ଯେଉଁଥିରେ ୩ଟି ଲେଖାଏ ସ୍ୱର୍ଣ୍ଣ ଓ କାଂସ୍ୟ ଏବଂ ଗୋଟିଏ ରୌପ୍ୟ ପଦକ ରହିଛି। ପୁରୁଷ ୧୦୦ ମିଟର ଫ୍ରିଷ୍ଟାଇଲର ଏସ୍-୪ କାଟାଗୋରୀରେ ବଳରାମ ସ୍ୱାଇଁ, ଏସ୍-୫ କାଟାଗୋରୀରେ ନରହରି ବେହେରା ଓ ମହିଳା ଏସ୍-୬ କାଟାଗୋରୀରେ କବିତା ଦଳାଇ ସ୍ୱର୍ଣ୍ଣ ପଦକ ଜିତିଛନ୍ତି। ସେହିଭଳି ପୁରୁଷ ବ୍ୟାକ୍ ଷ୍ଟ୍ରୋକ ଏସ୍-୧୧ କାଟାଗୋରୀରେ ରଞ୍ଜନ ହାଁସଦାଙ୍କୁ ରୌପ୍ୟ ପଦକ ମିଳିଛି। କାଂସ୍ୟ ପଦକ ସଫଳତା ପାଇଥିବା ସନ୍ତରଣକାରୀମାନେ ହେଲେ ଦୀନେଶ ମାଝୀ, ଶିବାନନ୍ଦ ବୈଦ୍ୟ ଓ କମଳ ଟୁଡୁ।

### ଶରଣକୁଳ ସର୍ବଭାରତୀୟ ଫୁଟବଲ ଟୁର୍ଣ୍ଣାମେଣ୍ଟ ଆରମ୍ଭ

# ଟାଇବ୍ରେକର୍‌ରେ ଜିତିଲା ସେଞ୍ଚୁରିଆନ କ୍ଲବ୍

ଶରଣକୁଳ,୧୬।୧୧(ସମିସ)



ଶରଣକୁଳ ଲଡୁକେଶ ଆଥଲେଟିକ୍ ଆସୋସିଏସନର ୬୪ ତମ ସର୍ବ ଭାରତୀୟ ଫୁଟବଲ ଟୁର୍ଣ୍ଣାମେଣ୍ଟ ରବିବାର ସ୍ଥାନୀୟ ନାରାୟଣ ସରକାରୀ ଉଚ୍ଚ ବିଦ୍ୟାଳୟ ଖେଳ ପଡିଆରେ ଉଦଘାଟିତ ହୋଇ ଯାଇଛି। ଆସାସିଏସନର ସଭାପତି ତଥା ପୂର୍ବତନ ରଣପୁର ବିଧାୟକ ସତ୍ୟନାରାୟଣ ପ୍ରଧାନ ଏହି ଟୁର୍ଣ୍ଣାମେଣ୍ଟକୁ ଆନୁଷ୍ଠାନିକ ଭାବେ ଉଦଘାଟନ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା ପରିଷଦ ସଭ୍ୟା ଚିନ୍ମୟୀ ଦାଶ, ସଂଯୁକ୍ତା ପଡ଼ିଆରୀ, ଶରଣକୁଳ ଥାନା ଅଧିକାରୀ ସୁଜିତ କୁମାର ଦାସ ପ୍ରମୁଖ ଅତିଥି ରୂପେ ଯୋଗ ଦେଇ ଥିଲେ। ଉଦଘାଟନୀ ମ୍ୟାଚ ଭୁବନେଶ୍ୱରର ସେଞ୍ଚୁରିଆନ କ୍ଲବ ଓ ଜଟଣୀର ଉତ୍କଳ ସ୍ପୋର୍ଟି ମଧ୍ୟରେ ଅନୁଷ୍ଠିତ ହୋଇଥିଲା। ଖେଳର ପ୍ରଥମାର୍ଦ୍ଧ ବେଶ ଚିତ୍ତାକର୍ଷକ ଥିବାବେଳେ ୧୧ ତମ ମିନିଟରେ ଜଟଣୀ ଦଳର ୧୦ ନମ୍ବର ଜର୍ସି ଖେଳାଳି ଚିଣ୍ଟୁ ସାମଲ ଚତୁରତାର ସହ ପ୍ରଥମ ଗୋଲ ସ୍କୋର କରି ଦଳକୁ ଆଗେଇ ନେଇଥିଲେ। ଦ୍ୱିତୀୟାର୍ଦ୍ଧ ଖେଳର ପ୍ରଥମ ମିନିଟରେ ଭୁବନେଶ୍ୱର ଦଳର ୭ ନମ୍ବର ଜର୍ସି ଖେଳାଳି ଅମିନୁ ଗୋଲ ଶୁଝାଇ ଦଳକୁ ସମାନ ସ୍ତରକୁ ଆଣିଥିଲେ। ଖେଳ ୧-୧ରେ ସମାନ ହେବା ପରେ ଖେଳ ସଂଘର୍ଷପୂର୍ଣ୍ଣ ହୋଇଥିଲା ଓ ୩୧ ତମ ମିନିଟ ରେ ଚିଣ୍ଟୁ ସାମଲ ବିପକ୍ଷ ଦଳକୁ ଆଉ ଗୋଟିଏ ଗୋଲ ଦେଇ ଦଳକୁ ଅଗ୍ରଣୀ କରାଇଥିଲେ। କିନ୍ତୁ ଶେଷ ସମୟ ପୂର୍ବରୁ ଭୁବନେଶ୍ୱର ଦଳ ଶୁଝାଇଦେବାରୁ ନିର୍ଦ୍ଧାରିତ ସମରେ ଖେଳ ୨-୨ ଗୋଲରେ ସମାନସ୍ତରେ ରହିଥିଲା। ମ୍ୟାଚ୍ର ଫଳାଫଳ ଲାଗି ଟାଇବ୍ରେକର ପଦ୍ଧତି ନିଆଯାଥିଲା। ଏଥିରେ ଭୁବନେଶ୍ୱର ଦଳ ବିଜୟୀ ହୋଇଥିଲା ଓ ଦଳର ଅମିନୁଙ୍କୁ ଶ୍ରେଷ୍ଠ ଖେଳାଳି ରୁପେ ଚୟନ କରାଯାଇଥିଲା। ଶରଣକୁଳ ଜନସଂଗ୍ରାମ ପ୍ରେସ ପକ୍ଷରୁ ଅତିଥିଙ୍କ ଦ୍ୱାରା ଏକହଜାର ଅର୍ଥ ରାଶି ସହିତ ଏକ ଟ୍ରଫି ପ୍ରଦାନ କରାଯାଇ ପୁରସ୍କୃତ କରାଯାଇଛି। ରେଫରୀ ରାଜୁ ମହାନ୍ତି ଖେଳ ପରିଚାଳନା କରିଥିବା ବେଳେ ପ୍ରସନ୍ନ କୁମାର ନାୟକ, ଜ୍ୟୋତିରଞ୍ଜନ ସ୍ୱାଇଁ, ଜଗନ୍ନାଥ ପରିଡା ଲାଇନରେ ସହାୟତା କରିଥିଲେ। ବିକ୍ରମ କୁମାର ଦାଶ,କୃଷ୍ଣଚନ୍ଦ୍ର ମହାପାତ୍ର,ଚିତ୍ତରଞ୍ଜନ ବରାଡ଼,କୃଷ୍ଣଚନ୍ଦ୍ର ତ୍ରିପାଠୀ,ରମେଶଚନ୍ଦ୍ର ବରାଡ଼,ଅଖିଳ କୁମାର ମହାପାତ୍ର ପ୍ରମୁଖ ଖେଳ ରେ ସହଯୋଗ କରିଥିଲେ। ସୋମବାର ଖେଳ ଡ଼ିଏମଏସଏଫସି କେପିଝାଡ଼ଖଣ୍ଡ ଏବଂ ଗଣ୍ଡରପୁର ଫୁଟବଲ କ୍ଲବ, ଭୁବନେଶ୍ୱର ମଧ୍ୟରେ ଅନୁଷ୍ଠିତ ହେବ ବୋଲି ଆସୋସିଏସନର ସମ୍ପାଦକ ରବିନ୍ଦ୍ର କୁମାର ଚୌଧୁରୀ ଜଣାଇଛନ୍ତି।

### ଆଜିଠୁ ମହିଳା କବାଡ଼ି ବିଶ୍ୱକପ୍

## ଟାଇଟଲ୍ ବଜାୟ ଲକ୍ଷ୍ୟରେ ଭାରତ

**ଢାକା, ୧୬।୧୧ (ଏଜେନ୍ସି):** ମହିଳା କବାଡ଼ି ବିଶ୍ୱକପ୍‌ର ଦ୍ୱିତୀୟ ସଂସ୍କରଣ ସୋମବାରଠାରୁ ବାଂଲାଦେଶର ଢାକାରେ ଆରମ୍ଭ ହେବାକୁଯାଉଛି। ୧୩ ବର୍ଷର ବ୍ୟବଧାନ ପରେ ମହିଳା କବାଡ଼ି ବିଶ୍ୱକପ୍ ଖେଳାଯିବ। ୨୦୧୨ରେ ବିହାରରେ ଖେଳାଯାଇଥିବା ପ୍ରଥମ ସଂସ୍କରଣରେ ଭାରତୀୟ ମହିଳା ଦଳ ଇରାନକୁ ପରାସ୍ତ କରି ଚାମ୍ପିଅନ ହୋଇଥିଲା। ଫଳରେ ଡିଫେଣ୍ଡିଂ ଚାମ୍ପିଅନ ଭାବେ ଭାରତ ଏଥର ବିଶ୍ୱକପ୍‌ରେ ପ୍ରବେଶ କରିଛି। ନଭେମ୍ବର ୨୪ ତାରିଖ ପର୍ଯ୍ୟନ୍ତ ଖେଳାଯିବାକୁ ଥିବା ଦ୍ୱିତୀୟ ସଂସ୍କରଣରେ ମୋଟ୍ ୧୧ଟି ଦଳ ଭାଗନେଇଛନ୍ତି। ଆୟୋଜକ ବାଂଲାଦେଶ ଓ ଭାରତ ସମେତ ଜର୍ମାନୀ, ଥାଇଲାଣ୍ଡ ଓ ଉଗାଣ୍ଡା ଗ୍ରୁପ୍-ଏ'ରେ ସ୍ଥାନ ପାଇଛନ୍ତି। ସେହିଭଳି ଗ୍ରୁପ୍-ବି'ରେ ଇରାନ, କେନିଆ, ନେପାଳ, ପୋଲାଣ୍ଡ, ଚାଇନିଜ ତାଇପେଇ ଓ ଜାଞ୍ଜିବର ରହିଛନ୍ତି। ଶେଷ ମୁହୂର୍ତ୍ତରେ ଆର୍ଜେଣ୍ଟିନା ଓହରିଯିବାରୁ ଗ୍ରୁପ୍-ଏ'ରେ ୫ଟି ଦଳ ସ୍ଥାନ ପାଇଛନ୍ତି। ପ୍ରତି ଗ୍ରୁପ୍‌ର ଦୁଇଟି ଲେଖାଏ ଶ୍ରେଷ୍ଠ ଦଳ ସେମିଫାଇନାଲକୁ ପ୍ରବେଶ କରିବେ।

### କୁଚ୍ ବିହାର ଟ୍ରଫି

## ଅର୍ପିତଙ୍କୁ ୩ ୱିକେଟ୍; ମହାରାଷ୍ଟ୍ର ୨୯୯/୫



**କଟକ, ୧୬।୧୧(ସମିସ):** ଘରୋଇ ମହାରାଷ୍ଟ୍ର ଓ ଓଡ଼ିଶା ମଧ୍ୟରେ ରବିବାରଠାରୁ ନାଗୋଥାନେର ରିଲାଏନ୍ସ କ୍ରିକେଟ ଗ୍ରାଉଣ୍ଡରେ କୁଚ୍ ବିହାର ଟ୍ରଫି (୧୯ ବର୍ଷରୁ କମ୍) ମ୍ୟାଚ୍ ଆରମ୍ଭ ହୋଇଛି। ଟସ୍ ହାରି ପ୍ରଥମେ ବ୍ୟାଟିଂ ସୁଯୋଗ ପାଇଥିବା ମହାରାଷ୍ଟ୍ର ଦଳ ପ୍ରଥମ ଦିବସ ଷ୍ଟମ୍ପ ଅପସାରଣ ସୁଦ୍ଧା ୫ ୱିକେଟ ବିନିମୟରେ ୨୯୯ ରନ ସଂଗ୍ରହ କରି ଦୃଢ଼ସ୍ଥିତିରେ ରହିଛି। ଦଳ ପକ୍ଷରୁ ଓପନର ଜାସନ ସିଂହ ସର୍ବାଧିକ ୧୦୨ ରନ କରିଥିଲେ। ସେହିଭଳି ୱିକେଟକିପର ସାଇ ପ୍ରଦେଶୀ ଏବଂ ଏସ୍ ଜଗତପ ଯଥାକ୍ରମେ ୪୫ ଏବଂ ୪୮ ରନ ସଂଗ୍ରହ କରି ଅପରାଜିତ ରହିଛନ୍ତି। ଓଡ଼ିଶା ପକ୍ଷରୁ ଅର୍ପିତ ମହାନ୍ତି ୩ଟି ଏବଂ ରାଜ ଯାଦବ ୨ଟି ୱିକେଟ ଦଖଲ କରିଛନ୍ତି। ପ୍ରଥମ ଦିବସରେ ଓଡ଼ିଶା ବୋଲର ୯୨ ଓଭର ବୋଲିଂ କରି ମାତ୍ର ୫ ୱିକେଟ୍ ନେଇ ନିରାଶ କରିଛନ୍ତି।

### ଏସିଆ କପ୍ ରାଇଜିଂ ଷ୍ଟାର୍

## ସୂର୍ଯ୍ୟବଂଶୀଙ୍କ ଦ୍ରୁତ ଇନିଂସ ବେକାର

**ଦୋହା, ୧୬।୧୧ (ଏଜେନ୍ସି):** ଏଠାରେ ଚାଲିଥିବା ଏସିଆ କପ୍ ରାଇଜିଂ ଷ୍ଟାର୍ କ୍ରିକେଟ୍ ଟୁର୍ଣ୍ଣାମେଣ୍ଟରେ ଭାରତ-ଏ ପ୍ରଥମ ପରାଜୟବରଣ କରିଛି। ରବିବାର ରାତିରେ ଖେଳାଯାଇଥିବା ଟୁର୍ଣ୍ଣାମେଣ୍ଟର ସବୁଠୁ ହାଇଭୋଲଟେଜ ମ୍ୟାଚରେ ଭାରତ-ଏ ୮ ୱିକେଟ୍‌ରେ ପାକିସ୍ତାନ-ଏ ନିକଟରୁ ପରାସ୍ତ ହୋଇଛି। ପ୍ରଥମେ ବ୍ୟାଟିଂ କରିଥିବା ଭାରତ-ଏ ୧୯ ଓଭରାରେ ୧୩୬ ରନ କରି ଅଲ୍‌ଆଉଟ୍ ହୋଇଥିଲା। ଦଳ ପକ୍ଷରୁ ଓପନର୍ ବୈଭବ ସୂର୍ଯ୍ୟବଂଶୀ ୨୮ ବଲରେ ୫ ଚୌକା ଓ ୩ ଛକା ସହ ସର୍ବାଧିକ ୪୫ ରନ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ନମନ ଧୀର ୩୫, ହର୍ଷ ଦୁବେ ୧୯, ନେହାଲ ୱାଧେର ୮ ଓ ରମନଦୀପ୍ ସିଂହ ୧୧ ରନ କରିଥିଲେ। ପାକିସ୍ତାନର ଶାହିଦ ଅଜିଜ ସର୍ବାଧିକ ୩ଟି ୱିକେଟ୍ ନେଇଥିଲେ। ଜବାବରେ ପାକିସ୍ତାନ-ଏ ୧୩.୨ ଓଭରରେ ୨ ୱିକେଟ୍ ହରାଇ ଲକ୍ଷ୍ୟ ହାସଲ କରିନେଇଥିଲା। ଓପନର୍ ମାଜ୍ ସାଦକତ୍ ୪୭ ବଲରେ ଅପରାଜିତ ୭୯ ରନ କରିଥିଲେ। ଗ୍ରୁପ୍-ବି'ରେ ସ୍ଥାନ ପାଇଥିବା ଭାରତ ପୂର୍ବରୁ ପ୍ରଥମ ମ୍ୟାଚରେ ୧୪୮ ରନରେ ୟୁଏଇ'କୁ ହରାଇଥିଲା। ଶେଷ ମ୍ୟାଚରେ ଭାରତ ମଙ୍ଗଳବାର ଓମାନକୁ ଭେଟିବ।

### ଟୋକିଓ ଡିଫ୍ ଅଲିମ୍ପିକ୍ସ

## ଟାଇଟଲ୍ ବଜାୟ ରଖିଲେ ଶୁଟର୍ ଶ୍ରୀକାନ୍ତ



**ଟୋକିଓ, ୧୬।୧୧ (ଏଜେନ୍ସି):** ଜାପାନର ରାଜଧାନୀ ଟୋକିଓରେ ଗତକାଲିଠାରୁ ଆରମ୍ଭ ହୋଇଥିବା ଡିଫ୍ (ବଧିର) ଅଲିମ୍ପିକ୍ସର ୨୫ତମ ସଂସ୍କରଣରେ ଭାରତୀୟ ସୁଟର୍ ଧନୁଶ ଶ୍ରୀକାନ୍ତ ଟାଇଟଲ୍ ବଜାୟ ରଖିବାରେ ସଫଳ ହୋଇଛନ୍ତି। ପୁରୁଷ ଏୟାର ରାଇଫଲ୍‌ରେ ଶ୍ରୀକାନ୍ତ ୨୫୨.୨ ସ୍କୋର ସହ ପୋଡିୟମର ଶୀର୍ଷ ସ୍ଥାନରେ ରହିଥିଲେ। ଶ୍ରୀକାନ୍ତ ୨୦୨୨ରେ ବ୍ରାଜିଲରେ ଅନୁଷ୍ଠିତ ଡିଫ୍ ଅଲିମ୍ପିକ୍ସର ଗତ ସଂସ୍କରଣରେ ମଧ୍ୟ ଏହି ଇଭେଣ୍ଟରେ ସ୍ୱର୍ଣ୍ଣିମ ସଫଳତା ପାଇଥିଲେ। ଅନ୍ୟତମ ଭାରତୀୟ ସୁଟର୍ ମହମ୍ମଦ ଭାନିଆ ୨୫୦.୧ ସ୍କୋର ସହ ରୌପ୍ୟ ପଦକ ବିଜୟୀ ହୋଇଥିଲେ। ଫଳରେ ଭାରତ ଏହି ଇଭେଣ୍ଟରୁ ୨ଟି ପଦକ ଜିତିବାରେ ସଫଳ ହୋଇଛି। ସେହିଭଳି ମହିଳା ଏୟାର ରାଇଫଲ୍ ଇଭେଣ୍ଟରେ ମଧ୍ୟ ଭାରତ ୨ଟି ପଦକ ଜିତିଛି। ମହିତ ସାନ୍ଧୁ ଓ କୋମଲ ୱାଗମାରେ ଯଥାକ୍ରମେ ରୌପ୍ୟ ଓ କାଂସ୍ୟ ପଦକ ହାସଲ କରିଛନ୍ତି।

## ରାଜ୍ୟ ଓପନ ଚେସ୍ ଜିତିଲେ ତନ୍ମୟ

**ଭୁବନେଶ୍ୱର, ୧୬।୧୧(ସମିସ):** ଓଡ଼ିଶା ରାଜ୍ୟ ଚେସ ସଂଘ ପକ୍ଷରୁ ଆଉ ଏକ ପ୍ରୋତ୍ସାହନମୂଳକ ଚେସ୍ ପ୍ରତିଯୋଗିତା 'ନିର୍ମଳ କୁମାର ପଟ୍ଟନାୟକ ସ୍ମାରକୀ ରାଜ୍ୟ ଓପନ ଚେସ୍ ଚାମ୍ପିଅନସିପ୍' ରବିବାର ଅନୁଷ୍ଠିତ ହୋଇଯାଇଛି। କେଶୁରାସ୍ଥିତ ରୟାଲ ପବ୍ଲିକ୍ ସ୍କୁଲ ପରିସରରେ ଆୟୋଜିତ ଏହି ପ୍ରତିଯୋଗିତାରେ ଭୁବନେଶ୍ୱରର ତନ୍ମୟ ତ୍ରିପାଠୀ ପ୍ରଥମ ସ୍ଥାନ ଅଧିକାର କରି ଚାମ୍ପିଅନ ହୋଇଛନ୍ତି। ତାଙ୍କ ପଛକୁ ପାରାଦୀପର ଜ୍ଞାନରଞ୍ଜନ ସେଠୀଙ୍କୁ ରନର୍ସଅପ୍‌ରେ ସନ୍ତୁଷ୍ଟ ହେବାକୁ ପଡ଼ିଛି। କଟକର ନିରେକ ପରିଡ଼ା, ପ୍ରତ୍ୟୁଷ ମହାପାତ୍ର, ବାଲେଶ୍ୱରର ଶୁଭେନ୍ଦୁ କୁମାର ପାତ୍ର, ଭୁବନେଶ୍ୱରର ସତ୍ୟମାଧବ ଶତପଥୀ, ପୁରୀର କ୍ରିତୀଶ କୁମାର ଓ ଗଜପତିର ମନୀନ୍ଦ୍ର କାର୍ଜୀ ଯଥାକ୍ରମେ ତୃତୀୟରୁ ୮ମ ସ୍ଥାନ ଅଧିକାର କରିଛନ୍ତି। ଓଡ଼ିଶା ରାଜ୍ୟ ଚେସ ସଂଘ ନିର୍ଦ୍ଦେଶକ ଦେବାଶିଷ ପାଣିଗ୍ରାହୀ ଖେଳ ପରିଚାଳନା କରିଥିଲାବେଳେ ରୟାଲ ପବ୍ଲିକ୍ ସ୍କୁଲର ପ୍ରଜ୍ଞା ସାହୁ, ସଞ୍ଜୀବ ପଟ୍ଟନାୟକ, ସ୍ମିତା ଭୋଳ ପ୍ରମୁଖ ପୁରସ୍କାର ବିତରଣ ଉତ୍ସବରେ ସମ୍ମାନିତ ଅତିଥିଭାବେ ଉପସ୍ଥିତ ଥିଲେ।





## ଆଜିର ରାଶିଫଳ

**ମେଷ:** ଆର୍ଥିକ ସମସ୍ୟା ଦେଖା ଦେବ। ଚିନ୍ତାରେ ରହିବେ ଏବଂ ପେଟ ଜନିତ ସମସ୍ୟା ଦେଖା ଦେବ। ଧାର୍ମିକ କାର୍ଯ୍ୟ ଆୟୋଜନ କରିବେ। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ଭୁଲ୍ ବୁଝାମଣା ଦେଖାଦେବ।

**ବୃଷ:** ପାରିବାରିକ ଜୀବନ ସୁଖମୟ ହେବ। ଭାଇ ଭଉଣୀଙ୍କ ସହଯୋଗ ମିଳିବ। ବ୍ୟବସାୟକୁ ନେଇ ଦୂର ସ୍ଥାନକୁ ଯାତ୍ରା କରିବେ। ନିବେଶ କରିବା ପାଇଁ ଉପଯୁକ୍ତ ସମୟ।

**ମିଥୁନ:** କ୍ୟାରିୟରକୁ ନେଇ ଚିନ୍ତାରେ ରହିବେ। ପରିବାର ପାଇଁ ସମୟ ବାହାର କରିବେ। ପ୍ରେମିକ-ପ୍ରେମିକାଙ୍କ ମଧ୍ୟରେ ମତଭେଦ ସୃଷ୍ଟି ହେବ। ଅଫିସ୍‌ରେ ପଦୋନ୍ନତି ସମ୍ଭାବନା ଅଛି।

**କର୍କଟ:** ଧାର୍ମିକ ସ୍ଥାନକୁ ଯାତ୍ରା ଯୋଗ ଅଛି। ମାନସିକ ଚିନ୍ତା ଦୂର ହେବ। ନୂଆ କାମ ଆରମ୍ଭ କରିବା ପୂର୍ବରୁ ଗୁରୁଜନଙ୍କ ପରାମର୍ଶ ନେବେ। ଛାତ୍ରଛାତ୍ରୀ ଖେଳକୁଦରେ ସମୟ ଅତିବାହିତ କରିବେ।

**ସିଂହ:** ବ୍ୟବସାୟ ପାଇଁ ଚିନ୍ତାରେ ରହିବେ। ଅର୍ଥ ନିବେଶରୁ ଦୂରେଇ ରହିବେ। ନୂଆ କାମ ପାଇଁ ଉପଯୁକ୍ତ ସମୟ। କୋର୍ଟ କଚେରୀ ମାମଲାରେ ବିଜୟ ଲାଭ କରିବେ। ସ୍ୱାସ୍ଥ୍ୟ ସମସ୍ୟା ଦେଖା ଦେବ।

**କନ୍ୟା:** ଦୀର୍ଘଦିନରୁ ଚାଲିଥିବା ପାରିବାରିକ ମତଭେଦ ଦୂର ହେବ। କର୍ମ ଚଞ୍ଚଳ ରହିବେ। ବିଦ୍ୟାର୍ଥୀ ପ୍ରତିଯୋଗିତା ପରୀକ୍ଷାରେ କୃତକାର୍ଯ୍ୟ ହେବେ। ଜୀବନସାଥୀଙ୍କଠାରୁ ଉପହାର ପାଇବେ।

**ତୁଳା:** ଦିନଟି ଶୁଭଫଳ ପ୍ରଦାନ କରିବ। ବ୍ୟବହାରରେ ସଂଯମତା ରକ୍ଷା କରିବେ। ମନରୁ ନକାରାତ୍ମକ ଚିନ୍ତାଧାର ଦୂର ହେବ। ନୂଆ ଲୋକଙ୍କ ସଂସ୍ପର୍ଶରେ ଆସିବେ। ଚକ୍ଷୁ ସମସ୍ୟା ଦେଖା ଦେବ।

**ବିଛା:** ଦିନଟି ମିଶ୍ରଫଳ ପ୍ରଦାନ କରିବ। ଜମିବାଡ଼ିକୁ ନେଇ ବିବାଦ ଦେଖା ଦେବ। ଅଯଥା ଖର୍ଚ୍ଚରୁ ଦୂରେଇ ରହିବେ। ଉଚ୍ଚଶିକ୍ଷା ପାଇଁ ବିଦେଶ ଯାତ୍ରା ଯୋଗ ଅଛି। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**ଧନୁ:** ସନ୍ତାନଙ୍କ ଭବିଷ୍ୟତ ପାଇଁ ନୂଆ ଯୋଜନା କରିବେ। ଅଫିସ୍‌ରେ ବରିଷ୍ଠ ଅଧିକାରୀଙ୍କ ସହଯୋଗ ମିଳିବ। ଜୀବନସାଥୀଙ୍କ ସହ ଦୂର ସ୍ଥାନକୁ ଯାତ୍ରା କରିବେ।

**ମକର:** ବିବାଦୀୟ କାର୍ଯ୍ୟରୁ ଦୂରେଇ ରହିବେ। ନୂଆ ଗାଡ଼ି କିଣିବେ। ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ। ପରିବାର ସଦସ୍ୟଙ୍କ ସହ ହସ ଖୁସିରେ ସମୟ ଅତିବାହିତ କରିବେ।

**କୁମ୍ଭ:** ନୂଆ କାର୍ଯ୍ୟ ଆରମ୍ଭରୁ ଦୂରେଇ ରହିବେ। ଅଫିସ୍‌ରେ କାର୍ଯ୍ୟଭାର ବଢ଼ିବ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖା ଦେବ। ବିଦ୍ୟାର୍ଥୀ କଠିନ ପରିଶ୍ରମ କରିବେ।

**ମୀନ:** ବ୍ୟବସାୟ ପାଇଁ ନୂଆ ଯୋଜନା କରିବେ। ଗୀତ, ନାଚରେ ସମୟ ଅତିବାହିତ କରିବେ। ସ୍ୱାସ୍ଥ୍ୟ ସମସ୍ୟା ଦୂର ହେବ। ଘରେ ଧାର୍ମିକ କାର୍ଯ୍ୟ ଆୟୋଜନ କରିବେ। ସମସ୍ତ ଇଚ୍ଛା ପୂରଣ ହେବ।

## ଆଜିର ଐତିହ୍ୟ

- ୧୮୩୧- ଇକ୍ୱାଡୋର ଓ ଭେନେଜୁଏଲା ଗ୍ରେଟର୍ କଲମ୍ବିଆଠାରୁ ଅଲଗା ହେଲେ।
- ୧୯୨୮ -ସ୍ୱାଧୀନତା ସଂଗ୍ରାମୀ ଲାଲା ଲଜପତ୍ ରାୟଙ୍କ ବିୟୋଗ।
- ୧୯୬୬- ରୀତା ଫାରିଆ ବିଶ୍ୱ ସୁନ୍ଦରୀ ହେଲେ।
- ୧୯୯୯-ଆନ୍ତର୍ଜାତିକ ମାତୃଭାଷା ଦିବସ ପାଳନ ପାଇଁ ୟୁନେସ୍କୋ ଅନୁମତି ଦେଲା।



# ଆସିପାରେ 'କୁଛ କୁଛ ହୋତା ହେଁ'ର ସିକ୍ୱେଲ
## କରନ୍ ଦେଲେ ଇସାରା

ବଲିଉଡ୍‌ର କିଙ୍ଗ୍‌ଖାନ୍ ଶାହାରୁଖ୍, କାଜଲ ଓ ରାନୀ ମୁଖାର୍ଜୀଙ୍କ ଅଭିନୀତ 'କୁଛ କୁଛ ହୋତା ହେଁ'(୧୯୯୮) ଫିଲ୍ମ ବଲିଉଡର ଏକ ଆଇକନିକ୍ ଫିଲ୍ମ ଭାବେ ଜଣାଯାଏ। ଏହି ଫିଲ୍ମ ଆଜିବି ଦର୍ଶକଙ୍କ ହୃଦୟରେ ରାଜ୍ କରୁଛି। ଫିଲ୍ମଟି ପ୍ରେମ ଏବଂ ବନ୍ଧୁତା ଉପରେ ପର୍ଯ୍ୟବେସିତ ଥିଲା। ଏହା ବକ୍ସ ଅଫିସ୍‌ରେ ସୁପରହିଟ୍ ସାବ୍ୟସ୍ତ ହୋଇଥିଲା। କରନ୍ ଜୋହର୍‌ଙ୍କ ନିର୍ଦ୍ଦେଶିତ ଏହି ଫିଲ୍ମ ପୁଣି ଥରେ ଚର୍ଚ୍ଚାକୁ ଆସିଛି। ନିକଟରେ କରନ୍ ଏକ ସାକ୍ଷାତକାରରେ 'କୁଛ କୁଛ ହୋତା ହେଁ ୨' ବିଷୟରେ କହିବା ସହ ଏଥିରେ କେଉଁ କଳାକାରମାନେ ଅଭିନୟ କରିବେ ସେବିଷୟରେ ମଧ କହିଥିଲେ। କରନ୍ କହିଥିଲେ ଯେ, ଯଦି 'କୁଛ କୁଛ ହୋତା ହେଁ'ର ସିକ୍ୱେଲ ସେ ଆଣୁଛନ୍ତି ତେବେ ଏଥିରେ ରଣବୀର ସିଂହ, ଆଲିଆ ଭଟ୍ଟ, ଅନନ୍ୟା ପାଣ୍ଡେଙ୍କୁ ନେବେ। ଆଲିଆ ମଡର୍ଣ୍ଣ ଅଞ୍ଜଳି, ରଣବୀର ରାହୁଲ ଓ ଅନନ୍ୟା ଟିନା ହେବେ। ଟିନା ପାଇଁ ଜାହ୍ନବୀ କପୁର ଓ ସାରା ଅଲ୍ଲୀ ଖାନ୍‌ଙ୍କୁ ମଧ ସେ ବିକଳ୍ପ ଭାବେ ରଖିଥିବା କହିଛନ୍ତି। କରନ୍‌ଙ୍କ ଏହି ବୟାନ ପରେ ସାମାଜିକ ଗଣମାଧ୍ୟମରେ ଏହାକୁ ନେଇ ଚର୍ଚ୍ଚା ଆରମ୍ଭ ହୋଇ ଯାଇଛି। ଏହି ଫିଲ୍ମକୁ ପସନ୍ଦ କରୁଥିବା ଅନେକ ୟୁଜର୍ସ ଏଭଳି ଏକ ଆଇକନିକ୍ ଫିଲ୍ମର ସିକ୍ୱେଲ ଆଣନ୍ତୁ ନାହିଁ ବୋଲି କରନ୍‌ଙ୍କୁ କହିଛନ୍ତି। ଏଯାବତ୍ କରନ୍ ଏହାକୁ ନିର୍ମାଣ କରିବେ କି ନାହିଁ ତାହା ସ୍ପଷ୍ଟ ଭାବେ କିଛି କହିନାହାନ୍ତି।

# ହତ୍ୟାକାରୀକୁ ଧରିବା ପାଇଁ ୨୬ ବର୍ଷ ଦେଲେ ଘରଭଡ଼ା

ପତିପତ୍ନୀଙ୍କ ମଧ୍ୟରୁ କାହାରି ଜଣକର ମୃତ୍ୟୁ ହୋଇଗଲେ ଆର ଜଣକ ବଞ୍ଚିବା ବେଶ୍ କଷ୍ଟଦାୟକ ହୋଇଥାଏ। ଏହି କ୍ରମରେ ଜାପାନରୁ ଏକ ଚକିତ କଲା ଭଳି ଘଟଣା ସାମ୍ନାକୁ ଆସିଛି। ଜଣେ ବ୍ୟକ୍ତି ୨୬ ବର୍ଷ ଧରି ଏକ ଫ୍ଲାଟ୍‌ର ଭଡ଼ା ଦେଇ ଆସୁଥଲେ ଯେଉଁଠାରେ ତାଙ୍କ ପତ୍ନୀଙ୍କୁ ହତ୍ୟା କରାଯାଇଥିଲା। ପତ୍ନୀର ହତ୍ୟାକାରୀଙ୍କୁ ଧରିବା ପାଇଁ କୌଣସି ତଥ୍ୟ ମିଳିଯାଉ ବୋଲି ଆଶା କରି ସେ ଏପରି କରି ଆସୁଥିଲେ। ୧୩ ନଭେମ୍ବର, ୧୯୯୯ ମସିହାରେ ନାମିକୋ ତାକାବାଙ୍କୁ ତାଙ୍କ ଫ୍ଲାଟ୍‌ରେ ଅତି ନିର୍ମମ ଭାବେ ହତ୍ୟା କରାଯାଇଥିଲା। ହତ୍ୟାକାରୀ ତାଙ୍କ ବେକରେ ବାରମ୍ବାର ଛୁରୀ ଭୂଷିଥିଲା। ଏହି ସମୟରେ ତାଙ୍କ ସାନ ପୁଅ ପାଖରେ ଶୋଇଥିଲେ ମଧ ତାର କୌଣସି କ୍ଷତି ହୋଇ ନ ଥିଲା। ଏନେଇ ପୁଲିସ ୫ ହଜାରରୁ ଉର୍ଦ୍ଧ୍ୱ ଲୋକଙ୍କୁ ପଚରାଉଚରା କରିବା ପରେ ବି ହତ୍ୟାକାରୀର ସନ୍ଧାନ ମିଳି ନ ଥିଲା। ତେବେ ସାତୋରୁ ତାକାବା(ନାମିକୋଙ୍କ ସ୍ୱାମୀ) ଅପରାଧ ସ୍ଥଳରେ ଲାଗିଥିବା ରକ୍ତଛିଟାକୁ ସଫା କରିବା ତଥା ସେହି ଫ୍ଲାଟ୍‌ରୁ ତାଙ୍କର ଆସବାବପତ୍ରକୁ ହଟାଇବାକୁ ସିଧାସିଧା ମନା କରିଥିଲେ। ସେ ନିଜ ଝିଅକୁ ଧରି ଅନ୍ୟ ଏକ ସ୍ଥାନରେ ରହିଲେ। ସେ ଦ୍ୱିତୀୟ ବିବାହ କରି ନ ଥିଲେ। ସ୍ତ୍ରୀର ହତ୍ୟାକାରୀକୁ ଧରିବା ପାଇଁ ୨୬ ବର୍ଷ ଧରି ଫ୍ଲାଟ୍‌ର ଭଡ଼ା ବାବଦରେ ୧.୨ କୋଟି ଟଙ୍କା ଦେଇଥିଲେ। ସେ ଲଗାତାର ଗଣମାଧ୍ୟମରେ ସାକ୍ଷାତକାର ଦେଇ ତାଙ୍କ ସ୍ତ୍ରୀଙ୍କ ହତ୍ୟାକାରୀଙ୍କୁ ଧରିବା ପାଇଁ କହୁଥିଲେ। ଶେଷରେ ଏହି ଘଟଣାର ୨୬ ବର୍ଷ ପରେ ଚଳିତ ବର୍ଷ ଅକ୍ଟୋବର ମାସରେ ହତ୍ୟାକାରୀ ଚିହ୍ନଟ ହୋଇଥିଲେ। ହତ୍ୟାକାରୀ ନାଁ ହେଉଛି କୁମିକୋ ୟାସୁଫୁକୁ। ସେ ସାତୋରୁଙ୍କର ସ୍କୁଲ ସାଙ୍ଗ ଥିଲେ। କୁମିକୋ ସାତୋରୁଙ୍କୁ ଏକତରଫା ପ୍ରେମ କରୁଥିଲେ। ସାତୋରୁଙ୍କୁ କିନ୍ତୁ କୁମିକୋଙ୍କ ପ୍ରେମକୁ ପ୍ରତ୍ୟାଖ୍ୟାନ କରିଥିଲେ। ୩୦ ଅକ୍ଟୋବର, ୨୦୨୫ରେ କୁମିକୋ ପୁଲିସ୍ ନିକଟରେ ଆତ୍ମସମର୍ପଣ କରିଥିଲେ। ତେବେ ଅପରାଧ ସ୍ଥଳକୁ ମିଳିଥିବା ରକ୍ତନମୁନା ତାଙ୍କ ସହିତ ମ୍ୟାଚ୍ ହୋଇଥିଲା। ତେବେ ସାତୋରୁ ହତ୍ୟାକାରୀଙ୍କ ସମ୍ପର୍କରେ ଶୁଣିବା ପରେ ସ୍ତବ୍ଧ ହୋଇ ଯାଇଥିଲେ। ସାତୋରୁ କହିଛନ୍ତି ଯେ, 'ସେ ଯେଉଁ ଘର ପାଇଁ ଏତେ ଦିନରୁ ଭଡ଼ା ଦେଇ ଆସୁଥିଲେ କୁମିକୋ ତାରି ଆଖପାଖରେ ଦୀର୍ଘ ବର୍ଷ ଧରି ରହି ଆସୁଥିଲେ।' ଦୀର୍ଘ ୨୬ବର୍ଷ ଧରି ସେ ନ ରହି ମଧ ଯେଉଁ ଫ୍ଲାଟ୍ ପାଇଁ ଭଡ଼ା ଦେଇ ଆସୁଥିଲେ, ଉକ୍ତ ନିଷ୍ପତ୍ତି ଠିକ୍ ଥିଲା ବୋଲି ସାତୋରୁ କହିଛନ୍ତି।



# କର୍ମଚାରୀଙ୍କୁ ସୁନା କି-କ୍ୟାପ୍ ଉପହାର



ଅନେକ କମ୍ପାନି କର୍ମଚାରୀଙ୍କୁ ଉତ୍ସାହିତ କରିବା ପାଇଁ ବୋନ୍‌ସ, ଉପହାର ଆଦି ଦିଅନ୍ତି। ଏହି କ୍ରମରେ ଚୀନ୍‌ର ଏକ କମ୍ପାନି ଉପହାରରେ କର୍ମଚାରୀଙ୍କୁ ସୁନା କି ବୋର୍ଡ କ୍ୟାପ୍ ଦେଇ ସଭିଙ୍କ ଦୃଷ୍ଟି ଆକର୍ଷଣ କରିଛି। ଚୀନ୍ ଶେନ୍‌ଝେନ୍‌ରେ ଥିବା ଇନ୍‌ଷ୍ଟା ୩୬୦ ନାମକ କମ୍ପାନି କର୍ମଚାରୀଙ୍କୁ ଦୀର୍ଘ ଚାରିବର୍ଷ ଧରି ସୁନା କିବୋର୍ଡ କ୍ୟାପ୍ ଦେଇ ଆସୁଛି। କମ୍ପାନି ପକ୍ଷରୁ ଏହାର ନାମ 'ଗୋଲଡେନ୍ ବୋନସ୍' ନାମ ଦିଆଯାଇଛି। ନିକଟରେ ଏହି କମ୍ପାନି ଚୀନ୍ ପ୍ରୋଗାମର ଡେ ( ୨୪ ଅକ୍ଟୋବରରେ) ଅବସରରେ ୨୧ ଜଣ କର୍ମଚାରୀଙ୍କୁ ସୁନାର କି କ୍ୟାପ୍ ଉପହାରରେ ଦେଇଥିଲା। ଏହି କି କ୍ୟାପ୍‌ଗୁଡ଼ିକ ମଧ୍ୟରେ ସ୍ପେଶ୍ ବାର୍ ମଧ ଥିଲା। ଏହାର ମୂଲ୍ୟ ପାଖାପାଖି ୪୫ ଲକ୍ଷ ଟଙ୍କା ହେବ। ଏଯାବତ୍ କମ୍ପାନି ପକ୍ଷରୁ କର୍ମଚାରୀଙ୍କୁ ସମୁଦାୟ ୫୫ଟି ସୁନାର କି କ୍ୟାପ୍ ପ୍ରଦାନ କରାଯାଇଛି। ସୁନାର ଏହି କି କ୍ୟାପ୍‌ଗୁଡ଼ିକ କେବଳ ବୋନସ୍ ନୁହେଁ ଏହା କର୍ମଚାରୀଙ୍କ ପରିଶ୍ରମ ଓ ନିଷ୍ଠାର ପ୍ରତୀକ ବୋଲି ଇନ୍‌ଷ୍ଟା ୩୬୦ ପକ୍ଷରୁ କୁହାଯାଇଛି। ସୁନା ଦେଉଥିବାରୁ ଏହି କମ୍ପାନିକୁ ଚୀନ୍‌ରେ 'ଗୋଲଡ୍ ଫ୍ୟାକ୍ଟ୍ରି' ବୋଲି କୁହାଯାଏ। ସେହିପରି ଇନ୍‌ଷ୍ଟା ୩୬୦ ଏହାର ୧୦ ବର୍ଷ ପୂର୍ତ୍ତି ଅବସରରେ କର୍ମଚାରୀ ଓ ଇଣ୍ଟର୍ଣ୍ଣଙ୍କୁ ଉପହାର ସ୍ୱରୂପ ଗୋଲଡ୍ ବ୍ଲାଇଣ୍ଡ ବାକ୍ସ ଦେଇଥିଲା। ଏଥିରେ ୦. ୩୬ ଗ୍ରାମ୍‌ର ଶୁଦ୍ଧ ସୁନାର ଷ୍ଟିକର୍ ଥିଲା। ଏହି କମ୍ପାନି କର୍ମଚାରୀଙ୍କୁ କେବଳ ବୋନ୍‌ସ ନୁହେଁ, ସେମାନଙ୍କ ବ୍ୟକ୍ତିଗତ ଖୁସିକୁ ମଧ ପ୍ରାଧାନ୍ୟ ଦେଇଥାଏ। ବିଶେଷ ଅବସରରେ ସୁନା ଉପହାର ଦେଇଥାଏ। କୌଣସି କର୍ମଚାରୀଙ୍କ ବିବାହ କିମ୍ବା ପିଲା ଜନ୍ମ ହେଲେ କମ୍ପାନି ପକ୍ଷରୁ ଏକ ଗ୍ରାମ୍ ଓଜନର ସୁନା ମୁଦ୍ରା ପ୍ରଦାନ କରାଯାଏ।

# ତୁଳସୀ ଜଟାର ମହତ୍ତ୍ୱ



**ହିନ୍ଦୁ ଧର୍ମରେ ତୁଳସୀକୁ ସବୁଠୁ ପବିତ୍ର ବୃକ୍ଷ ବୋଲି କୁହାଯାଇଛି। ତୁଳସୀ କେବଳ ଭଗବାନ ବିଷ୍ଣୁଙ୍କ ପ୍ରିୟ ନୁହେଁ, ଏହା ଘରର ସକାରାତ୍ମକ ଶକ୍ତି ସଞ୍ଚାର କରିବା ସହିତ ସମୃଦ୍ଧିର ପ୍ରତୀକ ଭାବେ ବିବେଚନା କରାଯାଏ। ଯେମିତି ତୁଳସୀ ପତ୍ରର ମହତ୍ତ୍ୱ ଅଛି, ଠିକ୍‌ସେମିତି ତୁଳସୀ ଫୁଲ ବି ମଙ୍ଗଳକାରୀ। କୁହାଯାଏ ତୁଳସୀ ଗଛରେ ତୁଳସୀ ଫୁଲ ମା' ଲକ୍ଷ୍ମୀଙ୍କ ଆଗମନର ସଙ୍କେତ ଦେଇଥାଏ।**

ଧାର୍ମିକ ଗ୍ରନ୍ଥରେ କୁହାଯାଇଛି, ଭଗବାନ ବିଷ୍ଣୁଙ୍କ ପୂଜା ତୁଳସୀ ବିନା ଅଧୁରା। ତେଣୁ ତୁଳସୀରେ ଫୁଲ ଆସିଲେ ଏହାକୁ ଶ୍ରୀହରିଙ୍କ ଭୋଗ ସହିତ ଅର୍ପଣ କରନ୍ତୁ। ଏଭଳି କରିବା ଦ୍ୱାରା ଭଗବାନ ବିଷ୍ଣୁ ଅତ୍ୟନ୍ତ ପ୍ରସନ୍ନ ହୋଇଥାନ୍ତି ଏବଂ ପୁଣ୍ୟ ପ୍ରାପ୍ତି ହୁଏ। ଏହା ଜୀବନରୁ ନକାରାତ୍ମକତାକୁ ଦୂରେଇ ସୌଭାଗ୍ୟ ଆଣେ। ସେହିପରି ଆର୍ଥିକ ସମସ୍ୟା ଦେଇ ଗତି କରୁଥିଲେ, ଶୁକ୍ରବାର ମା' ଲକ୍ଷ୍ମୀଙ୍କୁ ତୁଳସୀ ଫୁଲ ଅର୍ପଣ କରିବା ଉଚିତ। ଏଭଳି କରିବା ଦ୍ୱାରା ଦେବୀ ଲକ୍ଷ୍ମୀ ଶୀଘ୍ର ପ୍ରସନ୍ନ ହୋଇଥାନ୍ତି। ଏହି ଉପାୟ ଅର୍ଥ ସମସ୍ୟା ଦୂର କରେ।

ସେହିପରି ଘରେ ଲଗାତାର କଳି, ଝଗଡ଼ା, ଚିନ୍ତା ଓ ନକାରାତ୍ମକ ପରିବେଶ ବଜାୟ ରହିଲେ, ତୁଳସୀ ଫୁଲକୁ ବ୍ୟବହାର କରିବା ଭଲ। ଏକ ପାତ୍ରରେ ଗଙ୍ଗାଜଳ ନେଇ ତାହାକୁ ତୁଳସୀ ଫୁଲରେ ଘରେ ସିଞ୍ଚନ କରିବା ଦ୍ୱାରା ଘର ପରିବେଶ ଶୁଦ୍ଧ ଓ ଶାନ୍ତିପୂର୍ଣ୍ଣ ହୋଇଥାଏ। ଉଭୟ ତୁଳସୀ ଓ ଗଙ୍ଗାଜଳ ପବିତ୍ରତାର ପ୍ରତୀକ ହୋଇଥିବାରୁ ଏହାର ମିଶ୍ରଣ ଶୁଭଫଳ ପ୍ରଦାନ କରେ।

## ସ୍ୱସ୍ତି

# ପୂଜା ଫୁଲ ଧୋଇ ଚଢ଼ାଉ ଥିଲେ

ଫୁଲ ବିନା ଦେବୀ ଦେବତା ଏବଂ ଧାର୍ମିକ ଅନୁଷ୍ଠାନ ଅଧୁରା ବୋଲି କୁହାଯାଏ। ଶାସ୍ତ୍ରରେ ପୂଜା ଫୁଲର ଅନେକ ନିୟମ ରହିଛି। ସେହିପରି ଭଗବାନଙ୍କ ପାଖେ ଲାଗି ହେଉଥିବା ଫୁଲର ମହତ୍ତ୍ୱ ବେଶି। ତେବେ ଏହି ଫୁଲକୁ ଭଗବାନଙ୍କୁ ଲାଗି କରିବା ପୂର୍ବରୁ ଏହାକୁ ଅନେକ ଧୋଇ ଚଢ଼ାଇ ଥାନ୍ତି। ହେଲେ ଏଭଳି କରିବା ଠିକ୍ କି ଭୁଲ୍ ସେ ସମ୍ପର୍କରେ ଅନେକ ଜାଣନ୍ତି ନାହିଁ।

ଧ୍ୟାନ ଦେବା ଦରକାର ଯେ, ଭଗବାନଙ୍କୁ କୌଣସି ଜିନିଷ ଲାଗି କରିବା ବେଳେ ତାହା ତାଜା ଥିବା ଦରକାର। ତେଣୁ ଭଗବାନଙ୍କୁ ଚଢ଼ାଯାଉଥିବା ଫୁଲ ବାସି ହେବା ଅନୁଚିତ। ଫୁଲରେ ଜଳ ସ୍ପର୍ଶ ହେବା ଯୋଗୁଁ ତାହା ଜଳ ଦେବତାଙ୍କୁ ଅର୍ପିତ ବୋଲି ବିବେଚନା କରାଯାଏ। ତେଣୁ ଫୁଲକୁ ଧୋଇ ଠାକୁରଙ୍କୁ ଲାଗି କରିବା ଠିକ୍ ନୁହେଁ। ଫୁଲକୁ ଧୋଇ ଚଢ଼ାଇବା ଦ୍ୱାରା ଏହାର ପବିତ୍ରତା ନଷ୍ଟ ହୁଏ। ତା'ସହ ଭଗବାନଙ୍କ ପାଖେ ଅର୍ପଣ ହେଉଥିବା ଫୁଲକୁ ଧୋଇବା ଠିକ୍ ନୁହେଁ। ନିୟମ ଅନୁସାରେ, ସ୍ନାନ ପରେ ଫୁଲ ତୋଳିବା ଉଚିତ। ସେହିପରି ବଜାରରୁ ଆଣୁଥିବା ଫୁଲକୁ ମଧ ନ ଧୋଇ ପୂଜା ଥାଳିରେ ସିଧା ରଖିବା ଉଚିତ। ହିନ୍ଦୁ ମାନ୍ୟତାନୁସାରେ, ଭଗବାନଙ୍କୁ ବାସି, ପୋକ ଲଗା ଭୁଲ, ଛିଣ୍ଡା ଫୁଲ, ତଳେ ପଡ଼ିଥିବା ଫୁଲ ଲାଗି କରିବା ଅନୁଚିତ। ସେହିପରି ଠାକୁରଙ୍କ ପାଖରେ ଲାଗି ହୋଇଥିବା ଫୁଲକୁ ଅନ୍ୟ ଠାକୁରଙ୍କୁ ଲାଗି କରିବା ଅନୁଚିତ।






# ମା' ଲକ୍ଷ୍ମୀଙ୍କ ପ୍ରିୟ ଭୋଗ

**ମା'ଲକ୍ଷ୍ମୀଙ୍କ ପୂଜାରେ ଭୋଗର ବିଶେଷ ମହତ୍ତ୍ୱ ରହିଛି। କୁହାଯାଏ ଠିକ୍ ଓ ପବିତ୍ର ଭୋଗ ସାମଗ୍ରୀ ଦ୍ୱାରା ମା' ଲକ୍ଷ୍ମୀଙ୍କ ଆରାଧନା କରିବା ଦ୍ୱାରା ତାଙ୍କ କୃପା ପ୍ରାପ୍ତି ହୁଏ। ତେଣୁ ମା'ଲକ୍ଷ୍ମୀଙ୍କୁ ପ୍ରସନ୍ନ କରିବା ପାଇଁ ଭୋଗ ଉପରେ ବିଶେଷ ଗୁରୁତ୍ୱ ଦେବା ଉଚିତ।**



- କ୍ଷୀର, ଚାଉଳ ଏବଂ ଗୁଡ଼ରେ ପ୍ରସ୍ତୁତ କ୍ଷୀରି ଭୋଗ ମା' ଲକ୍ଷ୍ମୀଙ୍କୁ ଅର୍ପଣ କରିବା ଶୁଭ। କ୍ଷୀରି ଭୋଗ ଲାଗି କରିବା ଦ୍ୱାରା ଘରେ ଧନ, ସୁଖ ଓ ସମୃଦ୍ଧି ବଜାୟ ରହେ।
- ଲଡ୍ଡୁକୁ ସୌଭାଗ୍ୟର ପ୍ରତୀକ ବୋଲି କୁହାଯାଏ। ବେସନ କିମ୍ବା ବୁନ୍ଦିରେ ତିଆରି ଲଡ୍ଡୁ ମା' ଲକ୍ଷ୍ମୀଙ୍କୁ ଲାଗି କରିବା ଦ୍ୱାରା ପାରିବାରିକ ସମୃଦ୍ଧି ଓ ପ୍ରେମ ଭାବ ବୃଦ୍ଧି ପାଏ।
- ସୁଜି, ଦେଶୀ ଘିଅ ଓ ଗୁଡ଼ରେ ପ୍ରସ୍ତୁତ ହାଲୁଆ ମା' ଲକ୍ଷ୍ମୀଙ୍କ ଅତ୍ୟନ୍ତ ପ୍ରିୟ। ଏହାକୁ ଭୋଗ ଭାବେ ଅର୍ପଣ କଲେ ଘରେ ସକାରାତ୍ମକ ଶକ୍ତି ସଞ୍ଚାର ହୁଏ।
- କଦଳୀ, ସେଓ, ଡାଳିମ୍ବ ଭଳି ଅନ୍ୟ ଫଳ ଲକ୍ଷ୍ମୀ ମା'ଙ୍କୁ ଅର୍ପଣ କଲେ ଜୀବନରେ ସ୍ଥିରତା ଆସେ। ମା' ଲକ୍ଷ୍ମୀ ପ୍ରସନ୍ନ ହୁଅନ୍ତି।
- ନଡ଼ିଆ ବା ଶ୍ରୀଫଳକୁ ପୂର୍ଣ୍ଣତାର ପ୍ରତୀକ ବୋଲି ବିବେଚନା କରାଯାଏ। ଏହାକୁ ଅର୍ପଣ କଲେ ଆଧ୍ୟାତ୍ମିକ ଉନ୍ନତି ହୋଇଥାଏ। ମା' ଲକ୍ଷ୍ମୀଙ୍କୁ ଏହା ପ୍ରଦାନ କଲେ ଭୌତିକ ସୁଖ, ସାଧନର ବିକାଶ ଘଟେ।



# ସୂର୍ଯ୍ୟଦେବଙ୍କୁ ଅର୍ଘ୍ୟ ଅର୍ପଣର ନିୟମ

**ସୂର୍ଯ୍ୟଦେବଙ୍କୁ ପ୍ରସନ୍ନ କରିବା ପାଇଁ ସୂର୍ଯ୍ୟୋଦୟ ପୂର୍ବରୁ ଜଳ ଅର୍ଘ୍ୟ ଅର୍ପଣ କରିବା ଉଚିତ। ଏହି ଅର୍ଘ୍ୟ ଅର୍ପଣର ନିୟମ ବି ଅଛି।**

- ପ୍ରଥମେ ସ୍ନାନ ସାରି ପରିଷ୍କାର ବସ୍ତ୍ର ପରିଧାନ କରନ୍ତୁ।
- ସୂର୍ଯ୍ୟୋଦୟ ସମୟରେ ସୂର୍ଯ୍ୟଙ୍କୁ ଅର୍ଘ୍ୟ ଅର୍ପଣ କରନ୍ତୁ।
- ତା'ସହ ଅର୍ଘ୍ୟ ଅର୍ପଣର ସମୟ ନିର୍ଦ୍ଧାରିତ କରି ସେହି ସମୟରେ ସବୁଦିନ ଅର୍ଘ୍ୟ ଦେବା ଉଚିତ।
- ତମ୍ବା ଢ଼ାଳରେ ଅର୍ଘ୍ୟ ଅର୍ପଣ କରିବା ଉଚିତ।
- ଅର୍ଘ୍ୟ ଜଳରେ ନାଲି ଫୁଲ, ଚନ୍ଦନ ଓ ଅକ୍ଷତ ପକାନ୍ତୁ। ସେହି ଜଳକୁ ଅର୍ଘ୍ୟ ଭାବେ ଅର୍ପଣ କରନ୍ତୁ।
- ଅର୍ଘ୍ୟ ଦେବାବେଳେ ଜଳଧାରରେ ସୂର୍ଯ୍ୟଙ୍କ ଦର୍ଶନ କରିବା ଶୁଭ।
- ଏହି ଅର୍ଘ୍ୟ ସମୟରେ ସୂର୍ଯ୍ୟଙ୍କ କିରଣ ଦେଖିବା ଉତ୍ତମ।
- ସୂର୍ଯ୍ୟଙ୍କୁ ଅର୍ଘ୍ୟ ଅର୍ପଣ କରିବା ବେଳେ ସୂର୍ଯ୍ୟ ମନ୍ତ୍ର ଜପ କରିବା ଉଚିତ।
- ଅର୍ଘ୍ୟ ଅର୍ପଣ ସମୟରେ ନିଜ ମୁଖକୁ ପୂର୍ବ ଦିଗରେ ରଖନ୍ତୁ।



# କ୍ରୀଡ଼ା





ଇଡେନ୍ ସ୍ପିନ୍ ପିଚ୍ ହେଲା ବୁମେରାଂ | ହାର୍ମର ଶ୍ରେଷ୍ଠ ଖେଳାଳି | ୨୨ରୁ ଦ୍ୱିତୀୟ ଟେଷ୍ଟ

# ଅଢ଼େଇ ଦିନରେ ହାରିଲା ଭାରତ

କୋଲକାତା,୧୬।୧୧(ଏଜେନ୍ସି)

ଅଢ଼େଇ ଦିନରେ ଇଡେନ୍ ଟେଷ୍ଟ ଲଢ଼େଇ ଶେଷ। ଅଧିନାୟକ ଶୁବମନ ଗିଲ୍‌ଙ୍କ ଅନୁପସ୍ଥିତିରେ ଇଡେନ୍‌ର ସ୍ପିନ୍ ପିଚ୍‌ରେ ଦକ୍ଷିଣ ଆଫ୍ରିକା ବୋଲରଙ୍କୁ ଉଚିତ ମୁକାବିଲା କରିପାରିଲାନି ଭାରତ। ଯାହା ଫଳରେ ଏଠାରେ ରବିବାରର ଶେଷ ହୋଇଥିବା ପ୍ରଥମ ଟେଷ୍ଟର ତୃତୀୟ ଦିନ ଟି' ପୂର୍ବରୁ ଭାରତ ୩୦ ରନ୍‌ରେ ଦକ୍ଷିଣ ଆଫ୍ରିକା ନିକଟରୁ ପରାଜିତ ହୋଇଛି। ଭ୍ରମଣକାରୀ ଦଳ ପ୍ରଦତ୍ତ ୧୨୪ ରନ୍‌ର ଟାର୍ଗେଟ୍‌କୁ ହାସଲ କରିବାରେ ସମର୍ଥ ହେଲାନି ଭାରତ। ଦଳ ୩୫ ଓଭରରେ ୯ ୱିକେଟ ହରାଇ ୯୩ ରନ୍ କରିଅଲଆଉଟ ହୋଇଥିଲା। ଆହତ ଯୋଗୁଁ ପ୍ରଥମ ଇନିଂସରେ ୩ଟି ବଲ୍‌ରୁ ୪ ରନ୍ କରିଥିବା ଗିଲ୍ ଦ୍ୱିତୀୟ ଇନିଂସରେ ବ୍ୟାଟିଂ କରିବାକୁ ଆସି ନ ଥିଲେ। ଦକ୍ଷିଣ ଆଫ୍ରିକାର ଏହି ଐତିହାସିକ ବିଜୟରେ ମୁଖ୍ୟ ଭୂମିକା ଗ୍ରହଣ କରିଥିବା ୩୭ ବର୍ଷୀୟ ଅଫ୍‌ସ୍ପିନର ସାଇମନ ହାର୍ମର ଉଭୟ ଇନିଂସରେ ୪ଟି ଲେଖାଏଁ ୱିକେଟ ନେଇ ମ୍ୟାଚ୍‌ର ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଛନ୍ତି। ୨ ମ୍ୟାଚ୍ ବିଶିଷ୍ଟ ଟେଷ୍ଟରେ ସିରିଜ୍‌ରେ ୧-୦ରେ ଆଗୁଆ ରହିଥିବା ଦକ୍ଷିଣ ଆଫ୍ରିକା ଆସାମର ଗୁଆହାଟୀରେ ଭାରତ ସହ ଦ୍ୱିତୀୟ ଟେଷ୍ଟ ନଭେମ୍ବର ୨୨ରୁ ଖେଳିବ। ଭାରତରେ ଦୀର୍ଘ ୧୫ ବର୍ଷ ପରେ ଦକ୍ଷିଣ ଆଫ୍ରିକା ଟେଷ୍ଟ ଜିତିବାରେ ସମର୍ଥ ହୋଇଛି। ତାହା ପୁଣି ସ୍ପିନ୍ ବୋଲରଙ୍କ ସଫଳତା ବଳରେ। ଭାରତ ଉଭୟ ଇନିଂସରେ ହରାଇଥିବା ୧୮ଟି ୱିକେଟ ମଧ୍ୟରୁ ଦକ୍ଷିଣ ଆଫ୍ରିକୀୟ ସ୍ପିନରମାନେ ୧୨ଟି ୱିକେଟ ନେଇଥିଲେ।



## ୨୦୬ ଓଭର, ୫୧୭ ରନ୍, ୩୮ ୱିକେଟ୍

ଭାରତ ଓ ଦକ୍ଷିଣ ଆଫ୍ରିକା ମଧ୍ୟରେ ଅନୁଷ୍ଠିତ ପ୍ରଥମ ଟେଷ୍ଟ ଅଢ଼େଇଦିନରେ ଶେଷ ହୋଇଛି। ଆଲୋକ ଅଭାବରୁ ଖେଳ ବ୍ୟାହତ ହୋଇ ନ ଥିଲେ ଆହୁରି ଆଗରୁ ଶେଷ ହୋଇଥାନ୍ତା। ଏହି ମ୍ୟାଚ୍‌ର ପ୍ରଥମ ଇନିଂସରେ ଦକ୍ଷିଣ ଆଫ୍ରିକା ୫୫ ଓଭରରେ ୧୫୯ ରନ୍ କରିଥିଲା। ଜବାବରେ ଗିଲ୍ ୪ ରନ୍‌ରେ ମ୍ୟାଚ୍ ଛାଡ଼ିବା ପରେ ଭାରତ ୬୬.୨ ଓଭରରେ ୧୮୯ ରନ୍ କରିଥିଲା। ୩୦ ରନ୍‌ରେ ପଛୁଆ ଥିବା ଦକ୍ଷିଣ ଆଫ୍ରିକା ଦ୍ୱିତୀୟ ଇନିଂସରେ ୫୪ଓଭରରେ ୧୫୩ ରନ୍ କରିଥିଲା। ଏହା ଫଳରେ ଭାରତକୁ ଏହି ମ୍ୟାଚ୍ ଜିତିବାକୁ ୧୨୪ ରନ୍‌ର ଲକ୍ଷ୍ୟ ଧାର୍ଯ୍ୟ କରାଯାଇଥିଲା। ଏହି ଲକ୍ଷ୍ୟକୁ ପିଛା କରି ଭାରତ ଦ୍ୱିତୀୟ ଇନିଂସରେ ମାତ୍ର ୩୫ ଓଭର ଖେଳି ୯୩ ରନ୍‌ରେ ଆଉଟ ହୋଇଥିଲା। ଆହତ ଯୋଗୁ ଗିଲ୍ ବ୍ୟାଟିଂ କରିବାକୁ ଆସି ନ ଥିଲେ। ଏହା ଫଳରେ ଏହି ମ୍ୟାଚ୍‌ରେ ମୋଟ ୨୦୬.୨ ଓଭର ଖେଳ ସମ୍ଭବ ହୋଇଥିଲା। ଏଥିରେ ଉଭୟ ଦଳ ମିଳିତଭାବେ ୫୧୭ ରନ୍ କରିଥିଲାବେଳେ ୩୮ଟି ୱିକେଟର ପତନ ଘଟିଥିଲା। ଆହତ ଥିବାରୁ ଗିଲ ଉଭୟ ଇନିଂସରେ ବ୍ୟାଟିଂ କରି ପାରି ନ ଥିଲେ।

ଏହି ମ୍ୟାଚ୍‌ର ଆଜି ସକାଳେ ଦକ୍ଷିଣ ଆଫ୍ରିକା ତାହାର ଦ୍ୱିତୀୟ ଇନିଂସ ୭ ୱିକେଟରେ ୯୩ ରନ୍‌ରୁ ଖେଳ ଆରମ୍ଭ କରି ୧୫୩ ରନ୍‌ରେ ଆଉଟ ହୋଇଥିଲା। ୨୯ ରନ୍‌ରେ ଅପରାଜିତ ଥିବା ଅଧିନାୟକ ତେମ୍ବା ୧୩୬ ବଲ୍‌ରୁ ଏହି ମ୍ୟାଚ୍‌ରେ ସର୍ବାଧିକ ୫୫ ରନ୍ କରି ଶେଷଯାଏ ଆଉଟ ହୋଇ ନ ଥିଲେ। କିନ୍ତୁ ନଂ-୯ରେ ବ୍ୟାଟିଂ କରିଥିବା କର୍ବିନ ବୋଶ୍‌ଙ୍କ ୨୫ ରନ୍ ଗୁରୁତ୍ୱପୂର୍ଣ୍ଣ ଥିଲା। ଭାରତ ପକ୍ଷରୁ ରବୀନ୍ଦ୍ର ଜାଡେଜା ୪ଟି, କୁଲଦୀପ ଯାଦବ ଓ ମହମ୍ମଦ୍ ସିରାଜ ୨ଟି ଲେଖାଏଁ ୱିକେଟ ନେଇଥିଲେ।

ଏହା ଫଳରେ ଏହି ମ୍ୟାଚ୍ ଜିତିବାକୁ ଭାରତ ପାଇଥିବା ୧୨୪ ରନ୍‌ର ଟାର୍ଗେଟ୍‌କୁ ପିଛା କରି ଦ୍ୱିତୀୟ ଇନିଂସରେ ୯୩ ରନ୍ କରିଥିଲା। ନଂ-୩ରେ ବ୍ୟାଟିଂ କରିଥିବା ୱାଶିଂଟନ ସୁନ୍ଦର ୯୨ ବଲ୍ ଖେଳି ସର୍ବାଧିକ ୩୧, ଅକ୍ଷର ପଟେଲ ୨୬, ଜାଡେଜା ୧୮ ଓ ଧ୍ରୁବ ଜୁରେଲ ୧୩ ରନ୍ କରିଥିଲେ। ଦକ୍ଷିଣ ଆଫ୍ରିକା ପକ୍ଷରୁ ସାଇମନ ହାର୍ମର ୨୧ ରନ୍‌ରେ ୪ଟି, ମାର୍କୋ ୟାନ୍‌ସେନ୍ ଓ କେଶବ ମହାରାଜ ୨ଟି ଲେଖାଏଁ ୱିକେଟ ଅକ୍ତିଆର କରିଥିଲେ।

**ସଂକ୍ଷିପ୍ତ ସ୍କୋର**

**ଦକ୍ଷିଣ ଆଫ୍ରିକା**: ୧୫୯ (ମାରକ୍ରମ-୩୧, ବୁମ୍‌ରା-୫/୨୭) ଓ ୧୫୩ (ବଭୁମା-୫୫*, ଜାଡେଜା-୪/୫୦)।
**ଭାରତ**: ୧୮୯ (ରାହୁଲ-୩୯, ସୁନ୍ଦର-୨୯, ହାର୍ମର-୪/୩୦, ୟାନ୍‌ସେନ୍-୩/୩୫) ଓ ୯୩ (ସୁନ୍ଦର-୩୧, ଅକ୍ଷର-୨୬, ଜାଡେଜା-୧୮, ହାର୍ମର-୪/୨୧)।

## ସିରିଜ୍ ଜିତାଇଲେ ଗାଏକ୍‌ୱାଡ

ରାଜକୋଟ, ୧୬।୧୧ (ଏଜେନ୍ସି): ଭ୍ରମଣକାରୀ ଦକ୍ଷିଣ ଆଫ୍ରିକା-ଏ ବିପକ୍ଷରେ ଏଠାରେ ରବିବାର ଖେଳାଯାଇଥିବା ଦ୍ୱିତୀୟ ଅନ୍‌ଅଫିସିଆଲ୍ ଦିନିକିଆ ମ୍ୟାଚକୁ ଭାରତ-ଏ ୯ ୱିକେଟ୍‌ରେ ବିଜୟୀ ହୋଇଛି। ଏହି ମ୍ୟାଚରେ ଟସ୍ ଜିତି ବ୍ୟାଟିଂ କରିଥିବା ଦକ୍ଷିଣ ଆଫ୍ରିକା-ଏ ଘରୋଇ ବୋଲର ନିଶାନ୍ତ ସିନ୍ଧୁ ଓ ହର୍ଷିତ ରାଣାଙ୍କ ବୋଲିଂକୁ ସାମ୍ନା କରି ନ ପାରି ୩୦.୩ ଓଭରରେ ୧୩୨ ରନ କରି ଅଲ୍‌ଆଉଟ୍ ହୋଇଯାଇଥିଲା। ଓପନର୍ ରିଭାଲ୍ଡୋ ମୁନସାମୀ ସର୍ବାଧିକ ୩୩ ରନ କରିଥିଲେ। ଭାରତ-ଏ ପକ୍ଷରୁ ନିଶାନ୍ତ ସିନ୍ଧୁ (୭-୧-୧୬-୪) ଓ ହର୍ଷିତ ରାଣା (୫-୧-୨୧-୩) ମିଳିତ ଭାବେ ୭ଟି ୱିକେଟ୍ ନେଇଥିଲେ। ଜବାବରେ ଓପନର୍ ଋତୁରାଜ ଗାଏକୱାଡଙ୍କ ଅପରାଜିତ ୬୮ ରନ ବଳରେ ଭାରତ-ଏ ୨୭.୫ ଓଭରରେ ଗୋଟିଏ ୱିକେଟ୍ ହରାଇ ବିଜୟୀ ହୋଇଥିଲା। ଅଭିଷେକ ଶର୍ମା ୩୨ ରନ କରି ଆଉଟ୍ ହୋଇଥିଲେ। ପ୍ରଥମ ଦିନିକିଆକୁ ୪ ୱିକେଟ୍‌ରେ ଜିତିଥିବା ଭାରତ-ଏ ଏଥିସହ ୨-୦ରେ ଆଗୁଆ ସିରିଜ କବ୍‌ଜା କରିନେଇଛି। ଅନ୍ତିମ ତଥା ୩ୟ ମ୍ୟାଚ୍ ନଭେମ୍ବର ୧୯ରେ ଏଠାରେ ଅନୁଷ୍ଠିତ ହେବ।


## ରଣଜୀ ଟ୍ରଫି: ଓଡ଼ିଶାର ସମ୍ମାନ ରଖିଲେ ବିପ୍ଳବ-ଅନିଲ

ଭୁବନେଶ୍ୱର, ୧୬।୧୧ (ସମିସ):

ଘରୋଇ ଓଡ଼ିଶା ଓ ନାଗାଲାଣ୍ଡ ମଧ୍ୟରେ ରବିବାରଠାରୁ ସ୍ଥାନୀୟ କିଟ୍ କ୍ରିକେଟ୍ ଷ୍ଟାଡିୟମରେ ରଣଜୀ ଟ୍ରଫି ୫ମ ରାଉଣ୍ଡ ମ୍ୟାଚ୍ ଆରମ୍ଭ ହୋଇଛି। ଏହି ମ୍ୟାଚରେ ଟସ୍ ଜିତି ବ୍ୟାଟିଂ କରିଥିବା ଓଡ଼ିଶା ପ୍ରଥମ ଦିବସ ଖେଳ ଶେଷ ସୁଦ୍ଧା ୮୯ ଓଭରରେ ୭ ୱିକେଟ୍ ହରାଇ ୨୪୩ ରନ ସଂଗ୍ରହ କରିଛି। ଖେଳ ଶେଷବେଳକୁ ଅନିଲ ପରିଡ଼ା ୯୮ ଓ ରାଜେଶ ମହାନ୍ତି ୨ ରନ କରି ଖେଳୁଛନ୍ତି।

### ୩୪/୪: ଓଡ଼ିଶାର ପ୍ରାରମ୍ଭିକ ବିପର୍ଯ୍ୟୟ

ପାଞ୍ଚ ବର୍ଷର ବ୍ୟବଧାନ ପରେ କିଟ୍ ଗ୍ରାଉଣ୍ଡରେ ଖେଳାଯାଇଥିବା ଏହି ରଣଜୀ ଲଢ଼େଇରେ ଟସ୍ ଜିତି ଘରୋଇ ଓଡ଼ିଶା ବ୍ୟାଟିଂ ନିଷ୍ପତ୍ତି ନେଇଥିଲେ। ଧୀମା ବ୍ୟାଟିଂ ଆରମ୍ଭ କରିଥିବା ଓଡ଼ିଶା ୨୦ ଓଭରବେଳକୁ ମାତ୍ର




୩୪ ରନ ମଧ୍ୟରେ ଗୌରବ ଚୌଧୁରୀ (୧୦ ରନ) ଓ ସ୍ୱସ୍ତିକ ସାମଲ (୯)ଙ୍କ ସହ ଅଧିନାୟକ ଶୁଭ୍ରାଂଶୁ ସେନାପତି (୧୩) ଓ ଗୋବିନ୍ଦ (୦)ଙ୍କ ୱିକେଟ୍ ହରାଇଥିଲା। ଏହି ସମୟରେ ମଧ୍ୟକ୍ରମରେ ଅଭିଜ୍ଞ ବିପ୍ଳବଙ୍କ ସହ ଯୁବ ବ୍ୟାଟର୍ ଅନିଲ ବ୍ୟାଟିଂର ମଙ୍ଗ ସମ୍ଭାଳିଥିଲେ। ଗତ ସିଜନ ଭଳି ଚଳିତ ବର୍ଷ ମଧ୍ୟ ପ୍ରାରମ୍ଭରୁ ଅଣଦେଖାର ଶିକାର ହୋଇଥିବା ବିପ୍ଳବ ପ୍ରତ୍ୟାବର୍ତ୍ତନ ସୁଯୋଗର ଭରପୁର ଫାଇଦା ଉଠାଇଥିଲେ। ଅନିଲଙ୍କ ସହ ମିଶି ବିପ୍ଳବ ନାଗାଲାଣ୍ଡ ବୋଲରଙ୍କୁ ଧୈର୍ଯ୍ୟର ସହ ମୁକାବିଲା କରି ୫ମ ୱିକେଟ୍‌ରେ ୧୭୯ ରନର ଗୁରୁତ୍ୱପୂର୍ଣ୍ଣ ଭାଗୀଦାରି ଗଢ଼ିଥିଲେ। ଫଳରେ ଦଳୀୟ ସ୍କୋର ୨୦୦ ଶହ ରନ ଅତିକ୍ରମ ହୋଇଥିଲା। ତେବେ ବିପ୍ଳବ ୯୨ ରନ (୧୪୫ ବଲ୍, ୯ ଚୌକା ଓ ୧ ଛକା) କରି ଶତକରୁ ବଞ୍ଚିତ ହୋଇଥିଲେ। ଏହାପରେ ସମ୍ବିତ ବରାଳ (୧୧ ରନ) ଓ ପଦାର୍ପଣକାରୀ ୱିକେଟ୍‌କିପର ଶାୱନ ପହରିୟା (୧) ନିରାଶ କରିଥିଲେ। ନିଜର ୨ୟ ମ୍ୟାଚ୍ ଖେଳୁଥିବା ଅନିଲ ୨୪୯ ବଲରେ ୯୮ ରନ କରି ଅପରାଜିତ ରହିଛିନ୍ତି। ଗତ ସିଜନରେ ପଦାର୍ପଣରେ ସର୍ଭିସେସ ବିପକ୍ଷରେ ଅପରାଜିତ ୯୯ ରନ କରିଥିଲେ ମଧ୍ୟ ଅନିଲଙ୍କୁ ଚଳିତ ସିଜନ ପ୍ରାରମ୍ଭରୁ ଅଣଦେଖା କରାଯାଇଥିଲା। ନାଗାଲାଣ୍ଡର ଅଧିନାୟକ ରଙ୍ଗସେନ ଜୋନାଥନ, ରୋନିତ୍ ମୋରେ ଓ ଲାମଲିୱତି ଲାମଲିୱତି ୨ଟି ଲେଖାଏ ୱିକେଟ୍ ନେଇଛନ୍ତି।

## ୧୫ ବର୍ଷ ପରେ ଟେଷ୍ଟ ଜିତିଲା ଦ. ଆଫ୍ରିକା



କୋଲକାତା,୧୬।୧୧(ଏଜେନ୍ସି): ଭାରତକୁ ୩୦ ରନ୍‌ରେ ହରାଇ ଦକ୍ଷିଣ ଆଫ୍ରିକା ଭାରତ ମାଟିରେ ଦୀର୍ଘ ୧୫ ବର୍ଷ ପରେ ପ୍ରଥମ ଟେଷ୍ଟ ବିଜୟ ହାସଲ କରିଛି। ୨୦୧୦ରେ ଶେଷଥର ଭାରତ ମାଟିରେ ଦକ୍ଷିଣ ଆଫ୍ରିକା ଟେଷ୍ଟ ଜିତିବା ପରେ ଏଠାରେ ଉଭୟଙ୍କ ମଧ୍ୟରେ ଖେଳାଯାଇଥିବା ମୁକାବିଲାରେ ୬ଷ୍ଠ ବିଜୟ ହାସଲ କରିଛି। ୩୬ ବର୍ଷ ୨୭୯ ଦିନରେ ସ୍ପିନର ସାଇମନ୍ ହାର୍ମର ତୃତୀୟ ବରିଷ୍ଠ ଖେଳାଳି ଭାବେ ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଛନ୍ତି। ଏହା ପୂର୍ବରୁ କ୍ଲାଇବ୍ ଲୟଡ ୧୯୮୩-୮୪ରେ ଓ କିଥ୍ ଫ୍ଲେଚର ୧୯୮୧-୮୨ ଟେଷ୍ଟ ସିରିଜ୍‌ରେ ଭାରତ ବିପକ୍ଷରେ ହାର୍ମରଙ୍କଠାରୁ ଅଧିକ ବୟସରେ ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଛନ୍ତି।

### ● ଇଡେନ୍ ପିଚ୍‌କୁ ଗମ୍ଭୀରଙ୍କ ସମର୍ଥନ



ଭାରତ ଓ ଦକ୍ଷିଣ ଆଫ୍ରିକା ମଧ୍ୟରେ କୋଲକାତାର ଇଡେନ ଗାର୍ଡେନରେ ଖେଳାଯାଇଥିବା ପ୍ରଥମ ଟେଷ୍ଟର ପିଚ୍‌କୁ ସମର୍ଥନ ଜଣାଇଛନ୍ତି ଭାରତୀୟ କୋଚ୍ ଗୌତମ ଗମ୍ଭୀର। ଏହି ମ୍ୟାଚ୍ ଅଢ଼େଇ ଦିନରେ ଶେଷ ହୋଇଥିଲା ଓ ମୋଟ ୨୦୬.୨ ଓଭର ଖେଳରେ ଉଭୟ ଦଳ ଦୁଇଥର ଲେଖାଏଁ ଅଲଆଉଟ ହୋଇଥିଲେ। ଏହା ସତ୍ତ୍ୱେ ଗମ୍ଭୀର ଇଡେନ୍ ପିଚ୍‌କୁ ଖରାପ ବୋଲି କହି ନ ଥିଲେ। ବରଂ ଆମେ ଏଭଳି ପିଚ୍‌ରେ ୧୨୪ ରନ୍ କରିବା ସମ୍ଭବ ଥିଲା। ପିଚ୍ ନିର୍ମାତା ସୁଜନ ମୁଖାର୍ଜୀ ଖୁବ୍ ସହଯୋଗ କରିଥିଲେ। ଆମେ ଯେଉଁ ପିଚ୍ ଚାହିଁଥିଲୁ ତାହା ମିଳିଥିଲା। କିନ୍ତୁ ଯେଉଁ ଦଳ ଭଲ ଖେଳିଲା, ସେହି ଦଳ ବିଜୟୀ ହେଲା ବୋଲି ଗମ୍ଭୀର କହିଛନ୍ତି।

### ● ଅପରାଜେୟ ଟେଷ୍ଟ ଅଧିନାୟକ ତେମ୍ବା

ଦକ୍ଷିଣ ଆଫ୍ରିକା ଟେଷ୍ଟ ଦଳର ନେତୃତ୍ୱ ନେବା ପରଠାରୁ ଅଧିନାୟକ ତେମ୍ବା ବଭୁମା ଗୋଟିଏ ହେଲେ ମ୍ୟାଚ୍‌ରେ ହାରି ନାହାନ୍ତି। ତାଙ୍କ ନେତୃତ୍ୱରେ ଦକ୍ଷିଣ ଆଫ୍ରିକା ଦଳ ୧୧ଟି ଟେଷ୍ଟ ଖେଳି ୧୦ଟିରେ ବିଜୟୀ ହୋଇଛି। ଏହି ୧୦ଟି ମଧ୍ୟରେ ଇଂଲଣ୍ଡର ଲର୍ଡ୍ସର ଅନୁଷ୍ଠିତ ବିଶ୍ୱ ଟେଷ୍ଟ ଚାମ୍ପିଅନସିପ୍ ଫାଇନାଲରେ ଅଷ୍ଟ୍ରେଲିଆ ବିପକ୍ଷରେ ବିଜୟ ସର୍ବଶ୍ରେଷ୍ଠ ବୋଲି ସେ କହନ୍ତି। ସେହିପରି ଭାରତୀୟ ମାଟିରେ ମଧ୍ୟ ଦଳକୁ ସେ ୧୫ ବର୍ଷ ପରେ ଟେଷ୍ଟ ବିଜୟର ସ୍ୱାଦ ଚଖାଇଛନ୍ତି।

### ● ବିଶ୍ୱ ଚାମ୍ପିଅନ ହେଲା ଭଳି ଲାଗିଲା



କୋଲକାତାରେ ଭାରତ ବିପକ୍ଷ ବିଜୟକୁ ବିଶ୍ୱ ଟେଷ୍ଟ ଚାମ୍ପିଅନସିପ୍ ବିଜୟ ସହ ତୁଳନା କରିଛନ୍ତି ଦକ୍ଷିଣ ଆଫ୍ରିକାର କୋଚ୍ ଶୁକରି କନରାଡ। ତାଙ୍କ ମତରେ ଏହି ବିଜୟ ମୋତେ ଟେଷ୍ଟ ଚାମ୍ପିଅନସିପ୍ ଫାଇନାଲ ବିଜୟ ଭଳି ଲାଗୁଛି। ୧୫ ବର୍ଷ ପରେ ଭାରତରେ ଟେଷ୍ଟ ଜିତିଥିବାରୁ ଏହା ବୋନସ ମିଳିଲା ଭଳି ଲାଗୁଛି। ଏତିକିରେ ଆମର କାମ ଶେଷ ହୋଇନାହିଁ। ସିରିଜ୍ ବିଜୟୀ ହେବା ପରେ ଆମେ ଭାରତର ଦୁର୍ଗ ଦଖଲ କରିବୁ ବୋଲି ସେ କହିଛନ୍ତି।

### ● ଚତୁର୍ଥ ଇନିଂସରେ ଭାରତର ତୃତୀୟ ସର୍ବନିମ୍ନ ସ୍କୋର

ଏଠାରେ ଭାରତ ଆଗରେ ୧୨୪ ରନ୍‌ର ଟାର୍ଗେଟ ରହିଥିଲା। ଜବାବରେ ଭାରତ ୯୩ ରନ୍ କରିଥିଲା। ଟେଷ୍ଟ ଇତିହାସର ଚତୁର୍ଥ ଇନିଂସରେ ଏହା ଭାରତର ତୃତୀୟ ସର୍ବନିମ୍ନ ସ୍କୋର। ପୂର୍ବରୁ ଦଳ ୧୯୯୭ରେ ୱେଷ୍ଟଇଣ୍ଡିଜ୍ ବିପକ୍ଷରେ ୮୧, ୧୯୭୭ ଇଂଲଣ୍ଡ ବିପକ୍ଷରେ ୮୩ ରନ୍ କରିଥିଲା। ଏଠାରେ ୯୩ ରନ୍‌ରେ ଆଉଟ ହେବା ଭାରତର ତୃତୀୟ ସର୍ବନିମ୍ନ ଟେଷ୍ଟ ସ୍କୋର। ୯ମ ଥର ଲାଗି ଭାରତ ଟେଷ୍ଟର ପ୍ରଥମ ଇନିଂସରେ ଅଗ୍ରଣୀ ନେବା ପରେ ପରାଜିତ ହୋଇଛି।

ସକାଳ
THE SAKALA
A Unit of Nandighosha Network Pvt. Ltd.
ନନ୍ଦିଘୋଷ

'ସକାଳ'ର ପଞ୍ଚମ ସ୍ୱନକ୍ଷତ୍ର ଉପଲକ୍ଷେ ରାଜ୍ୟସ୍ତରୀୟ

ବିତର୍କ ପ୍ରତିଯୋଗିତା ୨୦୨୫

ଭାଷା: ଓଡ଼ିଆ

Presented by:
BHARAT MASALA
AN ISO 9001 : 2015 & HACCP CERTIFIED COMPANY
The Taste of New India

In Association with:
CBSE-XI & XII
SRI VINAYAKA Concept School
BHUBANESWAR



ପ୍ରତିଯୋଗିତା ସ୍ଥାନ ଓ ଯୋଗାଯୋଗ ନଂ.

| | | |
|---|---|---|
| ଭୁବନେଶ୍ୱର | ଡିଏଭି ପବ୍ଲିକ ସ୍କୁଲ, ୟୁନିଟ୍-୮, ଭୁବନେଶ୍ୱର | ସୁଧାଂଶୁ ସାହୁ - ୭୩୭୧୬୯୪୧୪୨ |
| ଖୋର୍ଦ୍ଧା | ସିଗମା ପବ୍ଲିକ ସ୍କୁଲ, ଖୋର୍ଦ୍ଧା | ରଞ୍ଜିତ କେଏନ୍ ସାମନ୍ତରାୟ - ୯୪୩୭୪୫୬୫୭୭ |
| ନୟାଗଡ଼ | ସାମ୍ବାଦିକ ଭବନ, ନୟାଗଡ଼ | ଅନିଲ କୁମାର ପଣ୍ଡା - ୭୩୭୭୭୧୦୦୯୭ |
| ଅନୁଗୋଳ | ରୋଟାରୀ ପବ୍ଲିକ ସ୍କୁଲ, ଅନୁଗୋଳ | ସଂଗ୍ରାମ ଦାସ - ୯୪୩୭୯୦୧୬୦୧୯ |
| ପୁରୀ | କେନ୍ଦ୍ରୀୟ ସଂସ୍କୃତ ବିଶ୍ୱବିଦ୍ୟାଳୟ, ସଦାଶିବ ପରିସର, ପୁରୀ | ହେମନ୍ତ କୁମାର ନାୟକ - ୯୯୩୭୫୫୨୭୭୯ |
| କଟକ | ସାରଳା ଭବନ, ବିଜୁ ପଟ୍ଟନାୟକ ଛକ, ତୁଳସିପୁର, କଟକ | ଭକ୍ତି ଭୂଷଣ ମହାନ୍ତି - ୯୩୩୮୧୦୧୦୮୩ |
| ଢେଙ୍କାନାଳ | ଢେଙ୍କାନାଳ, ସିନର୍ଜି ଇଞ୍ଜିନିରିଂ ବୈଷୟିକ ମହାବିଦ୍ୟାଳୟ | ସୟେଦ ଇମତିଆଜ୍ ହୁସେନ୍ - ୯୪୩୭୦୭୪୦୩୩ |
| ମୟୂରଭଞ୍ଜ | ସାଇଆଦର୍ଶ ଉଚ୍ଚମାଧ୍ୟମିକ ବିଦ୍ୟାଳୟ, ରଘୁନାଥପୁର ବାରିପଦା | ମନୋଜ କୁମାର ପଣ୍ଡା - ୯୪୩୮୨୪୮୪୯୧ |
| ଗଜପତି | ମହେନ୍ଦ୍ରଗିରି ପୌର ସରକାରୀ ଉଚ୍ଚ ବିଦ୍ୟାଳୟ, ପାରଳାଖେମୁଣ୍ଡି, ଗଜପତି | ରଶ୍ମି ରଞ୍ଜନ ମିଶ୍ର-୯୪୩୭୧୪୦୦୦୨ |
| ଗଞ୍ଜାମ | ସହିଦ ଲକ୍ଷ୍ମଣ ନାୟକ ସ୍ମୃତି ସରକାରୀ ଉଚ୍ଚ ବିଦ୍ୟାଳୟ, କୋର୍ଟପେଟା, ବ୍ରହ୍ମପୁର | କ୍ଷୀରସିନ୍ଧୁ ମହାନ୍ତି - ୭୭୫୯୧୧୭୦୩ |
| କନ୍ଧମାଳ | ଡିଆଇପିଆରଓ କନଫରେନ୍ସ ହଲ, ଫୁଲବାଣୀ, କନ୍ଧମାଳ | ସଞ୍ଜୟ ପାତ୍ର - ୭୦୦୮୭୨୫୭୧୯ |
| କେନ୍ଦ୍ରାପଡ଼ା | ସେଣ୍ଟ ଜାଭିୟର ହାଇସ୍କୁଲ, ଗୋପ, କେନ୍ଦ୍ରାପଡ଼ା | ଦେବଦତ୍ତ ଦାଶ - ୯୯୩୭୨୨୭୯୯୪ |
| ଜଗତସିଂହପୁର | ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ, ଜଗତସିଂହପୁର | ଶଶାଙ୍କ ଶେଖର ପଣ୍ଡା - ୯୮୬୧୩୩୭୯୮୨ |
| ଯାଜପୁର | ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ, ଯାଜପୁର | ସଦିପ୍ତ ରାୟ - ୯୪୩୯୪୯୭୬୪୫ |
| ବାଲେଶ୍ୱର | ସକାଳ-ନନ୍ଦିଘୋଷ କାର୍ଯ୍ୟାଳୟ ସମ୍ମିଳନୀ କକ୍ଷ, ପଠୁଆଁପଦା, ପ୍ରୁଫ ରୋଡ, ବାଲେଶ୍ୱର | ଅସୀମ ମହାପାତ୍ର - ୯୪୩୯୪୫୨୧୮ |
| ଭଦ୍ରକ | ଭଦ୍ରକ ସରକାରୀ ଉଚ୍ଚ ବିଦ୍ୟାଳୟ (ପୁରୁଣା ସରକାରୀ ବାଳିକା ବିଦ୍ୟାଳୟ), ଭଦ୍ରକ | ଉମାକଲ୍ୟାଣ ମହାପାତ୍ର - ୯୦୯୦୯୦୪୦୭୭ |

୨୩ ନଭେମ୍ବର ୨୦୨୫ । ରବିବାର

ଜୁନିୟର: ହାଇସ୍କୁଲ ଛାତ୍ରଛାତ୍ରୀ
ସିନିୟର: କଲେଜ / ବିଶ୍ୱବିଦ୍ୟାଳୟ ଛାତ୍ରଛାତ୍ରୀ

ପ୍ରାରମ୍ଭିକ ବିତର୍କ ପ୍ରତିଯୋଗିତାର ବିଜେତାମାନଙ୍କୁ ପୁରସ୍କୃତ କରାଯିବ।
ଭାଗ ନେଇଥିବା ସମସ୍ତ ପ୍ରତିଯୋଗୀମାନଙ୍କୁ ସାର୍ଟିଫିକେଟ୍ ଅଫ୍ ପାର୍ଟିସିପେସନ୍ ପ୍ରଦାନ କରାଯିବ।

ଜିଲ୍ଲାସ୍ତରୀୟ ପ୍ରତିଯୋଗିତାରେ ପ୍ରଥମ ସ୍ଥାନ ଅଧିକାର କରିଥିବା ପ୍ରତିଯୋଗୀଙ୍କୁ ରାଜ୍ୟସ୍ତରର ପ୍ରତିଯୋଗିତା ପାଇଁ ଭୁବନେଶ୍ୱର ଡକାଯିବ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ: ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS